

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-46 ◆SATURDAY ◆9 AUGUST 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୪୬ ◆ଶନିବାର ◆୯ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ୧୦ ଗ୍ରାମ ପିଛା ୧.୦୨ ଲକ୍ଷ ଉପରେ ସୁନା ଦର



■ ନୂଆଦିଲ୍ଲୀ, ୮।୮ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତ ଉପରେ ୫୦%ର ଭାରି ଶୁଳ୍କ ଲାଗୁ କରିବା ପରେ ଘରୋଇ ବଜାରରେ ସୁନା ମୂଲ୍ୟ ଏକ ନୂତନ ଶିଖର ଛୁଇଁଛି। ଶୁଳ୍କ ଲାଗୁର ତତ୍‌କ୍ଷଣାତ୍ ଏହାର ପ୍ରଭାବ ସ୍ୱରୂପ ଶୁକ୍ରବାର ସୁନା ମୂଲ୍ୟ ରେକର୍ଡ ସ୍ତରରେ ପହଞ୍ଚିଛି। ଯାହାଫଳରେ ରକ୍ଷାବନ୍ଧନ ପୂର୍ବରୁ ସୁନା ମୂଲ୍ୟ ଏଭଳି ଶୀର୍ଷ ସ୍ତରରେ ପହଞ୍ଚିଛି। ଇଣ୍ଡିଆନ୍ ବୁଲିଅନ୍ ଆଣ୍ଡ ଜୁଏଲର୍ସ ଆସୋସିଏସନ୍ (ଆଇବିଜେଏ) ଅନୁଯାୟୀ, ଆଜି ବଜାରରେ ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ମୂଲ୍ୟ ୧,୦୨,୫୦୦ ଟଙ୍କାରେ ପହଞ୍ଚିଛି। ଏହାବାଦ୍ ଗତ ୮ ମାସ ମଧ୍ୟରେ ବଜାରରେ ସୁନା ୨୫ ହଜାର ମହଙ୍ଗା ହୋଇଛି। ଅନ୍ୟପକ୍ଷରେ, ରୁପା ମୂଲ୍ୟ କିଲୋଗ୍ରାମ ପିଛା ୧,୧୭,୦୦୦ ଟଙ୍କାରେ କାରବାର ହେଉଛି। ଗୁରୁବାର ଏହା କିଲୋ ପିଛା ୧,୧୪,୫୦୫ ଟଙ୍କା ପ୍ରତି କିଲୋଗ୍ରାମ ରହିଲା। ଗତ ଦୁଇ ଦିନ ମଧ୍ୟରେ ରୁପା ମୂଲ୍ୟରେ ୨୫୦୦ ଟଙ୍କାରୁ ଅଧିକ ବୃଦ୍ଧି ପାଇଛି।




## ଭାରତରୁ ଅର୍ଡର ବନ୍ଦ କଲେ ୱାଲ୍‌ମାର୍ଟ, ଆମାଜନ୍

■ ନୂଆଦିଲ୍ଲୀ, ୮।୮ (ଏଜେନ୍ସି): ଭାରତ ଉପରେ ପଡିଛି ଟ୍ରମ୍ପ୍ ଶୁଳ୍କର ପ୍ରଭାବ। ଆମେରିକା ୫୦% ଶୁଳ୍କ ଲାଗୁ କରିବା ପରେ ୱାଲମାର୍ଟ, ଆମାଜନ୍, ଟାର୍ଗେଟ୍ ଓ ଗ୍ୟାପ୍ ଭଳି ପ୍ରମୁଖ ଆମେରିକୀୟ ରିଟେଲ ବିକ୍ରେତା ଭାରତରୁ ଆସୁଥିବା ଅର୍ଡରଗୁଡିକୁ ଏବେ ସ୍ଥଗିତ ରଖିଛନ୍ତି। ତେବେ ଭାରତୀୟ ରପ୍ତାନିକାରୀ ପୂର୍ବରୁ ଜାଣିଥିଲେ ଯେ, ଶୁଳ୍କ ବଢିଲେ ସେମାନଙ୍କ ଅର୍ଡର ପ୍ରଭାବିତ ହେବ। ରିପୋର୍ଟ ଅନୁସାରେ ଭାରତୀୟ ରପ୍ତାନିକାରୀଙ୍କୁ ଆମେରିକୀୟ କ୍ରେତାଙ୍କଠାରୁ ଏ ସମ୍ପର୍କରେ ପତ୍ର ଓ ଇ-ମେଲ ମିଳିଛି। ଏଥିରେ କୁହାଯାଇଛି ଭାରତୀୟ ରପ୍ତାନୀକାରୀ ପରବର୍ତ୍ତୀ ସୂଚନା ପର୍ଯ୍ୟନ୍ତ କପଡ଼ା ରପ୍ତାନି ରୋକିଦିଅନ୍ତୁ। ତେବେ ଶୁଳ୍କ ଯୋଗୁଁ ବଢୁଥିବା ବ୍ୟୟ ଭାର ଭାରତୀୟ ରପ୍ତାନିକାରୀ ବହନ କରନ୍ତୁ ବୋଲି ଆମେରିକୀୟ କମ୍ପାନୀ ଚାହୁଁଛନ୍ତି। ଆମେରିକାରେ ବିକ୍ରି ହେଉଥିବା ସାମଗ୍ରୀଗୁଡିକର ମୂଲ୍ୟ ୩୦ରୁ ୩୫% ବଢିଯିବ ବୋଲି ଆକଳନ କରାଯାଉଛି। ଭାରତର ୱେଲସ୍ପନ ଲିଭିଂ, ଗୋକଲଦାସ ଏକ୍ସପୋର୍ଟସ୍, ଇଣ୍ଡୋ କାଉଣ୍ଟ ଓ ଟ୍ରାଇଡେଣ୍ଟ ଭଳି ପ୍ରମୁଖ ରପ୍ତାନୀକାରୀ ସଂସ୍ଥା ଆମେରିକାରେ ୪୦ରୁ ୭୦% ପର୍ଯ୍ୟନ୍ତ ଉତ୍ପାଦ ବିକ୍ରି କରୁଛନ୍ତି। କୁହାଯାଉଛି ଆମେରିକା ଯାଉଥିବା ଅର୍ଡର ଏବେ ସ୍ଥଗିତ ହେବା ଯୋଗୁଁ ବାଣିଜ୍ୟରେ ୪୦ରୁ ୫୦% ହ୍ରାସ ହୋଇପାରେ। ଉଲ୍ଲେଖଯୋଗ୍ୟ, ଭାରତରୁ ବହୁମାତ୍ରାରେ କପଡ଼ା ଆମେରିକା ରପ୍ତାନୀ ହୋଇଥାଏ। ଟାରିଫ ଯୋଗୁଁ ଏହି ସବୁ ଅର୍ଡର ବାଂଲାଦେଶ ବା ଭିଏତ୍‌ନାମକୁ ଚାଲିଯାଇପାରେ।

### ଖରିଫ୍‌ରେ ଜଟିଳ ଚାଷୀ ପଞ୍ଜୀକରଣ ବ୍ୟବସ୍ଥା

# ଚାଷୀଙ୍କୁ ଅଡୁଆ 'ପୂର୍ବପୁରୁଷ'

■ ଭୁବନେଶ୍ୱର, ୮।୮ (ସମିସ): ଖରିଫ ଧାନ ବିକ୍ରି ନିମନ୍ତେ ପଞ୍ଜିକରଣରେ ଜଟିଳ ବ୍ୟବସ୍ଥା ଚାଷୀଙ୍କ ପାଇଁ ସୃଷ୍ଟିକରିଛି ସମସ୍ୟା। ଜମିପଟ୍ଟାରେ ବାପା-ଜେଜେବାପାଙ୍କ ନାମ ରହିଥିବାରୁ ପଞ୍ଜିକରଣ କରିବାରୁ ଚାଷୀମାନେ ବଞ୍ଚିତ ହୋଇଛନ୍ତି। ଏହି ସମସ୍ୟାର ସମାଧାନ ପାଇଁ ସରକାର ସରଳ ସୂତ୍ର ବାହାର କରିବା ପରିବର୍ତ୍ତେ ଯେଉଁ ସାନି ବ୍ୟବସ୍ଥା କରିଛନ୍ତି ତାହା ପୂର୍ବଠାରୁ ଅଧିକ ଜଟିଳ। ଚାଷୀମାନେ ପଞ୍ଜିକରଣ ନିମନ୍ତେ ସ୍ୱ-ଘୋଷଣାନାମା (ସେଲ୍ଫ ଡିକ୍ଲାରେସନ) ଦେଇ ପାରିବେ ବୋଲି ସରକାରଙ୍କ ପକ୍ଷରୁ କୁହାଯାଇଛି। ମାତ୍ର ଏହି ସ୍ୱ-ଘୋଷଣାନାମାରେ ଜମିର ସମସ୍ତ ଅଂଶୀଦାରଙ୍କ ଆଧାର ନମ୍ବର, ଦସ୍ତଖତ ବାଧ୍ୟତାମୂଳକ କରାଯାଇଛି। ତିନି ଚାରି ପିଢ଼ିର ସମସ୍ତ ଅଂଶୀଦାରଙ୍କ ନାମ, ଆଧାର,

**କମ୍ ଧାନ କିଣିବାକୁ ସରକାରୀ ଷଡ଼ଯନ୍ତ୍ର !**

ଦସ୍ତଖତ ସହ ପଞ୍ଜିକରଣ ବ୍ୟବସ୍ଥା ଚାଷୀଙ୍କ ପାଇଁ ଅସମ୍ଭବ ହୋଇ ପଡ଼ିଛି। ଏକପକ୍ଷରେ ନିଜ ପେଟପାଟଣା ପାଇଁ ବାହାରେ ରହୁଥିବା ପରିବାରର ପିଲାମାନଙ୍କ ଦସ୍ତଖତ ସଂଗ୍ରହ କରିବା ମୁସ୍କିଲ ବ୍ୟାପାର, ଅନ୍ୟପକ୍ଷରେ ଅନେକ କ୍ଷେତ୍ରରେ ତିକ୍ତ ପାରିବାରିକ ସମ୍ପର୍କ ଯୋଗୁଁ ପଞ୍ଜିକରଣରେ ଦସ୍ତଖତ କରିବାରେ ଅଂଶୀଦାରମାନଙ୍କ ଅନାଗ୍ରହ ଚାଷୀଙ୍କ ସମସ୍ୟାକୁ ଆହୁରି ବଢ଼ାଇ ଦେଇଛି। ଫଳରେ ଚାଷୀଙ୍କ ପାଇଁ ସ୍ୱ-ଘୋଷଣାନାମା ଦେବା ଏକପ୍ରକାର ଅସମ୍ଭବ ହୋଇଛି ଓ ପୂର୍ବାପେକ୍ଷା ପଞ୍ଜିକରଣ ସଂପୂର୍ଣ୍ଣ ଧୀମା ହୋଇଯାଇଛି। ବ୍ୟବସ୍ଥାର ସରଳୀକରଣ ନେଇ ଚାଷୀମାନେ ବାରମ୍ବାର ଦାବି କରୁଥିଲେ ହେଁ ତାହା କର୍ଣ୍ଣପାତ କରୁନାହାନ୍ତି। ତେଣୁ ଖରିଫରେ ଚାଷୀଙ୍କ ଠାରୁ କମ୍ ଧାନ କିଣିବାକୁ ସରକାର ବ୍ୟବସ୍ଥାଗତ ଷଡ଼ଯନ୍ତ୍ର କରିଥିବା ଚାଷୀମାନେ ଅଭିଯୋଗ କରିଛନ୍ତି।

ପୂର୍ବ ସରକାର ସମୟରେ ପଞ୍ଜିକରଣ ଓ ଋଣ ପ୍ରଦାନ ସମୟରେ ଏପରି ଜଟିଳ ବ୍ୟବସ୍ଥା ନ ଥିଲା। ମାତ୍ର ଏବେ ସରକାରୀ କଟକଣା ଯୋଗୁଁ ଚାଷୀମାନେ ଅଧିକ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଏପଟେ ଜମି ପଟ୍ଟା ସଂଶୋଧନ କାର୍ଯ୍ୟ ଚାଲିଥିଲେ ବି ଭଉଣୀ (ପରିବାରର କନ୍ୟାସନ୍ତାନ)ଙ୍କ ନାମକୁ ଏଥିରେ ସାମିଲ କରାଯିବାକୁ ନେଇ ବିଭିନ୍ନ ସମସ୍ୟା ସୃଷ୍ଟି ହେଉଛି। ଏଥିପାଇଁ ଅନେକ ଲୋକ ପଟ୍ଟା ସଂଶୋଧନ କରିପାରି ନାହାନ୍ତି। ▶ପୃଷ୍ଠା-୭

# ଆୟକର ବିଲ୍ ପ୍ରତ୍ୟାହୃତ

### ୧୧ରେ ଲୋକସଭାରେ ଆସିବ ସଂଶୋଧିତ ବିଲ୍

■ ନୂଆଦିଲ୍ଲୀ, ୮।୮ (ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ କେନ୍ଦ୍ର ସରକାର ଲୋକସଭାରୁ ଆୟକର ବିଲ୍ ୨୦୨୫କୁ ପ୍ରତ୍ୟାହାର କରିନେଇଛନ୍ତି। ବିଲ୍ ଯାଞ୍ଚ ପାଇଁ ଗଠିତ ସିଲେକ୍ଟ କମିଟିର ରିପୋର୍ଟ ପରେ ଏହି ନିଷ୍ପତ୍ତି ନିଆଯାଇଛି। ଏହି ବିଲ୍ ଫେବୃଆରୀରେ ଲୋକସଭାରେ ଆଗତ କରାଯାଇଥିଲା। କୁହାଯାଉଛି ଯେ ଅଗଷ୍ଟ ୧୧ ରେ ଲୋକସଭାରେ ନୂତନ ବିଲ୍ ଆଗତ କରାଯିବ। କେନ୍ଦ୍ର ସରକାର ଫେବୃଆରୀ ୧୩ ରେ ଲୋକସଭାରେ ଆୟକର ବିଲ୍ ୨୦୨୫ ଆଗତ କରିଥିଲେ। ବିଲ୍ ଯାଞ୍ଚ ପାଇଁ ୩୧ ସଦସ୍ୟ ବିଶିଷ୍ଟ ସିଲେକ୍ଟ କମିଟି ଗଠନ କରାଯାଇଥିଲା। କମିଟି ବିଲ୍ ଯାଞ୍ଚ କରି ୨୮୫ଟି ପରାମର୍ଶ ଦେଇଥିଲା। କମିଟି ୨୧ ଜୁଲାଇ ୨୦୨୫ରେ ଲୋକସଭାରେ ଏହାର ରିପୋର୍ଟ ଦାଖଲ କରିଥିଲା। କେନ୍ଦ୍ର ସରକାର ସିଲେକ୍ଟ କମିଟିର ପ୍ରାୟ ସମସ୍ତ ସୁପାରିସକୁ ଗ୍ରହଣ କରିଛନ୍ତି।

**ସିଲେକ୍ଟ କମିଟି ରିପୋର୍ଟ ଆଧାରରେ ନିଷ୍ପତ୍ତି**

କେନ୍ଦ୍ର ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣ ଶୁକ୍ରବାର ଲୋକସଭାରେ ଆୟକର ବିଲ୍, ୨୦୨୫ ପ୍ରତ୍ୟାହାର କରି କହିଛନ୍ତି କମିଟିର କିଛି ପରାମର୍ଶକୁ ସଠିକ୍ ଆଇନଗତ ଅର୍ଥ ଦେବା ପାଇଁ ନୂଆ ବିଲ୍‌ରେ ସାମିଲ କରାଯିବା ଆବଶ୍ୟକ। ସିଲେକ୍ଟ କମିଟି ଦ୍ୱାରା ପରାମର୍ଶିତ ପରିବର୍ତ୍ତନଗୁଡ଼ିକୁ ଅନ୍ତର୍ଭୁକ୍ତ କରିବା ପରେ ସରକାର ବିଲ୍‌କୁ ଏକ ନୂତନ ରୂପରେ ଆଣିବେ। କୁହାଯାଉଛି ଯେ ବିଲ୍‌ର ନୂତନ ସଂସ୍କରଣ ଅଗଷ୍ଟ ୧୧ରେ ଲୋକସଭାରେ ଉପସ୍ଥାପନ କରାଯିବ। ବିଲ୍‌ର ବିଭିନ୍ନ ସଂସ୍କରଣ ଯୋଗୁଁ ଦ୍ୱନ୍ଦ୍ୱ ଏଡାଇବା ଏବଂ ସମସ୍ତ ପରିବର୍ତ୍ତନକୁ ଅନ୍ତର୍ଭୁକ୍ତ କରି ଆୟକର ବିଲ୍‌ର ନୂତନ ସଂସ୍କରଣ ସୋମବାର ଗୃହରେ ବିଚାର ପାଇଁ ଆଗତ କରାଯିବ, ଯାହା କମିଟି ତା'ର ରିପୋର୍ଟରେ କହିଛି।

# ଏମ୍‌ସରେ ନିଯୁକ୍ତି ଜାଲିଆତି

**ଏମ୍‌ସର ଅଭିଯୋଗ ପରେ ୬ଜଣଙ୍କ ନାମରେ ମାମଲା ରୁଜୁ**

**ପ୍ରଶାସନିକ ଅଧିକାରୀ ସହ ମିଶି ଶ୍ରୁତି କରିଥିଲେ ଜାଲିଆତି**

**ଜାଲ୍ ମେଡିକାଲ ପ୍ରମାଣପତ୍ର ଦାଖଲ କରି ଚାକିରି କରିଥିଲେ**

**୫ ସ୍ଥାନରେ ସିବିଆଇ ଚଢ଼ଉ; ୩ ଅଟକ**

■ ଭୁବନେଶ୍ୱର, ୮।୮ (ସମିସ): ଏମ୍‌ସରେ ଜାଲିଆତି କରି ଚାକିରି କରିବା ଘଟଣାରେ ସିବିଆଇ ଶୁକ୍ରବାର ଭୁବନେଶ୍ୱର ସମେତ ଜଗତସିଂହପୁର ଜିଲ୍ଲାର ଏକାଧିକ ସ୍ଥାନରେ ଚଢ଼ଉ କରିଛି। ୮ ଘଣ୍ଟା ଧରି ସିବିଆଇର ୧୫ଟି ଟିମ୍ ଚଢ଼ଉ କରି ଏକାଧିକ ଗୁରୁତପୂର୍ଣ୍ଣ ଦସ୍ତାବିଜ୍ ଏବଂ ଡିଜିଟାଲ ପ୍ରମାଣ ଜବତ କରିବା ସହ ୩ଜଣଙ୍କୁ ଅଟକ ରଖି ପଚରାଉଚରା କରୁଛି।

ଏମ୍‌ସରେ ଠିକା ସଂସ୍ଥା ନିଜ ସମ୍ପର୍କୀୟଙ୍କ ନାମରେ ଜାଲ୍ ଦସ୍ତାବିଜ୍ ବାହାର କରି ଚାକିରି କରାଯାଇଥିବା ଏମ୍‌ସ କର୍ତ୍ତୃପକ୍ଷ ଜାଣିବାକୁ ପାଇଥିଲେ। କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଆଶୁତୋଷ ବିଶ୍ୱାସ ଏନେଇ ସିବିଆଇକୁ ଚିଠି କରି ▶ପୃଷ୍ଠା-୭

# ସ୍କିମାଟିକ୍ ଶିକ୍ଷକଙ୍କୁ ଧକ୍କା

### ପ୍ରସ୍ତାବ ପ୍ରତ୍ୟାହାର କଲା ଗଣଶିକ୍ଷା ବିଭାଗ

■ ଭୁବନେଶ୍ୱର, ୮।୮ (ସମିସ): ମାତ୍ର ସପ୍ତାହେ ମଧ୍ୟରେ ସ୍କିମାଟିକ୍ ଶିକ୍ଷକଙ୍କୁ ଲାଗିଛି ବଡ଼ ଧକ୍କା। ମଉଳି ଯାଇଛି ସେମାନଙ୍କର ଚାକିରି ନିୟମିତ ହେବାର ଆଶା। ସ୍କିମାଟିକ୍ ଶିକ୍ଷକମାନଙ୍କ ସ୍ୱାର୍ଥ ସମ୍ବଳିତ ପ୍ରସ୍ତାବକୁ ପ୍ରଥମେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ୱେବସାଇଟ୍‌ରୁ ଉଡ଼ାଇ ଦିଆଯାଇଥିଲା। ଏବେ ଆନୁଷ୍ଠାନିକ ଭାବରେ ଏ ସଂକ୍ରାନ୍ତ ପ୍ରସ୍ତାବକୁ ସରକାର ଶୁକ୍ରବାର ପ୍ରତ୍ୟାହାର କରି ନେଇଛନ୍ତି। ନିୟମିତ କରିବାର ଆଶା ଦେଖାଇ ସରକାର ସେମାନଙ୍କୁ ପ୍ରତାରିତ କରିଛନ୍ତି ଓ ୧୬୦୦୦ ଶିକ୍ଷକଙ୍କ ଭବିଷ୍ୟତ ଅନ୍ଧାରକୁ ଚାଲି ଯାଇଛି ବୋଲି ସ୍କିମାଟିକ ଶିକ୍ଷକମାନେ କ୍ଷୋଭ ପ୍ରକାଶ କରିଛନ୍ତି।

ରାଜ୍ୟରେ ଶିକ୍ଷକ ନିଯୁକ୍ତି, ସ୍କିମାଟିକ୍ କନିଷ୍ଠ ଶିକ୍ଷକ ପଦ ଉଚ୍ଛେଦ, ନିୟମିତ ଶିକ୍ଷକ ନିଯୁକ୍ତି ପରି ବହୁ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ବସିଥିବା ବୈଠକର ସାରାଂଶ ସମ୍ପର୍କରେ ଗତ ୨ ତାରିଖରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ବିଜ୍ଞପ୍ତି ଜାରି କରିଥିଲା। ଗଣଶିକ୍ଷା ବିଭାଗର ୱେବସାଇଟ୍‌ରେ ଏହା ଅପଲୋଡ୍

**ଅନ୍ଧାରରେ ୧୬,୦୦୦ ଶିକ୍ଷକଙ୍କ ଭବିଷ୍ୟତ**

ମଧ୍ୟ ହୋଇଥିଲା। ସ୍କିମାଟିକ୍ ପଦକୁ ଉଚ୍ଛେଦ କରାଯାଇ ମାଧ୍ୟମିକ ଶିକ୍ଷକଙ୍କ ପରି ନିୟମିତ ପ୍ରାଥମିକ ଶିକ୍ଷକ ନିଯୁକ୍ତି ପାଇଁ ପ୍ରସ୍ତାବ ରହିଥିଲା। ଫଳରେ ସ୍କିମାଟିକ୍ ଶିକ୍ଷକଙ୍କ ମଧ୍ୟରେ ଉତ୍ସାହ ଦେଖାଦେଇଥିଲା। ସ୍କିମାଟିକ୍ ଶିକ୍ଷକଙ୍କ ଏହି ଉତ୍ସାହ ଅଧିକ ଦିନ ▶ପୃଷ୍ଠା-୭

# ଆଇଇଡି ବିସ୍ଫୋରଣରେ ଥରିଲା ସରଣ୍ଡା

■ ରାଉରକେଲା, ୮।୮ (ସମିସ): ଆଇଇଡି ବିସ୍ଫୋରଣରେ ପୁଣି ଥରିଲା ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତ ସରଣ୍ଡା ଜଙ୍ଗଲ। ଏଥିରେ ୨୦୯ କୋବ୍ରା ବାଟାଲିୟନର ଦୁଇ ଯବାନ ଗୁରୁତର ଆହତ



**୨ ଯବାନ ଗୁରୁତର**

ହୋଇଛନ୍ତି। ଗୁରୁତର ଯବାନଦ୍ୱୟ ୨୦୯ କୋବ୍ରା ବାଟାଲିୟନ୍‌ର ରାମ ପ୍ରବେଶ ସିଂହ ଓ ଛୋଟା କଶ୍ୟପ। ସେମାନଙ୍କୁ ହେଲିକପ୍ଟର୍ ଯୋଗେ ଏୟାରଲିଫ୍ଟ କରି ରାଞ୍ଚି ନିଆଯାଇଛି। ପରେ ଉକ୍ତ ଅଞ୍ଚଳରେ କମ୍ବିଂ ଅପରେସନକୁ ଆହୁରି ଜୋରଦାର କରାଯାଇଥିବା ସୂଚନା ମିଳିଛି। ▶ପୃଷ୍ଠା-୭

# ନିଅଣ୍ଟିଆ ବର୍ଷା, ସାର ଅଭାବ ବଢ଼ାଉଛି ଚିନ୍ତା

### ୧୩ ପରେ ବର୍ଷା ବଢ଼ିବ; ନିଅଣ୍ଟିଆ ଭରଣା ହେବନି

■ ଭୁବନେଶ୍ୱର, ୮।୮ (ସମିସ): ନିଅଣ୍ଟିଆ ବର୍ଷା ଏବଂ ସାରର ଅଭାବ ଏବେ ଚାଷୀଙ୍କ ପାଇଁ ଚିନ୍ତା ବଢ଼ାଇଛି। ନିଷ୍କ୍ରିୟ ମୌସୁମୀ ପ୍ରଭାବରେ ରାଜ୍ୟରେ ବର୍ଷାର ପରିମାଣ ବହୁ ମାତ୍ରାରେ ହ୍ରାସ ପାଇଥିବା ବେଳେ ଚାଷ କାର୍ଯ୍ୟ ମଧ୍ୟ ପ୍ରଭାବିତ ହୋଇଛି। ଯେଉଁ ସ୍ଥାନରେ ରୁଆ ସରିଛି, ସେଠାରେ ପାଣିର ଅଭାବ ହେତୁ ତଳି ମରିବା ସ୍ଥିତି ସୃଷ୍ଟି ହୋଇଛି। ଏହାସହିତ ଅନେକ ସ୍ଥାନରେ ରୁଆ ବେଉଷଣ ପାଇଁ ପାଣିର ଅଭାବ ହେତୁ ଚାଷୀକୁଳ ବର୍ଷାକୁ ଅପେକ୍ଷା କରି ରହିଛି। ଏସବୁ ଭିତରେ ରାଜ୍ୟର ଚାଷୀମାନଙ୍କ ପାଇଁ ସାରର ଅଭାବ ବଡ଼ ସମସ୍ୟା ସୃଷ୍ଟି କରିଛି। ରୁଆ ପରେ ଧାନଗଛ ବୃଦ୍ଧି ପାଇଁ ସାରର ଆବଶ୍ୟକତା ରହୁଥିବା ବେଳେ ପ୍ରତି ଜିଲ୍ଲାରେ ସାର ଉପଲବ୍ଧ କରାଇବାରେ ସରକାର ବିଫଳ ହେଉଛନ୍ତି। ଫଳରେ ଚାଷୀଙ୍କ ପାଇଁ ବର୍ଷା ସାଙ୍ଗକୁ ସାର ସମସ୍ୟା ଚିନ୍ତା ବଢ଼ାଇଛି।

**ଜରୁରୀକାଳୀନ ପଦକ୍ଷେପ ନେବାକୁ ବିଶେଷଜ୍ଞଙ୍କ ପରାମର୍ଶ**

**ସାରର ଉପଲବ୍ଧତା ସୁନିଶ୍ଚିତ ନ କରାଇଲେ ସ୍ଥିତି ବିଗିଡ଼ିବ**

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ବର୍ତ୍ତମାନ ରାଜ୍ୟରେ ମୌସୁମୀ ନିଷ୍କ୍ରିୟ ରହିଛି। ଆସନ୍ତା ୧୩ରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇ ପରବର୍ତ୍ତୀ ▶ପୃଷ୍ଠା-୭




## ଦିଲ୍ଲୀରେ ଅଭିନେତ୍ରୀ ହୁମା କ୍ୟୁରେଶିଙ୍କ ଭାଇଙ୍କୁ ହତ୍ୟା



ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଦିଲ୍ଲୀର ନିଜାମୁଦ୍ଦିନ୍ ଅଞ୍ଚଳରେ ଜଣାଶୁଣା ବଲିଉଡ୍ ଅଭିନେତ୍ରୀ ହୁମା କ୍ୟୁରେଶିଙ୍କ ଦାଦା ପୁଅ ଭାଇ ଆସିଫଙ୍କୁ ହତ୍ୟା କରାଯାଇଛି। ଗୁରୁବାର ରାତି ୧୧ଟାରେ ଜଙ୍ଗପୁରା ଗଗୋଲ ଲେନ୍‌ରେ ଏହି ଆପରାଧିକ ଘଟଣା ଘଟିଛି। ଗାଡ଼ି ପାର୍କିଂ ବିବାଦକୁ ନେଇ ଦୁର୍ବୃତ୍ତମାନେ ତାଙ୍କୁ ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିଥିଲେ। ଏହି ଘଟଣାରେ ପୁଲିସ ଦୁଇଜଣଙ୍କୁ ଗିରଫ କରିଛି। ମେନ୍ ଗେଟ୍ ସାମ୍ନାରେ ସ୍କୁଟର୍ ରଖିବା ନେଇ ଆସିଫ୍ ଓ ଦୁଇ ପଡ଼ୋଶୀଙ୍କ ମଧ୍ୟରେ ବିବାଦ ହୋଇଥିଲା। ଏଥିରେ ଉତ୍କ୍ଷିପ୍ତ ହୋଇ ଅଭିଯୁକ୍ତମାନେ ଆସିଫଙ୍କୁ ମରଣାନ୍ତକ ଆକ୍ରମଣ କରିଥିଲେ। ଗୁରୁତର ଆସିଫଙ୍କୁ ନିକଟସ୍ଥ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ନିହାତି ମାମୁଲି ଘଟଣା ତଥା ସାମାନ୍ୟ ଯୁକ୍ତିତର୍କ ପାଇଁ ଆସିଫ୍‌ଙ୍କ ଉପରେ ଆକ୍ରମଣ କରାଯାଇଥିଲା ବୋଲି ତାଙ୍କ ପତ୍ନୀ ସାଇନା କ୍ୟୁରେଶି କହିଛନ୍ତି।

## ଚଳନ୍ତା ବସ୍ ଉପରେ ଗଛ ପଡ଼ି ୫ ମୃତ

ବାରାବଙ୍କୀ, ୮।୮(ଏଜେନ୍ସି): ଉତ୍ତରପ୍ରଦେଶର ବାରାବଙ୍କୀ ଜିଲ୍ଲାରେ ଏକ ଚଳନ୍ତା ବସ୍ ଉପରେ ଏକ ବଡ଼ ଗଛ ଭାଙ୍ଗି ପଡ଼ିବାରୁ ୫ଜଣ ଯାତ୍ରୀଙ୍କ ମୃତ୍ୟୁ ହୋଇଛି। ସେମାନଙ୍କ ମଧ୍ୟରେ ୨ ଜଣ ଶିକ୍ଷକ, ଦୁଇଜଣ ବ୍ଲକ ଅଧିକାରୀ ରହିଛନ୍ତି। ଅନ୍ୟ ଜଣେ ଯାତ୍ରୀ ଗୁରୁତର ଆହତ ହୋଇଛନ୍ତି। ସୂଚନାନୁଯାୟୀ, ୬୦ ଯାତ୍ରୀଙ୍କୁ ନେଇ ଏହି ବସ୍ ବାରାବଙ୍କୀରୁ ହାଇଦରଗଡ଼ ଯାଉଥିଲା। ଶୁକ୍ରବାର ପୂର୍ବାହ୍ନ ପ୍ରାୟ ୧୧ଟାରେ ହରଖ ଛକଠାରେ ବସ୍ ଆଗକୁ ଏକ ଗାଇ ଚାଲିଆସିଥିଲା। ତାକୁ ବଞ୍ଚାଇବାକୁ ଯାଇ ବସ୍‌ଟି ପ୍ରଥମେ ଏକ ଇଲେକଟ୍ରିକ୍ ଖୁଣ୍ଟ ଓ ପରେ ଏକ ଗଛକୁ ଧକ୍କା ଦେଇଥିଲା। ଏହାର ସିସିଟିଭି ଫୁଟେଜ୍ ସାମ୍ନାକୁ ଆସିଛି।

## କପିଲ ଶର୍ମାଙ୍କୁ ଲରେନ୍ସ ଗ୍ୟାଙ୍ଗର ଧମକ

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଖ୍ୟାତନାମା କମେଡିଆନ କପିଲ ଶର୍ମାଙ୍କ ପଛରେ ପଡ଼ିଛି ଦୁର୍ଦ୍ଦାନ୍ତ ଲରେନ୍ସ ବିଷ୍ଣୋଇ ଗ୍ୟାଙ୍ଗ। କାନାଡାରେ କପିଲଙ୍କ କାଫେ ଉପରେ ଗୁଳିମାଡ଼ କରିବା ପରେ ଏବେ ତାଙ୍କୁ ଗ୍ୟାଙ୍ଗ୍ ତରଫରୁ ଧମକ ମିଳିଛି। ଗ୍ୟାଙ୍ଗର ହ୍ୟାରି ବକ୍ସର ନାମରେ ଏକ ଅଡିଓ ସାମ୍ନାକୁ ଆସିଛି। ଏଥିରେ କପିଲଙ୍କ ସମେତ ପୂରା ବଲିଉଡ୍ ଫିଲ୍ମ ଇଣ୍ଡଷ୍ଟ୍ରିକୁ ଧମକ ଦିଆଯାଇଛି। ଯିଏ ବି ଅଭିନେତା ସଲମାନ ଖାନଙ୍କ ସହ କାମ କରିବ, ତାକୁ ମାରି ଦିଆଯିବ ବୋଲି କୁହାଯାଇଛି। ସୂଚନାଯୋଗ୍ୟ, 'ଦି ଗ୍ରେଟ୍ ଇଣ୍ଡିଆନ କପିଲ ଶୋ'ର ଦ୍ୱିତୀୟ ସଂସ୍କରଣରେ ସଲମାନଙ୍କୁ ଅତିଥି ଭାବେ ନିମନ୍ତ୍ରଣ କରାଯାଇଥିଲା। ଏଥିପାଇଁ କପିଲଙ୍କ କାନାଡ଼ାସ୍ଥିତ କାଫେ ଉପରେ ଆକ୍ରମଣ କରାଯାଇଛି ବୋଲି ଗ୍ୟାଙ୍ଗ୍ ପକ୍ଷରୁ କୁହାଯାଇଛି। ଉଲ୍ଲେଖଥାଉ କି, କପିଲଙ୍କ କାଫେ ଉପରକୁ ପ୍ରଥମେ ଜୁଲାଇ ୧୦ରେ ଗୁଳିମାଡ଼ ହୋଇଥିଲା।

## ପରମାଣୁ ବୈଜ୍ଞାନିକଙ୍କୁ ଫାଶୀ ଦେଲା ଇରାନ

ତେହେରାନ, ୮।୮(ଏଜେନ୍ସି): ଇରାନ ଦୁଇଟି ଭିନ୍ନ ଭିନ୍ନ ମାମଲାରେ ବୁଧବାର ଦୁଇଜଣ ବ୍ୟକ୍ତିଙ୍କୁ ଫାଶୀ ଦଣ୍ଡରେ ଦଣ୍ଡିତ କରିଛି। ଏମାନଙ୍କ ମଧ୍ୟରେ ଜଣେ ପରମାଣୁ ବୈଜ୍ଞାନିକ ରହିଛନ୍ତି। ସେ ହେଲେ, ରୌଜବେ ଭାଦୀ। ସେ ଇସ୍ରାଏଲର ଗୁଇନ୍ଦା ସଂସ୍ଥା 'ମୋସାଦ' ପାଇଁ ଗୁପ୍ତଚର ଭାବେ କାର୍ଯ୍ୟ କରୁଥିଲେ ଏବଂ ଦେଶର ଗୁରୁତ୍ୱପୂର୍ଣ୍ଣ ସୂଚନା ପ୍ରଦାନ କରୁଥିଲେ ବୋଲି ଅଭିଯୋଗ ହୋଇଥିଲା। ସେ ଇରାନର ଆଟୋମିକ ଏନର୍ଜି ଅର୍ଗାନାଇଜେସନ୍ ଅଧୀନରେ ଥିବା ନ୍ୟୁକ୍ଲିୟର୍ ସାଇନ୍ସ ଆଣ୍ଡ ଟେକନୋଲୋଜି ରିସର୍ଚ୍ଚ ଇନଷ୍ଟିଚ୍ୟୁଟ୍‌ର ସଦସ୍ୟ ଥିଲେ। ସେ ଜଣେ ବୈଜ୍ଞାନିକଙ୍କ ବିଷୟରେ ସମ୍ବେଦନଶୀଳ ସୂଚନା 'ମୋସାଦ'କୁ ଦେଇଥିଲେ। ସେ ଦେଶର ସୁରକ୍ଷା ବ୍ୟବସ୍ଥା ପାଇଁ ବିପଦ ସୃଷ୍ଟି କରିଥିଲେ ବୋଲି ଇରାନ ତରଫରୁ କୁହାଯାଇଛି।

## ୟୁପିର ୨୪ ଜିଲ୍ଲାରେ ବନ୍ୟା

ନୂଆଦିଲ୍ଲୀ/ ଲକ୍ଷ୍ନୌ, ୮।୮(ଏଜେନ୍ସି): ଉତ୍ତରପ୍ରଦେଶ ରାଜଧାନୀ ଲକ୍ଷ୍ନୌ ସମେତ ୧୦ଟି ସହରରେ ଶୁକ୍ରବାର ପ୍ରବଳ ବର୍ଷା ଜାରି ରହିଛି। ଲକ୍ଷ୍ନୌରେ କ୍ରମାଗତ ୭ଦିନ ହେବ ବର୍ଷା ଜାରି ରହିଛି। ଏହାକୁ ଦୃଷ୍ଟିରେ ରଖି ବାରଣାସୀ- ବିଜନୋରରେ ଦ୍ୱାଦଶ ଶ୍ରେଣୀ ଓ ଲକ୍ଷ୍ନୌ- ଜୋନପୁରରେ ୮ମ ଶ୍ରେଣୀ ପର୍ଯ୍ୟନ୍ତ ସ୍କୁଲଗୁଡ଼ିକୁ ବନ୍ଦ କରି ଦିଆଯାଇଛି। ଅପରପକ୍ଷେ, ଲଗାଣ ବର୍ଷା ଯୋଗୁଁ ରାଜ୍ୟର ୨୪ଟି ଜିଲ୍ଲାରେ ୧୨୪୫ ଗାଁ ବନ୍ୟା ଘେରରେ ରହିଛି। ଏପର୍ଯ୍ୟନ୍ତ ୩୬୦ ଘର ଭୁଶୁଡ଼ିଛି। ହିମାଚଳରେ ୪୫୦ରୁ ଊର୍ଦ୍ଧ୍ୱ ସଡ଼କ ବନ୍ଦ ରହିଛି। ଏଥିରେ ୩୦୫ ଓ ୫ ନଂ ଜାତୀୟ ରାଜପଥ ସାମିଲ ରହିଛି। ହିମାଚଳରେ ବର୍ଷା ଜନିତ କାରଣରୁ ଏପର୍ଯ୍ୟନ୍ତ (ଜୁନ ୨୦ରୁ ଅଗଷ୍ଟ ୭) ପର୍ଯ୍ୟନ୍ତ ୨୦୨ ଜଣ ଲୋକ ମୃତ୍ୟୁବରଣ କରିସାରିଲେଣି। ସେହିପରି ଝାଡ଼ଖଣ୍ଡରେ ସମାନ କାରଣରୁ ୪୩୧ଜଣ ଲୋକଙ୍କ ମୃତ୍ୟୁ ହୋଇଛି। ତେବେ ମଧ୍ୟପ୍ରଦେଶରେ ଗତ ୭ ଦିନ ହେବ ବର୍ଷା ହୋଇନାହିଁ। ଫଳରେ ରାଜ୍ୟରେ ତାପମାତ୍ରରେ ବୃଦ୍ଧି ଘଟିଛି। ସେହିପରି ବିହାର ଓ ତାମିଲନାଡୁ ସମେତ ୯ଟି ରାଜ୍ୟରେ ଅରେଞ୍ଜ ଆଲର୍ଟ ଜାରି କରାଯାଇଛି। ଦିଲ୍ଲୀର ଯମୁନା ନଦୀରେ ଜଳସ୍ତର ବିପଦ ସଂକେତ ଉପରେ ରହିଛି।

## ୨୦୨୪ରେ ୨ ଲକ୍ଷ ଭାରତୀୟ ନାଗରିକତା ଛାଡ଼ିଛନ୍ତି

ନୂଆଦିଲ୍ଲୀ,୮।୮(ଏଜେନ୍ସି): ୨୦୨୪ରେ ପାଖାପାଖି ୨ ଲକ୍ଷ ଭାରତୀୟ ନାଗରିକତା ତ୍ୟାଗ କରିଛନ୍ତି। ବୈଦେଶିକ ରାଷ୍ଟ୍ରମନ୍ତ୍ରୀ କୀର୍ତ୍ତିବର୍ଦ୍ଧନ ସିଂ ଲୋକସଭାରେ ଶୁକ୍ରବାର ଏହି ସୂଚନା ଦେଇଛନ୍ତି। ୨, ୦୬,୩୭୮ଜଣ ବ୍ୟକ୍ତିଗତ କାରଣ ଦର୍ଶାଇ ନାଗରିକତା ଛାଡ଼ି ଅନ୍ୟ ଦେଶର ନାଗରିକତା ଗ୍ରହଣ କରିଛନ୍ତି। ୨୦୨୦ ମସିହା ତୁଳନାରେ ୨୦୨୪ରେ ପାଖାପାଖି ଅଢ଼େଇ ଗୁଣା ଲୋକ ଦେଶ ଛାଡ଼ିଛନ୍ତି। କଂଗ୍ରେସ ସାଂସଦ କେସି ବେଣୁଗୋପାଳଙ୍କ ପ୍ରଶ୍ନର ଉତ୍ତର ଦେଇ କୀର୍ତ୍ତି ଏହି ତଥ୍ୟ ଦେଇଛନ୍ତି। ୨୦୨୦ରେ ୮୫,୨୫୬, ୨୦୨୧ରେ ୧,୬୩, ୩୭୦, ୨୦୨୨ରେ ୨,୨୫,୬୨୦ ଏବଂ ୨୦୨୩ରେ ୨,୧୬,୨୧୯ ଲୋକ ଭାରତର ନାଗରିକତା ଛାଡିଛନ୍ତି। ପୂର୍ବରୁ ୨୦୧୧ରେ ଏହି ସଂଖ୍ୟା ୧,୨୨,୮୧୯, ୨୦୧୨ରେ ୧,୨୦, ୯୨୩ ଓ ୨୦୧୪ରେ ୧,୨୯, ୩୨୮ ଭାରତୀୟ ନାଗରିକତା ପରିତ୍ୟାଗ କରିଥିଲେ।

## ପୁଟିନଙ୍କ ସହ ଫୋନ୍‌ରେ କଥା ହେଲେ ମୋଦୀ

# 'ଭାରତରେ ଆପଣଙ୍କୁ ସ୍ୱାଗତ କରିବାକୁ ଉତ୍ସାହିତ ଅଛୁ'



ନୂଆଦିଲ୍ଲୀ, ୮।୮(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଶୁକ୍ରବାର ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁଟିନଙ୍କ ସହ ଫୋନରେ କଥା ହୋଇଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଟାରିଫ ବିବାଦ ଚାଲିଥିବା ବେଳେ ଏହା ଦୁଇ ଦେଶ ପାଇଁ ବିଶେଷ ଗୁରୁତ୍ୱ ବହନ କରୁଛି। ଦୁଇ ଦେଶ ମଧ୍ୟରେ ସମ୍ପର୍କକୁ ଆହୁରି ମଜଭୁତ କରିବାକୁ ଦୁଇ ନେତା ସେମାନଙ୍କ ପ୍ରତିବଦ୍ଧତା ଦୋହରାଇଛନ୍ତି। ପୁଟିନଙ୍କ ସହ କଥା ହେବା ନେଇ ମୋଦୀ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ପୋଷ୍ଟ କରି ସୂଚନା ଦେଇଛନ୍ତି। ଫୋନ୍‌ରେ ଭଲ ଭାବେ ବିସ୍ତୃତ ଭାବେ କଥା ହୋଇଥିଲୁ। ସେହିପରି ୟୁକ୍ରେନ୍ ସମ୍ପର୍କରେ ସୂଚନା ଦେଇଥିବାରୁ ପୁଟିନଙ୍କୁ ଧନ୍ୟବାଦ ଜଣାଇଥିଲି। ପରସ୍ପର ମଧ୍ୟରେ ସହଯୋଗ ବୃଦ୍ଧି କରିବା ସହ ରଣନୈତିକ ସହଭାଗିତା ଆହୁରି ଦୃଢ଼ କରିବା ନେଇ ପ୍ରତିବଦ୍ଧତାକୁ ଦୋହରାଇଥିଲୁ। ଭାରତରେ ଆପଣଙ୍କୁ ସ୍ୱାଗତ କରିବାକୁ ଆମେ ଉତ୍ସାହିତ ଅଛୁ ବୋଲି ମୋଦି ଫୋନ୍‌ରେ ପୁଟିନଙ୍କୁ କହିଥିଲେ। ଏବର୍ଷ ପୁଟିନଙ୍କ ଭାରତ ଗସ୍ତକୁ ଅପେକ୍ଷା କରିଛି ବୋଲି ମୋଦୀ ଉଲ୍ଲେଖ କରିଛନ୍ତି।

ଗୋଟିଏ ଦିନ ପୂର୍ବରୁ ଭାରତର ରାଷ୍ଟ୍ରୀୟ ନିରାପତ୍ତା ଉପଦେଷ୍ଟା (ଏନ୍‌ଏସ୍‌ଏ) ଅଜିତ ଡୋଭାଲ ମଧ୍ୟ ପୁଟିନଙ୍କୁ ମସ୍କୋରେ ଭେଟିଥିଲେ। ଡୋଭାଲ ପ୍ରତିରକ୍ଷା, ଆର୍ଥିକ ଓ ଶକ୍ତି କ୍ଷେତ୍ରରେ ସହଯୋଗ ନେଇ ପୁଟିନଙ୍କ ଆଲୋଚନା କରିଥିଲେ। ପୁଟିନ ଚଳିତବର୍ଷ ଶେଷ ସପ୍ତାହରେ ଭାରତ ଆସିବେ। ଏହାପୂର୍ବରୁ ଡୋଭାଲ ରୁଷ୍ ପ୍ରତିରକ୍ଷା ମନ୍ତ୍ରୀ ସର୍ଗେଇ ଶୋଇଗୁଙ୍କ ମଧ୍ୟ ଭେଟିଥିଲେ। ଏବେ ଦୁଇ ଦେଶ ମଧ୍ୟରେ ସମ୍ପର୍କରେ ଯଥେଷ୍ଟ ଉନ୍ନତି ହୋଇଛି ଓ ଏହାକୁ ଆମେ ସମ୍ମାନ କରୁଛୁ। ଦୁଇ ଦେଶ ମଧ୍ୟରେ ଏକ ଦୃଢ଼ ତଥା ଉତ୍ତମ ବୁଝାମଣା ରହିଛି ଓ ଏହାକୁ ଆଗେଇ ନେବୁ ବୋଲି ଡୋଭାଲ ସାକ୍ଷାତ ଅବସରରେ ଶୋଇଗୁଙ୍କୁ କହିଛନ୍ତି। ପୁଟିନ ୨୦୨୧ ଡିସେମ୍ବର ୬ରେ ଶେଷଥର ପାଇଁ ଭାରତ ଆସିଥିଲେ ଓ ମାତ୍ର ୪ ଘଣ୍ଟା ରହିଥିଲେ। ସେତେବେଳେ ଭାରତ ଓ ରୁଷ୍ ମଧ୍ୟରେ ୨୮ଟି ବୁଝାମଣା ନେଇ ଚୁକ୍ତି ହୋଇଥିଲା ଓ ଦସ୍ତଖତ ହୋଇଥିଲା। ୨୦୨୨ରେ ୟୁକ୍ରେନ ବିପକ୍ଷରେ ଯୁଦ୍ଧ ଆରମ୍ଭ ହେବା ପରେ ପୁଟିନ ପ୍ରଥମଥର ପାଇଁ ଭାରତ ଗସ୍ତରେ ଆସିବେ।

## ବ୍ରାଜିଲ ରାଷ୍ଟ୍ରପତିଙ୍କ ସହ ଆଲୋଚନା

ବ୍ରାଜିଲ ରାଷ୍ଟ୍ରପତି ଲୁଲା ଡା ସିଲ୍‌ଭା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସହ ଫୋନ୍‌ରେ କଥା ହୋଇଛନ୍ତି। ଏହି ଅବସରରେ ଗତ ମାସରେ ମୋଦୀଙ୍କ ବ୍ରାଜିଲ ଗସ୍ତ ନେଇ ଚର୍ଚ୍ଚା କରିଥିଲେ। ଏଥିରେ ଦୁଇ ନେତା ବାଣିଜ୍ୟ, ବୈଷୟିକ ଜ୍ଞାନ କୌଶଳ, ଶକ୍ତି, ପ୍ରତିରକ୍ଷା ଓ କୃଷି ନେଇ ଆପୋସ ବୁଝାମଣା ଓ ସହମତିକୁ ଆହୁରି ଦୃଢ଼ କରିବାକୁ ସମ୍ମତି ପ୍ରକାଶ କରିଥିଲେ। ଦୁଇ ନେତା ଭାରତ ଓ ବ୍ରାଜିଲ ମଧ୍ୟରେ ରଣନୈତିକ ସହଭାଗିତାକୁ ଆହୁରି ଆଗକୁ ବୃଦ୍ଧି କରିବା ନେଇ ପ୍ରତିଶ୍ରୁତିବଦ୍ଧତାକୁ ଦୋହରାଇଥିଲେ। ସେହିପରି ଆଞ୍ଚଳିକ ଓ ବିଶ୍ୱସ୍ତରରେ ଚାଲିଥିବା ବିଭିନ୍ନ ପ୍ରସଙ୍ଗକୁ ନେଇ ମଧ୍ୟ ଦୁହେଁ ଆଲୋଚନା କରିଥିଲେ। ଉଲ୍ଲେଖଥାଉ କି, ବୁଧବାର ଲୁଲା ଟ୍ରମ୍ପ ଦେଇଥିବା ଆଲୋଚନା ପ୍ରସ୍ତାବକୁ ପ୍ରତ୍ୟାଖାନ କରିଥିଲେ। ଟାରିଫ୍ ସମ୍ପର୍କରେ ଟ୍ରମ୍ପଙ୍କ ସହ କଥା ନ ହୋଇ ମୋଦୀଙ୍କ ସହ କଥା ହେବେ ବୋଲି କହିଥିଲେ। ଟ୍ରମ୍ପ ଭାରତ ଓ ବ୍ରାଜିଲ ଉପରେ ୫୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ଘୋଷଣା କରିସାରିଛନ୍ତି।

## ଉତ୍ତରକାଶୀ ବିପତ୍ତି | ୮୦ ଏକର ଜମିରେ ଆବର୍ଜନାର ପାହାଡ଼

ଡେରାଡୁନ୍, ୮।୮(ଏଜେନ୍ସି): ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାର ଧରାଳୀ ଗାଁରେ ହୋଇଥିବା ପ୍ରାକୃତିକ ବିପର୍ଯ୍ୟୟକୁ ୪ ଦିନ ବିତି ଗଲାଣି। ଏବେ ମଧ୍ୟ ୧୦୦ରୁ ୧୫୦ ଲୋକ ନିଖୋଜ ରହିଛନ୍ତି। ଏମାନେ ସବୁ କାଦୁଅ ଓ ଆବର୍ଜନା ମଧ୍ୟରେ ଚାପି ହୋଇଥିବା ଆଶଙ୍କା କରାଯାଉଛି। ସମ୍ପୂର୍ଣ୍ଣ ଭାବେ ଉଦ୍ଧାର କାର୍ଯ୍ୟ ଆରମ୍ଭ ହେବାକୁ ଆହୁରି ୪ ଦିନ ସମୟ ଲାଗିବ। ଧରାଳୀର ୮୦ ଏକର ଜମିରେ ୨୦ରୁ ୫୦ ଫୁଟ ପର୍ଯ୍ୟନ୍ତ କାଦୁଅ ଓ ଆବର୍ଜନା ଜମି ରହିଛି। ଏହାକୁ ହଟାଇବା ପାଇଁ ମାତ୍ର ୩ଟି ଜେସିବି ମେସିନ ନିୟୋଜିତ ହୋଇଛି। ଏହି ଆବର୍ଜନା ତଳେ ଚାପି ହୋଇଥିବା ଲୋକଙ୍କୁ ଠାବ କରିବା ପାଇଁ ହାଇଟେକ ଥର୍ମାଲ ସେନସିଂ ଉପକରଣର ଆବଶ୍ୟକତା ରହିଛି। କିନ୍ତୁ ଏହି ସବୁ ମେସିନ ତଥା ଉପକରଣ ୬୦ କିମି ଦୂରରେ ଥିବା ଭଟବାଡି ରାସ୍ତା ବନ୍ଦ ହେବା କାରଣରୁ ସେଠାରେ ଦୁଇ ଦିନ ଧରି ଅଟକି ରହିଛି। ଧରାଳୀରୁ ଶୁକ୍ରବାର ୫୩ ଜଣ ଲୋକଙ୍କୁ ଉଦ୍ଧାର କରାଯାଇଛି। ଉତ୍ତରକାଶୀ ଜିଲ୍ଲାରୁ ଏପର୍ଯ୍ୟନ୍ତ ୫୬୬ ଜଣ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ନିଆଯାଇଛି। ଉଦ୍ଧାର କାର୍ଯ୍ୟରେ ଭାରତୀୟ ସେନା ଓ ହେଲିକପ୍ଟର ମଧ୍ୟ ନିୟୋଜିତ ହୋଇଛି। ମହାରାଷ୍ଟ୍ରର ୧୫୧ ଜଣ ପର୍ଯ୍ୟଟକ ଏପର୍ଯ୍ୟନ୍ତ ଫସି ରହିଛନ୍ତି। ସେନା ଓ ଏନ୍‌ଡିଆରଏଫ୍ ଟିମ୍ ୨ ଦିନରେ ୩୦୭ ପର୍ଯ୍ୟଟକଙ୍କୁ ଉଦ୍ଧାର କରିଛନ୍ତି। ଏହି ବିପତ୍ତି କାରଣରୁ ବଦ୍ରିନାଥ ଯାତ୍ରା ପାଇଁ ପଞ୍ଜିକରଣକୁ ଓ କେଦାରନାଥ ଯାତ୍ରାକୁ ରୋକା ଯାଇଛି।

ଉତ୍ତରକାଶୀରୁ ଗଙ୍ଗୋତ୍ରୀ ଯିବାକୁ ହେଲେ ମାତ୍ର ଗୋଟିଏ ସଡକ ଉପଲବ୍ଧ ରହିଛି ଓ ଏହା ଧରାଳୀ ଦେଇ ଯାଉଛି। ହର୍ଷୀଲରୁ ଧରାଳୀ ପର୍ଯ୍ୟନ୍ତ ୩ କିମି ଲମ୍ବ ରାସ୍ତାର ୪ଟି ସ୍ଥାନରେ ୧୦୦ରୁ ୧୫୦ମିଟର ଲମ୍ବର ସଡକ ନଷ୍ଟ ହୋଇଛି। ସେହିପରି ଭଟବାଡୀରୁ ହର୍ଷୀଲ ପର୍ଯ୍ୟନ୍ତ ଥିବା ରାସ୍ତାରେ ୩ ସ୍ଥାନରେ ଭୂସ୍ଖଳନ ହୋଇଛି। ତେଣୁ ଧରାଳୀ ପର୍ଯ୍ୟନ୍ତ ରାସ୍ତା ସଫା ଓ ଖୋଲିବାକୁ ଆହୁରି ୪ ଦିନ ଲାଗିବ।



ବାଦଲ ଫଟା ବର୍ଷା ଜନିତ ବନ୍ୟା, ଭୂସ୍ଖଳନ ଭଳି ପ୍ରାକୃତିକ ବିପର୍ଯ୍ୟୟ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାକୁ ଏକପ୍ରକାର ଧ୍ୱଂସ ସ୍ତୁପରେ ପରିଣତ କରିଛି। ମଙ୍ଗଳବାର ଆସିଥିବା ଏହି ବନ୍ୟା ଓ କାଦୁଅ ସୁଅରେ ଉତ୍ତରକାଶୀର ଧରାଳୀ ଓ ହର୍ଶୀଲ ଗାଁ ସମ୍ପୂର୍ଣ୍ଣ ଭାବେ ମାଟିରେ ମିସିଯାଇଥିଲା। ଉଦ୍ଧାର କାର୍ଯ୍ୟ ଚାଲୁ ରହିଛି।୨୭୪ ଜଣ ପର୍ଯ୍ୟଟକଙ୍କୁ ଉଦ୍ଧାର କରାଯାଇଛି। ମଙ୍ଗଳବାର ଅପରାହ୍ଣ ୧.୪୫ରେ ବାଦଲ ଫଟା ବର୍ଷା କାରଣରୁ ଖୀର ଗଙ୍ଗା ନଦୀରେ ଭୟଙ୍କର ବନ୍ୟା ଆସିଥିଲା।

## ସେନା ଓ ବାୟୁସେନାକୁ ମିଳିବ ୨୦୦ ନୂଆ ହେଲିକପ୍ଟର

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଭାରତୀୟ ସେନା ଓ ବାୟୁସେନାକୁ ଏବେ ୨୦୦ଟି ନୂଆ ହେଲିକପ୍ଟର ମିଳିବ। ପୁରୁଣା ଚେତକ ଓ ଚିତାକୁ ହଟାଇ ନୂଆ ହେଲିକପ୍ଟର କ୍ରୟ କରାଯିବା ନେଇ ପ୍ରସ୍ତୁତି ଚାଲିଛି। ଏଥିପାଇଁ ପ୍ରତିରକ୍ଷା ମନ୍ତ୍ରଣାଳୟ ରିକ୍ୱେଷ୍ଟ ଫର ଇନଫର୍ମେସନ (ଆରଏଫ୍‌ଆଇ) ଜାରି କରିଛି। ଏଗୁଡିକ ମଧ୍ୟରୁ ୧୨୦ ହେଲିକପ୍ଟର ଭାରତୀୟ ସେନାକୁ ଓ ୮୦ଟି ବାୟୁସେନାକୁ ପ୍ରଦାନ କରାଯିବ। ଏହି ହେଲିକପ୍ଟର ଉଭୟ ଦିନ ଓ ରାତିରେ କାର୍ଯ୍ୟ କରିବାର ଦକ୍ଷତା ରଖୁଛି। ପ୍ରତିରକ୍ଷା ମନ୍ତ୍ରଣାଳୟ ବୈଷୟିକ ଆବଶ୍ୟକାତ ପୂରଣ କରିବା ସହ କିଣିବା ପ୍ରକ୍ରିୟାରେ ନିଷ୍ପତ୍ତ ନେଇଥାଏ। ଏଥିରେ ଭାରତୀୟ କମ୍ପାନୀଗୁଡିକୁ ସାମିଲ କରାଯିବ। ଏହି କମ୍ପାନୀଗୁଡିକ ବିଦେଶୀ କମ୍ପାନୀଗୁଡିକ ସହ ମିସିକରି ହେଲିକପ୍ଟର ନିର୍ମାଣ କରିବ। ପ୍ରତିରକ୍ଷା ମନ୍ତ୍ରଣାଳୟ ମଧ୍ୟ ବିଭିନ୍ନ ପ୍ରକାର ହେଲିକପ୍ଟର କ୍ରୟ କରିବାକୁ ଯୋଜନା କରୁଛି। ଏଗୁଡିକ ମଧ୍ୟରେ ନିମ୍ନସ୍ତରୀୟ ରାଡାର, ହାଲକା ଲଢୁଆ ବିମାନ (ଏଲ୍‌ଏସି), ମଲ୍ଟି ରୋଲ ହେଲିକପ୍ଟର ଓ ମିଡ୍ ଏୟାର ରିଫୁଏଲିଂ ଏୟାରକ୍ରାଫ୍ଟ ସାମିଲ ରହିଛି।

## ଗାଜା ସିଟିକୁ କବ୍‌ଜା କରିବ ଇସ୍ରାଏଲ୍

ତେଲ ଅଭିଭ୍, ୮।୮(ଏଜେନ୍ସି): ଇସ୍ରାଏଲ ସମ୍ପୂର୍ଣ୍ଣ ଭାବେ ଗାଜା ସିଟିକୁ କବଜା କରିବାକୁ ଯୋଜନା କରିଛି। ଏ ନେଇ ଇସ୍ରାଏଲର ପ୍ରତିରକ୍ଷା କ୍ୟାବିନେଟ୍ ସେନାକୁ ମଞ୍ଜୁରୀ ପ୍ରଦାନ କରିଛି। ଶୁକ୍ରବାର ଗାଜା ପଟିର ଉତ୍ତରାଞ୍ଚଳରେ ଥିବା ଗାଜା ସିଟିକୁ ଅକ୍ତିଆର କରିବାକୁ ଇସ୍ରାଏଲ ସେନା ଅନୁମତି ପାଇଛି। ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁ ଏ ସଂକ୍ରାନ୍ତରେ ବିବୃତ୍ତି ଦେଇଛି। ଏହି ନିଷ୍ପତ୍ତି ନେବାକୁ କ୍ୟାବିନେଟ୍‌ରେ ଦୀର୍ଘ ୧୦ ଘଣ୍ଟା ଧରି ଆଲୋଚନା ହୋଇଥିଲା। କ୍ୟାବିନେଟର ଅଧିକାଂଶ ସଦସ୍ୟ ଇସ୍ରାଏଲର ଏହି ଯୋଜନାକୁ ସପକ୍ଷରେ ମତ ଦେଇଛନ୍ତି ବୋଲି ନେତାନ୍ୟାହୁଙ୍କ କାର୍ଯ୍ୟାଳୟ ତରଫରୁ ସୂଚନା ଦିଆଯାଇଛି। ଗାଜାର ୭୫ ପ୍ରତିଶତ ଅଞ୍ଚଳ ଏବେ ଇସ୍ରାଏଲ ସେନା ଅଧିନ ତଥା ନିୟନ୍ତ୍ରଣରେ ରହିଛି। ତେବେ ୨୫ ପ୍ରତିଶତ ଅଞ୍ଚଳ ସେନା ଅକ୍ତିଆରରେ ନାହିଁ। ପୂର୍ବରୁ ନେତାନ୍ୟାହୁ ସମ୍ପୂର୍ଣ୍ଣ ଗାଜା ପଟି ବିଷୟରେ ମନ୍ତବ୍ୟ ଦେଇଥିଲେ। କିନ୍ତୁ ତାଙ୍କ କାର୍ଯ୍ୟାଳୟ ତରଫରୁ ଦିଆଯାଇଥିବା ବିବୃତ୍ତିରେ ଏଥର କେବଳ ଗାଜା ସିଟି ବିଷୟରେ ଉଲ୍ଲେଖ କରାଯାଇଛି। ଗାଜାରେ ଚାଲିଥିବା ଯୁଦ୍ଧ ବନ୍ଦ କରିବାକୁ ଇସ୍ରାଏଲ ହମାସ ଆଗରେ ୫ଟି ପ୍ରମୁଖ ସର୍ତ୍ତ ରଖିଛି। ଏବେ ଗାଜାରେ ଚାଲିଥିବା ଯୁଦ୍ଧ କାରଣରୁ ନାହିଁନଥିବା ସ୍ଥିତି ଉପୁଜିଛି। ପ୍ରତିଦିନ ୨୮ ଜଣ ଛୋଟ ପିଲା ପ୍ରାଣ ହରାଉଛନ୍ତି ଓ ଏପର୍ଯ୍ୟନ୍ତ ୧୮ ହଜାର ପିଲା ମୃତ୍ୟୁବରଣ କରିସାରିଲେଣି। ୨୦୨୩ ଅକ୍ଟୋବର ୭ରୁ ଆରମ୍ଭ ହୋଇଥିବା ଏହି ଯୁଦ୍ଧରେ ଏପର୍ଯ୍ୟନ୍ତ ପାଖାପାଖି ୬୧, ୦୦୦ ଲୋକ ମୃତ୍ୟୁବରଣ କଲେଣି। ସେହିପରି ଦେଢ ଲକ୍ଷ ଲୋକ ଆହତ ହୋଇଛନ୍ତି।

## ଓଆଇସି ବୈଠକ ଡାକିଲା ଇରାନ୍

ତେହେରାନ, ୮।୮(ଏଜେନ୍ସି): ମଧ୍ୟପ୍ରାଚ୍ୟରେ ଖାସ୍ କରି ଗାଜାରେ ଇସ୍ରାଏଲ୍ ଆକ୍ରମଣ ଯୋଗୁଁ ସୃଷ୍ଟି ହୋଇଥିବା ମାନବୀୟ ସଂକଟକୁ ଦୃଷ୍ଟିରେ ରଖି ଇରାନ ଅର୍ଗାନାଇସେନ ଅଫ୍ ଇସ୍‌ଲାମିକ କୋପରେସନ (ଓଆଇସି) ବୈଠକ ଡାକିଛି। ଇରାନ ବୈଦେଶିକ ମନ୍ତ୍ରୀ ଆବାସ ଆରାଚି ଆନୁଷ୍ଠାନିକ ଭାବେ ଏହି ବୈଠକ ଡାକିଛନ୍ତି। ସେ ଏହିକ୍ରମରେ ଓଆଇସି ସାଧାରଣ ସମ୍ପାଦକ ହୁସେନ ଇବ୍ରାହିମ ତାହାଙ୍କୁ ଚିଠି ଲେଖିଛନ୍ତି। ଗାଜାରେ ମାନବିକତାର ହତ୍ୟା ହେଉଛି। ଗାଜାକୁ ନିଜ ଅକ୍ତିଆରକୁ ନେବାକୁ ଇସ୍ରାଏଲ ଯୋଜନାବଦ୍ଧ ଭାବେ କାର୍ଯ୍ୟ କରୁଛି ବୋଲି ସେ କହିଛନ୍ତି। ସେଠାରେ ଛୋଟ ପିଲାମାନେ ଅନାହାରରେ ମୃତ୍ୟୁବରଣ କରୁଛନ୍ତି। ତେଣୁ ଏହାକୁ ବିରୋଧ କରିବାକୁ ଓଆଇସି ବୈଠକରେ ନିର୍ଣ୍ଣାୟକ ନିଷ୍ପତ୍ତି ନେବାର ଆବଶ୍ୟକତା ରହିଛି ବୋଲି ଆବାସ କହିଛନ୍ତି।

## ୨୦୨୪ରେ ଭାରତରେ ୧୫ ଲକ୍ଷ କର୍କଟ ମାମଲା

ନୂଆଦିଲ୍ଲୀ, ୮।୮(ଏଜେନ୍ସି): ଭାରତରେ କର୍କଟ ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ୨୦୨୪ରେ ଭାରତରେ ୨୫ ଲକ୍ଷ କର୍କଟ ମାମଲା ଚିହ୍ନଟ ହୋଇଛି ବୋଲି କେନ୍ଦ୍ର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ପ୍ରତାପରାଓ ଯାଦବ କହିଛନ୍ତି। ଗତବର୍ଷ ୧୫, ୩୩, ୦୫୫ ଲୋକ କର୍କଟ ପୀଡିତ ହୋଇଛନ୍ତି ବୋଲି ଇଣ୍ଡିଆନ୍ କାଉନସିଲ ଅଫ୍ ମେଡିକାଲ ରିସର୍ଚ୍ଚ ସୂଚନା ଦେଇଛି। କିନ୍ତୁ ୨୦୧୯ରେ ଏହି ସଂଖ୍ୟା ୧୩.୫ ଥିଲା। ସେହିପରି ୨୦୨୦ରେ ଏହା ୧୩.୯ ଲକ୍ଷ, ୨୦୨୧ରେ ଏହା ୧୪.୨ ଲକ୍ଷ, ୨୦୨୨ରେ ଏହା ୧୪.୬ ଲକ୍ଷ ଏବଂ ୨୦୨୩ରେ ଏହି ସଂଖ୍ୟା ୧୪.୯ ଲକ୍ଷରେ ପହଞ୍ଚିଥିଲା। ପୁଣି କେବଳ ୨୦୨୩ରେ ୮.୨ ଲକ୍ଷ ଲୋକ କର୍କଟରେ ପୀଡିତ ହୋଇ ମୃତ୍ୟୁବରଣ କରିଛନ୍ତି। ୨୦୧୯ ପରେ ଏହି ସଂଖ୍ୟା ସର୍ବାଧିକ ବୋଲି କୁହାଯାଇଛି। ସେହିପରି ୨୦୧୯, ୨୦୨୦, ୨୦୨୧ ଓ ୨୦୨୨ରେ ଯଥାକ୍ରମେ ୭.୫, ୭.୭, ୭.୮ ଓ ୮ ଲକ୍ଷ ଲୋକ ଏହି ରୋଗରେ ପ୍ରାଣ ହରାଇଥିଲେ।

## ଭାରତରେ ଜନ୍ମ ହୋଇନଥିବା ଲୋକ ଭୋଟ୍ ଦେଇପାରିବେନି: ଶାହା

ନୂଆଦିଲ୍ଲୀ, ୮।୮(ଏଜେନ୍ସି): କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ବିହାରରେ ଏସ୍‌ଆଇଆର (ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ) ନେଇ ଚାଲିଥିବା ବିବାଦ ଉପରେ ମତ ରଖିଛନ୍ତି। ଏସଆଇଆରକୁ ବିରୋଧୀ ଦଳଗୁଡିକ ତରଫରୁ ବିରୋଧ କରାଯାଉଛି। ଅନୁପ୍ରବେଶକାରୀମାନେ ହିଁ ମହାଗଠବନ୍ଧନ(ଇଣ୍ଡି ମେଣ୍ଟ)ର ଭୋଟ ବ୍ୟାଙ୍କ। ତେଣୁ ଏସଆଇଆର କାରଣରୁ ବିରୋଧୀଙ୍କ ଚିନ୍ତା ଓ ସମସ୍ୟା ବଢ଼ିଯାଇଛି ବୋଲି ସେ କହିଛନ୍ତି। ଏହି କ୍ରମରେ ସେ ବରିଷ୍ଠ କଂଗ୍ରେସ ନେତା ରାହୁଲ ଗାନ୍ଧୀ ଓ ଆରଜେଡି ସୁପ୍ରିମୋ ଲାଲୁ ଯାଦବଙ୍କୁ ସମାଲୋଚନା କରିଛନ୍ତି। ଯେଉଁମାନେ ଭାରତରେ ଜନ୍ମ ଗ୍ରହଣ କରିନାହାନ୍ତି ସେମାନଙ୍କୁ ଭୋଟ ଦେବାର ଅଧିକାର ନାହିଁ। ଦେଶ ଭିତରକୁ ଅନୁପ୍ରବେଶ କରିଥିବା ଲୋକମାନେ ହେଉଛନ୍ତି ଗଠବନ୍ଧନର ଭୋଟ ବ୍ୟାଙ୍କ୍। ତେଣୁ ଏସ୍‌ଆଇଆରକୁ ନେଇ ଏମାନେ ପ୍ରଶ୍ନ ଉଠାଉଛନ୍ତି ବୋଲି ସେ ସ୍ପଷ୍ଟ କରିଛନ୍ତି। ଶାହା ଓ ବିହାର ମୁଖ୍ୟମନ୍ତ୍ରୀ ନୀତୀଶ କୁମାର ଶୁକ୍ରବାର ସୀତାମାଢ଼ିରେ ମାତା ଜାନକୀ ମନ୍ଦିରର ଭୂମିପୂଜନ କରିଥିଲେ। ଉପ- ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀ ମଧ୍ୟ ଉପସ୍ଥିତ ଥିଲେ ଓ ଏହି ଅବସରରେ ଏକ କାର୍ଯ୍ୟକ୍ରମକୁ ସଂବୋଧିତ କରି ନୀତୀଶ ପୁରୁଣା ସରକାରଙ୍କ ନୀତିକୁ ନେଇ ସମାଲୋଚନା କରିଥିଲେ। ସେହିପରି ଶାହା ଏସ୍‌ଆଇଆରଠାରୁ ଆରମ୍ଭ କରି ଅପରେସନ ସିନ୍ଦୂର ପର୍ଯ୍ୟନ୍ତ ନିଜର ମତ ଉପସ୍ଥାପନ କରିଥିଲେ। ଆଗାମୀ ବିଧାନସଭା ନିର୍ବାଚନରେ ଏନ୍‌ଡିଏ ସ୍ପଷ୍ଟ ବହୁମତରେ ବିଜୟୀ ହୋଇ ପୁଣି ସରକାର ଗଠନ କରିବ ବୋଲି ଶାହା କହିଛନ୍ତି।

## 'ଭୋଟ୍ ଚୋରାଇ ବିଜେପି ସରକାର ଗଢ଼ିଛି'




ବିଜେପି ୨୫ଟି ସିଟ୍‌ରେ ୩୫ ହଜାର କିମ୍ବା କମ୍ ଭୋଟ୍‌ରେ ଜିତିଛି: ରାହୁଲ

ନୂଆଦିଲ୍ଲୀ, ୮।୮(ଏଜେନ୍ସି): କଂଗ୍ରେସ ନେତା ରାହୁଲ ଗାନ୍ଧୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଓ ବିଜେପିକୁ ପୁଣି ସମାଲୋଚନା କରିଛନ୍ତି। ମୋଦୀ ଭୋଟ ଚୋରାଇ ପ୍ରଧାନମନ୍ତ୍ରୀ ହୋଇଛନ୍ତି। ନିର୍ବାଚନ କମିଶନ ଆମକୁ ଇଲେକଟ୍ରୋନିକ ଡାଟା ପ୍ରଦାନ କରନ୍ତି, ତାହେଲେ ଆମେ ଏହାକୁ ପ୍ରମାଣ କରିପାରିବୁ ବୋଲି ସେ କହିଛନ୍ତି। ମୋଦୀ ୨୫ ସିଟ୍ ଅନ୍ତରରେ ପ୍ରଧାନମନ୍ତ୍ରୀ ହୋଇଛନ୍ତି। କିନ୍ତୁ ୨୫ଟି ସିଟ୍‌ରେ ବିଜେପି ୩୫ ହଜାର କିମ୍ବା ତା'ଠାରୁ କମ୍ ଭୋଟ୍‌ରେ ବିଜୟୀ ହୋଇଛି। ତେଣୁ ଭୋଟ ଚୋରାଇ ମୋଦୀ ପ୍ରଧାନମନ୍ତ୍ରୀ ପଦ ଅଳଙ୍କୃତ କରିଛନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। କମିଶନ ଗତ ୧୦ ବର୍ଷର ଦେଶର ସବୁ ଇଲେକଟ୍ରୋନିକ ଭୋଟର ତାଲିକା ଓ ଭିଡିଓଗ୍ରାଫି ଦେବା ଆବଶ୍ୟକ। ଯଦି କମିଶନ ଏହା ନ ଦେବେ, ତେବେ ଏହାକୁ ଅପରାଧ ବୋଲି ବିବେଚନା କରାଯିବ। କମିଶନ ବିଜେପିକୁ ଭୋଟ ଚୋରି କରିବାର ସୁଯୋଗ ଦେଉଛି। ତେଣୁ ନିର୍ବାଚନ କମିଶନଙ୍କୁ ସାରା ଦେଶ ଭୋଟରଙ୍କ ତଥ୍ୟ ମାଗିବା ଆବଶ୍ୟକ ବୋଲି ସେ କହିଛନ୍ତି। ବେଙ୍ଗାଲୁରୁରେ ଫ୍ରିଡମ୍ ପାର୍କରେ ଆୟୋଜିତ କଂଗ୍ରେସର 'ଭୋଟ ଅଧିକାର ରାଲି'ରେ ଯୋଗ ଦେଇ ସେ ଏହି କଥା କହିଛନ୍ତି। ଏହି ଅବସରରେ ତାଙ୍କ ସହ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ୍ ଖଡ୍‌ଗେ ଉପସ୍ଥିତ ଥିଲେ।

# ୪ ମହିଳାଙ୍କ ଜାଲରେ ଫସି ୯ କୋଟି ହରାଇଲେ ୮୦ ବର୍ଷୀୟ ବୃଦ୍ଧ

ମୁମ୍ବଇ, ୮।୮(ଏଜେନ୍ସି): ସାମାଜିକ ଗଣମାଧ୍ୟମରେ ବନ୍ଧୁତ୍ୱ ସ୍ଥାପନ୍ କରି ଜଣେ ୮୦ ବର୍ଷୀୟ ବରିଷ୍ଠ ନାଗରିକ ପାଖାପାଖି ୯ କୋଟି ଟଙ୍କା ହରାଇଛନ୍ତି। ଅନ ଲାଇନ୍‌ରେ ପ୍ରେମର ଅନ୍ୱେଷଣ ଏତେ ମହଙ୍ଗା ପଡ଼ିବ ବୋଲି ମୁମ୍ବଇର ଏହି ବରିଷ୍ଠ ନାଗରିକ କେବେ ଭାବି ନଥିବେ। ପ୍ରେମ, ସହାନୁଭୂତି, ଖରାପ ସ୍ଥିତିର ବାହାନା କରି ୪ ମହିଳା ତାଙ୍କଠାରୁ ୮.୭ କୋଟି ଟଙ୍କା ଠକି ନେଇଛନ୍ତି। ୨୧ ମାସରେ ୭୩୪ଟି ଟ୍ରାନଜାକସନ ଅର୍ଥାତ ନେଣଦେଣ କରି ସେ ଏତେ ପରିମାଣର ଟଙ୍କା ହରାଇଛନ୍ତି। ଜଣକ ପରେ ଦ୍ୱିତୀୟ, ତୃତୀୟ ଓ ଚତୁର୍ଥ ମହିଳାଙ୍କ ଚକରରେ ପଡ଼ି ସେ ସାରା ଜୀବନରେ ଉପାର୍ଜନ କରିଥିବା ଅର୍ଥ ମାତ୍ର ୨୧ ମାସରେ ହରାଇବା ପରେ ସେ ଠକାମୀର ଶିକାର ହୋଇଥିବା କଥା ହୃଦୟଙ୍ଗମ କରିଥିଲେ। ଏହାପରେ ପୁଲିସରେ ଅଭିଯୋଗ କରି ୨୧ ମାସର ଏହି କାହାଣୀ ବଖାଣି ଥିଲେ। ସାଇବର ପୁଲିସ ଏ ନେଇ ମାମଲା ରୁଜୁ କରିବା ସହ ଯାଞ୍ଚ ଆରମ୍ଭ କରିଛି।



୨୦୨୩ ଏପ୍ରିଲରେ ଶରବୀ ନାମକ ଏକ ମହିଳା ତାଙ୍କୁ ଏକ ଫ୍ରେଣ୍ଡ ରିକ୍ୱେଷ୍ଟ ପଠାଇଥିଲେ ଓ ଏହାକୁ ସେ ଆକସେପ୍ଟ କରିଥିଲେ। ଏହାପରେ ଦୁହେଁ ଚାଟିଂ ଆରମ୍ଭ କରିଥିଲେ ଓ ଦୁହେଁ ପରସ୍ପରର ଫୋନ୍ ନଂ ଦେଇଥିଲେ। ଏହାପରେ ଦୁହେଁ ହ୍ୱାଟ୍ସଆପ୍‌ରେ ଚାଟିଂ କରିଥିଲେ। ସ୍ୱାମୀଙ୍କଠାରୁ ଅଲଗା ହୋଇ ନିଜ ପିଲାଙ୍କ ସହ ରହୁଥିବା କଥା ଶରାବୀ ତାଙ୍କୁ କହିଥିଲେ। ଏହାପରେ ପିଲାଙ୍କ ଦେହ ଖରାପ୍ ଓ ବିଭିନ୍ନ ଆଳ ଦେଖାଇ ଶରାବୀ ଏହି ବରିଷ୍ଠ ନାଗରିକଙ୍କଠାରୁ ପଇସା ମାଗିଥିଲେ। କିଛି ଦିନପରେ ଶରବୀର ସମ୍ପର୍କୀୟ ଭାବେ ନିଜକୁ ଦର୍ଶାଇ କବିତା ନାମରେ ଆଉ ଜଣେ ମହିଳା ତାଙ୍କ ସହ ହ୍ୱାର୍ଟ୍ସଆପ୍‌ରେ ଯୋଗାଯୋଗ କରି ସମାନ କାହାଣୀ କହି ପଇସା ହଡପ କରିଥିଲେ। ଏହାପରେ ଗତ ଡିସେମ୍ବରରେ ଶରବୀର ଭଉଣୀର ପରିଚୟ ଦେଇ ଡିନାଜ ନାମ୍‌ରେ ଜଣେ ମହିଳା ମଧ୍ୟ ତାଙ୍କ ସମ୍ପର୍କରେ ଆସି ବିଭିନ୍ନ ଆଳ ଦେଖାଇ ପଇସା ନେଇଥିଲେ। ପୁଣି ପରେ ଡିନାଜର ବାନ୍ଧବୀ ବୋଲି ନିଜକୁ ଦର୍ଶାଇ ଜାସମିନ ନାମରେ ଜଣେ ମହିଳା ମଧ୍ୟ ବିଭିନ୍ନ ସ୍ଥିତିର ଆଳ ଦେଖାଇ ତାଙ୍କଠାରୁ ଆର୍ଥିକ ସାହାଯ୍ୟ ମାଗିଥିଲେ। ତାଙ୍କୁ ମଧ୍ୟ ବୃଦ୍ଧଜଣକ ପଇସା ପଠାଇଥିଲେ। କିନ୍ତୁ କେହି ତାଙ୍କ ଟଙ୍କା ଫେରସ୍ତ କରି ନଥିଲେ। ଏହିପରି ଭାବେ ସେ ୨୦୨୩ ଏପ୍ରିଲରୁ ୨୦୨୫ ଜାନୁଆରୀ ପର୍ଯ୍ୟନ୍ତ ୭୩୪ଟି ଟ୍ରାନଜାକସନ କରି ମୋଟ୍ ୮.୭ କୋଟି ଟଙ୍କା ହରାଇଥିଲେ। ଏହାପରେ ବ୍ୟକ୍ତିଜଣକ ନିଜ ପୁଅ ଓ ବହୁଙ୍କଠାରୁ ପଇସା ମାଗିବା ପରେ ସେମାନଙ୍କର ସନ୍ଦେହ ହୋଇଥିଲା। ଫଳରେ ସେ ପୁଲିସର ସାହାଯ୍ୟ ଲୋଡିଥିଲେ। ଜଣେ ବ୍ୟକ୍ତି ହିଁ ୪ ମହିଳାଙ୍କ ପରିଚୟ ଦେଇ ଏହି ଅର୍ଥ ଲୁଟିଛି। ତେବେ ତଦନ୍ତ ପରେ ସବୁ କିଛି ସ୍ପଷ୍ଟ ହେବ ବୋଲି ପୁଲିସ କହିଛି।

# ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ; ଏଡ଼ାଇ ଗଲେ ମନମୋହନ

ଭୁବନେଶ୍ୱର, ୮।୮(ସମିସ): ଆଉ ତିନିଦିନ ପରେ ରାଜ୍ୟରେ ବିଜେପି ସରକାର ଗଠନ ହେବାର ୧୪ ମାସ ପୂରିବ। ମାତ୍ର ଖାଲିଥିବା ୬ଟି ମନ୍ତ୍ରୀ ପଦ, ପ୍ରାୟ ୬୦ଟି ବିଭିନ୍ନ ନିଗମ, ବୋଡର୍, ଏକାଡ଼େମୀ ପଦ ପୂରଣ ହୋଇ ପାରିନାହିଁ। ଦୀର୍ଘ ଦିନ ପରେ ରାଜ୍ୟ ମହିଳା କମିଶନ ଓ ଶିଶୁ ଅଧିକାର ସୁରକ୍ଷା କମିଶନ ପଦ ପୂରଣ ହୋଇଥିଲେ ହେଁ ଆହୁରି ଅନେକ ପଦପଦବୀ ଖାଲି। ଯାହାକୁ ନେଇ ଦଳ ଭିତରେ ଅସନ୍ତୋଷ ଢେ଼ଉ ଖେଳୁଛି ଓ ଲବି କରିକରି ନିରାଶ ଆଶାୟୀ ମନ ଊଣାକରି ବସିଛନ୍ତି । ଏହି ସମୟରେ ଗତ କିଛିଦିନ ହେଲା ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବ ବୋଲି ଚର୍ଚ୍ଚା ହେଉଥିଲେ ହେଁ ଏହା ଦାନା ବାନ୍ଧି ପାରୁନାହିଁ। ଗଲା ସପ୍ତାହରେ କିଛି ଘଟଣାକ୍ରମ ପରେ ଅଗଷ୍ଟ ୧୫ ପୂର୍ବରୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନିମନ୍ତେ ଚର୍ଚ୍ଚା ହେଉଥିଲା; ମାତ୍ର ଏହି ଚର୍ଚ୍ଚାର ନିଆଁରେ ପାଣି ଢ଼ାଳି ଦେଇଛନ୍ତି ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ । ତାଙ୍କ ଦିଲ୍ଲୀ ସମୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସଂକ୍ରାନ୍ତରେ କୌଣସି ଆଲୋଚନା ହୋଇ ନ ଥିବା ସେ ରୋକଠୋକ୍ କହିଛନ୍ତି। ତେବେ ଯେଉଁ ପ୍ରସଙ୍ଗଗୁଡ଼ିକ ସମ୍ପର୍କରେ ଓଡ଼ିଶାରେ ଆଲୋଚନା ହୋଇ ପାରିଥାଆନ୍ତା; ତାହାକୁ ଦିଲ୍ଲୀରେ କରିବାର କେଉଁ ଆବଶ୍ୟକତା ପଡ଼ିଲା ବୋଲି ଦଳୀୟ ମହଲରେ ଆଲୋଚନା ଚାଲିଛି ।

ମନମୋହନ ରାଜ୍ୟ ବିଜେପି ସଭାପତି ନିର୍ବାଚିତ ହେବା ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଓ ବିଭିନ୍ନ ନିଗମ, ବୋଡର୍ ନିଯୁକ୍ତି ଚର୍ଚ୍ଚା ପ୍ରତିଦିନ ବଢ଼ିବାରେ ଲାଗିଛି। ଗତ ୨୯ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଓ ରାଜ୍ୟ ସଭାପତି ଶ୍ରୀ ସାମଲ ଦିଲ୍ଲୀ ଗସ୍ତରେ ଏ ସମ୍ପର୍କରେ ଚୂଡ଼ାନ୍ତ ନିଷ୍ପତ୍ତି ଗ୍ରହଣ କରାଯିବ ବୋଲି ମଧ୍ୟ କୁହାଯାଉଥିଲା। ସେହିପରି ଓଡ଼ିଶାର ବିଜେପି ସାଂସଦମାନଙ୍କର ଦୁଇଟି ଭିନ୍ନଭିନ୍ନ ବୈଠକ ଓ ବୈଠକରେ ଉପସ୍ଥିତ ରାଜ୍ୟ ବିଜେପିର ନେତାମାନଙ୍କ ଉପସ୍ଥିତି ଭିନ୍ନ ବାର୍ତ୍ତା ଦେଉଥିବା ରାଜ୍ୟରେ ଚର୍ଚ୍ଚା ହେଉଛି।

ମାତ୍ର ଏହି ସବୁ ଚର୍ଚ୍ଚାକୁ ନିରାଧାର କହିଛନ୍ତି ରାଜ୍ୟ ସଭାପତି ମନମୋହନ ସାମଲ। ସେ କହିଛନ୍ତି ଯେ ଦିଲ୍ଲୀରେ ସାଂସଦମାନଙ୍କର ବୈଠକ ଥିଲା। ରାଜ୍ୟ ପ୍ରଭାରୀଙ୍କ ସହ ମୁଖ୍ୟମନ୍ତ୍ରୀ ମୋହନ ମାଝୀ, ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ। ଆମେ ଯେହେତୁ ଦିଲ୍ଲୀରେ ଥିଲୁ, ତେଣୁ ସମସ୍ତେ ବୈଠକରେ ଯୋଗ ଦେଇଥିଲୁ । ସେଠାରେ ରାଜ୍ୟର ବିଭିନ୍ନ ଯୋଜନା, ଉନ୍ନତି ମୂଳକ କାମ ସରକାର ଏବଂ ରାଜ୍ୟ ସରକାରଙ୍କ ବିଷୟରେ ଆଲୋଚନା କରିଛୁ। ମାତ୍ର ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସମ୍ପର୍କରେ କୌଣସି ଆଲୋଚନା ଏହି ବୈଠକରେ ହୋଇନାହିଁ ବୋଲି ମନମୋହନ କହିଛନ୍ତି । ସେହିପରି ରାଜ୍ୟରେ ବିଜେପି ସରକାର ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଗତ ସମ୍ପର୍କରେ ଶ୍ରୀ ସାମଲ କହିଛନ୍ତି ଯେ ଆମେ ଏଥିପାଇଁ ପ୍ରସ୍ତୁତ ରହିଛୁ । ବିଜେପି ଏବେ ଶକ୍ତିଶାଳୀ ରହିଛି, ତେଣୁ କିଛି ସମସ୍ୟା ନାହିଁ ବୋଲି ମନମୋହନ କହିଛନ୍ତି।

## ୪ ହାତୀଦାନ୍ତ ଜବତ, ୫ ମାଫିଆ ଗିରଫ



କେନ୍ଦୁଝର, ୮।୮(ସମିସ): କେନ୍ଦୁଝର ବନ ବିଭାଗକୁ ଏକ ବଡ଼ଧରଣର ସଫଳତା ମିଳିଛି। ନୟାକୋଟ ଥାନା ବାଲିବେଡ଼ା ଗ୍ରାମରେ ଚଢ଼ଉ କରି ୪ଟି ହାତୀଦାନ୍ତ ଜବତ କରିବା ସହ ଏହି ବେଆଇନ କାରବାରରେ ସଂପୃକ୍ତ ୫ ମାଫିଆଙ୍କ ଗିରଫ କରିଛି। ସେମାନେ ହେଲେ, ନୟାକୋଟ ଥାନା ଅନ୍ତର୍ଗତ ବାଲିବେଡ଼ା ଗ୍ରାମର ଗଙ୍ଗାଧର ପାତ୍ର(୪୧), ଜମ୍ପିରିପସି ଗ୍ରାମର ନାରଦ ମୁଣ୍ଡା(୨୫), ମୟୂରଭଞ୍ଜ ଜିଲ୍ଲାର ରରୁଆଁ ଥାନା ଅନ୍ତର୍ଗତ ଭାଲିଆଡିହାର କେଦାରନାଥ ପାତ୍ର(୪୯), ଚମ୍ପୁଆ ଥାନା ଯୋଡ଼ାପୋଖରୀ ଗ୍ରାମର ଶ୍ରୀକୃଷ୍ଣଚନ୍ଦ୍ର ମୁଣ୍ଡା(୪୫) ଓ ସଦର ଥାନା ଅନ୍ତର୍ଗତ ବରଦାପାଳ ଗ୍ରାମର ଘସିରାମ ମୁଣ୍ଡା(୩୦) ।ଜବତ ଦାନ୍ତଗୁଡ଼ିକର ଓଜନ ୫ କେଜି ୫୮ ଗ୍ରାମ୍ ହେବ ବୋଲି ଜଣାପଡ଼ିଛି।

# କୃଷକମାରଣ ନୀତି ବିରୋଧରେ ବିଜେଡିର ରଣହୁଙ୍କାର

## ୧୮ ରେ ବରଗଡ଼ରେ ବିରାଟ ଚାଷୀ ସମାବେଶ



- କୃଷି କ୍ଷେତ୍ରରେ ଚରମ ଅବହେଳା ଓ କେନ୍ଦ୍ରୀୟ ଅନୁଦାନରେ ହ୍ରାସ
- ତ୍ରୁଟିପୂର୍ଣ୍ଣ ପଞ୍ଜୀକରଣ ପ୍ରକ୍ରିୟା ଚାଷୀଙ୍କୁ ଧାନ ବିକ୍ରିରୁ ବଞ୍ଚିତ କରିବ
- ସ୍ୱାମୀନାଥନ୍ ରିପୋର୍ଟ ଅନୁଯାୟୀ ଧାନ ଏମ୍‌ଏସ୍‌ପି ୩୧୦୦ ଦାବି

ଭୁବନେଶ୍ୱର,୮।୮(ସମିସ): ରାଜ୍ୟରେ ବିଜେପି ସରକାର ଗତ ୧୩ ମାସର ଶାସନରେ ଚାଷୀକୁଳର ସ୍ୱାର୍ଥକୁ ଉପେକ୍ଷା କରିଛନ୍ତି। ଏଥିପାଇଁ ରାଜ୍ୟର ଚାଷୀମାନେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରକାର ଚାଷୀମାରଣ ନୀତି ଅବଲମ୍ବନ କରୁଥିବା ଅଭିଯୋଗ କରି ଆସନ୍ତା ୧୮ ତାରିଖରେ ବରଗଡ଼ଠାରେ ବିରାଟ ଚାଷୀ ସମାବେଶ କରିବାକୁ ବିଜେଡି ନିଷ୍ପତ୍ତି ନେଇଛି। ଏହା ପୂର୍ବରୁ ଶୁକ୍ରବାର ଦଳର କୃଷକ ସେଲ୍‌ର ଆବାହକତ୍ୱରେ ଶଙ୍ଖ ଭବନରେ ଏକ ରାଜ୍ୟସ୍ତରୀୟ ବୈଠକ ଆୟୋଜନ କରାଯାଇଥିଲା। ଏହି ବୈଠକରେ ରାଜ୍ୟରେ କୃଷକ ମାନେ ସମ୍ମୁଖୀନ ହେଉଥିବା ବିଭିନ୍ନ ସମସ୍ୟା ବିଷୟରେ ସବିଶେଷ ଆଲୋଚନା ହୋଇଛି।

ଏହି କାର୍ଯ୍ୟକ୍ରମ ପରେ, ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ବିଜେଡି କୃଷକ ସେଲ୍‌ର ଆବାହକ ପ୍ରସନ୍ନ ଆଚାର୍ଯ୍ୟ, ଉପସଭାପତି ସ୍ନେହାଙ୍ଗିନୀ ଛୁରିଆ ଓ ସଞ୍ଜୟ ଦାସବର୍ମା ରାଜ୍ୟ ସରକାରଙ୍କ କୃଷକ ମାରଣ ନୀତି ଉପରେ ବର୍ଷିଥିଲେ। ଶ୍ରୀ ଆଚାର୍ଯ୍ୟ କହିଥିଲେ ୨୦୨୩-୨୪ ଆର୍ଥିକ ବର୍ଷରେ ରାଜ୍ୟରେ କୃଷି ଉତ୍ପାଦନର ବିକାଶ ହାର ୭.୮ ପ୍ରତିଶତ ଥିଲାବେଳେ, ୨୦୨୪-୨୫ ଆର୍ଥିକ ବର୍ଷରେ ଏହା ୩.୮ ପ୍ରତିଶତକୁ ଖସିଆସିଛି। ସେହିପରି, ଡବଲ ଇଞ୍ଜିନ ଓ ଡବଲ ବିକାଶ ନାରା ଦେଇ କ୍ଷମତାକୁ ଆସିଥିବା ବିଜେପି ସରକାରଙ୍କ ସମୟରେ କେନ୍ଦ୍ରୀୟ ଅନୁଦାନ କମିଛି।୨୦୨୩-୨୪ ଆର୍ଥିକ ବର୍ଷ ତୁଳନାରେ, ୨୦୨୪-୨୫ ଆର୍ଥିକ ବର୍ଷରେ, କେନ୍ଦ୍ରୀୟ ଅନୁଦାନ ୧୮.୧୯ ପ୍ରତିଶତ କମିଥିବା ବେଳେ କୃଷି କ୍ଷେତ୍ରରେ ମଧ୍ୟ କେନ୍ଦ୍ରୀୟ ଅନୁଦାନ କମିଛି। ପ୍ରଧାନମନ୍ତ୍ରୀ କୃଷି ସିଞ୍ଚାଇ ଯୋଜନାରେ ୨୦୨୩-୨୪ ଆର୍ଥିକ ବର୍ଷରେ ୧୪୬ କୋଟି ଟଙ୍କାର ଅନୁଦାନ ମିଳିଥିବା ବେଳେ ଏହା ୨୦୨୪-୨୫ ଆର୍ଥିକ ବର୍ଷରେ ୩୨ କୋଟି ଟଙ୍କାକୁ ଖସି ଆସିଛି। ସେହିପରି, ରାଷ୍ଟ୍ରୀୟ କୃଷି ବିକାଶ ଯୋଜନାରେ ୨୦୨୩-୨୪ ଆର୍ଥିକ ବର୍ଷରେ ଓଡ଼ିଶାକୁ ୨୨୩ କୋଟି ଟଙ୍କାର ଆର୍ଥିକ ଅନୁଦାନ ମିଳିଥିବା ବେଳେ ୨୦୨୪-୨୫ ଆର୍ଥିକ ବର୍ଷରେ କୌଣସି ଅନୁଦାନ ମିଳିଲା ନାହିଁ। ଶ୍ରୀ ଆଚାର୍ଯ୍ୟ ଆହୁରି କହିଥିଲେ, ନିକଟରେ ରାଜ୍ୟ ସରକାରଙ୍କ ଦ୍ୱାରା ଖରିଫ ଧାନ କିଣା ପାଇଁ ଚାଷୀମାନଙ୍କୁ ପଞ୍ଜିକୃତ କରିବାକୁ ଆହ୍ୱାନ କରାଯାଇଥିବା ବେଳେ ଜଟିଳ ସର୍ତ୍ତ ପାଇଁ ଅଧିକାଂଶ ଚାଷୀ ପଞ୍ଜୀକରଣ କରିବାରେ ସକ୍ଷମ ହୋଇପାରୁ ନାହାନ୍ତି। ରାଜ୍ୟର ଚାଷୀଭାଇଙ୍କୁ ଧାନ ବିକ୍ରି ପ୍ରକ୍ରିୟାରୁ ନିବୃତ କରିବା ପାଇଁ ଏହା ରାଜ୍ୟ ସରକାରଙ୍କ ଏକ ଚାଲ୍। କାରଣ, ଧାନ କୁଇଣ୍ଟାଲ ପିଛା ୮୦୦ ଟଙ୍କା ଇନ୍‌ପୁଟ୍ ସବ୍‌ସିଡି ଦେଇ ପଡ଼ିଥିବା ଆର୍ଥିକ ବୋଝରୁ ମୁକୁଳିବା ପାଇଁ ରାଜ୍ୟ ସରକାର ଏଭଳି ଫନ୍ଦି ବାହାର କରିଛନ୍ତି ବୋଲି ଶ୍ରୀ ଆଚାର୍ଯ୍ୟ କରିଛନ୍ତି।

ସେହିପରି ସ୍ନେହାଙ୍ଗିନୀ ଛୁରିଆ କହିଥିଲେ, ବିଜେପି ବିନା କଟ୍‌ନୀଛଟ୍‌ନୀରେ ଧାନ କିଣିବା ପାଇଁ ପ୍ରତିଶ୍ରୁତି ଦେଇଥିଲା। କିନ୍ତୁ, ଖରିଫ ଧାନ କିଣା ସମୟରେ, ରାଜ୍ୟ ସରକାର ଗ୍ରେଡ୍ ଆନାଲାଇଜର ଲଗାଇଲେ। ଯାହା ଫଳରେ ଧାନ ପ୍ରତି କୁଇଣ୍ଟାଲରେ ପ୍ରାୟ ୧୦ରୁ ୧୫ କେଜି କଟ୍‌ନୀଛଟ୍‌ନୀ ହେଲା। ବିଜେପିର ବିନା କଟ୍‌ନୀଛଟ୍‌ନୀରେ ଧାନ କିଣା ଓ ଦଲାଲମୁକ୍ତ ଧାନ କିଣା ପ୍ରତିଶ୍ରୁତି ବାସ୍ତବରେ ଏକ ଧୂଆଁବାଣରେ ପରିଣତ ହୋଇଛି। ଅନ୍ୟପଟେ ନିର୍ବାଚନ ସମୟରେ ବିଜେପି ତରଫରୁ ସ୍ୱାମୀନାଥନ କମିସନଙ୍କ ସୁପାରିସ ଅନୁଯାୟୀ ଧାନର ସର୍ବନିମ୍ନ ମୂଲ୍ୟ କୁଇଣ୍ଟାଲ ପିଛା ୩୧୦୦ ଟଙ୍କା ପ୍ରଦାନ କରାଯିବ ବୋଲି ପ୍ରତିଶ୍ରୁତି ଦିଆଯାଇଥିଲା। ମାତ୍ର ଏହା କାହିଁକି ପ୍ରଦାନ କରାଯାଉ ନାହିଁ ବୋଲି ସଞ୍ଜୟ ଦାସବର୍ମା ପ୍ରଶ୍ନ କରିଛନ୍ତି। ସେ କହିଛନ୍ତି ଯେ ରାଜ୍ୟ ସରକାର ଇନପୁଟ୍ ସବ୍‌ସିଡି ନାମରେ ପ୍ରତି କୁଇଣ୍ଟାଲ ୮୦୦ ଟଙ୍କା ପ୍ରଦାନ କରୁଛନ୍ତି। କିନ୍ତୁ, ଖରିଫ ଓ ରବି ଧାନ କିଣା ସମୟରେ, ଟୋକନ ମିଳିଥିବା ଅଧିକାଂଶ ଚାଷୀମାନଙ୍କ ଧାନ ଉଠିପାରିଲା ନାହିଁ। ଯୋଗାଣ ବିଭାଗର ରିପୋର୍ଟ ଅନୁଯାୟୀ, ପ୍ରାୟ ୧ ଲକ୍ଷ ୫୩ ହଜାର ମେଟ୍ରିକ ଟନ୍ ଧାନ ସଂଗ୍ରହ ହୋଇ ପାରିନାହିଁ। ଯେଉଁଥିପାଇଁ ସମଗ୍ର ଓଡିଶାରେ ଚାଷୀମାନେ ହଇରାଣ ହରକତ ହେଉଛନ୍ତି। ସେହି ସମସ୍ୟା ସମାଧାନ ହୋଇ ନ ଥିବା ବେଳେ, ଏବେ ରାଜ୍ୟ ସରକାରଙ୍କ ଦ୍ୱାରା ଆରମ୍ଭ ହୋଇଥିବା ଖରିଫ ଧାନ ପାଇଁ ପଞ୍ଜୀକରଣ ସମ୍ପୂର୍ଣ୍ଣ ଭାବେ ତ୍ରୁଟିପୂର୍ଣ୍ଣ ଓ ଚାଷୀମାରଣ ପାଇଁ ଉଦ୍ଦିଷ୍ଟ ବୋଲି ସେ କହିଛନ୍ତି।

ପ୍ରସନ୍ନ ଆଚାର୍ଯ୍ୟଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଏଥିରେ ରାଜ୍ୟର ସମସ୍ତ ଜିଲ୍ଲାରୁ କୃଷକ ପ୍ରତିନିଧିମାନଙ୍କ ସହିତ ଦଳର ବରିଷ୍ଠ ନେତା ଚନ୍ଦ୍ରଶେଖର ସାହୁ, ପ୍ରଣବ ପ୍ରକାଶ ଦାସ, ସଞ୍ଜୟ କୁମାର ଦାସବର୍ମା, ଅରୁଣ ସାହୁ, ସୁଦାମ ମାରାଣ୍ଡି, ପ୍ରତାପ ଜେନା, ପ୍ରଣବ ବଳବନ୍ତରାୟ, ସ୍ନେହାଙ୍ଗିନୀ ଛୁରିଆ, ଟୁକୁନି ସାହୁ, ପ୍ରୀତିରଞ୍ଜନ ଘଡେଇ, ବଦ୍ରି ପାତ୍ର, ନିରଞ୍ଜନ ପୂଜାରୀ, ଅଶୋକ ପଣ୍ଡା, ପ୍ରଫୁଲ୍ଲ ସାମଲ, ଅମର ପଟ୍ଟନାୟକ, ଶର୍ମିଷ୍ଠା ସେଠୀ, ରାଜଶ୍ରୀ ମଲ୍ଲିକ, ରମେଶ ମାଝୀଙ୍କ ସହିତ ଦଳୀୟ ବିଧାୟକଗଣ ଓ ବିଭିନ୍ନ ଜିଲ୍ଲାର ସଭାପତିମାନେ ଅଂଶଗ୍ରହଣ କରିଥିଲେ।




ରାକ୍ଷୀ ପୂର୍ଣ୍ଣିମା ଉପଲକ୍ଷେ ପୁରୀ ବେଳାଭୂମିରେ ସୁଦର୍ଶନ ପଟ୍ଟନାୟକଙ୍କ ବାଲୁକା କଳା

## ଟୋଲ୍‌ଗେଟ୍‌ରେ ପୁଲିସର ଦାଦାଗିରି

# ଟ୍ରକ୍ ଚାଳକ ଓ ହେଲ୍‌ପରଙ୍କୁ ନିସ୍ତୁକ ମାଡ଼

ବୈଶିଙ୍ଗା, ୮।୮ (ସମିସ): ପୁଣି ପଦାକୁ ଆସିଲା ପୁଲିସ୍‌ର ବର୍ବରତା। ଟୋଲଗେଟ୍ ନିକଟରେ ଏକ ଟ୍ରକ୍‌କୁ ଅଟକାଇବା ସହ ଚାଳକ ଓ ହେଲପର୍‌ଙ୍କୁ ନିସ୍ତୁକ ମାଡ଼। ବୈଶିଙ୍ଗା ଥାନା ଅଧୀନ ୧୮ନଂ. ଜାତୀୟ ରାଜପଥର ଟୋଲଗେଟ୍ ନିକଟରେ ଗୁରୁବାର ବିଳମ୍ବିତ ରାତିରେ ଏପରି ଏକ ଘଟଣା ଘଟିଛି। ଏହାର ଏକ ଭିଡିଓ ଏବେ ସୋସିଆଲ ମିଡିଆରେ ଭାଇରାଲ ହେବାରେ ଲାଗିଛି। ଏହାକୁ ସାଧାରଣରେ ନାପସନ୍ଦ କରାଯିବା ସହ ସଂପୃକ୍ତ ଦୁଇ ପୁଲିସ୍ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି ହୋଇଛି। ତେବେ ଭିଡିଓଟି କେଉଁ ଦିନର ତାହା ଜଣାପଡ଼ିନାହିଁ।

ସୂଚନା ଅନୁସାରେ, ଗୁରୁବାର ବିଳମ୍ବିତ ରାତିରେ ଏକ ଦ୍ରୁତଗାମୀ ଟ୍ରକ୍ ଓଭରଲୋଡିଂ ନେଇ ଟୋଲଗେଟ୍ ନିକଟରେ ପହଞ୍ଚିଥିଲା। ପରେ ବିନା ୟୁନିଫର୍ମରେ ଥିବା ପୁଲିସ କର୍ମଚାରୀ ଓ ଚାଳକଙ୍କ ମଧ୍ୟରେ ବଚସା ଆରମ୍ଭ ହୋଇଥିଲା। ପୁଲିସ ପରେ ଚାଳକଙ୍କୁ ଆଲକହଲ ବ୍ରେଥ ଏନଲାଇଜରରେ ଚେକିଂ କରିବା ସହ ତାଙ୍କୁ ମାରପିଟ୍ କରୁଥିବାର ଦୃଶ୍ୟ ମଧ୍ୟ ଭିଡିଓରେ ଦେଖିବାକୁ ମିଳିଥିଲା। ଏପରିକି, ଜଣେ ପୁଲିସ ଏସଆଇ ଟ୍ରକ୍ ଭିତରେ ଜବରଦସ୍ତ ପଶି ଚାଳକଙ୍କୁ ମାଡ଼ ମାରିବାର ଦୃଶ୍ୟ ମଧ୍ୟ ଦେଖିବାକୁ ମିଳିଛି। ତେବେ ସାଦା ପୋଷାକରେ ବିଳମ୍ବିତ ରାତିରେ ପୁଲିସ ପାଟ୍ରୋଲିଂ ଓ ଗାଡ଼ି ଚେକିଂ ନେଇ ସାଧାରଣରେ ସନ୍ଦେହ ସୃଷ୍ଟି ହୋଇଛି।

# ହସ୍ତତନ୍ତ 'ଏକତା' ମେଳାରେ ସମ୍ବଲପୁରୀ ଶାଢ଼ିର ସ୍ଥାନ ନାହିଁ

ଭୁବନେଶ୍ୱର,୮।୮(ସମିସ): ଦେଶବିଦେଶରେ ସମ୍ବଲପୁରୀ ଶାଢ଼ିର ସୁନାମ ରହିଛି। ଭାରତ ବାହାରେ ଅନେକ ରାଷ୍ଟ୍ରରେ ସମ୍ବଲପୁରୀ ଶାଢ଼ିର ଚାହିଦା ବହୁତ ଅଧିକ ରହିଛି। ହେଲେ ରାଜ୍ୟ ସରକାରଙ୍କ ପକ୍ଷରୁ ଜନତା ମଇଦାନରେ ଆୟୋଜିତ ହସ୍ତତନ୍ତ 'ଏକତା' ମେଳାରେ ସମ୍ବଲପୁରୀ ଶାଢ଼ିକୁ ସମ୍ପୂର୍ଣ୍ଣ ଅଣଦେଖା କରାଯାଇଛି। ରାଜ୍ୟସ୍ତରୀୟ ହସ୍ତତନ୍ତ

## ପଶ୍ଚିମ ଓଡ଼ିଶାରେ ତୀବ୍ର ପ୍ରତିକ୍ରିୟା



ମେଳା ମାନଚିତ୍ରରେ ରାଜ୍ୟର ବିଭିନ୍ନ ଅଞ୍ଚଳର ପ୍ରସିଦ୍ଧ ଶାଢ଼ିର ନାମ ଓ ଚିତ୍ର ଉଲ୍ଲେଖ ଥିବା ବେଳେ ସମ୍ବଲପୁରୀ ଶାଢ଼ିକୁ ସ୍ଥାନ ମିଳିନାହିଁ। ଏହାକୁ ପଶ୍ଚିମଓଡ଼ିଶାବାସୀଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ଆୟୋଜିତ ମେଳା ପରିସରରେ ଏକ ଓଡ଼ିଶା ମାନଚିତ୍ର ହୋଇଛି। ଏହି ମାନଚିତ୍ରରେ ରାଜ୍ୟର ବିଭିନ୍ନ ଜିଲ୍ଲାରୁ ଉତ୍ପାଦିତ ହେଉଥିବା ହସ୍ତତନ୍ତ ବିଷୟରେ ସୂଚନା ଦିଆଯାଇଛି। ଟସର, ମାଣିଆବନ୍ଧ, କଟକୀ ଶାଢ଼ି, ଖଣ୍ଡୁଆପାଟ, ଡଙ୍ଗରିଆ ଶାଢ଼ି, ବମକାଇ ପସାପାଲି ଓ ହାବାସପୁରୀ ଭଳି ହସ୍ତତନ୍ତ ବିଷୟରେ ସୂଚନା ଦିଆଯାଇଛି। ମାତ୍ର ଏଠାରେ ସମ୍ବଲପୁରୀ ଶାଢ଼ି ବିଷୟରେ ବିନ୍ଦୁବିସର୍ଗ ନାହିଁ। ଏହାକୁ ନେଇ ସମ୍ବଲପୁରୀ ଶାଢ଼ି ପ୍ରତି ଶ୍ରଦ୍ଧା ରଖୁଥିବା ପ୍ରତି ଓଡ଼ିଆ କ୍ଷୋଭ ପ୍ରକାଶ କରିଛନ୍ତି। ବିଶେଷକରି ପଶ୍ଚିମ ଓଡ଼ିଶାର ବିଭିନ୍ନ ଶିଳ୍ପୀ ସଂଘ ପକ୍ଷରୁ ଏହାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ଜାତୀୟ ହସ୍ତତନ୍ତ ଦିବସ ଅବସରରେ ୬ ତାରିଖରୁ ଜନତା ମଇଦାନରେ ଏହି ହସ୍ତତନ୍ତ ମେଳା ଆରମ୍ଭ ହୋଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ମେଳାକୁ ଉଦ୍‌ଘାଟନ କରିଥିବା ବେଳେ ବିଶିଷ୍ଟ ସିନେ ଅଭିନେତ୍ରୀ ମାଧୁରୀ ଦୀକ୍ଷିତ ଏହି କାର୍ଯ୍ୟକ୍ରମରେ ଯୋଗଦେଇ ଏହାର ଶୋଭାବର୍ଦ୍ଧନ କରିଛନ୍ତି। ହସ୍ତତନ୍ତକୁ ନେଇ ଓଡ଼ିଶା ଯଦି ଦେଶ ବିଦେଶରେ ନିଜର ପରିଚୟ ଖୋଜେ, ତେବେ ଏଥିରେ ପ୍ରଥମେ ସମ୍ବଲପୁରୀ ଶାଢ଼ିର କଥା ଆସିବ। ହେଲେ ଆୟୋଜିତ ରାଜ୍ୟସ୍ତରୀୟ ମେଳାରେ କେଉଁ କାରଣରୁ ସମ୍ବଲପୁରୀ ଶାଢ଼ିକୁ ସମ୍ପୂର୍ଣ୍ଣ ଅଣଦେଖା କରାଯାଇଛି, ତାକୁ ନେଇ ଏବେ ପ୍ରଶ୍ନ ଉଠିଛି। ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ପକ୍ଷରୁ ଆୟୋଜିତ ଏହି କାର୍ଯ୍ୟକ୍ରମ ୭ରୁ ୧୩ ତାରିଖ ପର୍ଯ୍ୟନ୍ତ ଜାରି ରହିବ। ଓଡ଼ିଶାର ସମୃଦ୍ଧ ବୟନ ଐତିହ୍ୟ ଓ ହସ୍ତଶିଳ୍ପ ପ୍ରଦର୍ଶନ ପାଇଁ ୬୦ଟି ଷ୍ଟଲ୍ ଆୟୋଜନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ସମଗ୍ର ରାଜ୍ୟରୁ ୧୫୦୦ ରୁ ଅଧିକ ହସ୍ତତନ୍ତ ବୁଣାକାର ଅଂଶଗ୍ରହଣ କରିଛନ୍ତି।

## ହୋମ୍‌ଗାର୍ଡ ପରୀକ୍ଷା ବେଳେ ଅଘଟଣ

# ଦୌଡ଼ ବେଳେ ଟଳିପଡ଼ିଲେ ଆଶାୟୀ

ଖୋର୍ଦ୍ଧା,୮।୮(ସମିସ): ହୋମ୍‌ଗାର୍ଡ ପଦ ପାଇଁ ଶାରୀରିକ ପରୀକ୍ଷା ବେଳେ ଟଳି ପଡ଼ିଲେ ପରୀକ୍ଷାର୍ଥୀ। ଖୋର୍ଦ୍ଧା ଜିଲ୍ଲାରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତ ପରୀକ୍ଷାର୍ଥୀ ହେଲେ, ଖୋର୍ଦ୍ଧା ଉପକଣ୍ଠ କେରଙ୍ଗ ଗ୍ରାମର ଏମାଦୁଲା ହକ ଖାଁ (୪୨) ।

ଜିଲ୍ଲା ପୁଲିସ ପ୍ରଶାସନ ଅଧୀନରେ ହୋମ୍‌ଗାର୍ଡ ନିଯୁକ୍ତି ନିମନ୍ତେ ଜିଲ୍ଲାସ୍ତରରେ ଲିଖିତ ପରୀକ୍ଷା ଦେଇଥିବା ୨୪ଶହ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ୧୬ଶହ ପରୀକ୍ଷାର୍ଥୀ ଉତ୍ତୀର୍ଣ୍ଣ ହୋଇଥିଲେ। ସେମାନଙ୍କର ୪ଟି ଗ୍ରୁପ୍‌ରେ ଶାରୀରିକ ପରୀକ୍ଷା ଅନୁଷ୍ଠିତ ହେବାର ଥିଲା। ପୂର୍ବରୁ ୩ଟି ଗ୍ରୁପର ପରୀକ୍ଷାର୍ଥୀଙ୍କ ପରୀକ୍ଷା ଶେଷ ହୋଇଥିବା ବେଳେ ଆଜି ଶେଷ ଗ୍ରୁପର ପରୀକ୍ଷାର୍ଥୀଙ୍କ ପରୀକ୍ଷା ଖୋର୍ଦ୍ଧା ସହର ଉପକଣ୍ଠ ପୁଲିସ ରିଜର୍ଭ ପଡ଼ିଆଠାରେ ଅନୁଷ୍ଠିତ ହେଉଥିଲା। ୧୬ ଶହ ମିଟର ଦୌଡ଼ ପ୍ରତିଯୋଗିତାରେ ଦୌଡ଼ିବା ବେଳେ ଏମାଦୁଲା ହଠାତ ଗୁରୁତର ହୋଇ ତଳେ ପଡ଼ିଯାଇଥିଲେ। ତାଙ୍କୁ ଚିକିତ୍ସା ଲାଗି ନିକଟସ୍ଥ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ମାତ୍ର ସେଠାରେ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ଭୁବନେଶ୍ୱର ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଏକ ଘରୋଇ ହସ୍ପିଟାଲରେ



ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। କ୍ୟାପିଟାଲ ହସ୍ପିଟାଲରେ ବ୍ୟବଚ୍ଛେଦ କରାଇବା ପରେ ଶବକୁ ପୁଲିସ୍ ତାଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଖବର ପାଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗଭୀର ଦୁଃଖ ପ୍ରକାଶ କରିବା ସହ ମୁଖ୍ୟମନ୍ତ୍ରୀ ରିଲିଫ୍ ପାଣ୍ଠିରୁ ତାଙ୍କୁ ନିକଟତମ ଆତ୍ମୀୟଙ୍କ ଲାଗି ୪ଲକ୍ଷ ଟଙ୍କାର ସହାୟତା ରାଶି ଘୋଷଣା କରିଛନ୍ତି।

ଏମାଦୁଲ୍ଲା କେରଙ୍ଗ ପଞ୍ଚାୟତ କାର୍ଯ୍ୟାଳୟର ଖାଦ୍ୟ ଓ ଯୋଗାଣ ବିଭାଗରେ କାର୍ଯ୍ୟ କରୁଥିଲେ। ସେ ତାଙ୍କ ପରିବାରର ଏକମାତ୍ର ରୋଜଗାରକ୍ଷମ ବ୍ୟକ୍ତି ଥିଲେ। ଘରେ ତାଙ୍କର ପତ୍ନୀ ସମେତ ୯ ବର୍ଷର ଏକ ଶିଶୁ ପୁତ୍ର ଏବଂ ୩ବର୍ଷର ଏକ ଶିଶୁ

## ୪ଲକ୍ଷ ଟଙ୍କାର କ୍ଷତିପୂରଣ ଘୋଷଣା କଲେ ମୁଖ୍ୟମନ୍ତ୍ରୀ

କନ୍ୟା ଅଛନ୍ତି। ତାଙ୍କ ମୃତ୍ୟୁ ପରେ ପରିବାରଲୋକ ଦୁଃଖରେ ଭାଙ୍ଗି ପଡ଼ିଛନ୍ତି। ପରିବାର ନିଃସ୍ୱ ହୋଇଯାଇଥିବା ବେଳେ ତାଙ୍କ ମୃତ୍ୟୁ ରେ ପରିବାର, ଆତ୍ମୀୟ, ଗାଁ ଲୋକଙ୍କ ମଧ୍ୟ ରେ ଦୁଃଖ ର ବାତାବରଣ ଖେଳି ଯାଇଥିଲା। ତେଣୁ ପରିବାର ପ୍ରତିପୋଷଣ ନିମନ୍ତେ ତାଙ୍କ ବିଧବା ପତ୍ନୀଙ୍କୁ ଚାକିରି ଏବଂ ୫୦ଲକ୍ଷ ଟଙ୍କା କ୍ଷତିପୂରଣ ଦେବା ପାଇଁ ଗ୍ରାମବାସୀଙ୍କ ସହ ପରିବାରଲୋକ ଆଜି ଜିଲ୍ଲା ଏସ୍‌ପି ସାଗରିକା ନାଥଙ୍କୁ ସାକ୍ଷାତ କରିଛନ୍ତି।

## ରାଜ୍ୟରେ କ୍ରମବର୍ଦ୍ଧିଷ୍ଣୁ ନାରୀ ନିର୍ଯ୍ୟାତନା ରୋକିବାକୁ ଆହ୍ୱାନ

# ଡିଜି ଅଫିସ୍ ଘେରିଲା କଂଗ୍ରେସ



## କାର୍ଯ୍ୟାନୁଷ୍ଠାନ ନନେଲେ ସବୁ ଥାନା ଆଗରେ ଧାରଣା ଚେତାବନୀ

କଟକ,୮।୮(ସମିସ): ରାଜ୍ୟରେ ନାରୀ ନିର୍ଯ୍ୟାତନା ବଢ଼ିଚାଲିଛି। ପ୍ରତ୍ୟେକ ଦିନ ଗଣଦୁଷ୍କର୍ମଠାରୁ ଆରମ୍ଭ କରି ମହିଳାଙ୍କ ଉପରେ ଅକଥନୀୟ ଅତ୍ୟାଚାର ବୃଦ୍ଧି ପାଇବାରେ ଲାଗିଛି। ରାଜ୍ୟ ସରକାର ଏହାକୁ ରୋକିବାରେ ସମ୍ପୂର୍ଣ୍ଣ ଭାବେ ବିଫଳ ହୋଇଛନ୍ତି। ଏଥିପାଇଁ ସରକାର ହିଁ ଦାୟୀ। ଓଡ଼ିଶା ପ୍ରଦେଶ କଂଗ୍ରେସ ପକ୍ଷରୁ ବକ୍ସିବଜାରସ୍ଥିତ ପୁଲିସ ମୁଖ୍ୟାଳୟ ସମ୍ମୁଖରେ ଆଜି ଆୟୋଜିତ ଧାରଣା ଓ ପ୍ରତିବାଦ ସଭାରେ କଂଗ୍ରେସ ନେତୃବୃନ୍ଦ ଏହି ଗୁରୁତର ଅଭିଯୋଗ ଆଣିଛନ୍ତି। କଂଗ୍ରେସ ନେତାମାନେ ଶାନ୍ତିପୂର୍ଣ୍ଣ ଧାରଣାରେ ବସି ରାଜ୍ୟର ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତିରେ ସୁଧାର ଆଣିବାକୁ ଦାବି କରିଥିଲେ। ପିସିସି ସଭାପତି ଭକ୍ତ ଚରଣ ଦାସ ଏହାର ନେତୃତ୍ୱ ନେଇଥିଲେ। ଏହି ଅବସରରେ କଂଗ୍ରେସର ଏକ ମହିଳା ପ୍ରତିନିଧିଦଳ ଡିଜିପିଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ରାଜ୍ୟରେ କ୍ରମବର୍ଦ୍ଧିଷ୍ଣୁ ନାରୀ ନିର୍ଯ୍ୟାତନା ରୋକିବାକୁ କଂଗ୍ରେସ ପକ୍ଷରୁ ଆହ୍ୱାନ ଦିଆଯାଇଛି।

କଟକ ନଗର ଜିଲ୍ଲା କଂଗ୍ରେସ କମିଟି ସଂଯୋଜକ ତଥା ବାରବାଟୀ-କଟକ ବିଧାୟିକା ସୋଫିଆ ଫିରଦୋସ୍‌ଙ୍କ ତତ୍ତ୍ୱାବଧାନରେ ଆୟୋଜିତ ଧାରଣା ଓ ପ୍ରତିବାଦ ସଭାରେ ପୂର୍ବତନ ପିସିସି ସଭାପତି ନିରଞ୍ଜନ ପଟ୍ଟନାୟକ, ଶରତ ପଟ୍ଟନାୟକ, ଜୟଦେବ ଜେନା, ପ୍ରସାଦ ହରିଚନ୍ଦନ, ପୂର୍ବତନ ଏମ୍‌ପି ରାମଚନ୍ଦ୍ର ଖୁଣ୍ଟିଆ, ଅନନ୍ତ ସେଠୀ ବରିଷ୍ଠ ନେତା ସୁରେଶ ରାଉତରାୟ, ପୂର୍ବତନ ବିଧାୟକ ଇଂ ମହମ୍ମଦ ମୋକିମ, ପୂର୍ବତନ ମନ୍ତ୍ରୀ ଜଗନ୍ନାଥ ପଟ୍ଟନାୟକ, ପୂର୍ବତନ ମନ୍ତ୍ରୀ ଶ୍ରୀକାନ୍ତ ଜେନା, କଂଗ୍ରେସ ବିଧାୟକ ଦଳ ଉପନେତା ଅଶୋକ ଦାଶ, ପୂର୍ବତନ ବିଧାୟକ ଦେବାଶିଷ ପଟ୍ଟନାୟକ, ରବି ମଲ୍ଲିକ, ଶିବାନନ୍ଦ ରାୟ, ଓଡିଶା ପ୍ରଦେଶ ମହିଳା ସଭାନେତ୍ରୀ ମୀନାକ୍ଷୀ ବାହିନୀପତି ଯୋଗ ଦେଇ ବିଜେପି ସରକାରର ବିଫଳତା ଓ ନାରୀ ସୁରକ୍ଷା ଦିଗରେ କଡ଼ା ପଦକ୍ଷେପ ଗ୍ରହଣ କରିବାକୁ ଦାବି କରିଛନ୍ତି।

ଏହି ଅବସରରେ ପିସିସି ସଭାପତି ଶ୍ରୀ ଦାସ କହିଛନ୍ତି ଯେ ରାଜ୍ୟରେ ସରକାରଙ୍କ ବିଫଳତା ସମ୍ପର୍କରେ ଅଭିଯାନ ଜାରି ରହିଛି। ଆଇନ ଶୃଙ୍ଖଳା ସମ୍ପୂର୍ଣ୍ଣ ବିଗିଡ଼ି ଯାଇଥିବା ବେଳେ ସରକାର କୌଣସି ପଦକ୍ଷେପ ନେଉନାହାନ୍ତି। ବଲାଙ୍ଗୀ ପୀଡିତାର ଅଭିଯୁକ୍ତଙ୍କୁ କାହିଁକି ଗିରଫ କରାଯାଉନାହିଁ? ପୁଲିସ କାହିଁକି ଏ ଦିଗରେ ଚୁପ୍ ହୋଇ ବସି ରହିଛି। ବିଜେପି ସରକାର ଅଭିଯୁକ୍ତଙ୍କୁ ଘଣ୍ଟ ଘୋଡାଇ ରଖୁଥିବା ସେ ଅଭିଯୋଗ ଆଣିବା ସହ ପୁଲିସ ଏଦିଗରେ ଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରେ ତେବେ ରାଜ୍ୟରେ ଥିବା ସମସ୍ତ ଥାନା ଆଗରେ ଧାରଣା ଦିଆଯିବ ବୋଲି ସେ କହିଛନ୍ତି।

ଏହି ଧାରଣାରେ ପୂର୍ବତନ ନଗର ସଭାପତି ଗିରିବାଳା ବେହେରା, ବନ୍ଦିତା ପରିଡା, ସସ୍ମିତା ବେହେରା, ମାନସ ଚୌଧୁରୀ, ଶୁଭେନ୍ଦୁ ମହାନ୍ତି, ଜିଲା କଂଗ୍ରେସ ଉପସଭାପତି ଶିଶିର ରଥ, ମନୋଜ ବିଶ୍ୱାଳ ଓ ରାଜେଶ ସ୍ୱାଇଁ, ବରିଷ୍ଠ ନେତା ରାମ ଚନ୍ଦ୍ର ଗୋଚ୍ଛାୟତ, କଟକ ନଗର(ଜିଲ୍ଲା)କଂଗ୍ରେସ ମୁଖ୍ୟ-ମୁଖପାତ୍ର ମାନସ ପରିଡା, କଟକ ନଗର ଯୁବ କଂଗ୍ରେସ ସଭାପତି ଡ. ବିପ୍ଳବ ଶିଳାଦିତ୍ୟଙ୍କ ସମେତ ଓଡିଶାର ଶତାଧିକ କଂଗ୍ରେସ କର୍ମୀ ଉପସ୍ଥିତ ଥିଲେ। ସଭାକୁ ବିଶ୍ୱଜିତ ଦାଶ ପରିଚାଳନା କରିଥିଲେ। କଂଗ୍ରେସର ଏହି ପ୍ରତିବାଦ ସଭା ପୂର୍ବରୁ ଏକ ବିଶାଳ ଶୋଭାଯାତ୍ରା ମାତାମଠରୁ ବାହାରି ପୁଲିସ ମୁଖ୍ୟାଳୟରେ ପହଞ୍ଚିଥିଲା।

# ରାଜପଥରେ ଜଳିଗଲା ଇଭି ସ୍କୁଟି ବୋଝେଇ ଟ୍ରକ୍

ଛତ୍ରପୁର,୮।୮(ସମିସ): ଛତ୍ରପୁର ଜାତୀୟ ରାଜପଥ ନିକଟରେ ଶୁକ୍ରବାର ଏକ ଇଭି ସ୍କୁଟି ବୋଝେଇ ଟ୍ରକ୍ ଜଳିଯାଇଛି। ଟ୍ରକ୍‌ରେ ୩୨ଟି ବିଦ୍ୟୁତ ସ୍କୁଟି ଥିବା ବେଳେ ସେଗୁଡ଼ିକ ଟ୍ରକ୍ ସହ ହୁ' ହୁ' ହୋଇ ଜଳିଥିଲା। ଦିଲ୍ଲୀରୁ ଆନ୍ଧ୍ରପ୍ରଦେଶର ସମପେଣ୍ଟାକୁ ଏହି ଟ୍ରକ୍ (ନଂ.ୟୁପି ୮୧ଇଟି -୦୪୮୬) ଇଭି ଗାଡ଼ିଗୁଡ଼ିକୁ ନେଇ ଯାଉଥିବାବେଳେ ଚାଳକ ଅଖିଳେଶ କୁମାର ତିୱାରୀ ଛତ୍ରପୁର ଜାତୀୟ ରାଜପଥ କଡ଼ରେ ଏକ ଢ଼ାବା ନିକଟରେ ରହିଥିଲେ। ସେଠାରେ ଥିବା ଏକ ଗ୍ୟାରେଜକୁ ୱେଲ୍‌ଡିଂ କରିବାକୁ କହିଥିଲେ। କିନ୍ତୁ ଗ୍ୟାରେଜର ପିଲା ମନା କରିଥିଲେ। ପରେ ଅଖିଳେଶ ସେଠାରେ ଥିବା ଦୋକାନରେ ଜଳଖିଆ ଖାଇ କ୍ୟାବିନ୍‌ରେ ଶୋଇ ପଡ଼ିଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ୱେଲ୍‌ଡିଂ ଦୋକାନୀ ସିଲୁ ମହାରଣା ଗାଡ଼ିରୁ ଧୂଆଁ ବାହାରୁଥିବାର ଦେଖି ଚାଳକକୁ ଡାକିଥିଲେ। ଅଖିଳେଶ ତୁରନ୍ତ ଢ଼ାବା ନିକଟରେ ଥିବା ଗାଡ଼ି ସର୍ଭିସ୍ କେନ୍ଦ୍ରକୁ ନେଇ ଗାଡ଼ିରେ ପାଣି ପକାଇଥିଲେ ବି ନିଆଁ ଜୋର୍‌ରେ ବ୍ୟାପି ଯାଇଥିଲା। ଛତ୍ରପୁର ଦମକଳ ବାହିନୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ନିଆଁ ଲିଭାଇବା ବେଳକୁ ଗାଡ଼ିରେ ବୋଝେଇ ହୋଇଥିବା ସମସ୍ତ ଇଭି ସ୍କୁଟି ପୋଡ଼ି ଯାଇଥିଲା। ଏନ୍‌ଏଚ୍‌ଆଇ ପାଟ୍ରୋଲିଂ ଟିମ୍ ଓ ଛତ୍ରପୁର ପୁଲିସ ପହଞ୍ଚିଥିଲେ। ଘଟଣାର ତଦନ୍ତ ଜାରି ରଖିଛି ପୁଲିସ। ଆନୁମାନିକ ୩୨ ଲକ୍ଷ ଟଙ୍କାର ସ୍କୁଟି ପୋଡ଼ି ନଷ୍ଟ ହୋଇଥିବା ସୂଚନା ମିଳିଛି।



● ରାକ୍ଷୀ ପୂର୍ବରୁ ଚାଲିଗଲେ ଭାଇର ଜୀବନ

# ଦୁର୍ଘଟଣାରେ ଜଣେ ମୃତ, ଦୁଇ ଗୁରୁତର

ସଇଁତଲା, ୮।୮ (ସମିସ): ରାକ୍ଷୀ ପୂର୍ବରୁ ଭଉଣୀକୁ ଛାଡି ଚାଲିଗଲେ ଭାଇ। ସକାଳେ ପାହିଲେ ଭାଇ ହାତରେ ଭଉଣୀ ବାନ୍ଧି ଥାନ୍ତା ରାକ୍ଷୀ ହେଲେ ଦୁଘଟଣାରେ ଚାଲିଗଲା ଜୀବନ। ଏଭଳି ହୃଦୟ ବିଦାରକ ଘଟଣା ବଲାଙ୍ଗୀର ଜିଲ୍ଲା ସଇଁତଲା ଥାନା ଜାତୀୟ ରାଜପଥ ୨୬ କରେଲଧୁଆ ବ୍ରିଜ ନିକଟରେ ଘଟିଛି। ଭବାନୀପାଟଣାଗଡ଼ରୁ ବଲାଙ୍ଗିର ରାଜେନ୍ଦ୍ର କଲେଜର ଅଧ୍ୟାପକମାନେ ଚାରି ଚକିଆ ଗାଡିରେ ଫେରୁ ଥିବା ବେଳେ ଦୁଇ ଚକିଆ ଗାଡି ରେ ଆସୁ



ଥିବା ୩ ଜଣଙ୍କ ଧକ୍କା ଯୁବକଙ୍କୁ ଧକ୍କା ଦେବା ଫଳରେ ଛିଟିକି ପଡ଼ି ଯାଇ ଘଟଣାସ୍ଥଳରେ ଜଣେ ଯୁବକର ମୃତ୍ୟୁ ଘଟିଥିଲା ।ଘଟଣାସ୍ଥଳରୁ ଚାରି ଚକିଆ ଗାଡିରେ ଥିବା ରାଜେନ୍ଦ୍ର କଲେଜର ଅଧ୍ୟାପ ମାନେ ଗାଡି ଛାଡି ଫେରାର ମାରିଥିବା ଜଣାପଡ଼ିଛି। ସୂଚନା ମୁତାବକ ସଇଁତଲା ଥାନା ବଡ଼ମାଳର ସରୋଜ ମୀନା, ଛବି ମୀନା ଓ ସାବିତ୍ରୀ ରାଉତ ବରଗଡ଼ ସ୍ଥିତ ପଦମପୁରରେ ଠିକା କାରିଗର ଭାବେ କାମ କରନ୍ତି। ତେବେ ଆସନ୍ତାକାଲି ରାକ୍ଷୀପୂର୍ଣ୍ଣିମା ପାଇଁ ତିନି ଭାଇ ଫେରୁଥିବା ବେଳେ ଜାତୀୟ ରାଜପଥ ୨୬ କରେଲ ଧୁଆ ବ୍ରିଜରେ ସଇଁତଲା ପଟୁ ତାମିଲନାଡୁ ନମ୍ବର ଥିବା କାର୍ ଦ୍ରୁତ ଗତିରେ ଆସି ପିଟି ଦେଇଥିଲା। ଘଟଣାସ୍ଥଳରେ ଜଣେ ବ୍ୟକ୍ତି ସାବିତ୍ରୀ ରାଉତ ପ୍ରାଣ ଯାଇଥିବା ବେଳେ ଦୁଇ ଜଣ ଅତି ଗୁରୁତର ଅଛନ୍ତି। ତେବେ ଖବର ପାଇ ସଇଁତଲା ଅଗ୍ନିଶମ ବିଭାଗ ଓ ପୁଲିସ ପହଞ୍ଚି ଘଟଣାସ୍ଥଳକୁ ପହଞ୍ଚି ତିନି ଜଣକୁ ଉଦ୍ଧାର କରି ସଇଁତଲା ହସ୍ପିଟାଲକୁ ଆଣିଥିଲେ। ଅତିଗୁରୁତର ହେବାରୁ ଦୁଇ ଜଣଙ୍କୁ ବଲାଙ୍ଗିର ଭୀମଭୋଇ ମେଡିକାଲ କଲେଜକୁ ସ୍ଥାନାନ୍ତର କରାଯାଇଛି। ପୁଲିସ ମୃତଦେହ ଜବତ କରି ତଦନ୍ତ କରୁଛି।

ସ୍ଥାୟୀ ବାସିନ୍ଦା ପ୍ରମାଣପତ୍ର ଜାଲିଆତି ଘଟଣା

# ସନ୍ଦେହରେ ଜନପ୍ରତିନିଧି ଓ ରାଜସ୍ୱ ନୀରିକ୍ଷକ

ବଲାଙ୍ଗିର, ୮।୮ (ସମିସ)

ବଲାଙ୍ଗିର ତହସିଲରେ ଜାଲିଆତି କରି ବାସିନ୍ଦା ପ୍ରମାଣପତ୍ର ହାତେଇ ଉତ୍ତରପ୍ରଦେଶର ଅନେକ ଯୁବକ କେନ୍ଦ୍ର ସରକାରଙ୍କ ଅଧିନସ୍ଥ ବିଭାଗରେ ଚାକିରି ହାତେଇଥିବା ଜଣାପଡ଼ିଛି। ଉତ୍ତରପ୍ରଦେଶରୁ ଆସି ଜଣେ ଯୁବକ ତହସିଲଦାରଙ୍କ ପାଖରେ ଏନେଇ ଅଭିଯୋଗ କରିବା ପରେ ଏହିଭଳି ଏକ ଷଡଯନ୍ତ୍ର ସାମ୍ନାକୁ ଆସିଛି। ଜଣେ କି ଦୁଇ ଜଣ ନୁହଁ ବହୁତ ଚାକିରି ଆଶାୟୀ ଯୁବକ ଏହିଭଳି କାରବାର କରିଥିବା ଜଣାପଡ଼ିଛି। ଏହା ଏକ ସମ୍ବେଦନଶୀଳ ଅଭିଯୋଗ ହୋଇଥିବା ବେଳେ ସ୍ଥାନୀୟ ତହସିଲଦାର କିନ୍ତୁ ଏହାକୁ ଗୁରୁତ୍ୱ ଦେଉନଥିବା ଭଳି ମନେ ହେଉଛି। ଏନେଇ ଅଭିଯୋଗ ହେବାର ୪୮ ଘଣ୍ଟା ପରେ ବି ନା କୌଣସି ପ୍ରକାର ତଦନ୍ତ କରିଛନ୍ତି ନା ଏନେଇ ଥାନାରେ ମାମଲା କରିଛନ୍ତି। ଯେହେତୁ ଏହି ପ୍ରମାଣପତ୍ର ସ୍ଥାନୀୟ ତହସିଲରୁ ଦିଆଯାଇଥିବା ଅଭିଯୋଗ ହୋଇଛି ତେବେ ତାଙ୍କ ଅଧସ୍ଥନ କର୍ମଚାରୀମାନେ ହିଁ ଏଥିରେ ସମ୍ପୃକ୍ତ ଥିବା ସନ୍ଦେହ କରାଯାଉଛି। ତେବେ ଏକ ବାସିନ୍ଦା ପ୍ରମାଣପତ୍ର ଆବେଦନ ଓ ପାଇବା ପାଇଁ ରହିଥିବା ପ୍ରକ୍ରିୟା ଅନୁସାରେ ଏହି କାରବାର ପଛରେ ସ୍ଥାନୀୟ କାଉନସିଲର ଓ ରାଜସ୍ୱ ନୀରିକ୍ଷକଙ୍କ କାର୍ଯ୍ୟ ସନ୍ଦେହ ଘେରରେ ରହିଛି।

ବଲାଙ୍ଗିର ତହସିଲରେ ବାସିନ୍ଦା ପ୍ରମାଣପତ୍ର ଜାଲିଆତି ଘଟଣା ସାମ୍ନାକୁ ଆସିଛି। ଏନେଇ ଉତ୍ତରପ୍ରଦେଶର ଜଣେ ଯୁବକ ଆସି ଅଭିଯୋଗ କରିବା ପରେ ଏହା ଚର୍ଚ୍ଚାର ବିଷୟ ପାଲଟିଛି। ଦୁଇ ଦିନ ପୂର୍ବରୁ ଉତ୍ତରପ୍ରଦେଶ ର ମୁକେଶ ସିଂ ନାମକ ଜଣେ ଯୁବକ ଆସି ବଲାଙ୍ଗିର ବାସିନ୍ଦା ପ୍ରମାଣପତ୍ର ପାଇଥିବା ଯୁବକମାନେ ଉତ୍ତରପ୍ରଦେଶରେ କେନ୍ଦ୍ର ସରକାର ଅଧିନରେ ଥିବା ବିଭିନ୍ନ ବିଭାଗରେ ଚାକିରି କରୁଥିବା ଅଭିଯୋଗ କରିଥିଲେ। ବିଶେଷ କରି ଷ୍ଟାଫ ସିଲେକ୍ସନ କମିଶନ ଜିଡି, ବିଏସଏଫ, ସିଆଇଏସଏଫ, ସିଆରପିଏଫ, ଏସଏସଏଫ ପଦରେ ଏହି ଜାଲିଆତି ହୋଇଥିବା ସେ ଅଭିଯୋଗ କରିଥିଲେ। ବଲାଙ୍ଗିର ମାଓପ୍ରବଣ ଜିଲ୍ଲା ହୋଇଥିବାରୁ ସୁରକ୍ଷା ବାହିନୀ ଚାକିରୀରେ କଟଅଫ ମାର୍କ କମ ରହିଥାଏ। ଯାହାର ସୁଯୋଗ ନେବା ପାଇଁ ବଲାଙ୍ଗିର ଜିଲ୍ଲା ବାସିନ୍ଦା ପ୍ରମାଣପତ୍ର ହାତେଇ ବହୁ ଯୁବକ ଚାକିରୀ ପାଇଥିବା ଅଭିଯୋଗ ହୋଇଛି। ୨୦୨୩ ରେ ୨୫ଟି, ୨୦୨୪ ରେ ୧୫ଟି ଓ ୨୦୨୫ ରେ ୫୦ ଟି ବାସିନ୍ଦା ପ୍ରମାଣପତ୍ର ଜାଲିଆତି କରାଯାଇଥିବା ସେ ପ୍ରମାଣ ସହ ଅଭିଯୋଗ କରିଥିଲେ। ତେବେ ଏଠି ପ୍ରଶ୍ନ ଉଠୁଛି ପ୍ରମାଣପତ୍ର ଜାଲିଆତି ହେବ କେମିତି ଓ କିଏ ଏଥିରେ ସମ୍ପୃକ୍ତ ଥାଇପାରନ୍ତି। ବର୍ତ୍ତମାନ ଡିଜିଟାଲ ବ୍ୟବସ୍ଥା ଅନୁସାରେ ଜଣେ ଯଦି ବାସିନ୍ଦା ପ୍ରମାଣପତ୍ର ଆବଶ୍ୟକ କରୁଥାଏ ତେବେ ସେ ଅନଲାଇନରେ ହିଁ ଆବେଦନ କରିବ। ଆବେଦନ ସମୟରେ ଆଧାରକାର୍ଡ, ପାସପୋର୍ଟ ଫଟୋ ଦରକାର ହୋଇଥାଏ। ଯଦି ଆଧାରକାର୍ଡରେ ପ୍ରମାଣପତ୍ର ଅନୁସାରେ ଠିକଣା ନଥାଏ ତେବେ ସେ ସରପଞ୍ଚ କିମ୍ବା ସ୍ଥାନୀୟ କାଉନସିଲର ପାଖରୁ ନିର୍ଦ୍ଦିଷ୍ଟ ଫର୍ମରେ ପୂରଣ କରି ଦାଖଲ କରିବ। ଏହା ହେବା ପରେ ସ୍ଥାନୀୟ ରାଜସ୍ୱ ନୀରିକ୍ଷକ ଏହାର

## ମାମଲା ଚାପି ଦେବାକୁ ଉଦ୍ୟମ

ଫିଲ୍ଡ ଭେରିଫିକେସନ କରିବେ। ଯାଞ୍ଚ କରିବା ପରେ ସେ ରିପୋର୍ଟ ଦେବେ। ପରେ ତହସିଲଦାର ଏହାକୁ ଆପ୍ରୁଭ କରିବେ। ଏହା ହେବା ପରେ ଆବେଦନକାରୀ ବାସିନ୍ଦା ପ୍ରମାଣପତ୍ର ପାଇବେ। ତେବେ ହୋଇଥିବା ଅଭିଯୋଗ ଘଟଣାରେ ଏତେ ସଂଖ୍ୟକ ପ୍ରମାଣପତ୍ର ପାଇଁ ଆବେଦନ କେଉଁଠି କରାଯାଇଛି। ଆବେଦନ ସମୟରେ କାହା ଦସ୍ତଖତ ଥିବା ଫର୍ମ ଦାଖଲ କରାଯାଇଛି। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି ରାଜସ୍ୱ ନୀରିକ୍ଷକ ଏହାର ଯାଞ୍ଚ କରିଛନ୍ତି ନା ନାହିଁ। ଯଦି ହଁ ତେବେ କିଭଳି ଯାଞ୍ଚ କରାଯାଇଛି, କାହା କାହାକୁ ସାକ୍ଷୀ କରାଯାଇଛି। ଯଦି କରିନାହାନ୍ତି ତେବେ ବିନା ଯାଞ୍ଚରେ କିଭଳି ରିପୋର୍ଟ ପ୍ରଦାନ କରିଛନ୍ତି ତାହା ସବୁଠାରୁ ବଡ ପ୍ରଶ୍ନ। ଏହି ନିୟମିତ ଭାବେ ହୋଇଆସୁଥିବାରୁ ଏଥିରେ ଲକ୍ଷ ଲକ୍ଷ ଟଙ୍କାର କାରବାର ମଧ୍ୟ ହୋଇଥିବା ସ୍ୱାଭାବିକ କଥା। ଗୋଟିଏ ପ୍ରମାଣପତ୍ର ପାଇଁ ୮ରୁ୧୦ ଲକ୍ଷ ଟଙ୍କା କାରବାର ହୋଇଥିବା ଅଭିଯୋଗ ହୋଇଛି। ଏହାରି ପଛରେ ଏକ ବଡ ର୍ୟାକେଟ୍ କାମ କରୁଥିବା ବେଳେ ଏହି ଘଟଣାରେ କିନ୍ତୁ ତହସିଲଦାରଙ୍କ ନୀରବତା ସମସ୍ତଙ୍କୁ ଚକିତ କରିଛି। କିଛି ମାସ ପୂର୍ବରୁ ୫୦ ବାସିନ୍ଦା ପ୍ରମାଣପତ୍ର ଦିଆଯାଇଥିବା ବେଳେ ଘଟଣାର ତଦନ୍ତ ଓ କାର୍ଯ୍ୟାନୁଷ୍ଠାନକୁ ନେଇ ମଧ୍ୟ ସନ୍ଦେହ ପ୍ରକାଶ ପାଇଛି। ଅଭିଯୋଗର ଦୁଇ ଦିନ ପରେ ବି ତହସିଲଦାର ଏନେଇ କୌଣସି ଛାନଭିନ କରିନଥିବା ବେଳେ ଥାନାରେ ମାମଲା ମଧ୍ୟ ହୋଇନାହିଁ। ଏହାକୁ ଚାପିଦେବାକୁ ମଧ୍ୟ ଉଦ୍ୟମ ଆରମ୍ଭ ହୋଇଥିବା ଆଲୋଚନା ହେଉଛି। ଏନେଇ ତହସିଲଦାର ଲଗ୍ନଜିତ ବେହେରାଙ୍କୁ ପଚାରିବାରୁ ଅଭିଯୋଗ ହୋଇଛି କାର୍ଯ୍ୟାନୁଷ୍ଠାନ ବି ହେବ କିନ୍ତୁ ଘଟଣାକୁ ଠିକ ଭାବରେ ଷ୍ଟଡି କରିନାହାନ୍ତି। କାମ ଚାପ ଅଧିକ ରହିଛି ଛୁଟି କିମ୍ବା ଖାଲି ସମୟ ଦେଖି ତାହାର ଯାଞ୍ଚ କରିବେ ବୋଲି ଏକ ହାଲୁକା ମନ୍ତବ୍ୟ ପୋଷଣ କରିଛନ୍ତି।

# ଉଦ୍ଧାର ବଜ୍ରକାପ୍ତାକୁ ଜଙ୍ଗଲରେ ଛାଡିଲା ବନବିଭାଗ



ଦେଓଗାଁ, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ବନାଞ୍ଚଳ ଅନ୍ତର୍ଗତ ଉଡାର ଗ୍ରାମ ନିକଟରୁ ଏକ ବଜ୍ରକାପ୍ତା ଉଦ୍ଧାର ହୋଇଛି। ଉଡାର ଗ୍ରାମର ଶଶି ଭୂଷଣ ସାହୁ, ଗୌତମ ପଧାନ ଓ ହଲୁ ପଧାନ ଚାଷ କାମ ସାରି ଗାଁକୁ ଉଡାରକୁ ଫେରୁଥିବା ସମୟରେ ଥନାପତି କ୍ଷେତ ନିକଟ ରାସ୍ତାରେ ରାତ୍ର ପ୍ରାୟ ୯ଟା ସମୟରେ ବଜ୍ରକାପ୍ତା ବୁଲୁଥିବା ଦେଖିବାକୁ ପାଇଥିଲେ। ସେମାନେ ଉକ୍ତ ବଜ୍ରକାପ୍ତାକୁ ଉଡାରକୁ ଆଣି ଦେଓଗାଁ ବନବିଭାଗକୁ ଖବର ଦେଇଥିଲେ। ବନାଞ୍ଚଳ ଅଧିକାରୀ ଯୁଧିଷ୍ଠିର ଜାଲଙ୍କ ନିର୍ଦ୍ଦେଶ କ୍ରମେ ଫରେଷ୍ଟର ଜନ୍ମେଜୟ ପାଣିଗ୍ରାହୀ ଓ ବନବିଭାଗ କର୍ମଚାରୀ ଉଡାର ଗ୍ରାମକୁ ଯାଇ ବଜ୍ରକାପ୍ତାକୁ ଉଦ୍ଧାର କରି ଦେଓଗାଁ ବନାଞ୍ଚଳ କାର୍ଯ୍ୟାଳୟ ଆଣିଥିଲେ। ଏ ବିଷୟ ଦେଓଗାଁ ବନାଞ୍ଚଳ ଅଧିକାରୀ ଜାଲଙ୍କୁ ପଚାରିବାରୁ ଉଦ୍ଧାର ବଜ୍ରକାପ୍ତାକୁ ଶୁକ୍ରବାର ଦେଓଗାଁ ପଶୁ ଚିକିତ୍ସାଳୟରେ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ପ୍ରାଣୀ ଚିକିତ୍ସାଧିକାରୀ ସୁନିତା ବେହେରାଙ୍କ ରିପୋର୍ଟ ଅନୁସାରେ ବଜ୍ରକାପ୍ତାର ସ୍ୱାସ୍ଥ୍ୟ ଅବସ୍ଥା ଠିକ୍ ଅଛି। ବନଖଣ୍ଡ ଅଧିକାରୀଙ୍କ ନିର୍ଦ୍ଦେଶ ଅନୁସାରେ ଶୁକ୍ରବାର ଜଙ୍ଗଲରେ ଛାଡି ଦିଆଯାଇଥିବା ଜଣାପଡ଼ିଛି।

# ଉପଖଣ୍ଡସ୍ତରୀୟ ସାମ୍ବାଦିକ ସଂଘର ସାଧାରଣ ପରିଷଦ ବୈଠକ



ପାଟଣାଗଡ଼, ୮।୮ (ସମିସ): ସ୍ଥାନୀୟ ସାରଦା ହୋଟେଲ ସମ୍ମିଳନୀ କକ୍ଷରେ ଉପଖଣ୍ଡସ୍ତରୀୟ ସାମ୍ବାଦିକ ସଂଘର ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି ।ସଂଘର ସଭାପତି ଲକ୍ଷ୍ମୀକାନ୍ତ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ପୂର୍ବ ବିବରଣୀ ପଠନ ସହ କୋଷାଧକ୍ଷ ବଂଶୀଧର ସେଠ ସଂଘର ଆୟବ୍ୟୟ ହିସାବ ଦେଇଥିଲେ ।ଧୂମାଭଟା ଛକ ଠାରେ ପୂର୍ବରୁ ମିଳିଥିବା ସ୍ଥାନରେ ସଂଘର ନୂତନ କୋଠା ନିର୍ମାଣ ପାଇଁ ପ୍ରସ୍ତାବ ଆଗତ ହୋଇଥିଲା ।ପରେ ସଂଘର ନୂତନ କର୍ମକର୍ତ୍ତା ଚୟନ ପାଇଁ ନିଷ୍ପତ୍ତି ନିଆଯାଇଥିଲା ।ଆଗାମୀ ମାସ ସାତ ତାରିଖ ଦିନ ସଂଘର ନୂତନ କାର୍ଯ୍ୟକର୍ତ୍ତା ଚୟନ ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା ।ନୂତନ କାର୍ଯ୍ୟକର୍ତ୍ତା ଚୟନ ପର୍ଯ୍ୟନ୍ତ ସଂଘର ସଂଯୋଜକ ସୁନୀଲ ଚୋପଦାର ସମସ୍ତ କାର୍ଯ୍ୟ ତୁଲାଇବାକୁ ନିଷ୍ପତ୍ତି ନିଆଯାଇଥିଲା। ବୈଠକରେ ଉପଖଣ୍ଡସ୍ତରୀୟ ସାମ୍ବାଦିକ ସଂଘର ବରିଷ୍ଠ ସଦସ୍ୟ ଲକ୍ଷ୍ମୀକାନ୍ତ ମିଶ୍ର, ପ୍ରହଲ୍ଲାଦ ପାଢ଼ୀ, ସଦାଶିବ ସରାପ, ବଂଶୀଧର ସେଠ, ସୁବୋଧ ମେହେର, ବନମାଳୀ ମହାକୁଡ଼ଙ୍କ ସହ ଲଳିତ ମିଶ୍ର, ରାଜେଶ କୁମାର ଚାନ୍ଦ, ସୁନୀଲ ଚୋପଦାର, ରଞ୍ଜନ ମେହେର, ପ୍ରବୀଣ ପୁରୋହିତ, ଗଣେଶ ଦାସ, ଦିଲୀପ ଭୋଇ, ତାପସ ବେହେରା, ପିଣ୍ଟୁ ପୁଟେଲ, ସୁବ୍ରତ ମହାକୁଡ଼, ବିହାରୀ ପଧାନ, ପାର୍ଥ ଭୋଇଙ୍କ ସହ ଅନ୍ୟାନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

# ଶାନ୍ତିଲତା ମିଶ୍ରଙ୍କ ବିୟୋଗ



ଦେଓଗାଁ, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକ ବନ୍ଧପଡ଼ା ପଞ୍ଚାୟତ ଅନ୍ତର୍ଗତ ବୁଡାବାହାଲ ଗାଁର ବିଜେଡି ଯୁବନେତା ଅଚ୍ୟୁତାନନ୍ଦ ମିଶ୍ରଙ୍କ ମାତା ଶାନ୍ତିଲତା ମିଶ୍ର (୯୬) ଙ୍କ ବୁଧବାର ସନ୍ଧ୍ୟାରେ ପରଲୋକ ଘଟିଛି। ନିକଟସ୍ଥ ସୋନଗଡ଼ ନଦୀରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା ଶେଷ ସମୟରେ ପୁଅ ଗଦାଧର, ଶେଷଦେବ, ସତ୍ୟ ଓ ଅଚ୍ୟୁତ ଉପସ୍ଥିତଥିଲେ ।ସାନପୁଅ ଅଚ୍ୟୁତ ମିଶ୍ର ମୁଖାଗ୍ନି ଦେଇଥିଲେ।

● ପଞ୍ଚାୟତର ବିନା ଅନୁମତିରେ ଚାଲିଛି କାରଖାନା

# ଆଇନ ଉଲ୍ଲଂଘନକାରୀ ମାଲିକଙ୍କ ବିରୋଧରେ ନିଆଯିବ କାର୍ଯ୍ୟାନୁଷ୍ଠାନ




କଣ୍ଟାବାଞ୍ଜି, ୮।୮ (ସମିସ): ପଞ୍ଚାୟତ ଅଧିନସ୍ଥ ରେ ଯେଉଁ କୌଣସି ପ୍ରକାର କଳ କାରଖାନା ନିର୍ମାଣ କଲେ ପଞ୍ଚାୟତ କର୍ତ୍ତୃପକ୍ଷଙ୍କ ଠାରୁ ଅନୁମତି (ଏନୋସି) ନିଆ ଯାଇଥାଏ ଏବଂ ସେହି ମାଲିକମାନେ ପଞ୍ଚାୟତ ବ୍ୟାଙ୍କ ଆକାଉଣ୍ଟରେ ରାଜସ୍ୱ ପଇଠ କରିଥାନ୍ତି। ହେଲେ ବଲାଙ୍ଗିର ଜିଲ୍ଲାର ତୁରେକେଲା ବ୍ଲକ ଧାମନଡ଼ଙ୍ଗା ପଞ୍ଚାୟତ ଅଧିନସ୍ଥରେ ଅନେକ କାରଖାନା ଖୋଲାଯାଉଥିବା ବେଳେ କୌଣସି କାରଖାନା ମାଲିକ ପଞ୍ଚାୟତରୁ ଅନୁମତି (ଏନୋସି) ନେଇ ନାହାଁନ୍ତି ତାଙ୍କ ମନମୁଖୀ କାର୍ଯ୍ୟକଳାପ କରୁଥିବା ଅଭିଯୋଗ ହେଉଛି। ଧାମନଡ଼ଙ୍ଗାରେ ଗୋଟିଏ କାଞ୍ଚ ଫ୍ୟାକ୍ଟ୍ରୀ, ପେଟ୍ରୋଲ ପମ୍ପ, କନ୍ଧବାହାଲ ଗାଁରେ ଭବାନୀ ରାଇସ ମିଲ ସହ ଧାମନଡ଼ଙ୍ଗା ପଞ୍ଚାୟତ ୭ ଟି ଗାଁରେ ବିଭିନ୍ନ ପ୍ରକାର କାରଖାନା ସ୍ଥାପନ କରିଛନ୍ତି ବ୍ୟବସାୟୀ। ହେଲେ ପଞ୍ଚାୟତର ଅନୁମତି ନାହିଁ। ଏନେଇ ଧାମନଡ଼ଙ୍ଗା ପଞ୍ଚାୟତ ସରପଞ୍ଚ ଆରତୀ ସୁନାଙ୍କୁ ପଚାରିବାରୁ ସେମାନଙ୍କୁ କାରଖାନା ସ୍ଥାପନ କରିବାକୁ ପଞ୍ଚାୟତ ପକ୍ଷରୁ କୌଣସି ଅନୁମତି ନେଇ ନାହାଁନ୍ତି ମନଇଚ୍ଛା ଯେଉଁଠି ପାଇଲେ ସେହିଠି ଗୋଟିଏ ଗୋଟିଏ କାରଖାନା ସ୍ଥାପନ କରୁଛନ୍ତି। କିଛି କାରଖାନା ଯୋଗୁଁ ଜନସାଧାରଣଙ୍କୁ ଅସୁବିଧା ହେଉଥିବା ଆମ ପାଖକୁ ଅଭିଯୋଗ କରି ଆସୁଛନ୍ତି। ଗତ କିଛି ଦିନ ହେଲେ ପଞ୍ଚାୟତ କାର୍ଯ୍ୟାଳୟ ସମ୍ମୁଖୀନରେ ପୁଣି ଏକ କାରଖାନା ପାଇଁ ନୂଆ ନିର୍ମାଣ କାର୍ଯ୍ୟ ଚାଲିଛି ହେଲେ କଣ ନିର୍ମାଣ କରାଯାଉଛି ସେମାନେ ପଞ୍ଚାୟତକୁ ଜଣାଇ ନାହାଁନ୍ତି କି ଏନଓସି ନେଇ ନାହାଁନ୍ତି। ଧାମନଡ଼ଙ୍ଗା ପଞ୍ଚାୟତ ଅଧିନସ୍ଥରେ ମନୋମୁଖୀ କାର୍ଯ୍ୟ କରି ଆଇନ ଉଲ୍ଲଂଘନ କରି କାରଖାନା ସ୍ଥାପନ କରୁଥିବା ମାଲିକଙ୍କ ବିରୋଧରେ ଆଇନ ଅନୁଯାଏ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି। ଅନ୍ୟପକ୍ଷରେ ସରପଞ୍ଚ ସିଧାସଳଖ ପଞ୍ଚାୟତରୁ ଅନୁମତି ନେଇ ନ ଥିବା ସ୍ପଷ୍ଟ କରିଥିବା ବେଳେ ପଞ୍ଚାୟତ ବିନା ଅନୁମତିରେ କେମିତି କାଞ୍ଚ ଫ୍ରାକ୍ଟ୍ରୀ, ପେଟ୍ରୋଲ ପମ୍ପ, ଧାନ ମିଲ ସହ ବିଭିନ୍ନ କାରଖାନା ସ୍ଥାପନ କରିବାକୁ କେମିତି ବିଭାଗୀୟ ଅଧିକାରୀ ଅନୁମତି ଦେଉଛନ୍ତି ବୋଲି ପ୍ରଶ୍ନ ଉଠୁଛି। ତେବେ ପଞ୍ଚାୟତ କର୍ତ୍ତୃପକ୍ଷ ଏହା ଉପରେ କି ପଦକ୍ଷେପ ଗ୍ରହଣ କରିବେ ଦେଖିବାକୁ ରହିଲା। ସେପଟେ ବଲାଙ୍ଗିର ଜିଲ୍ଲା ପ୍ରଶାସନ ନଜର ଦେବାକୁ ଦାବି ହେଉଛି।

# ବଧୂହତ୍ୟା ମାମଲାରେ ୩କୋର୍ଟ ଚାଲାଣ

ଦେଓଗାଁ, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅନ୍ତର୍ଗତ କୁତୁର୍ଲାରେ ବଧୂହତ୍ୟା ମାମଲାରେ ଶୁକ୍ରବାର ୩ଜଣଙ୍କୁ ପୁଲିସ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି। ଗିରଫ ଅଭିଯୁକ୍ତ ମାନେହେଲେ କୁତୁର୍ଲା ଗାଁର ମୃତ ମହିଳା ଅନିଷାଙ୍କ ସ୍ୱାମୀ ମହାଦେବ ରାୟ, ଶ୍ୱଶୁର ବୁଦ୍ଧୁ ରାୟ ଓ ଶାଶୂ ସୁରୁମୁଖି ରାୟ। ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ଜେଲ ହାଜତକୁ ପଠାଇଦେଇଥିବା ଦେଓଗାଁ ପୁଲିସ ସୂଚନା ଦେଇଛି। ସୂଚନାନୁସାରେ କିଛି ବର୍ଷ ତଳେ ମହାଦେବ ସମ୍ବଲପୁର ସହର ବରେଇପାଲିର ଅନୂପ ଛତ୍ରିଆଙ୍କ ଝିଅ ଅନିଷାକୁ ପ୍ରେମ ବିବାହ କରିଥିଲା ।କିଛିଦିନ ତଳେ ଉଭୟ ସ୍ୱାମୀ ସ୍ତ୍ରୀ ମଧ୍ୟରେ ଗଣ୍ଡଗୋଳ ହୋଇଥିଲା। ଏଥିରେ ଗୁରୁତର ଅନିଷାକୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିବା ବେଳେ ସେଠାରେ ସେ ଚିକିତ୍ସାଧିନ ଅବସ୍ଥାରେ ମୃତ୍ୟୁବରଣ କରିଥିଲା। ଝିଅର ମୃତ୍ୟୁପରେ ତାଙ୍କ ଝିଅ ଅନିଷାକୁ ପୁଅଘର ଲୋକେ ଯୌତୁକ ଦାବୀ କରିବାସହ ମାରିଦେଇଥିବା ସମ୍ବଲପୁର ଥାନାରେ ଲିଖିତଭାବେ ଅଭିଯୋଗ କରିଥିଲେ। ଏହି କେସକୁ ସମ୍ବଲପୁର ଥାନାଧିକାରୀ ଦେଓଗାଁ ଥାନାକୁ ସ୍ଥାନାନ୍ତରିତ କରିଥିଲେ।

ଆଜି ରାକ୍ଷୀ ପୂର୍ଣ୍ଣିମା

# ସ୍ନେହର ଡୋରୀରେ ପାରମ୍ପରିକ ହସ୍ତକଳାର ଛାପ



ବଲାଙ୍ଗିର, ୮।୮ (ସମିସ): ଆଜି ରାକ୍ଷୀ ପୂର୍ଣ୍ଣିମା। ଭାଇ ହାତରେ ଭଉଣୀ ବାନ୍ଧିବ ସ୍ନେହ ଓ ସୁରକ୍ଷାର ଡୋରୀ। ରାକ୍ଷୀ ପାଇଁ ବଲାଙ୍ଗଗର ଜିଲ୍ଲାର ପ୍ରାୟ ସମସ୍ତ ଅଞ୍ଚଳରେ ଉତ୍ସାହ ରହିଥିବା ବେଳେ ରାକ୍ଷୀ ବଜାରରେ ମଧ ବହୁ ଭିଡ ଦେଖିବାକୁ ମିଳିଥିଲା। ତେବେ ବଜାରର ଏହି ଭିଡ ବାହାରେ ପାରମ୍ପରିକ ହାତ ତିଆରି ରାକ୍ଷୀର ମଧ ଚାହିଦା ଦେଖିବାକୁ ମିଳିଛି। ବଲାଙ୍ଗିର ସହରର ରିତିକା ଦାସଙ୍କ ହାତ ତିଆରି ରାକ୍ଷୀ କିଣିବା ପାଇଁ ମଧ ଭଉଣୀଙ୍କ ଉତ୍ସାହ ଦେଖିବାକୁ ମିଳିଥିଲା। ନିଜ ହାତରେ ତିଆରି କରୁଥିବା ରାକ୍ଷୀ ରେ ପାରମ୍ପରିକ ଛାପ ଦେବା ସହ ଭିନ୍ନ ଭିନ୍ନ କଷ୍ଟମାଇଜ ରାକ୍ଷୀ ଓ ଛୋଟ ଶିଶୁଙ୍କ ପାଇଁ କାର୍ଟୁନ ରାକ୍ଷୀ ତିଆରି କରି ରିତିକା ବିକ୍ରୀ କରିଛନ୍ତି। ବଲାଙ୍ଗିର ସହରର ଯୁବ ଉଦ୍ୟୋଗୀ ରିତିକା ଦାସ। ଖୁବ କମ ବୟସରୁ ସିଲ୍କ ସୂତାରେ ବିଭିନ୍ନ ସାମଗ୍ରୀକୁ ନୂତନ ରୂପ ଦେଇ ଚର୍ଚ୍ଚା କୁ ଆସିଥିଲେ। ମହିଳାଙ୍କ ବ୍ୟବହୃତ ସାମଗ୍ରୀ, ଘଣ୍ଟା, ଫିତା ଭଳି ସାମଗ୍ରୀରେ ସମ୍ବଲପୁରୀ ଡିଜାଇନ କରି ବିକ୍ରୀ କରୁଥିଲେ। ତେବେ ଚଳିତ ରାକ୍ଷୀ ରେ ତାଙ୍କ ହାତ ତିଆରି ରାକ୍ଷୀ ଚର୍ଚ୍ଚାର ବିଷୟ ହୋଇଛି। ସେ ତିଆରି କରିଥିବା ରାକ୍ଷୀ ବଲାଙ୍ଗିର ଜିଲ୍ଲା, ରାଜ୍ୟ ତଥା ବିଦେଶକୁ ମଧ ବିକ୍ରୀ କରିଥିବା କହିଛନ୍ତି। ସେ ତିଆରି କରୁଥିବା ରାକ୍ଷୀ ରେ ବିଶେଷ କରି ସମ୍ବଲପୁର ପଶାପାଲିର ଛାପ ଦେଉଥିବା ସେ କହିଛନ୍ତି। ଏହା ସହ ଗ୍ରାହକଙ୍କ ଡିମାଣ୍ଡ ଅନୁସାରେ ରାକ୍ଷୀରେ ଫଟୋ ଲଗାଇବା ଭଳି କଷ୍ଟମାଇଜ ରାକ୍ଷୀ ମଧ ତିଆରି କରିଛନ୍ତି। ଛୋଟ ଛୁଆଙ୍କ ପାଇଁ କାର୍ଟୁନ ରାକ୍ଷୀ ମଧ ତିଆରି କରି ବିକ୍ରୀ କରିଥିବା କହିଛନ୍ତି। ତେବେ ସବୁତକ ରାକ୍ଷୀରେ ଚର୍ମକୁ କୌଣସି ହାନୀ ନହେବା ଭଳି ସାମଗ୍ରୀ ବ୍ୟବହାର କରିଥିବା କହିଛନ୍ତି। ରାକ୍ଷୀ ଶହେ ଟଙ୍କାରୁ ଆରମ୍ଭ କରି ଗ୍ରାହକଙ୍କ ଡିଜାଇନ ଅନୁସାରେ ପାଞ୍ଚଶହ, ହଜାରେ ଟଙ୍କା ପର୍ଯ୍ୟନ୍ତ ମଧ ରହିଥିବା ସେ କହିଛନ୍ତି। ତେବେ ଖୁବ କମ ବୟସରୁ ରିତିକା ନିଜ ହାତରେ ଏହିଭଳି ସାମଗ୍ରୀ ତିଆରି କରି ବିକ୍ରୀ କରିଆସୁଥିବା ବେଳେ ସବୁ ସାମଗ୍ରୀରେ ସ୍ଥାନୀୟ ହସ୍ତକଳାକୁ ଗୁରୁତ୍ୱ ଦେଉଥିବା କହିଛନ୍ତି।

# ସାରଗାଡ଼ି ଅଟକ ମାମଲାର ତଦନ୍ତ

ଦେଓଗାଁ, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ବ୍ଲକରେ ରାସାୟନିକ ସାର କଳାବଜାର ହେଉଥିବା ଅଭିଯୋଗ ହେଉଛି। ଅନେକ ବେପାରୀ ସରକାରୀ ମୂଲ୍ୟରେ ସାର ଆଣି ଗୋଦାମରେ ଗଚ୍ଛିତ ରଖି ଚଢ଼ାଦରରେ ବିକ୍ରି କରୁଥିବା ବେଳେ କେତେକ ବେପାରୀ ୟୁରିଆ ସାର ପ୍ୟାକେଟରେ କିଛି ଅନ୍ୟ ପଦାର୍ଥ ମିଶ୍ରଣକରି ବଜାରରେ ଚଢ଼ାଦରରେ ବିକ୍ରିକରୁଥିବା ନେଇ ଅଭିଯୋଗ ହୋଇଆସୁଛି। ତେବେ ଦୁଇତଳେ ରାତିରେ ପୁଲିସ ପାଟ୍ରୋଲିଂ କରୁଥିବା ସମୟରେ ନୂଆଁପାଲି ଗାଁ ଠାରେ ଏକ ସାର ବୋଝେଇ ପିକଅପ ଗାଡିକୁ ଅଟକାଇ ଯାଞ୍ଚ କରିବା ସହ ସନ୍ଦେହରେ ଥାନାକୁ ଆଣିଥିଲେ। ପରେ କୃଷି ବିଭାଗକୁ ଖବର ଦେଇଥିଲେ ।ତେବେ ଉକ୍ତ ସାର ନୀୟମାନୁସାରେ ଆସୁଥିଲା ନା ବେଆଇନଭାବେ କଳାବଜାର ଆସୁଥିଲା ତାହା ତଦନ୍ତ ପରିସର ଭୂକ୍ତ ରହିଥିବା ପୁଲିସ ସୂଚନା ଦେଇଛି।

# କିଡ୍‌ନୀ ରୋଗରେ ଦୁଗ୍ଧ ଚାଷୀଙ୍କ ମୃତ୍ୟୁ



ମୁରିବାହାଲ, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକ ହଳଦୀ ପଞ୍ଚାୟତ ଯମୁନା ଗ୍ରାମର ଦୁଗ୍ଧ ଚାଷୀ ଭବାନୀ ବଘାର (୪୮) ଙ୍କ ଶୁକ୍ରବାର ସକାଳେ ରାୟପୁରରେ ଚିକିତ୍ସାଧିନ ଅବସ୍ଥାରେ ପରଲୋକ ହୋଇଯାଇଛି ।ସେ ଗତ କିଛି ଦିନ ଧରି କିଡନୀ ରୋଗରେ ଆକ୍ରାନ୍ତ ହୋଇ ଚିକିତ୍ସିତ ହେଉଥିଲେ ।ମୃତଦେହ ରାୟପୁରରୁ ଗାଁକୁ ଅଣାଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ସେ ଜଣେ ସଫଳ ଦୁଗ୍ଧ ଚାଷୀ ଭାବେ ପରିଚିତ ଥିଲେ। ଏକମାତ୍ର ପୁଅ ମନୀଷ ଓ ସାନଭାଇ ଟଙ୍କଧର ମୁଖାଗ୍ନି ଦେଇଥିଲେ। ତାଙ୍କ ଅକାଳ ବିୟୋଗରେ ଶୋକର ଛାୟା ଖେଳିଯାଇଛି।

# ଅନ୍ତର୍ଜାତୀୟ ଓ ଓଡ଼ିଶା ଗବେଷଣାଚକ୍ର ପାଇଁ ପ୍ରସ୍ତୁତି



କଣ୍ଟାବାଞ୍ଜି, ୮।୮ (ସମିସ): ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି କେ ଭି ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. ପଦ୍ମ ଲୋଚନ ବର୍ମାଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ସ୍ୱାଗତ ଭାଷଣ ଦେଇଥିଲେ ସ୍ନାତକୋତ୍ତର ବିଭାଗ ସମୂହର ମୁଖ୍ୟ ଡ. ସଞ୍ଜୟ କୁମାର ମିଶ୍ର। ପ୍ରଫେସର ବିଜୟ କୁମାର ବହିଦାର, ପ୍ରଫେସର ସ୍ୱର୍ଣ୍ଣମୟୀ ତ୍ରିପାଠୀ, ଜ୍ଞାନ ରଞ୍ଜନ ସ୍ୱାଇଁ, ଲୋହିତକ୍ଷ୍ୟ ଯୋଶୀ, ଶିବରାମ ବଦତ୍ୟା, ରାଜେଶ କର୍ଣ୍ଣ ତ୍ରିଲୋଚନ ପୁଞ୍ଜି, ରାଜୀବ ସାଗରିଆ, ଯଶୋବନ୍ତ ନାରାୟଣ ମିଶ୍ର, ନିଳମ୍ବର ସାରକାଙ୍କ ସହ ଅନ୍ୟ ଗଣ୍ୟମାନ୍ୟ ବ୍ୟକ୍ତି ଓ ଗବେଷକ ଯୋଗ ଦେଇଥିଲେ। ଆଗାମୀ ଜାନୁଆରୀ ମାସରେ ଆୟୋଜିତ ହେବାକୁ ଥିବା ଏ ସମ୍ମାନର ବିଷୟ ଶ୍ରମ ଓ ଶ୍ରମିକଙ୍କ ଉପରେ ପର୍ଯ୍ୟବେସିତ ହେବ ବୋଲି ନିଷ୍ପତ୍ତି ନିଆଯାଇଥିଲା। ଦେଶରୁ ଓ ଦେଶ ବାହାରୁ ଶତାଧିକ ଗବେଷକ ଏଥିରେ ଯୋଗ ଦେବେ ।ସମ୍ମାନ ପ୍ରବନ୍ଧ ପାଠ ପାଇଁ ଗବେଷକଙ୍କୁ ଅନୁରୋଧ କରାଯିବ ବୋଲି ନିଷ୍ପତ୍ତି ନିଆଯାଇଥିଲା। ଆଇକ୍ୟୁଏସି ସଂଯୋଜକ ଡ. ସୁଶାନ୍ତ ମହାନନ୍ଦ ଅତିଥି ପରିଚୟ ପ୍ରଦାନ କରିଥିଲେ ଓ ପ୍ରଦ୍ୟୁମ୍ନ ବାଗ ଧନ୍ୟବାଦ ଦେଇଥିଲେ।

# ଅନ୍ତର୍ନିର୍ବେଶୀ ଶିକ୍ଷା ନିଷ୍ଠା ତାଲିମ ଶିବିର ଉଦ୍‌ଯାପିତ

ବେଲପଡ଼ା, ୮।୮ (ସମିସ): ବେଲପଡ଼ା ନୋଡାଲ ବାଳିକା ଉଚ୍ଚ ବିଦ୍ୟାଳୟରେ ୫ ଦିନ ଧରି ଚାଲିଥିବା ଅନ୍ତର୍ନିର୍ବେଶୀ ଶିକ୍ଷା ନିଷ୍ଠା ତାଲିମ ଶିବିର ଉଦଯାପିତ ହୋଇଯାଇଛି। ବିଦ୍ୟାଳୟ ପ୍ରଧାନଶିକ୍ଷକ ବିଶ୍ୱମ୍ବର ବୁଡେକଙ୍କ ନେତୃତରେ ଅନୁଷ୍ଠିତ ଉକ୍ତ କାର୍ଯ୍ୟକ୍ରମରେ ବ୍ଲକ ଶିକ୍ଷା ଅଧିକାରି ଅଭିନବ ମିଶ୍ର, ଅତିରିକ୍ତ ଶିକ୍ଷା ଅଧିକାରି ଚତୁର୍ଭୁଜ ମିର୍ଦ୍ଧା ପ୍ରମୁଖ ଯୋଗଦାନ କରି ବିବିଧତା ପୂର୍ଣ୍ଣ ଅନ୍ତର୍ନିର୍ବେଶି ଶ୍ରେଣୀ କକ୍ଷ ଆରପିଡବ୍ଲୁଡି ଆକ୍ଟ ୨୦୧୬ ସର୍ବଜନୀନ ଶିକ୍ଷଣ ତଥା ପାଠ୍ୟକ୍ରମର ଅନୁକୁଳ ରୂପାନ୍ତରଣ ଓ ବିଭିନ୍ନ ଅକ୍ଷମତା ହେତୁ ପ୍ରଭାବିତ ହେଉଥିବା ଶିକ୍ଷାର୍ଥୀଙ୍କ ଶିକ୍ଷଣ ସମସ୍ୟା ସମ୍ବନ୍ଧରେ ତାଲିମ ପ୍ରଦାନ କରାଯାଇଥିଲା। ଏଥିରେ ବ୍ଲକର ବିଭିନ୍ନ ବିଦ୍ୟାଳୟରୁ ଆସିଥିବା ୫୬ ଜଣ ପ୍ରଧାନ ଶିକ୍ଷକ/ଶିକ୍ଷୟିତ୍ରୀଙ୍କୁ ତାଲିମ୍ ପ୍ରଦାନ କରାଯାଇଥିଲା। ଶିବିର କୁ ତୁଲାରାମ ମାଝୀ, ପ୍ରଦୀପ ସି ବାବୁ, ଗୋବର୍ଦ୍ଧନ ମେହେର, ଚିନ୍ତା ପାଢ଼ୀ ଦେବନାରାୟଣ ଦୀପ ବିଆର ସି ରାମ ପ୍ରସାଦ ମହାଲିଙ୍ଗ ପ୍ରମୁଖ ପରିଚାଳନା କରି ଶେଷରେ ଉପସ୍ଥିତ ସମସ୍ତ ଶିକ୍ଷକଶିକ୍ଷୟିତ୍ରୀଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।




କଳିକେଶଙ୍କ ବିକାଶମୂଳକ ସମୀକ୍ଷା ବୈଠକ

# ଲୋୟର ସୁକତେଲ ପ୍ରକଳ୍ପକୁ ଗୁରୁତ୍ୱ

ବଲାଙ୍ଗିର, ୮।୮ (ସମିସ)



ବଲାଙ୍ଗିର ଜଙ୍ଗଲ ବିଭାଗ ଅଫିସ ବୈଠକ ଗୃହରେ ବଲାଙ୍ଗିର ବିଧାୟକ କଳିକେଶ ନାରାୟଣ ସିଂହଦେଓଙ୍କ ଅଧକ୍ଷତାରେ ବଲାଙ୍ଗିର ସଦରନିର୍ବାଚନ ମଣ୍ଡଳୀସ୍ତରୀୟ ବିକାଶମୂଳକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ବଲାଙ୍ଗିର ଜିଲ୍ଲାର ଅତିରିକ୍ତ ଜିଲ୍ଲାପାଳଙ୍କ ସ୍ୱାଗତ ଭାଷଣ ପରେ ବିଧାୟକ ବିଭିନ୍ନ ବିଭାଗରର ଅଧିକାରୀଙ୍କୁ ନେଇ ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟ ତଥା ଯୋଜନା ବିଷୟରେ ଆଲୋଚନା କରିଥିଲେ। ତନ୍ମଧ୍ୟରୁ ଲୋୟର ସୁକତେଲ ପ୍ରକଳ୍ପକୁ ଗୁରୁତ୍ୱ ଦେଇ ବଲାଙ୍ଗିର ସଦର ବ୍ଲକ ଅର୍ନ୍ତଗତ ବଲାଙ୍ଗିର ଚନ୍ଦନଭାଟି ରାସ୍ତାରେ ବିନା ଅନୁମତିରେ ପାଇପଲାଇନ କେନାଲ ରାସ୍ତାକାଟି ଜଣେ ସାଧାରଣଜନତାଙ୍କ ଜମୀରେ ଲାଇନ୍ ବିଛାଉଥିବା ଅଭିଯୋଗକୁ ଶୁଣି ଅଧିକାରୀଙ୍କ ଉପରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ତାଗିତ କରିଥିଲେ ବିଧାୟକ କଳିକେଶ। ପରବର୍ତ୍ତୀ ସମୟରେ ଯୋଗାଣ ବିଭାଗକୁ ଅନେକ ପ୍ରଶ୍ନ କରି ବଲାଙ୍ଗିରରେ ବେଆଇନ ଭାବରେ ଟାର୍ଗେଟରୁ ଅଧିକ ଧାନ କିଣା ବିଷୟରେ ଗୁରୁତ୍ୱାରୋପ କରି ତଦନ୍ତ କରିବାପାଇଁ ଆଗାମୀ ବିଧାନସଭା ତଥା ବିଭାଗର ଉଚ୍ଚସ୍ତରୀୟ ଅଧିକାରୀଙ୍କୁ ଜଣାଇବେ ବୋଲି ସୂଚନା ଦେଇଥିଲେ ।ବଲାଙ୍ଗିର ସହରର ବିଭିନ୍ନ ମନ୍ଦିରମାନଙ୍କର ଉନ୍ନତିକରଣ ପାଇଁ ଜମୀ ଚିହ୍ନଟ ବା ଜବରଦଖଲ ହୋଇଥିବା ବିଷୟରେ ତହସିଲଦାରଙ୍କୁ ନିର୍ଦ୍ଦେଶ ଦେଇଥିବା ବେଳେ ବଲାଙ୍ଗିର ରେ ହେବାକୁ ଯାଉଛି ଚାରିଗୋଟି କଲ୍ୟାଣ ମଣ୍ଡପର ବିସ୍ତୃତ ରିପୋର୍ଟ ପ୍ରଦାନ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଗ୍ରାମ୍ୟ ଜଳଯୋଗାଣ ବିଭାଗର ଅଧିକାରୀଙ୍କୁ ବିଗତ ଦିନରେ କରିଥିବା ବିଭାଗୀୟ ସମୀକ୍ଷା ବିଷୟରେ ପଚାରି ବୁଝିଥିଲେ। ଜଙ୍ଗଲ ବିଭାଗ ଅନ୍ତର୍ଭୁକ୍ତ ଭୀମପାହାଡ ଓ ଚାନ୍ଦଲିପାହାଡ ର ଉନ୍ନତିକରଣ ପାଇଁ ଡିପିଆର ପ୍ରସ୍ତୁତ ହୋଇ ଜିଲ୍ଲାପାଳଙ୍କ ଜରିଆରେ ବିଭାଗକୁ ପଠାଇବା ପାଇଁ ଜଙ୍ଗଲ ବିଭାଗ ଓ ପର୍ଯ୍ୟଟନ ବିଭାଗକୁ ନିର୍ଦ୍ଦେଶ ଦେଇଥିଲେ। ବଲାଙ୍ଗିର ସହରରେ ପୂର୍ତ୍ତବିଭାଗ ତରଫରୁ ଡ୍ରେନେଜ ବ୍ୟବସ୍ଥା ପାଇଁ ଡକାଯାଇଥିବା ନଅ କୋଟି ବ୍ୟୟ ଅଟକଳର ଟେଣ୍ଡର ବିଷୟରେ ଆଲୋଚନା କରି ଖୁବଶିଘ୍ର କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ସାମାଜିକ ସୁରକ୍ଷା ବିଭାଗ ଓ ସ୍ୱାସ୍ଥ୍ୟବିଭାଗର ସାମଞ୍ଜସ୍ୟ ରକ୍ଷାକରି ବାର୍ଦ୍ଧକ୍ୟ ଭତ୍ତା ଓ ବିକଳାଙ୍ଗ ବତ୍ତା ଲୋକଙ୍କୁ ଯୋଗାଇ ଦେବାକୁ ନିର୍ଦ୍ଦେଶ ଦେଇଥିଲେ ।ବଲାଙ୍ଗିର ଜନସ୍ୱାସ୍ଥ୍ୟ ବିଭାଗର ବିଭିନ୍ନ ସ୍ଥାନରେ ହେଉଥିବା ଅସୁବିଧାକୁ ତୁରନ୍ତ ସମାଧାନ କରି ସହରର ବିଭିନ୍ନ ଅଞ୍ଚଳରେ ବୋରୱେଲ ରେ ଫ୍ଲୋରାଇଡ ଯୁକ୍ତ ପାଣି ପିଇ ଅନେକ ବ୍ୟକ୍ତିବିଶେଷ କିଡିନୀ ରୋଗରେ ଆକ୍ରାନ୍ତ ହେଉଥିବା ଅଭିଯୋଗକୁ ପୌରସଂସ୍ଥା ଜନସ୍ୱାସ୍ଥ୍ୟ ବିଭାଗ ଓ ସ୍ୱାସ୍ଥ୍ୟବିଭାଗର ମିଳିତ ଉଦ୍ୟମରେ ତଦନ୍ତ କରି ଉଚିତ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ବୈଠକରେ ବିଧାୟକ କଳିକେଶ ନାରାୟଣ ସିଂହଦେଓଙ୍କ ସହିତ ଅତିରିକ୍ତ ଜିଲ୍ଲାପାଳ, ପ୍ରକଳ୍ପ ନିର୍ଦ୍ଦେଶକ, ବଲାଙ୍ଗିର ସଦରବ୍ଲକ ଅଧକ୍ଷା ସରିତା ବାଗ, ଦେଓଗାଁ ବ୍ଲକର ଅଧକ୍ଷ ଦୟାନୀଧି ଖମାରୀଙ୍କ ସମେତ ବିଭିନ୍ନ ସମସ୍ତ ବିଭାଗର ଅଧିକାରୀଗଣ ଉପସ୍ଥିତ ଥିଲେ। ଶେଷରେ ଜିଲ୍ଲା ପ୍ରକଳ୍ପ ନିର୍ଦ୍ଦେଶକ ଧନ୍ୟବାଦ ଅର୍ପଣ କରିଥିଲେ।

## ସନ୍ତୋଷ ରଣା ହତ୍ୟା ଘଟଣାରେ ୨ ଗିରଫ

କଣ୍ଟାବାଞ୍ଜି,୮ ।୮ (ସମିସ): ବଲାଙ୍ଗୀର ଜିଲ୍ଲା ସିନ୍ଧେକେଲା ଥାନା ଜାମପଡ଼ା ଗ୍ରାମର ସନ୍ତୋଷ ରଣା ହତ୍ୟାକାଣ୍ଡର ପର୍ଦାଫାଶ କରିଛି ପୁଲିସ। ସନ୍ତୋଷ ରଣାକୁ ହତ୍ୟା କରାଯାଇଥିବା



ପରିବାରଲୋକେ ଅଭିଯୋଗ ଆଣିଥିଲେ। ପୁଲିସ ତଦନ୍ତ ଆରମ୍ଭ କରିଥିଲା। ପ୍ରାଥମିକ ତଦନ୍ତରେ ବାରହା ଶିକାର ପାଇଁ ବିଛାଯାଇଥିବା ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ଜୀବନ ଯାଇଥିବା ପୁଲିସ ସୂଚନା ଦେଇଛି। ରାତିରେ ସନ୍ତୋଷ ରଣା ଯାଇଥିବା ବେଳେ ବିଦ୍ୟୁତ ସଂସ୍ପର୍ଶରେ ଆସିଯାଇଥିଲା। ତାର ବିଛାଇଥିବା ୨ ଜଣ ଅଭିଯୁକ୍ତ ଜାମପଡ଼ା ଗ୍ରାମର ଖଗପତି ରଣା, ଝିଙ୍କିପଡ଼ା ଗ୍ରାମର ମୁରଲୀ ଖର୍ସେଲକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ନେଇ ସାମ୍ବାଦିକ ସମ୍ମିଳନୀରେ ଟିଟିଲାଗଡ ଏସଡ଼ିପିଓ ଯଶୋବନ୍ତ ପ୍ରଧାନୀ ସୂଚନା ଦେଇଛନ୍ତି।

## ସ୍ୱାଧୀନତା ଦିବସ ପାଳନ ଲାଗି ପ୍ରସ୍ତୁତି



ଧର୍ମଗଡ଼,୮ ।୮ (ସମିସ): କଳାହାଣ୍ଡି ଜିଲ୍ଲା ଧର୍ମଗଡରେ ୭ ୯ ତମ ଉପଖଣ୍ଡ ସ୍ତରୀୟ ସ୍ୱାଧୀନତା ଦିବସ ପାଳନ ନିମନ୍ତେ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଧର୍ମଗଡ ବ୍ଲକ୍ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଉପଜିଲ୍ଲାପାଳ ପ୍ରେକ୍ଷା ଅଗ୍ରୱାଲ ଅଧ୍ୟକ୍ଷତା କରିଥିଲେ। ଏହି ବୈଠକରେ ସହ ଅତିରିକ୍ତ ଉପଜିଲ୍ଲାପାଳ ଅଜୟ ତିର୍କୀ, ସହ ଜିଲ୍ଲାପାଳ ଚୋଲଗଙ୍ଗ ପ୍ରଧାନ, ତହସିଲଦାର କୀର୍ତ୍ତିଚନ୍ଦ୍ର ପ୍ରଧାନ, ଡିଏସପି ଡୋଳାମଣି ଭୋଇ, ବିଡିଓ ସଦାଶିବ ନାୟକ, ନଗରପାଳ ଅଶୋକ ମହାନ୍ତି, ଏନଏସି ନିର୍ବାହୀ ଅଧିକାରୀ ବିଶ୍ୱମ୍ବର ମିଶ୍ର, ଥାନା ଅଧିକାରୀ ସୁଦର୍ଶନ ନାୟକ, ପୂର୍ବତନ ଏନଏସି ଅଧ୍ୟକ୍ଷା ହୀରା ବାଗ, ବରିଷ୍ଠ ସାମ୍ବାଦିକ ବିଦ୍ୟାଧର ସାହୁ, ବିରଞ୍ଚି ନାରାୟଣ ଜାଲ, ଉମେଶ ଦୁରିଆ, ଅଧ୍ୟାପକ ମାଧବ ଲହଜଲ, କ୍ରୀଡା ଶିକ୍ଷକ ଅଭୟ ବାଗ, ସନ୍ତୋଷ ପାଣିଗ୍ରାହୀ, ଶ୍ରବଣ ଜାଲ, ସରୋଜ ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ। ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରମେଶ ଚନ୍ଦ୍ର ସିଂ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

### ବିଜେଡି ପକ୍ଷରୁ ଏସ୍‌ପି ଅଫିସ, କୋମନା ଥାନା ଘେରଉ

# ହିଂସା ରୋକିବାରେ ବିଫଳ ସରକାର






ନୂଆପଡା,୮ ।୮ (ସମିସ):

ନବୀନ ସରକାର ସବୁବେଳେ ନାରୀଙ୍କୁ ସମ୍ମାନ ଦେବାରେ କେବେ ହେଲେ ହେଳା କରି ନ ଥିଲେ; ହେଲେ ବର୍ତ୍ତମାନ ରାଜ୍ୟରେ ଦିନକୁ ଦିନ ମହିଳାଙ୍କ ପ୍ରତି ହିଂସା, ଅତ୍ୟାଚାର ବଢ଼ିବାରେ ଲାଗିଛି। ସରକାର ନିଦାବିଷ୍ଟ ହୋଇ ଶୋଇ ରହିଛନ୍ତି। ଏସବୁ ରୋକିବାରେ ବିଫଳ ହେଉଛି। ବିଜେଡି ଏହା କହିଛି। ଦଳ ତରଫରୁ ନୂଆପଡ଼ା ଜିଲ୍ଲା ବ୍ୟାପି ୫ଟି ବ୍ଲକ ଅଞ୍ଚଳରେ ଥାନା ଘେରଉ କରାଯାଇଛି। ସେହିଭଳି ଏସପିଙ୍କ କାର୍ଯ୍ୟାଳୟ ମଧ ଘେରଉ କରାଯାଇଥିଲା। ରାଜ୍ୟ ପୁଲିସ ମହା ନିର୍ଦ୍ଦେଶକଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରାଯାଇଛି। ସ୍ଥାନୀୟ ପୁଲିସ ପଡିଆରେ ବିଜେଡିର ଏକ କର୍ମୀ ସମାବେଶ ହୋଇଥିଲା।

### ଡିଜିଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ

ସେଠାରେ କେନ୍ଦ୍ର ଓ ରାଜ୍ୟ ବିଜେପିର ଅପାରଗତା ଉପରେ ସମାଲୋଚନା କରାଯାଇଥିଲା। ସେଠାରୁ ଏକ ଶୋଭାଯାତ୍ରାରେ ବାହାରି ନଗର ପରିକ୍ରମା କରିଥିଲା। ଶେଷରେ ଏସପି ଅଫିସ ନିକଟରେ ପହଞ୍ଚି ଘେରଉ କରିଥିଲେ। ବିକ୍ଷୋଭ ପ୍ରଦର୍ଶନ କରି ସରକାରଙ୍କ ବିରୋଧରେ ବିଜେଡି ନେତାମାନେ ବର୍ଷିଥିଲେ। ପୁଲିସ ଡିଜିଙ୍କ ଉଦ୍ଦେଶ୍ୟରେ ଏଏସପି ରଞ୍ଜିତ ନାଏକଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ। ଏହି ସମାବେଶରେ ଜୟ ଢୋଲକିଆ, ଜିଲ୍ଲା ବିଜେଡି ସାଧାରଣ ସଂପାଦକ କାର୍ତ୍ତିକ ଦୀପ, ରାଜେଶ ନିଗମ, ଧନୀରାମ ସାହୁ, ଦିଲୀପ ନିର୍ମଳକର, ଗୋଲୁ ଚନ୍ଦ୍ରକାର, ଚନ୍ଦ୍ରକାନ୍ତ ଠାକୁର ପ୍ରମୁଖ ସାମିଲ ଥିଲେ। ଜୁନାଗଡ: କଳାହାଣ୍ଡି ଜିଲ୍ଲା ଜୁନାଗଡ଼ ସହରରେ ମଧ ବିଜୁ ମହିଳା ଓ ଛାତ୍ର ଜନତା ଦଳ ପକ୍ଷରୁ ଏକ ବିଶାଳ ଶୋଭାଯାତ୍ରା କରାଯାଇଥିଲା। ଗାଁଠୁ ସହର, ବେଳାଭୂମିରୁ କଲେଜ କ୍ୟାମ୍ପସ ସବୁଠି ଛାତ୍ରୀ, ମହିଳା ଅସୁରକ୍ଷିତ ବୋଲି ଦଳ କହିଛି। ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳାକୁ ନେଇ ସରକାର ନୀରବ ଦ୍ରଷ୍ଟା ବୋଲି ଦଳ କହିଛି। ଏହିସବୁ ଅଭିଯୋଗ କରି ବିଜୁ ମହିଳା ଓ ଛାତ୍ର ଜନତା ପକ୍ଷରୁ ଏକ ବିଶାଳ ଶୋଭାଯାତ୍ରା କରାଯାଇଥିଲା। ବିଜୁ ଜନତା ଦଳର ନେତୃ ମଣ୍ଡଳୀଙ୍କ ସମେତ ଶହଶହ ଛାତ୍ରଛାତ୍ରୀ ଜୁନାଗଡସ୍ଥିତ ସାପ୍ତାହିକ ବଜାର ପଡ଼ିଆଠାରୁ ଏକ ବିଶାଳ ଶୋଭାଯାତ୍ରାରେ ବାହାରିଥିଲେ। ବିଭିନ୍ନ ସ୍ଲୋଗାନ ଦେଇ ଜୁନାଗଡ଼ ଥାନା ପର୍ଯ୍ୟନ୍ତ ଆସିଥିଲେ। ସେଠାରେ ଥାନା ଅଧିକାରୀଙ୍କୁ ଡିଜିଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ବିଜୁ ଛାତ୍ର ଜନତା ଦଳର ରାଜ୍ୟ କାର୍ଯ୍ୟକାରିଣୀ ସଭାପତି ଅବିନାଶ ଠାକୁର, ଜିଲ୍ଲା ଯୁବ ସଭାପତି ଆଦିତ୍ୟ ନନ୍ଦ, ସମ୍ପାଦକ ମହେଶ ସାହୁ, ଜିଲ୍ଲା ପରିଷଦ ଉପ ସଭାପତି ସୁଧିରା ମେହେର, ଜୁନାଗଡ଼ ନଗରପାଳ ହିମାଦ୍ରୀ ନାଏକ, ବ୍ଲକ ଉପାଧକ୍ଷ ପ୍ରମୋଦ ବେହେରା, ୟୁଥ୍ ସଭାପତି ହିମାଂଶୁ ପୁଝାରି, ନଗର ସଭାପତି ସତୀଶ ପ୍ରଧାନ, ସଚିନ ଆଦାନୀ ଏବଂ ଦିନେଶ ବଗର୍ତ୍ତି ପ୍ରମୁଖ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ।

## ରାତିରେ ବିଇଓଙ୍କ ଆବାସିକ ବିଦ୍ୟାଳୟ ପରିଦର୍ଶନ

### ଖାଦ୍ୟର ମାନ ଯାଞ୍ଚ କଲେ, ଛାତ୍ରଛାତ୍ରୀଙ୍କ ରାତ୍ରୀ ଭୋଜନ ଖାଇଲେ

ଲାଞ୍ଜିଗଡ,୮ ।୮ (ସମିସ): କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକରେ ବିଭିନ୍ନ ଆବାସିକ ବିଦ୍ୟାଳୟରେ ଖାଦ୍ୟପେୟକୁ ନେଇ ଅନେକ ସମୟରେ ଅଭିଯୋଗ ହୋଇ ଆସୁଛି। ହଷ୍ଟେଲ କର୍ତ୍ତୃପକ୍ଷ ମେନୁ ହିସାବରେ ଖାଦ୍ୟ ହେଉ ନ ଥିବା ଅଭିଯୋଗ ମଧ ବାରମ୍ବାର ଆସୁଛି। ଏହାକୁ ଦୃଷ୍ଟିରେ ରଖି ଲାଞ୍ଜିଗଡ଼ ଗୋଷ୍ଠୀ ଶିକ୍ଷାଧିକାରୀ ରଷିଆ ମେହେର ରାତିରେ ବିଭିନ୍ନ ଆବାସିକ ବିଦ୍ୟାଳୟରେ ପହଞ୍ଚି ତଦାରଖ କରିଛନ୍ତି। ଏହିକ୍ରମରେ ସେ ବିଶ୍ୱନାଥପୁର ଉଚ୍ଚ ପ୍ରାଥମିକ ଆବାସିକ ବିଦ୍ୟାଳୟରେ ପହଞ୍ଚିଥିଲେ। ଅନ୍ତେବାସୀଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିବା ସହ ମେନୁ ଅନୁଯାୟୀ ଖାଦ୍ୟ ଠିକ ଭାବରେ ଦିଆଯାଉଛି କି ନାହିଁ ତାହା ପରଖିଥିଲେ। ବିଭିନ୍ନ ପ୍ରକାର ଆନୁଷ୍ଠାନିକ ବ୍ୟବସ୍ଥା ଉପରେ ତଦାରଖ କରିଥିଲେ। ସେହିଭଳି ଆଦର୍ଶ ବିଦ୍ୟାଳୟ ଓ ଭଯୋଡ଼ାବନ୍ଦ ଛାତ୍ରୀ ନିବାସରେ ପହଞ୍ଚି ବ୍ୟବସ୍ଥା ଅନୁଧ୍ୟାନ କରିଥିଲେ। ହଷ୍ଟେଲ ଅନ୍ତେବାସୀଙ୍କ ସହ ରାତ୍ରି



ଭୋଜନ କରି ଖାଦ୍ୟର ମାନ ପରଖିଥିଲେ। ହଷ୍ଟେଲ କର୍ତ୍ତୃପକ୍ଷ ଝିଅମାନଙ୍କୁ ଆବଶ୍ୟକ ସାମଗ୍ରୀ ଯୋଗାଇ ଦେଉଛନ୍ତି କି ନାହିଁ ସେ ନେଇ ଆଲୋଚନା କରଥିଲେ। ଏହି ପରିଦର୍ଶନ ସମୟରେ ପୂର୍ବତନ ଏବିଇଓ ଲକ୍ଷ୍ମୀପ୍ରିୟା ମୁଦୁଲି ସାମିଲ ଥିଲେ। ବ୍ଲକ ଶିକ୍ଷା ଅଧିକାରୀଙ୍କ ରାତିରେ ଏହି ଗସ୍ତକୁ ନେଇ ହଷ୍ଟେଲ କର୍ତ୍ତୃପକ୍ଷଙ୍କ ମଧ୍ୟରେ ଭୟର ବାତାବରଣ ଦେଖାଦେଇଛି। ଅଭିଭାବକ ମହଲରେ ଏହାକୁ ଉଚିତ ପଦକ୍ଷେପ ବୋଲି ପ୍ରଶଂସା କରାଯାଇଛି।

## ଦୁର୍ଘଟଣାରେ ୨ ଜଣଙ୍କ ମୃତ୍ୟୁ

କୋମନା,୮ ।୮ (ସମିସ): ନୂଆପଡା ଜିଲ୍ଲା କୋମନା ଥାନା ଅଧୀନ କ୍ରିଷ୍ଟା ଓ ଉଦ୍ୟାନବନ୍ଧ ୩୫୩ ନମ୍ବର ଜାତୀୟ ରାଜପଥ ମଝିରେ ଶୁକ୍ରବାର ରାତିରେ ଦୁର୍ଘଟଣା ଘଟିଛି। ଏଥିରେ ୨ ଜଣ ବାଇକ ଆରୋହୀଙ୍କ ଘଟଣା ସ୍ଥଳରେ ମୃତ୍ୟୁ ଘଟିଛି। ମୃତକ ଦ୍ୱୟ କୋମନା ଥାନା ଖଇରଭାଡ଼ିର ଗ୍ରାମର ବୋଲି ଜଣା ପଡ଼ିଛି। ଘଟଣା ସ୍ଥଳରେ ଥାନା ଅଧିକାରୀ ସୁମନ୍ତ ନାଏକ ଉପସ୍ଥିତ ଥିବା ବେଳେ ଅଗ୍ନିଶମ ଅଧିକାରୀ ଓ କର୍ମଚାରୀ ପହଞ୍ଚି ଉଦ୍ଧାର କାର୍ଯ୍ୟରେ ସାମିଲ ହୋଇଛନ୍ତି।

## ଗ୍ରାମାଞ୍ଚଳ ଛାତ୍ରଛାତ୍ରୀଙ୍କୁ ପାଠ୍ୟ ଉପକରଣ ବଣ୍ଟନ

ଭବାନୀପାଟଣା,୮ ।୮ (ସମିସ): ଶଗଡା ସରକାରୀ ଉଚ୍ଚ ବିଦ୍ୟାଳୟରେ ଫ୍ୟୁଜନ ଫାଇନାନ୍ସ ଗ୍ରାମାଞ୍ଚଳ ଛାତ୍ରଛାତ୍ରୀଙ୍କୁ ପାଠ୍ୟ ଉପକରଣ ବଣ୍ଟନ କରିଛି। ପ୍ରଧାନ ଶିକ୍ଷକ ଡ. ସାଧୁଚରଣ ପଣ୍ଡା, ସୁକାନ୍ତ ସାହୁ, ଅମ୍ରିତଲାଲ ରାମ୍, ଭବାନୀପାଟଣା ଡିଭିଜିନାଲ ମ୍ୟାନେଜର ପ୍ରଶାନ୍ତ ସୁବୁଦ୍ଧି, ଆଡମିନ ଏକଲବ୍ୟ ମାହାର, ଏଚ୍‌ଆର୍ ଲକ୍ଷ୍ମୀକାନ୍ତ ମହାରଣା ପ୍ରମୁଖ ଉପସ୍ଥିତ ଥିଲେ।



## ଜିଲ୍ଲାପାଳଙ୍କ ଅଫିସ ଘେରଉ



ନୂଆପଡା,୮ ।୮ (ସମିସ): ଓଡିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ଶୁକ୍ରବାର ଜିଲ୍ଲାପାଳଙ୍କ ଅଫିସ ଘେରଉ କରାଯାଇଛି। ଜିଲ୍ଲା ସମ୍ପାଦକ ରବୀନ୍ଦ୍ର ନାଥ ଯୋଷୀଙ୍କ ନେତୃତ୍ୱରେ ଏକ ବିଶାଳ ଶୋଭାଯାତ୍ରା ଜିଲ୍ଲା ମିନି ଷ୍ଟାଡିୟମରୁ ବାହାରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ନିକଟରେ ପହଞ୍ଚିଥିଲା। ସେଠାରେ ବିକ୍ଷୋଭ ସମାବେଶରେ ଦାବି ଉପସ୍ଥାପନ କରାଯାଇଥିଲା। ନୂତନ ଅନୁଦାନପ୍ରାପ୍ତ ବିଦ୍ୟାଳୟ ଓ କଲେଜର କର୍ମଚାରୀଙ୍କ ପାଇଁ ପେନସନ ଓ ଚାକିରି ସର୍ତ୍ତାବଳୀ ଲାଗୁ, ଅନୁଦାନପ୍ରାପ୍ତ ସ୍କୁଲ ଓ କଲେଜଗୁଡ଼ିକୁ ସରକାରୀକରଣ, ୨୦୦୪ରୁ ୨୦୧୩ ମଧ୍ୟରେ ନିଯୁକ୍ତି ପାଇଥିବା ଶିକ୍ଷକ ଓ କର୍ମଚାରୀଙ୍କୁ ବରିଷ୍ଠତା ଓ ୬ଟି ନ୍ୟାସନାଲ ଇନକ୍ରୀମେଣ୍ଟ ପ୍ରଦାନ, ଯୋଗ୍ୟ ବିବେଚିତ ସମସ୍ତ ସ୍କୁଲ କଲେଜକୁ ଅନୁଦାନ ପ୍ରଦାନ, ଅବସର ବୟସ ସୀମା ୬୦ରୁ ୬୨ ବର୍ଷକୁ ବୃଦ୍ଧି ଆଦି ଉପରେ ଆଲୋଚନା ହୋଇଥିଲା। ଓଷ୍ଟା ଜିଲ୍ଲା ସଭାପତି ବନ ବିହାରୀ ମେହେର, କାର୍ଯ୍ୟକାରୀ ସଭାପତି ସୁଶାନ୍ତ ବିଶି ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଆଫ୍ରିକାର ସର୍ବୋଚ୍ଚ ଗିରି ଶୃଙ୍ଗ ମାଉଣ୍ଟ କିଲିମାଞ୍ଜାରୋ ଅଭିଯାନରେ କଳାହାଣ୍ଡିର ରାହୁଲ

ଭବାନୀପାଟଣା,୮ ।୮ (ସମିସ): କଳାହାଣ୍ଡି ଜିଲ୍ଲା ଦେପୁର ଗ୍ରାମର ବ୍ୟାସଦେବ ପଧାନ ଓ ଆରତୀ ପଧାନଙ୍କ ପୁତ୍ର ତଥା ଯୁବ ସାହସୀ ଏବଂ ଓଡ଼ିଶାର ପ୍ରଥମ ପ୍ୟାରାଗ୍ଲାଇଡିଂ ପାଇଲଟ୍ ରାହୁଲ ପଧାନ ଆଫ୍ରିକାର ସର୍ବୋଚ୍ଚ ପର୍ବତ ମାଉଣ୍ଟ କିଲିମାଞ୍ଜାରୋ (୫,୮୯୫ ମିଟର) ଅଭିଯାନ ଆରମ୍ଭ କରିଛନ୍ତି। ଏହି ଅଭିଯାନ ଦ୍ୱାରା ରାହୁଲ "ସେଭେନ୍ ସମିଟ୍" ଚ୍ୟାଲେଞ୍ଜ (ପ୍ରତ୍ୟେକ ମହାଦେଶର ସର୍ବୋଚ୍ଚ ପର୍ବତ ଆରୋହଣ) ପୂରଣ କରିବା ଲକ୍ଷ୍ୟକୁ ଆଉ ଏକ ଦୃଢ଼ ପାଦ ଦେଇଛନ୍ତି। ଏହା ପୂର୍ବରୁ ସେ ମାଉଣ୍ଟ ଏଲବ୍ରୁସ (ୟୁରୋପ୍ର ସର୍ବୋଚ୍ଚ ପର୍ବତ)କୁ କେବଳ ୨୨ ଘଣ୍ଟା ମଧ୍ୟରେ କୌଣସି ସହଯୋଗ ବିନା ଅଭିଯାନ ପୂରଣ କରିଥିଲେ।



## ବିଶ୍ୱ ସ୍ତନ୍ୟପାନ ଦିବସ ପାଳନ

କେସିଙ୍ଗା,୮ ।୮ (ସମିସ): ଏସବିଆଇ ଏବଂ ରାମକି ଫାଉନଡେସନର ମିଳିତ ଆନୁକୂଲ୍ୟରେ ବିଶ୍ୱ ସ୍ତନ୍ୟପାନ ଦିବସ ପାଳନ କରାଯାଇଛି। ସ୍ଥାନୀୟ ଡୁଙ୍ଗୁରିପଦରସ୍ଥିତ ଅଙ୍ଗନବାଡି କେନ୍ଦ୍ରରେ ଅଙ୍ଗନବାଡିକର୍ମୀ ରୁକ୍ମଣୀ ନାୟକ, ତିଳୋତ୍ତମା ଜାନି, ୱାର୍ଡ ମେମ୍ବର ଭବାନୀ ମଙ୍ଗରାଜ, ରାମକି ଫାଉନଡେସନର ଡାକ୍ତର ବିମଳ ଚରଣ ଷଡଙ୍ଗୀ, ଜ୍ୟୋସ୍ନାମୟୀ ବେହେରା ପ୍ରମୁଖ ଉପସ୍ଥିତ ଥିଲେ। ସ୍ତନ୍ୟାପାନର ଉପାଦାୟତା ଏବଂ ପୁଷ୍ଟିକର ଖାଦ୍ୟ ଉପରେ ଗର୍ଭବତି ଏବଂ ପ୍ରସୂତି ମା'ମାନଙ୍କୁ ଜାଗୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଗ୍ରାମର ୪୫ ଜଣ ମହିଳା ଉପସ୍ଥିତ ଥିଲେ। ଏହି କାର୍ଯ୍ୟକ୍ରମକୁ ପଙ୍କଜିନି ରଣା, ନିତୁ ନାୟକ, ନିରଞ୍ଜନ ହାତୀ ଏବଂ ଲିଙ୍ଗରାଜ ସ୍ୱାଇଁ ସହଯୋଗ କରିଥିଲେ।



## ଗଙ୍ଗାଧର ଜୟନ୍ତୀ ଉପଲକ୍ଷେ ପ୍ରତିଯୋଗିତା

ସିନାପାଲି,୮ ।୮ (ସମସ):ସ୍ୱଭାବକବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ପାଳନ ଅବସରରେ ନୂଆପଡ଼ା ଜିଲ୍ଲାର ଅଗ୍ରଣୀ ସାହିତ୍ୟ ଅନୁଷ୍ଠାନ ଗଙ୍ଗାଧର ସାରସ୍ୱତ ସମିତି ତରଫରୁ ସିନାପାଲି ବ୍ଲକସ୍ତରୀୟ ବକ୍ତୃତା ଓ ଗୀତ ପ୍ରତିଯୋଗିତା ଶୁକ୍ରବାର ଅନୁଷ୍ଠିତ ହୋଇଛି। ଏଥିରେ ସିନାପାଲି ବ୍ଲକର ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ। ବକ୍ତୃତା ବିଭାଗରେ ତୃପ୍ତିମୟୀ ମେହେର, ବିଶାଖା ମେହେର, ଦୀପ୍ତିମୟୀ ବୈଠାରୁ, ଗୀତ ବିଭାଗରେ ପୂଜା ସା, ଲେଖା ମେହେର, ରଞ୍ଜିତା ମେହେର ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ଅଧିକାର କରିଥିଲେ। ଏହି ଅବସରରେ ସ୍ଥାନୀୟ ହାଇସ୍କୁଲଠାରେ ସମିତିର ସଭାପତି ବୈଷ୍ଣବ ମେହେରଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ଅତିଥି ଭାବେ ବିଶିଷ୍ଟ ସଂଗୀତଜ୍ଞ ଅଶୋକ ମିଶ୍ର, ତ୍ରିନାଥ ମେହେର, ମନୋରଞ୍ଜନ ମେହେର, ଲଳିତ ସୁନାରୀ, ସମିତି ସଂପାଦକ ତରୁଣ ମେହେର ପ୍ରମୁଖ ଯୋଗ ଦେଇଥିଲେ। "ପ୍ରକୃତିର ଅନନ୍ୟ ରୂପକାର କବି ଗଙ୍ଗାଧର' ଶୀର୍ଷକ ବକ୍ତୃତା ପ୍ରତିଯୋଗିତାର ଅଧ୍ୟାପକ ଧ୍ରୁବଚରଣ ପଧାନ, ଅଧ୍ୟାପକ କନକବର୍ଦ୍ଧନ ସାହୁ ଓ ପ୍ରାବନ୍ଧିକ ପ୍ରଦ୍ୟୁମ୍ନ ସିଂହ ଚିଦା ଏବଂ ଦେଶାତ୍ମବୋଧକ ଗୀତ ପ୍ରତିଯୋଗିତାରେ ସଂଗୀତଜ୍ଞ ବଂଶୀଧର ଜଗତ, ଚୂଡ଼ାମଣି ମେହେର, ଦୀପକ ସା ବିଚାରକ ଭାବରେ ଉପସ୍ଥିତ ଥିଲେ। ଗୌତମ ମେହେର ସମସ୍ତଙ୍କୁ



ସ୍ୱାଗତ କରିଥିବା ବେଳେ ନିକୁଞ୍ଜ ବିହାରୀ ସା, ପ୍ରେମାନନ୍ଦ ମେହେର, କମଳଜିତ ବୈକାର, ହରେକୃଷ୍ଣ ମେହେର, ମହେଶ ମେହେର ପ୍ରମୁଖ ସହଯୋଗ କରିଥିଲେ। ସୂଚନାଯୋଗ୍ୟ, ଶନିବାର ସମିତି ତରଫରୁ କବିଙ୍କ ଭବ୍ୟ ଜୟନ୍ତୀ ସମାବେଶ ପାଳନ ହେବ। ଏହି ଅବସରରେ ଅନୁଷ୍ଠିତ କବିତା ପାଠୋତ୍ସବ ଓ ସାହିତ୍ୟ ସଭାରେ ବିଶିଷ୍ଟ ସାହିତ୍ୟିକ ଯୋଗଦେବାର କାର୍ଯ୍ୟକ୍ରମ ରହିଛି।

## ଛେଳି ଚୋରି ଅଭିଯୋଗରେ ୪ ଗିରଫ

ନୂଆପଡ଼ା/ସିନାପାଲି,୮ ।୮ (ସମିସ): ନୂଆପଡ଼ା ଜିଲ୍ଲା ସିନାପାଲି ଥାନା ପୁଲିସ ଛେଳି ଚୋରି ଅଭିଯୋଗରେ ୪ ଜଣଙ୍କୁ ଗିରଫ କରିଛି। ଏମାନେ ହେଲେ ନିଲଜି ଗାଁର ଭାଟି ସାଗର (୨୫), ହୁତାଶନ ସୁନାନି(୪୫), ଅଶୋକ ବାଗ (୩୨) ଓ ପ୍ରଦୀପ ଜଗତ(୨୨)। ନିଲଜି ଗାଁର ଜଗଦୀଶ ନିଆଲଙ୍କ ଅଭିଯୋଗର ତଦନ୍ତ କରି ପୁଲିସ ଏମାନଙ୍କୁ ଗିରଫ କରିଛି। ଗତ ୭ ତାରିଖ ରାତିରେ ତାଙ୍କ ଘର ତାଲା ଭାଙ୍ଗି ୩ ଗୋଟି ଛେଳି ଚୋରି ହୋଇ ଯାଇଥିବା ସେ ସିନାପାଲି ଥାନାରେ ଅଭିଯୋଗ କରିଥିଲେ। ପୁଲିସ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ଶେଷରେ ଛେଳି ୩ଟିକୁ ଉଦ୍ଧାର କରିବା ସହ ଏମାନଙ୍କୁ ଗିରଫ କରାଯାଇଥିବା ଥାନା ଅଧିକାରୀ ରଶ୍ମିତା ପ୍ରଧାନ ସୂଚନା ଦେଇଛନ୍ତି।

## ମେହେର ଜୟନ୍ତୀ ଉଦ୍‌ଘାଟିତ



ମ.ରାମପୁର,୮ ।୮ (ସମିସ):ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର ପରିସରରେ ଯୁଗଯାତ୍ରୀ ସାହିତ୍ୟ ସଂସଦ ପକ୍ଷରୁ ପ୍ରକୃତି କବି ଗଙ୍ଗାଧର ମେହେର ଜୟନ୍ତୀ ପାଳିତ ହୋଇଛି। ପ୍ରଧାନ ଆଚାର୍ଯ୍ୟ କିଶୋର ଚନ୍ଦ୍ର ତ୍ରିପାଠୀ, ଅଭିଳାଷା ସିଂହଦେଓ, ବାରବନ୍ଧା ସରପଞ୍ଚ ବୃନ୍ଦାବତୀ ପାଠକ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଉପ ସଭାପତି ରାକେଶ କୁମାର ଶତପଥୀ ସଭାପତିତ୍ୱ କରିଥିଲେ। ହେମନ୍ତ ସାହୁ ପରିଚାଳନା କରିଥିବା ବେଳେ ସହ ସମ୍ପାଦକ ପରମାନନ୍ଦ ବିଶି ଧନ୍ୟବାଦ୍ ଅର୍ପଣ କରିଥିଲେ। ନାରାୟଣ ମହାଳିକ, ଶିକ୍ଷୟିତ୍ରୀ ଜ୍ୟୋସ୍ନା ମହାରଣା, ଧୀରେନ୍ଦ୍ର ମହାନ୍ତି, ଅକ୍ଷୟ ତ୍ରିପାଠୀ, ସରୋଜ ଘଡେଇ, ଅଙ୍କିତ ଦଣ୍ଡ ସେନା ପ୍ରମୁଖ ସହଯୋଗ କରିଥିଲେ।

## କାର୍ ଧକ୍କାରେ ବାଇକ୍‌ଆରୋହୀ ମୃତ

ବୌଦ୍ଧ,୮ ।୮ (ସମିସ): ବୌଦ୍ଧ ଥାନା ରଇଠାଣୀ ଗାଁ ନିକଟରେ ଶୁକ୍ରବାର ରାତିରେ ଏକ ବାଇକ୍ ଏବଂ ଗୋଟିଏ କାର୍ ମଧ୍ୟରେ ମୁହାମୁହିଁ ଧକ୍କା ହୋଇଛି। ଏଥିରେ ବାଇକ୍ ଆରୋହୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଲାଣ୍ଡିବନ୍ଧ ଗ୍ରାମର ଉଦଣ୍ଡ ନାଏକ। ସେହିଭଳି ତାଙ୍କ ସହ ବାଇକ୍‌ରେ ଯାଉଥିବା ଦାମୋଦରପୁର୍ ଗ୍ରାମର ପ୍ରସାଦୀ ବାଘ ଗୁରୁତର ହୋଇଛନ୍ତି। ଉଭୟ ବାଇକରେ ଘରକୁ ଫେରୁଥଲେ। ଏହି ସମୟରେ ସାମ୍ନାରୁ ଆସୁଥିବା ଏକ କାର ସହ ଧକ୍କା ହୋଇଥିଲା। ଏହା ଫଳରେ ଉଭୟ ଗୁରୁତର ଆହତ ହୋଇଥିଲେ। ସ୍ଥାନୀୟ ଲୋକେ ଉଭୟଙ୍କୁ ଉଦ୍ଧାର କରି ୧୦୮ ଆମ୍ବୁଲାନ୍ସ ଯୋଗେ ବୌଦ୍ଧ ଡାକ୍ତରଖାନା ପଠାଇ ଥିଲେ। ଡାକ୍ତର ପରୀକ୍ଷା କରି ଉଦଣ୍ଡଙ୍କୁ ମୃତ ଘୋଷଣା କରିଥିଲେ। ପ୍ରସାଦୀ ଗୁରୁତର ଅଛନ୍ତି। ବୌଦ୍ଧ ପୁଲିସ ଉଭୟ ଗାଡିକୁ ଜବତ କରିଛି। ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା।

# ଛୁରାମାଡ଼ରେ ଯୁବକଙ୍କ ମୃତ୍ୟୁ

- ସାମାନ୍ୟ ବଚସାରୁ ହତ୍ୟା
- ୨ ଜଣ ଗିରଫ
- ଜଣେ ନାବାଳକ ମୁଖ୍ୟ ଅଭିଯୁକ୍ତ

ଭବାନୀପାଟଣା,୮ ।୮ (ସମିସ):

ଭବାନୀପାଟଣା ଘୋଡାଘାଟ ଛକ ନିକଟ ପୌରପରିଷଦ କାର୍ଯ୍ୟାଳୟ ନିକଟରେ ଗୁରୁବାର ରାତିରେ ଅଘଟଣ ଘଟିଛି। ସାମାନ୍ୟ ବଚସାରୁ ଛୁରାମାଡ଼ ଘଟଣାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ଜଣକ ଭବାନୀପାଟଣା ସହରସ୍ଥିତ ବିବିସି ପଡାର ସତ୍ୟନାରାୟଣ ରାଏ(୨୪)। ଏ ନେଇ ମୃତକଙ୍କ ଭାଇ ଶିବମ ଶୁକ୍ରବାର ସକାଳେ ଟାଉନ ଥାନାରେ ଏକ ଲିଖିତ ଅଭିଯୋଗ କରିଛନ୍ତି। ଟାଉନ ଥାନା ପୁଲିସ ତଦନ୍ତ କରି ଏହି ଘଟଣାରେ ସଂପୃକ୍ତ ଥିବା ୨ ଜଣ ଯୁବକଙ୍କୁ ଗିରଫ କରିଛି। ଏଥି ସହ ଜଣେ ନାବାଳକ ମଧ ଧରା ପଡିଛି। ଗିରଫ ୨ ଯୁବକ ହେଲେ ଭବାନୀପାଟଣା ହରରର ଶିବାନନ୍ଦ ଗୌଡ଼ (୨୮) ଓ ରୋଶନ ଲାଲ ବାଗ (୨୪)। ନାବାଳକଙ୍କୁ ଜୁଭେନାଇଲ ଜଷ୍ଟିସ ବୋଡର୍‌ରେ ହାଜର କରାଯାଇଛି। ତେବେ ଏହି ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ନାବାଳକ ବୋଲି ଟାଉନ ଥାନା ଆଇଆଇସି ପ୍ରକାଶ କରିଛନ୍ତି। ଭବାନୀପାଟଣା ଟାଉନ ଥାନାରେ ଏକ ମାମଲା ରୁଜୁ ହୋଇଛି। ଭବାନୀପାଟଣା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଶବ ବ୍ୟବଚ୍ଛେଦ ପରେ ମୃତଦେହକୁ ପରିବାର ଲୋକଙ୍କୁ ପୁଲିସ ହସ୍ତାନ୍ତର କରିଛି। ଭବାନୀପାଟଣା ପୌରପାଳିକା ଛକ ନିକଟରେ ଥିବା ଏକ ଚା ଦୋକାନକୁ ସତ୍ୟନାରାୟଣ ଓ ତାଙ୍କ କିଛି ସାଙ୍ଗ ଚା ପିଇବାକୁ ରାତିରେ ଯାଇଥିଲେ। ଏହି ସମୟରେ ସେଠାରେ ଉପସ୍ଥିତ ଥିବା ଅଭିଯୁକ୍ତଙ୍କ ସହ କୌଣସି କଥାକୁ ନେଇ ବଚସା ଆରମ୍ଭ ହୋଇଥିଲା। ଶେଷରେ ନାବାଳକ ଜଣକ ଉତକ୍ଷିପ୍ତ ହୋଇ ଛୁରାମାଡ଼ କରି ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲା। ସତ୍ୟନାରାୟଣଙ୍କ ସହ ଥିବା ଦୁଇ ଜଣ ସଙ୍ଗେ ସଙ୍ଗେ ମେଡ଼ିକାଲ ନେବା ସମୟରେ ଅଧା ରାସ୍ତାରେ ହିଁ ଜୀବନ ଚାଲିଯାଇଥିଲା। ଖବର ପାଇ ପୁଲିସ ଘଟଣା ସ୍ଥଳରେ ପହଞ୍ଚିଥିଲା। ତେବେ ପୁଲିସର ରାତ୍ରୀକାଳୀନ ପାଟ୍ରୋଲିଂ ଢିଲା କାରଣରୁ ଏଭଳି ଏକ ହତ୍ୟାକାଣ୍ଡ ସହରର ଛାତି ଉପରେ ଘଟିଗଲା। ପୁଲିସ ଅସାମାଜିକଙ୍କ ଗତିବିଧି ପ୍ରତି ସଜାଗ ନ ହେଲେ ଅପରାଧ ବୃଦ୍ଧିହେବା ନିଶ୍ଚିତ। ପୁଲିସର ଶୀଥିଳତା ନୀତି ଯୋଗୁଁ ମାରଣାସ୍ତ୍ର ଧରି ରାତିରେ ବୁଲିବାକୁ ଯୁବକମାନେ ସାହାସ କରୁଛନ୍ତି।

ସକାଳ
THE SAKALA

# ସମ୍ପାଦକୀୟ

ବଡ଼ ସ୍ୱପ୍ନ, କଠିନ ପରିଶ୍ରମ, ବିନମ୍ରତା, ସକାରାତ୍ମକ ଲୋକଙ୍କ ଗହଣ ହିଁ ସଫଳତାର ମନ୍ତ୍ର।
-ସୁନିତା ୱିଲିୟମସ୍

## ସନ୍ଧିକ୍ଷଣରେ ଭାରତ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତୀୟ ଉତ୍ପାଦ ଉପରେ ପ୍ରଥମ ଦଫାରେ ୨୫% ଶୁଳ୍କ ଲାଗୁ କରିଥିବା ବେଳେ ଦ୍ୱିତୀୟ ଦଫାରେ ଆଉ ୨୫% ଏପରି ୫୦% ଶୁଳ୍କ ଲାଗୁ କରିଛନ୍ତି। ଏହିକ୍ରମରେ ବିଶ୍ୱ ବାଣିଜ୍ୟରେ ଆମେରିକା ଦ୍ୱାରା ସର୍ବାଧିକ ଶୁଳ୍କ ଧାର୍ଯ୍ୟ କରାଯାଇଥିବା ରାଷ୍ଟ୍ର ଭାବେ ଭାରତ ଏକ ଅଲୋଡ଼ା ରେକର୍ଡ ସୃଷ୍ଟି କରିଛି। ଭାରତ ଉପରେ ଶୁଳ୍କ ପ୍ରହାର ପଛରେ ଟ୍ରମ୍ପ ଦୁଇଟି କାରଣ ଦର୍ଶାଇଛନ୍ତି। ପ୍ରଥମତଃ, ରୁଷରୁ ତୈଳ ଆମଦାନୀ ଏବଂ ଦ୍ୱିତୀୟତଃ, ଆମେରିକୀୟ କୃଷି ଉତ୍ପାଦ ପାଇଁ ଭାରତୀୟ ବଜାରରେ କଟକଣା। ଭାରତ ଏହି ଦୁଇଟିରେ କୋହଳ ନୀତି ନ ଆପଣେଇଲେ ଭବିଷ୍ୟତରେ ଆହୁରି ଅଧିକ ଶୁଳ୍କ ଧାର୍ଯ୍ୟ କରାଯିବ ବୋଲି ଟ୍ରମ୍ପ ଧମକ ଦେଇଛନ୍ତି। ହୁଏତ ଚପଳମତି ଟ୍ରମ୍ପ ଶୁଳ୍କ ନୀତିକୁ ପ୍ରତ୍ୟାହାର କରିପାରନ୍ତି, ଯାହା ଦ୍ୱିପାକ୍ଷିକ ଆଲୋଚନା ଏବଂ ଭାରତର କୂଟନୈତିକ ବିଚକ୍ଷଣତା ଉପରେ ନିର୍ଭର କରୁଛି। ଯଦି ଟ୍ରମ୍ପଙ୍କ ସାମ୍ପ୍ରତିକ ଶୁଳ୍କ ନୀତି ବଳବତ୍ତର ରହେ ତେବେ ଭାରତୀୟ ଅର୍ଥନୀତି ପ୍ରଭୂତ କ୍ଷତି ସହିବ ବୋଲି ଅର୍ଥନୀତିଜ୍ଞମାନେ ମତ ଦେଇଛନ୍ତି। ଭାରତୀୟ ଅଭିବୃଦ୍ଧି ହାର ୦.୬% ହ୍ରାସ ପାଇବ ବୋଲି ଗୋଲ୍ଡମ୍ୟାନ୍ ସାଚେଟ୍ ଆକଳନ କରିଛି।

ଆକଳନ ସଂଖ୍ୟାରେ ଫରକ୍ ରହିଲେ ମଧ୍ୟ ଭାରତୀୟ ଅର୍ଥନୀତି ଯେ ପ୍ରଭାବିତ ହେବ ତାହା ନିଶ୍ଚିତ। ଏଥିସହିତ ବିଶ୍ୱରେ ତୃତୀୟ ବୃହତ୍ ଅର୍ଥନୀତି ହେବାର ସ୍ୱପ୍ନ ମଧ୍ୟ ମଉଳି ଯିବ, ଯାହାର ପ୍ରଭାବ ବିଶ୍ୱରେ ଭାରତର ସ୍ଥିତି, ସାମର୍ଥ୍ୟ, ଗୁରୁତ୍ୱ ଓ ମର୍ଯ୍ୟାଦାକୁ ହାନିପହଞ୍ଚାଇବ। ଏହାଦ୍ୱାରା ମଧ୍ୟ ବିଶ୍ୱରେ ଭାରତର କୂଟନୈତିକ ପ୍ରଭାବ କେତେକାଂଶରେ ହ୍ରାସ ପାଇ ଏସିଆର ଭୂରାଜନୈତିକ ସମୀକରଣକୁ ଓଲଟପାଲଟ କରିଦେବ ବୋଲି ଏବେଠାରୁ ଅନୁମାନ କରାଗଲାଣି। ଆମେରିକା ବଜାରରେ ଭାରତର ସ୍ଥାନ ଅବିଳମ୍ବେ ପୂରଣ ପାଇଁ ଚୀନ ଆଦୌ ଅବହେଳା କରିବ ନାହିଁ। ଅପରପକ୍ଷରେ ଭାରତ-ଆମେରିକା ଦୂରତ୍ୱ ବଢ଼ିଲେ ତାହାର ଫାଇଦା ପାକିସ୍ତାନ ଉଠାଇବା ଅସମ୍ଭବ ନୁହେଁ। ତେଣୁ ଭାରତ ପାଇଁ କୂଟନୈତିକ ସ୍ତରରେ ୧୯୬୦ ଦଶକର ସ୍ଥିତିର ପୁନରାବୃତ୍ତି ହେବାକୁ ଯାଉଛି ବୋଲି କହିଲେ ଭୁଲ୍ ହେବ ନାହିଁ। ସେତେବେଳେ ହିନ୍ଦୀ-ଚୀନୀ ଭାଇ ଭାଇ ନାରା ଦେଇ ଚୀନ୍ ଭାରତ ଉପରେ ଆକ୍ରମଣ କରିଥିଲା ଏବଂ ଏବେ ଟ୍ରମ୍ପ ଭାରତକୁ ବନ୍ଧୁ ବୋଲି ସମ୍ବୋଧନ କରି ଦାଉ ସାଧୁଛନ୍ତି। ସେତେବେଳର ଗୁଳିଗୋଳା ଆକ୍ରମଣ ଏବେ କେବଳ ଯାହା ବାଣିଜ୍ୟ ଶୁଳ୍କରେ ରୂପାନ୍ତରିତ ହୋଇଛି।

ଭାରତ ଏବେ ଏଭଳି ଏକ ସନ୍ଧିକ୍ଷଣରେ ଉପନୀତ, ଯେଉଁଠି ଆଭ୍ୟନ୍ତରୀଣ ସ୍ୱାର୍ଥର ସୁରକ୍ଷା ଏବଂ ଆନ୍ତର୍ଜାତିକ ସମ୍ପର୍କ - ଏ ଦୁଇଟି ମଧ୍ୟରୁ ଗୋଟିକୁ ବାଛିବାକୁ ପଡ଼ିବ। ଯଦି ଆମେରିକାର ସର୍ତ୍ତରେ ଭାରତ ରାଜି ହୁଏ ତେବେ ବାଣିଜ୍ୟ ଅର୍ଥନୀତିରେ ସୁଧାର ଆସିବ ସତ, କିନ୍ତୁ ଦେଶର ଗରିବ କୃଷକ, ମତ୍ସ୍ୟଜୀବୀ, ଖାଉଟିଙ୍କ ସ୍ୱାର୍ଥ ବଳି ପଡ଼ିବ। ଯଦି ଦେଶବାସୀଙ୍କ ସ୍ୱାର୍ଥକୁ ସୁରକ୍ଷା ଦେବାକୁ ଭାରତ ସରକାର ବଦ୍ଧ ପରିକର ହୁଅନ୍ତି ତେବେ ଆମେରିକା ଅପମାନିତ ହୋଇ ଆହୁରି ଅଧିକ ଦାଉ ସାଧିବ। ଏପରିକି ଏବେ ରୁଷ ଓ ଇରାନ୍ ଉପରେ ଯେଉଁଭଳି କଟକଣା ଲାଗୁ ହୋଇଛି ସେଭଳି କଟକଣା ଭାରତ ଉପରେ ଲାଗୁ କରିବା ବିଚିତ୍ର ନୁହେଁ। ରୁଷ୍ ଓ ଇରାନ୍ ସେମାନଙ୍କର ଆର୍ଥିକ, ରାଜନୈତିକ, ଭୌଗୋଳିକ ସ୍ଥିତି ଦୃଷ୍ଟିରୁ ଆମେରିକା କଟକଣା ଝଡ଼କୁ ସମ୍ଭାଳି ନେବାର କ୍ଷମତା ରଖିଛନ୍ତି। କିନ୍ତୁ ଆମେରିକୀୟ କଟକଣା ଲାଗିଲେ ଭାରତର ବିକାଶ ପଙ୍ଗୁ ପାଲଟିଯିବ। ଭାରତ ଏବେ କୃଷି ଓ ଅର୍ଥନୀତିରେ ସ୍ୱାବଲମ୍ବନଶୀଳ ହୋଇସାରିଥିବାରୁ ସେ ଦିଗରେ ବିଶେଷ କ୍ଷତିଗ୍ରସ୍ତ ହେବ ନାହିଁ। କିନ୍ତୁ ସେମିକଣ୍ଡକ୍ଟର, ଏଆଇ, ଫାର୍ମା କମ୍ପାନି ପରି କ୍ଷେତ୍ରରେ ଗୁରୁତର ପ୍ରଭାବିତ ହେବ। ଭାରତ ମୁଖ୍ୟତଃ ସେବା ଓ ବୈଷୟିକ ଜ୍ଞାନକୌଶଳକୁ ପାଥେୟ କରି ବିଶ୍ୱର ତୃତୀୟ ବୃହତ୍ ଅର୍ଥନୀତି ହେବାର ଯୋଜନା କରିଥିବାରୁ ଉପରୋକ୍ତ କ୍ଷେତ୍ର ପ୍ରଭାବିତ ହେଲେ ଭାରତର ବିକାଶ ଓ ଅର୍ଥନୀତି ନିମ୍ନଗାମୀ ହେବା ସୁନିଶ୍ଚିତ।

ଏଭଳି ଏକ ସନ୍ଧିକ୍ଷଣରେ ଭାରତ କ'ଣ କରିବା ଉଚିତ ଓ ଅନୁଚିତ ସେ ସମ୍ପର୍କରେ ବିଶେଷଜ୍ଞମାନେ ପରାମର୍ଶ ଓ ମତାମତ ଦେଉଛନ୍ତି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ମଧ୍ୟ ଆମେରିକାର ଚାପ ଆଗରେ ଭାରତ ନଇଁବ ନାହିଁ ଏବଂ ଭାରତୀୟ କୃଷି ଓ କୃଷକଙ୍କ ସ୍ୱାର୍ଥ ସୁରକ୍ଷାକୁ ଅଗ୍ରାଧିକାର ଦିଆଯିବ ବୋଲି ଦୃଢ଼ୋକ୍ତି କରିଛନ୍ତି। ଏହି ପୃଷ୍ଠଭୂମିରେ ଭାରତ ପାଇଁ ଏକମାତ୍ର ଭରସା ହେଉଛି 'ବ୍ରିକ୍ସ'। ଇତିମଧ୍ୟରେ ରୁଷ୍ ଓ ଚୀନ୍ ଆମେରିକାର ଭାରତବିରୋଧୀ ବାଣିଜ୍ୟ ଆଭିମୁଖ୍ୟକୁ ନିନ୍ଦା କରିଛନ୍ତି। ପ୍ରଧାନମନ୍ତ୍ରୀ ଶ୍ରୀ ମୋଦୀ ରୁଷ ରାଷ୍ଟ୍ରପତି ଭ୍ଲାଦିମାର ପୁଟିନ୍‌ଙ୍କ ସହିତ କଥାବାର୍ତ୍ତା କରିଛନ୍ତି। ପୁଟିନ୍ ଚଳିତ ବର୍ଷ ଶେଷ ଭାଗରେ ଭାରତ ଗସ୍ତ କରିବାର କାର୍ଯ୍ୟକ୍ରମ ରହିଛି। ଆଗାମୀ 'ଏସ୍‌ସିଓ' ବୈଠକରେ ଏ ସମ୍ପର୍କରେ ବିସ୍ତୃତ ଆଲୋଚନା ଓ ରଣନୀତି ପ୍ରସ୍ତୁତ ହେବ ବୋଲି ଆଶା। ବିଶେଷଜ୍ଞଙ୍କ 'ବ୍ରିକ୍ସ'ର କାର୍ଯ୍ୟବିଭାଗ ହେବାର ସମ୍ଭାବନା ଉଜ୍ଜ୍ୱଳ ହେଉଥିବାରୁ ସଦସ୍ୟ ରାଷ୍ଟ୍ରଙ୍କ ସହଯୋଗ ବୃଦ୍ଧି ରହିଲେ ଭାରତ ଆମେରିକା ଶୁଳ୍କ ଝଡ଼କୁ ସଫଳତାର ସହ ମୁକାବିଲା କରିପାରିବ। କିନ୍ତୁ ଯୁଦ୍ଧରେ ଲିପ୍ତ ରୁଷ ଭାରତକୁ କେବଳ ରିହାତି ତୈଳ ଦେବା ଛଡ଼ା ଅନ୍ୟ କ୍ଷେତ୍ରରେ କେତେ ସହାୟତା କରିପାରିବ ତାହାକୁ ନେଇ ପ୍ରଶ୍ନ ଉଠୁଛି। ଦକ୍ଷିଣ ଆଫ୍ରିକା ଓ ବ୍ରାଜିଲ୍ ଆମେରିକାର ନାଲିଆଖିକୁ ମୁକାବିଲା କରିବା ଶକ୍ତି ଉପରେ ଭରସା କରିହେବ ନାହିଁ। ଯଦି ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଚୀନ୍ ମନରେ ଭାରତକୁ ଅର୍ଥନୀତିର ଦୌଡ଼ରେ ବହୁପଛରେ ଛାଡ଼ିବା ଚିନ୍ତା ଆସେ ତେବେ 'ବ୍ରିକ୍ସ' ନୀତି ଓ ସଂଗ୍ରହ ସମୀକରଣରେ ଚୀନ୍ ଆମେରିକା ସହିତ ସାଲିସ୍ କରିବା ବିଚିତ୍ର ନୁହେଁ। ଯେଉଁଭଳି ଭାବେ ଜାପାନ୍, ୟୁରୋପ, ୟୁକେ, ଦକ୍ଷିଣ କୋରିଆ, ପାକିସ୍ତାନ, ଭିଏତ୍‌ନାମ ଆଦି ବୃହତ୍ ଓ କ୍ଷୁଦ୍ର ଅର୍ଥନୀତି ଦେଶମାନେ ଆମେରିକା ପାଖରେ ନିଜ ଦେଶର ସ୍ୱାର୍ଥ ପାଇଁ ଏକପ୍ରକାର ଆତ୍ମସମର୍ପଣ କରିବା ଭଳି ବାଣିଜ୍ୟ ଚୁକ୍ତି କରିଛନ୍ତି ସେହି ପୃଷ୍ଠଭୂମିରେ ଭାରତ ଏବେ ଶୀଘ୍ର ଉପଯୋଗୀ ବାଣିଜ୍ୟ-ବନ୍ଧୁ ପାଇବା କଷ୍ଟକର।

ଟ୍ରମ୍ପଙ୍କ ଶୁଳ୍କ ପ୍ରହାର କେବଳ ଭାରତୀୟ ବାଣିଜ୍ୟ ଓ ଅର୍ଥନୀତି ଉପରେ ନୁହେଁ, ବରଂ ରାଜନୀତିକୁ ମଧ୍ୟ ପ୍ରଭାବିତ କରିବାକୁ ଯାଉଥିବା ବିଶେଷଜ୍ଞମାନେ ମତ ଦେଉଛନ୍ତି। ଯଦି ଆମେରିକା ସହିତ ଭାରତ ସରକାର ସାଲିସ୍ କରନ୍ତି ତେବେ ତାହା ଦେଶ ଓ ଦେଶବାସୀଙ୍କ ସ୍ୱାର୍ଥ ପରିପନ୍ଥୀ ହେବ ବୋଲି ବ୍ୟାଖ୍ୟାନ ସୃଷ୍ଟି ହେବ। ଅପରପକ୍ଷରେ ଯଦି ଆମେରିକା ଅଧିକ ଦାଉ ସାଧେ ତେବେ ସରକାରଙ୍କ କୂଟନୀତିକୁ ନେଇ ପ୍ରଶ୍ନ ଉଠିବ। ତେଣୁ ଆମେରିକା ଭାରତର ଅର୍ଥନୀତି, ରାଜନୀତି ଓ କୂଟନୀତି ଉପରେ ପ୍ରହାର କରିବା ପାଇଁ ସୁଚିନ୍ତିତ ଯୋଜନାରେ ଶୁଳ୍କ ଭଳି ଅସ୍ତ୍ରକୁ ବାଛିଛି, ଏହାକୁ ଅସ୍ୱୀକାର କରାଯାଇପାରିବ ନାହିଁ। ତେଣୁ ଆଗକୁ ଭାରତ ଯେଉଁ ପଥୁଳିତ ଓ କଣ୍ଟକିତ ରାସ୍ତାରେ ଚାଲିବାକୁ ଯାଉଛି, ତାକୁ କିପରି ସାବଲୀଳ କୂଟନୈତିକ କରିବା କିମ୍ବା ଏଡ଼ାଇ ଯାଇ ବିକଳ୍ପ ରାସ୍ତା ଆବିଷ୍କାର କରିପାରିବ ତାହା ଉପରେ ଭାରତର ଭବିଷ୍ୟତ ନିର୍ଭର କରୁଛି।

## କାହିଁକି ହେଉଛି ଆତ୍ମାହୁତିର ଅନୁକରଣ ?

**ଡକ୍ଟର ଅବଶ ପରିଡ଼ା**

ଏଫଏମ୍ କଲେଜ ଛାତ୍ରୀ ଆତ୍ମାହୁତିର ଦୁଃଖଦ ଘଟଣା ପରେ ଓଡ଼ିଶାର ଆଉ କିଛି ସ୍ଥାନରେ ଆତ୍ମାହୁତି ବା ଆତ୍ମହତ୍ୟା ଉଦ୍ୟମ ଦେଖିବାକୁ ଓ ଶୁଣିବାକୁ ମିଳିଛି। ଏହିସବୁ ଆତ୍ମହତ୍ୟା ପାଇଁ ସରକାରୀ, ଅଣସରକାରୀ, ରାଜନୈତିକ, ସ୍ଥାନୀୟ ଓ ସାମାଜିକ ସ୍ତରରେ ଅନେକ କାରଣ ଦର୍ଶାଯାଉଛି। ବିଳମ୍ବିତ ନ୍ୟାୟ, ଆଇନର ଦୁର୍ବଳ ରୂପାୟନ, ସାଙ୍ଗସାଥୀଙ୍କ ଚାପ, ମାନସିକ ଦୁର୍ବଳତା ଓ ଅବସାଦ, ଉପଯୁକ୍ତ ପରାମର୍ଶର ଅଭାବ ଇତ୍ୟାଦିକୁ ଆତ୍ମହତ୍ୟା ପଛର କାରଣ ଭାବେ ବର୍ତ୍ତମାନ ପର୍ଯ୍ୟନ୍ତ ବର୍ଣ୍ଣିତ। ସାମାଜିକ ମହାମାରୀ ରୂପେ କାୟା ବିସ୍ତାର କରୁଥିବା ଆତ୍ମହତ୍ୟା ପ୍ରାୟ ସମସ୍ତ ଦିଗକୁ ନେଇ ଅସଂଖ୍ୟ ପ୍ରବନ୍ଧ, ପ୍ରକାଶନ ଓ ଗବେଷଣା କରାଯାଇଛି। ତେଣୁ ଆଜିର ବିଶ୍ଳେଷଣ ଆତ୍ମହତ୍ୟାର କାରଣ ଓ ନିରାକରଣ ନୁହେଁ, ବରଂ ଏକ ଅଣ୍ୱେଷାତ୍ମକ ବିନ୍ଦୁ ଉପରେ ଆଧାରିତ। ତାହା ହେଉଛି 'ପୀଡ଼ିତ/ପୀଡ଼ିତାମାନେ ଆତ୍ମହତ୍ୟା ପାଇଁ କାହିଁକି ଆତ୍ମାହୁତି ଭଳି ସମାନ ପ୍ରକ୍ରିୟା ବାଛିଲେ?'

ଅନୁକରଣୀୟ ଆତ୍ମହତ୍ୟାରେ ଦୁଇଟି ଦିଗ ଅଛି। ପ୍ରଥମ, ଆତ୍ମହତ୍ୟା ଯେଉଁଠି ପରିଣାମ ଘାତକ ଏବଂ ବ୍ୟକ୍ତିର ମୃତ୍ୟୁ ସୁନିଶ୍ଚିତ। ଅନ୍ୟଟି ହେଉଛି ପେରା-ଆତ୍ମହତ୍ୟା, ଯେଉଁଠାରେ ବ୍ୟକ୍ତି ମରିବାକୁ ଚାହେଁନାହିଁ, କିନ୍ତୁ ଜାଣିଶୁଣି ହିସାବ କରି ନିଜକୁ କ୍ଷତି ପହଞ୍ଚାଇଥାଏ କିମ୍ବା ସମ୍ଭାବ୍ୟ ଘାତକ ଆଚରଣରେ ଲିପ୍ତ ହୁଏ। ଏହା ପ୍ରାୟତଃ ସାହାଯ୍ୟ ପାଇଁ ଚିତ୍କାର, ସମସ୍ୟା ମୁକାବିଲା କରିବାର ଏକ ପଦ୍ଧତି କିମ୍ବା ମାନସିକ ଯନ୍ତ୍ରଣା ପ୍ରକାଶ କରିବାର ଏକ ମାଧ୍ୟମ। କିନ୍ତୁ ଅନେକ ସମୟରେ ନିଜ ଭୁଲ ପାଇଁ ପୀଡ଼ିତଙ୍କ ଅନିଚ୍ଛାକୃତ ମୃତ୍ୟୁ ହୋଇଯାଏ। ସମାଜଶାସ୍ତ୍ରୀଙ୍କ ମତରେ ମୌଳିକ ଯୋଗାଯୋଗ ବିଫଳତା ହିଁ ପେରା-ଆତ୍ମହତ୍ୟାର ଉତ୍ପତ୍ତି। ଏକ ରିପୋର୍ଟ ଅନୁଯାୟୀ ୬୦% ରୁ ଅଧିକ କିଶୋରୀ ଓ ଛାତ୍ରୀ ପେରା-ଆତ୍ମହତ୍ୟାର ଶିକାର।

କୁହାଯାଏ 'ସମାଜ ଅନୁକରଣ ଉପରେ ଆଧାରିତ ଏବଂ ଅନୁକରଣ ହେଉଛି ଏକପ୍ରକାରର ସାମାଜିକ ସଂକ୍ରମଣ।' ଏଠାରେ ଏକ ଉଦାହରଣ ଦେବା। ମାଇକ୍ରୋନେସିଆ ଏକ ଦ୍ୱୀପପୁଞ୍ଜର ଦେଶ। ଉନେଇଶ ଅଶୀଦଶକରେ ଦୁନିଆର ଅନ୍ୟାନ୍ୟଦେଶମାନଙ୍କ ଅପେକ୍ଷା ମାଇକ୍ରୋନେସିଆରେ ମୁଣ୍ଡପିଛା ଆତ୍ମହତ୍ୟା ସଂଖ୍ୟା ସାତଗୁଣ ବୃଦ୍ଧି ପାଇଥିଲା। ସମସ୍ତ ପୀଡ଼ିତ ଓ ମୃତକ ଥିଲେ କିଶୋର ବର୍ଗର। ଛୋଟଛୋଟ କଥାରେ, ଯେମିତିକି ବାପାଙ୍କ ଗାଳି ସହି ନ ପାରି କିମ୍ବା ପକେଟ ଖର୍ଚ୍ଚ ପାଇଁ ଅତିରିକ୍ତ ଟଙ୍କା ନମିଳିବାରୁ କିଶୋରମାନେ ଆତ୍ମହତ୍ୟା କରୁଥିଲେ। ଏ ଘଟଣାସବୁ ଯେତିକି ବିଚିତ୍ର ଓ ଅସାମାନ୍ୟ ଲାଗୁଥିଲେ, ତା'ଠାରୁ ଅଧିକ ଆଶ୍ଚର୍ଯ୍ୟ କରୁଥିଲା ସେସବୁ ଆତ୍ମହତ୍ୟାର ଉପାୟ ଓ ପ୍ରଣାଳୀ। କାରଣ ସମସ୍ତ ଆତ୍ମହତ୍ୟାର ଢାଞ୍ଚା ଓ 'ସୁଇସାଇଡ ନୋଟ' ଅପାତତଃ ସମାନ ଥିଲା। ମାଇକ୍ରୋନେସିଆର ଆତ୍ମହତ୍ୟାର ଘଟଣା ଥିଲା ଆତ୍ମବିନାଶର ଏକ ସଂକ୍ରାମକ ମହାମାରୀ। ସେଠାରେ ଆତ୍ମବିନାଶ କିଶୋରଙ୍କ ପାଇଁ ସାଜିଥିଲା ଆତ୍ମପ୍ରକାଶର ଏକ ମାଧ୍ୟମ। ଏହି ଅଘଟଣଗୁଡ଼ିକର ଉତ୍ତରରେ ସମାଜଶାସ୍ତ୍ରୀ ଡାଭିଡ ଫିଲିପ୍ସ ମତ ରଖନ୍ତି ଯେ ଆତ୍ମହତ୍ୟା କାହାଣୀ ଏକପ୍ରକାର ପ୍ରାକୃତିକ ବିଜ୍ଞାପନ, ଯାହା ଏକ ନିର୍ଦ୍ଦିଷ୍ଟ ସମସ୍ୟାର ନିର୍ଦ୍ଦିଷ୍ଟ ପ୍ରତିକ୍ରିୟା ବୋଲି ବିବେଚନା କରାଯାଏ ଏବଂ ଏହାକୁ ଅନୁକରଣ କରାଯାଏ। ଏହା ପ୍ରତୀକାତ୍ମକ ପାରସ୍ପରିକ କ୍ରିୟାର ତତ୍ତ୍ୱ ଉପରେ ପର୍ଯ୍ୟବସିତ। ସରଳରେ କହିବାକୁ ଗଲେ ଆତ୍ମହତ୍ୟାକୁ କିଛି ସକାରାତ୍ମକ ଓ ନକାରାତ୍ମକ ସାମାଜିକ ବ୍ୟାଖ୍ୟା ମିଳେ ଏବଂ ସାଧାରଣ ଲୋକେ ଏହାକୁ ବିଭିନ୍ନ ଅର୍ଥରେ ପ୍ରୟୋଗ କରନ୍ତି। ଆତ୍ମହତ୍ୟା ପଳାୟନର କାର୍ଯ୍ୟ, ବିଦ୍ରୋହର ଭାଷା, ଏହା ହେଉଛି ଦୁର୍ବଳର ଶେଷ ନିଷ୍ପତ୍ତି, ଅବହେଳିତ ସ୍ୱର ଶୁଣିବା ପାଇଁ ଏକ ବାଟ ଏବଂ ଆତ୍ମହତ୍ୟା ସମସ୍ତ ସମାଧାନର ଏକ ରୂପ ଇତ୍ୟାଦି ହେଉଛି କିଛି ସାମାଜିକ ବ୍ୟାଖ୍ୟା। ଅନ୍ୟପଟେ ଦୁର୍ବଳ ମାନସିକତା ଓ ଦୁର୍ବଳ ସାମାଜିକ ବନ୍ଧନ ଥିବା ବ୍ୟକ୍ତିବିଶେଷ ପାଇଁ ଏହା ହୋଇଯାଏ ଏକ ସାଙ୍କେତିକ ଅର୍ଥ। ଦୁର୍ଭାଗ୍ୟବଶତଃ ପରବର୍ତ୍ତୀ ସମୟରେ ଏହି ଭୁଲ ବ୍ୟାଖ୍ୟାର ସାମାଜିକ ଅନୁକରଣ ହୋଇଥାଏ। ଉଦାହରଣ ସ୍ୱରୂପ, ଦିଲ୍ଲୀ ମେଟ୍ରୋ ଷ୍ଟେସନରେ ଆତ୍ମହତ୍ୟାର ସମାନ ସ୍ଥାନ ଓ ସମାନ ପଦ୍ଧତି ବାରମ୍ବାର ବ୍ୟବହୃତ ହେଉଛି। ଏହାର ଦୁଇଟି କାରଣ ହେଉଛି ମିଡ଼ିଆରେ ଦୃଶ୍ୟମାନତା ଓ ପ୍ରତୀକାତ୍ମକ ଚିହ୍ନଟକରଣ।

ରାଜସ୍ଥାନର କୋଟାରେ ପ୍ରତିବର୍ଷ ଘଟୁଥିବା ଅନୁକରଣୀୟ ଆତ୍ମହତ୍ୟା ଦେଶ ପାଇଁ ଏକ ଚିନ୍ତାର ବିଷୟ। ସୂଚନା ଅନୁଯାୟୀ ଘଟିଥିବା ସମସ୍ତ ଆତ୍ମହତ୍ୟାର ସୁଇସାଇଡ ନୋଟ ଏବଂ ଆତ୍ମହତ୍ୟାର ଧାରା (ପାଟର୍ନ)ରେ ପ୍ରାୟତଃ ସାମଞ୍ଜସ୍ୟତା ଅଛି। 'ଟାଟା ଇନଷ୍ଟିଚ୍ୟୁଟ୍ ଅଫ୍ ସୋସିଆଲ ସାଇନ୍ସେସ୍'ର ଏକ ସାମାଜିକ -ମନସ୍ତାତ୍ତ୍ୱିକ ଗବେଷଣାରେ ଉଲ୍ଲେଖ କରାଯାଇଛି ଯେ 'ଗୋଟିଏ ଆତ୍ମହତ୍ୟା ଅନ୍ୟ ଏକ ଆତ୍ମହତ୍ୟାକୁ ପ୍ରେରିତ କରିଥାଏ।' କୋଟା ଆତ୍ମହତ୍ୟା ମାମଲା ହେଉଛି ଶିକ୍ଷାଗତ ଚାପ ଏବଂ ପୂର୍ବ ମାମଲାଗୁଡ଼ିକର ଅନୁକରଣ। ସମାଜଶାସ୍ତ୍ରୀଙ୍କ ମତରେ ଏହା ଆଚରଣ ମଡେଲିଂ ବା ଏକପ୍ରକାରର ସାମାଜିକ ଶିକ୍ଷଣ। ସେହିପରି ୨୦୧୭ ମସିହାରେ ତାମିଲନାଡୁର ୧୭ ବର୍ଷୀୟା ଅନିତାଙ୍କ ନିଟ୍ ବିରୋଧରେ ଆବେଦନକୁ ସର୍ବୋଚ୍ଚ ନ୍ୟାୟାଳୟ ଖାରଜ କରିବା ପରେ ସେ ଆତ୍ମହତ୍ୟା କରିଥିଲେ ଏବଂ ତାଙ୍କର ମୃତ୍ୟୁ ପରେ ଅନେକ ଅନୁକରଣୀୟ ଆତ୍ମହତ୍ୟା ରାଜ୍ୟରେ ଘଟିଥିଲା। ଏହାର ସମାଜତାତ୍ତ୍ୱିକ ଅନ୍ତର୍ଦୃଷ୍ଟି କୁହେ ଯେ ପାଠ ଓ ପରିବାରର ଚାପରେ ଥିବା ନିଟ୍ ଆଶାୟୀଙ୍କ ପାଇଁ ସଂଘର୍ଷର ଏକ ପ୍ରତୀକାତ୍ମକ ମଡେଲ ହୋଇଗଲେ ଅନିତା ଏବଂ ତାଙ୍କ ଆତ୍ମହତ୍ୟା ପାଲଟିଗଲା ବାର ସହିବଙ୍କ ଭଳି ସାମାଜିକ କାହାଣୀ। ପ୍ରତୀତର କାହାଣୀ, ପୀଡ଼ିତଙ୍କ ସହ ପରିଚୟ ସହିତ ସମାନ ପରିସ୍ଥିତିରେ ଥିବା ଛାତ୍ରମାନଙ୍କ ପାଇଁ ଆତ୍ମହତ୍ୟା ଥିଲା ଏକ ପ୍ରରୋଚନାକାରୀ ଉପାଦାନ। ତେଣୁ ସାମାଜିକ ବିଭ୍ରାଟ ଏବଂ ନିୟନ୍ତ୍ରଣର ଅଭାବ ସମାନ ଗୋଷ୍ଠୀରେ ଆତ୍ମହତ୍ୟାର ପୁନରାବୃତ୍ତି ସୃଷ୍ଟି କରେ।

ସମାଜବିଜ୍ଞାନୀ ଷ୍ଟିଭେନ୍ ଷ୍ଟାକ୍‌ଙ୍କ ଏକ ଉଲ୍ଲେଖନୀୟ ଅଧ୍ୟୟନ ହେଉଛି 'ୱେର୍ଥର ପ୍ରଭାବ'। କୌଣସି ସେଲିବ୍ରିଟି ଆତ୍ମହତ୍ୟାର ଗଣମାଧ୍ୟମ ପ୍ରସାରଣ ହେଉ କିମ୍ବା କୌଣସି ଆତ୍ମହତ୍ୟାର ନିରନ୍ତର ଏବଂ ଅତିରଞ୍ଜିତ ପ୍ରଚାର ପରେ ଆତ୍ମହତ୍ୟା କାର୍ଯ୍ୟକଳାପର ସଂଖ୍ୟାକ ଭାବରେ ବୃଦ୍ଧି ପାଏ ବୋଲି ଷ୍ଟାକ୍ ଏହି ଅଧ୍ୟୟନରେ ପ୍ରକାଶିତ ହୋଇଛି। ଚିନ୍ତାର ବିଷୟ ଯେ ଏହାଦ୍ୱାରା କିଶୋର ଓ ଯୁବବର୍ଗ ଅତ୍ୟନ୍ତ ପ୍ରଭାବିତ। ଅଧ୍ୟୟନରେ ଗୁରୁତ୍ୱାରୋପ କରାଯାଇଥିଲା ଯେ ବିସ୍ତୃତ ଓ ଭାବପ୍ରବଣ ମିଡିଆ ପ୍ରଚାରରେ ଆତ୍ମହତ୍ୟାର ପଦ୍ଧତି (ଆତ୍ମାହୁତି) ନାଟକୀୟ ଶିରୋନାମା (ନ୍ୟାୟର ଲଢ଼େଇରେ ହାରିଗଲେ, ଦେବେ ମିଳିବ ନ୍ୟାୟ, ଅବହେଳିତର କରୁଣ ବାର୍ତ୍ତା) ଏବଂ ବ୍ୟକ୍ତିଗତ ପୃଷ୍ଠଭୂମି (ବିଦ୍ୟାର୍ଥୀ, ବେରୋଜଗାର) ସମେତ ଆତ୍ମ-ଧ୍ୱଂସାତ୍ମକ ଆଚରଣର ରୋମାନିକରଣ (ରୋମାଣ୍ଟିସାଇଜ୍) କିମ୍ବା ସାଧାରଣ କରିବାର ଚେଷ୍ଟା ହିଁ ଅନୁକରଣୀୟ ଆତ୍ମହତ୍ୟା ପାଇଁ ଦାୟୀ। ତେଣୁ ଭାବପ୍ରବଣ, କଷ୍ଟ କିମ୍ବା ପରିଚୟ ସଙ୍କଟରେ ଥିବା ବ୍ୟକ୍ତିମାନେ ଗଣମାଧ୍ୟମର ଚର୍ଚ୍ଚିତ ଓ ରୋମାଞ୍ଚକର ବିଷୟବସ୍ତୁକୁ ଆତ୍ମହତ୍ୟାର ବୈଧ ପ୍ରତିକ୍ରିୟା ଭାବରେ ଦେଖିପାରନ୍ତି। ସଂକ୍ଷେପରେ, ଷ୍ଟାକ୍‌ଙ୍କ ଅଧ୍ୟୟନରେ ଉଲ୍ଲେଖ ଅଛି ଯେ ଗଣମାଧ୍ୟମ ସାମାଜିକ ଆଚରଣକୁ ପ୍ରଭାବିତ କରିବା ସହିତ ଏକ ବ୍ୟକ୍ତିଗତ ଦୁଃଖଦ ଘଟଣାବଳୀକୁ ଏକ ସାର୍ବଜନୀନ ସ୍ୱାସ୍ଥ୍ୟ ବିପଦରେ ପରିଣତ କରିପାରେ।

ଗଣମାଧ୍ୟମ ଓ ଆତ୍ମହତ୍ୟା ଉପରେ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ଏକ ରିପୋର୍ଟରେ ପ୍ରକାଶ ପାଇଛି ଯେ ଏସିଆ ଓ ୟୁରୋପରେ ଚାଞ୍ଚଲ୍ୟକର 'ମିଡିଆ ରିପୋର୍ଟ' ଏବଂ ଆତ୍ମହତ୍ୟା ବୃଦ୍ଧି ମଧ୍ୟରେ ପ୍ରତ୍ୟକ୍ଷ ସମ୍ପର୍କ ଅଛି। ବ୍ୟକ୍ତିର ଆଚରଣ ଉପରେ ହେଉଛି ପାରିପାର୍ଶ୍ୱିକ ପର୍ଯ୍ୟବେକ୍ଷଣର ଫଳାଫଳ। ଆତ୍ମହତ୍ୟା ପରେ ଗଣମାଧ୍ୟମରେ ମିଳୁଥିବା ଅତ୍ୟଧିକ ସହାନୁଭୂତି ଏବଂ ଗଣମାଧ୍ୟମର ଅତ୍ୟଧିକ ଧ୍ୟାନ କିଛି ଦୁର୍ବଳ/ ଅବସାଦ ମନରେ ଏପରି କାର୍ଯ୍ୟ କରିବା ପାଇଁ ପ୍ରରୋଚିତ କରିପାରେ। 'ଯଦି ଅନ୍ୟମାନେ ଏହା କରିପାରୁଛନ୍ତି ଏବଂ ସେମାନଙ୍କ ଅଭିଯୋଗ ଶୁଣାଯାଇପାରୁଛି, ତେବେ ହୁଏତ ମୁଁ ମଧ୍ୟ ଏମିତି କରିପାରିବି'ର ମାନସିକତା ଏବେ ବୃଦ୍ଧି ପାଉଛି। ଏହାକୁ ଆତ୍ମହତ୍ୟାର ସାଂକେତିକ ବୈଧତା କୁହାଯାଏ। ସମାଜବିଜ୍ଞାନୀଙ୍କ ମତରେ ଏହି ମାନସିକତା ଧାରା ନିକଟ ଭବିଷ୍ୟତରେ ଜାରି ରହିବ।

କ୍ରମବର୍ଦ୍ଧିଷ୍ଣୁ କିଶୋର ଆତ୍ମହତ୍ୟାକୁ ନେଇ କେରଳର ମାନସିକ ସ୍ୱାସ୍ଥ୍ୟ ପ୍ରାଧିକରଣର ବିଶ୍ଳେଷଣରୁ ଜଣାପଡ଼ିଛି ଯେ ସମ୍ବାଦପତ୍ରର ରିପୋର୍ଟ ଏବଂ ସମ୍ବେଦକ ଆତ୍ମହତ୍ୟା ସହିତ ସାମାଜିକ ଗଣମାଧ୍ୟମରେ ମିଳୁଥିବା ପ୍ରବଳ ଶ୍ରଦ୍ଧାଞ୍ଜଳି ହେଉଛି ଅନିଚ୍ଛାକୃତ ଅନୁକରଣୀୟ ଆତ୍ମହତ୍ୟା ପାଇଁ ଦାୟୀ। ସମାଜବିଜ୍ଞାନୀ ଷ୍ଟାନଲି କୋହେନଙ୍କ 'ନୈତିକ ଆତଙ୍କ' ତତ୍ତ୍ୱ ବ୍ୟାଖ୍ୟା କରେ ଯେ ଅତିରଞ୍ଜିତ ମିଡିଆ ରିପୋର୍ଟିଂ ଏକ ଗୋଷ୍ଠୀ ମଧ୍ୟରେ ଉଭୟ ଆତଙ୍କ ଓ ଅନୁକରଣ ସୃଷ୍ଟି କରିପାରେ। ଅଷ୍ଟ୍ରିଆ ଓ ଜର୍ମାନୀ ଭଳି ଦେଶରେ, ଆତ୍ମହତ୍ୟା ରିପୋର୍ଟିଂ ଉପରେ କଠୋର ନିର୍ଦ୍ଦେଶାବଳୀ ଲାଗୁ ହେବା ପରେ ଯୁବ ଓ କିଶୋର ଆତ୍ମହତ୍ୟା ହାର ହ୍ରାସ ପାଇଛି। ଏହି ପରିପ୍ରେକ୍ଷୀରେ ମହାତ୍ମା ଗାନ୍ଧୀ କହିଥିଲେ, 'ଆତ୍ମହତ୍ୟା ଓ ଆତ୍ମଦାହ କୌଣସି ପ୍ରକାରର ଯଥାର୍ଥ ନୈତିକ କାର୍ଯ୍ୟ ନୁହେଁ। ଯେତେ ବି ଅନ୍ୟାୟ ହେଉ ମନୁଷ୍ୟ ଜୀବନ ପବିତ୍ର। ଜୀବନ୍ତ ବ୍ୟକ୍ତି ପରିବର୍ତ୍ତନ ଆଣିପାରିବ, ମୃତ୍ୟୁ ନୁହେଁ। ବ୍ୟକ୍ତିଗତ ଯନ୍ତ୍ରଣା ଓ ଦୁଃଖକୁ ଆତ୍ମହତ୍ୟାରେ ନୁହେଁ, ସେବାରେ ପରିଣତ କରିବା ଉଚିତ।' ଗାନ୍ଧୀଙ୍କ ମତରେ, 'ଆତ୍ମଦାହ ନିଜ ଶରୀର ବିରୁଦ୍ଧରେ ଏକପ୍ରକାର ହିଂସା। ଏହା ନୈତିକ ଓ ଆଧ୍ୟାତ୍ମିକ ଭାବରେ ଅଗ୍ରାହ୍ୟ। ଶରୀର ବିନାଶ ସତ୍ୟର ପଥ ନୁହେଁ।'

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

## ପରିବେଶ ଓ ଜୀବନରେ ବିପର୍ଯ୍ୟୟର ଛାୟା

**ହୃଷୀକେଶ ପାଣିଗ୍ରାହୀ**

ଜଳବାୟୁ ପରିବର୍ତ୍ତନ ଏବଂ ମାନବୀୟ ଅବହେଳା ଆଜି ଆମ ପରିବେଶ ଓ ଜୀବନ ପାଇଁ ଏକ ମୁଖ୍ୟ ସମସ୍ୟା ଭାବେ ଉଭା ହୋଇଛି। ନିକଟରେ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାରେ ବାଦଲଫଟା ବର୍ଷା ଯୋଗୁଁ କ୍ଷୀର ଗଙ୍ଗାରେ ଆକସ୍ମିକ ପାହାଡ଼ୀ ବନ୍ୟା ଘଟିଛି, ଯାହା ଧରାଲିର ହରସିଲ ଅଞ୍ଚଳରେ ବ୍ୟାପକ କ୍ଷୟକ୍ଷତି ଘଟାଇଛି। ଏହି ବନ୍ୟାରେ ଅନେକ ଘରଦ୍ୱାର, ହୋଟେଲ ଓ ଅନ୍ୟାନ୍ୟ କୋଠା ମଧ୍ୟ ଧୋଇ ହୋଇଯାଇଛି। ଏହି ଦୁର୍ଘଟଣାରେ ୪ ଜଣଙ୍କର ମୃତ୍ୟୁ ହୋଇଥିବା ବେଳେ ୫୦ରୁ ଅଧିକ ଲୋକ ନିଖୋଜ ହୋଇଛନ୍ତି। ଏହି ଘଟଣା କେବଳ ଏକ ପ୍ରାକୃତିକ ବିପର୍ଯ୍ୟୟ ନୁହେଁ, ବରଂ ମାନବୀୟ ଅବହେଳା ଏବଂ ଜଳବାୟୁ ପରିବର୍ତ୍ତନର ମିଳିତ ପରିଣାମ।

ଜଳବାୟୁ ପରିବର୍ତ୍ତନ ହିମାଳୟ ଭଳି ସମ୍ବେଦନଶୀଳ ଅଞ୍ଚଳରେ ଅତିବୃଷ୍ଟି, ବାଦଲଫଟା ଓ ଆକସ୍ମିକ ବନ୍ୟା ଭଳି ପ୍ରାକୃତିକ ବିପର୍ଯ୍ୟୟକୁ ତୀବ୍ର କରୁଛି। ବୈଜ୍ଞାନିକ ଅନୁସନ୍ଧାନ ଅନୁଯାୟୀ, ପ୍ରତି ୧ ଡିଗ୍ରୀ ସେଲସିୟସ ତାପମାତ୍ରା ବୃଦ୍ଧି ସହିତ ବାୟୁମଣ୍ଡଳରେ ଜଳୀୟବାଷ୍ପର ପରିମାଣ ୭% ବୃଦ୍ଧି ପାଉଛି, ଯାହା ବାଦଲଫଟା ବର୍ଷା ଭଳି ଘଟଣାକୁ ଅଧିକ ଘନ ଓ ତୀବ୍ର କରୁଛି। ଉତ୍ତରାଖଣ୍ଡରେ ୨୦୧୩ ମସିହାରେ ଘଟିଥିବା ବିନାଶକାରୀ ବନ୍ୟା, ଯାହା ୬,୦୦୦ରୁ ଅଧିକ ଲୋକଙ୍କ ଜୀବନ ନେଇଥିଲା ଏବଂ ୨୦୨୧ ଓ ୨୦୨୫ରେ ଘଟିଥିବା ବାଦଲଫଟା ବର୍ଷା ଓ ବନ୍ୟା ଘଟଣାଗୁଡ଼ିକ ଏହାର ଜ୍ୱଳନ୍ତ ଉଦାହରଣ।

ଜଳବାୟୁ ପରିବର୍ତ୍ତନ ଏକ ପ୍ରମୁଖ କାରଣ ହେଲେ ମଧ୍ୟ ମାନବୀୟ କାର୍ଯ୍ୟକଳାପ ଏହି ବିପର୍ଯ୍ୟୟକୁ ଆହୁରି ଜଟିଳ କରୁଛି। ଉତ୍ତରାଖଣ୍ଡରେ ଅନିୟନ୍ତ୍ରିତ ନିର୍ମାଣ, ଜଳବିଦ୍ୟୁତ ପ୍ରକଳ୍ପ, ଅତ୍ୟଧିକ ପର୍ଯ୍ୟଟନ ଓ ବନାଞ୍ଚଳ ନଷ୍ଟ ହେବା ପରିବେଶର ସମ୍ବେଦନଶୀଳତାକୁ ବୃଦ୍ଧି କରୁଛି। ୨୦୧୩ ବନ୍ୟା ପରେ ସୁପ୍ରିମକୋର୍ଟ ଅନୁଯାୟୀ ୨୩ଟି ଜଳବିଦ୍ୟୁତ ପ୍ରକଳ୍ପ ବନ୍ଦ କରିବାକୁ ପରାମର୍ଶ ଦିଆଯାଇଥିଲା, କିନ୍ତୁ ଏବେ ମଧ୍ୟ ନୂତନ ପ୍ରକଳ୍ପ ପାଇଁ ଆବେଦନ ଜାରି ରହିଛି। ଅନିୟନ୍ତ୍ରିତ ରାସ୍ତା ନିର୍ମାଣ, ବନ ଉଚ୍ଛେଦିକରଣ ଓ ନଦୀକୂଳରେ ଅବୈଧ ନିର୍ମାଣ ପାହାଡ଼ୀ ଅଞ୍ଚଳରେ ମାଟିଖସିବା ସହ ବନ୍ୟା ପରିସ୍ଥିତି ବୃଦ୍ଧି କରୁଛି। ଏହାସହିତ ପୂର୍ବ ସୂଚନା ବ୍ୟବସ୍ଥା ଓ ବିପର୍ଯ୍ୟୟ ପରିଚାଳନାରେ ଅସମର୍ଥତା ମଧ୍ୟ କ୍ଷୟକ୍ଷତିକୁ ବୃଦ୍ଧି କରୁଛି। ୨୦୧୩ରେ ଭାରତୀୟ ପାଣିପାଗ ବିଭାଗ ପୂର୍ବ ସୂଚନା ଦେଇଥିଲେ ମଧ୍ୟ ରାଜ୍ୟ ସରକାରଙ୍କ ପ୍ରତିକ୍ରିୟା ଅପର୍ଯ୍ୟାପ୍ତ ଥିଲା, ଯାହା ବିପର୍ଯ୍ୟୟର ପରିମାଣକୁ ବୃଦ୍ଧି କରିଥିଲା। ଏହି ବିପର୍ଯ୍ୟୟ କେବଳ ପରିବେଶକୁ ନଷ୍ଟ କରୁନାହିଁ, ବରଂ ମାନବ ଜୀବନ ଓ ଅର୍ଥନୀତି ଉପରେ ମଧ୍ୟ ଗଭୀର ପ୍ରଭାବ ପକାଉଛି। ଉତ୍ତରକାଶୀରେ ଘଟିଥିବା ସାମ୍ପ୍ରତିକ ବନ୍ୟା ଯୋଗୁଁ ଅନେକ ପରିବାର ନିଃସ୍ୱ ହୋଇଯାଇଛନ୍ତି, ପର୍ଯ୍ୟଟନ ଶିଳ୍ପ ପ୍ରଭାବିତ ହୋଇଛି ଏବଂ କୃଷି ଓ କୋଠାମାନ ନଷ୍ଟ ହୋଇଛି। ଏହା ସହିତ, ପରିବେଶରେ ଅତ୍ୟଧିକ ମାଟିଖସିବା ଓ ଜଙ୍ଗଲ ନଷ୍ଟ ହେବା ଜୈବବିବିଧତା ଓ ପରିବେଶ ସନ୍ତୁଳନକୁ ଆହୁରି ଦୁର୍ବଳ କରୁଛି। ଏହା ଦୀର୍ଘକାଳୀନ ଭାବେ ଜଳ ସଙ୍କଟ, ଖାଦ୍ୟ ଅଭାବ ଓ ଜୀବନଧାରଣରେ ଅସୁବିଧା ସୃଷ୍ଟି କରୁଛି।

ଏହି ସମସ୍ୟାର ସ୍ଥାୟୀ ସମାଧାନ ଓ ନକାରାତ୍ମକ ପ୍ରଭାବ ହ୍ରାସ ପାଇଁ ବନ ଓ ଜଳାଶୟ ସଂରକ୍ଷଣ ମାଧ୍ୟମରେ ପାହାଡ଼ୀ ଅଞ୍ଚଳରେ ମାଟିଖସିବା ଓ ବନ୍ୟା ପରିସ୍ଥିତିକୁ ହ୍ରାସ କରାଯାଇ ପାରିବ। ବୃକ୍ଷରୋପଣ ଓ ବନାଞ୍ଚଳ ପୁନରୁଦ୍ଧାର କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରିବା ଭଳି ପଦକ୍ଷେପ ନେବା ଆବଶ୍ୟକ। ପରିବେଶ ପ୍ରଭାବ ଆକଳନ ପରେ ହିଁ ଜଳବିଦ୍ୟୁତ ପ୍ରକଳ୍ପ ଓ କୋଠା ନିର୍ମାଣ ଉପରେ କଡ଼ା ନିୟମ ଲାଗୁ କରିବା, ପର୍ଯ୍ୟଟନକୁ ପରିବେଶ ସହ ସମନ୍ୱୟ ରଖି ପରିଚାଳନା, ହିମାଳୟ ଅଞ୍ଚଳରେ ଅଧିକ ସ୍ୱୟଂଚାଳିତ ପାଣିପାଗ କେନ୍ଦ୍ର ଏବଂ ଉପଗ୍ରହ ଆଧାରିତ ପର୍ଯ୍ୟବେକ୍ଷଣ ବ୍ୟବସ୍ଥା ସ୍ଥାପନ କରାଯିବା ଆବଶ୍ୟକ। ଏହା ସଠିକ ସମୟରେ ପୂର୍ବ ସୂଚନା ପ୍ରଦାନ କରି ଜୀବନ ଓ ସମ୍ପତ୍ତିର କ୍ଷୟକ୍ଷତି ହ୍ରାସ କରିବ। ସ୍ଥାନୀୟ ଜନସାଧାରଣଙ୍କୁ ବିପର୍ଯ୍ୟୟ ପରିଚାଳନା ତାଲିମ ପ୍ରଦାନ କରିବା ଏବଂ ସେମାନଙ୍କର ପାରମ୍ପରିକ ଜ୍ଞାନକୁ ପୂର୍ବ ସୂଚନା ବ୍ୟବସ୍ଥା ସହ ସଂଯୋଜନ କରିବା ଭଳି ପଦକ୍ଷେପ ନେବାକୁ ପଡ଼ିବ। ଏହାଦ୍ୱାରା ସ୍ଥାନୀୟ ସ୍ତରରେ ତୁରନ୍ତ ପ୍ରତିକ୍ରିୟା ସମ୍ଭବ ହେବ। ଜଳବାୟୁ ପରିବର୍ତ୍ତନ ଅନୁକୂଳକ ଶିକ୍ଷା, ଶୁଷ୍କ ନିର୍ମାଣ ଓ ବିପର୍ଯ୍ୟୟ ପ୍ରଶମନ ନୀତିରେ ସାମିଲ କରାଯାଇ ପ୍ରାକୃତିକ ଜଳ ସଂରକ୍ଷଣ କ୍ଷେତ୍ର ଯଥା ଜଳାଶୟ ଓ ମାଙ୍ଗ୍ରୋଭ ପୁନରୁଦ୍ଧାର କରାଯାଇପାରିବ।

ଉତ୍ତରାଖଣ୍ଡରେ ଘଟୁଥିବା ବାଦଲଫଟା ଓ ବନ୍ୟା ଭଳି ଘଟଣା ଆମକୁ ଜଳବାୟୁ ପରିବର୍ତ୍ତନ ଓ ମାନବୀୟ ଅବହେଳାର ଗମ୍ଭୀର ପରିଣାମ ସମ୍ପର୍କରେ ସତର୍କ କରୁଛି। ଏହା କେବଳ ଉତ୍ତରାଖଣ୍ଡ କିମ୍ବା ହିମାଳୟରେ ସୀମିତ ନୁହେଁ, ବରଂ ସାରା ବିଶ୍ୱରେ ପରିବେଶ ସଂରକ୍ଷଣ ଓ ସ୍ଥାୟୀ ବିକାଶର ଆବଶ୍ୟକତାକୁ ଆଲୋକପାତ କରୁଛି। ସଠିକ ନୀତି, ସାମୁଦାୟିକ ସହଯୋଗ ଓ ବୈଜ୍ଞାନିକ ପଦକ୍ଷେପ ମାଧ୍ୟମରେ ଆମେ ଏହି ନକାରାତ୍ମକ ପ୍ରଭାବକୁ ହ୍ରାସ କରି ଆମ ପରିବେଶ ଓ ଜୀବନକୁ ସୁରକ୍ଷିତ କରିପାରିବା। ଏହା ଆମ ସମସ୍ତଙ୍କର ଦାୟିତ୍ୱ, ଯାହା ଆଜିର କାର୍ଯ୍ୟ ଦ୍ୱାରା ଆମ ଭବିଷ୍ୟତ ପିଢ଼ିଙ୍କ ପାଇଁ ଏକ ସୁସ୍ଥ ପୃଥିବୀ ସୁନିଶ୍ଚିତ କରିବ।

(ସହକାରୀ ପ୍ରାଧ୍ୟାପକ, ଧରଣୀଧର ବିଶ୍ୱବିଦ୍ୟାଳୟ)
କେନ୍ଦୁଝର, ମୋ: ୮୨୪୯୫୮୬୭୦୭

## ପଦ୍ମସମ୍ଭବ, ମନ୍ଦରଭା ଓ ୟେଶେ

**ପ୍ରବୀର କୁମାର ପଟ୍ଟନାୟକ**

### ଦ୍ୱିତୀୟ-ବୁଦ୍ଧ କଥା

ଗୁରୁ ପଦ୍ମସମ୍ଭବଙ୍କ ଜୀବନ ଓ ତାଙ୍କ ଧର୍ମ ପ୍ରଚାର କାର୍ଯ୍ୟ ଉଭୟ କ୍ଷେତ୍ରରେ ଦୁଇଜଣ ମହିଳାଙ୍କର ଗୁରୁତ୍ୱପୂର୍ଣ୍ଣ ତଥା ମହତ୍ତ୍ୱପୂର୍ଣ୍ଣ ଅବଦାନ ରହିଛି। ଜଣେ ହେଲେ ତାଙ୍କର ଦ୍ୱିତୀୟ ଧର୍ମପତ୍ନୀ ତଥା ତାଙ୍କର ମୁଖ୍ୟ ସହଯୋଗୀ, ସହକର୍ମୀ, ବନ୍ଧୁ ତଥା ପରମ ଶୁଭାକାଂକ୍ଷୀ ଆଚାର୍ଯ୍ୟ ଶାନ୍ତରକ୍ଷିତଙ୍କ ଭଗିନୀ ମନ୍ଦରଭା। ତାଙ୍କର ପ୍ରଥମ ପତ୍ନୀ ଭାସଧାରାଙ୍କୁ ସେ ସମୟରେ ରାଜପ୍ରାସାଦରେ ରଖି ରାଜ୍ୟ ତ୍ୟାଗ କରି ପଳାଇ ଆସିଥିଲେ। ଅନ୍ୟ ସହଚାରିଣୀ ଜଣକ ହେଲେ ୟେଶେ ସୋଗ୍ୟାଲ୍। ତିବ୍ବତରେ ପହଞ୍ଚିବା ପରଠାରୁ ଓ ତିବ୍ବତ ପରିତ୍ୟାଗ କରିବା ପର୍ଯ୍ୟନ୍ତ ୟେଶେ ପଦ୍ମସମ୍ଭବଙ୍କ ଜୀବନରେ ଓ କର୍ମକ୍ଷେତ୍ରରେ ଅତ୍ୟନ୍ତ ମହତ୍ତ୍ୱପୂର୍ଣ୍ଣ ସହଯୋଗୀ ଭାବେ ତାଙ୍କ ସହ ସବୁବେଳେ ସକ୍ରିୟଭାବେ ଲାଗି ରହିଥିଲେ।

ମନ୍ଦରଭା: ସହୋର ନାମକ ଦେଶର ରାଜା ଥିଲେ ଆର୍ଷଧର। ତାଙ୍କ ରାଣୀ ଥିଲେ ହାଉକୀ। ତାଙ୍କର କନ୍ୟାଟି ଦେବଦେବୀଙ୍କ କୃପାରୁ ଜନ୍ମ ଲାଭ କରିଥିଲା। ପିଲାଦିନେ କନ୍ୟାଟିକୁ ଦେଖି ଜଣେ ଯୋଗୀ ତାଙ୍କ ନିକଟରେ ଭଗବାନ ବୁଦ୍ଧଙ୍କର ବତିଶ ଗୋଟି ଶୁଭ-ଲକ୍ଷଣମାନ ଥିବାରୁ ଭବିଷ୍ୟବାଣୀ କରିଥିଲେ ଯେ 'କନ୍ୟାଟି ଦେବକନ୍ୟା। ଏଣୁ ତାଙ୍କୁ ବିବାହ ବନ୍ଧନରେ ରଖାଯାଇ ପାରିବ ନାହିଁ। କନ୍ୟାଟି ନିଶ୍ଚିତ ଭାବେ ଯୋଗିନୀଟିଏ ହେବେ।' କନ୍ୟାର ନାମ ଥିଲା 'ଯୋଗୀ ମନ୍ଦରଭା' ରଖାଗଲା। ସେ ତେର ବର୍ଷ ବୟସର ହେଲା ବେଳକୁ ବାସ୍ତବରେ ଜଣେ ଦେବକନ୍ୟା ଭଳି ଦେଖାଗଲେ। ଚୀନର ରାଜକୁମାର, ହିନ୍ଦୁ, ମୁସଲମାନ ଓ ପାରସ୍ୟର ରାଜା ଆଦି ଚାଳିଶ ଜଣ ରାଜନ୍ୟବର୍ଗ ମନ୍ଦରଭାଙ୍କୁ ବିବାହ ପାଇଁ ପ୍ରସ୍ତାବ ଦେଇଥିଲେ। କିନ୍ତୁ ମନ୍ଦରଭା ସମସ୍ତଙ୍କୁ ଅଗ୍ରାହ୍ୟ କରି ସେ ଧର୍ମ (ବୌଦ୍ଧ ଧର୍ମ) ର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ ବୋଲି କହିଲେ। ରାଜା ପରେ ବାଧ୍ୟ ହେଲେ ମଧ୍ୟ ମନ୍ଦରଭା ନିଜ ନିଷ୍ପତ୍ତିରେ ଦୃଢ଼ ରହିଲେ। ଫଳରେ ରାଜା ରାଗି ଯାଇ ପାଞ୍ଚଶହ ସେବକ ନିୟୋଜିତ କରି ସ୍ୱତନ୍ତ୍ର ପ୍ରାସାଦରେ ମନ୍ଦରଭାଙ୍କୁ ଏକପ୍ରକାର ବନ୍ଦୀ ଭଳି ରଖାଇଲେ।

ପଦ୍ମସମ୍ଭବ ତତ୍‌ପରେ ବିଶ୍ୱବିଦ୍ୟାଳୟରେ ଯୋଗ-ତନ୍ତ୍ର ଶିକ୍ଷା ସାରି ବିଭିନ୍ନ ପ୍ରକାର ଜ୍ଞାନ ଆହରଣ ପାଇଁ ସମଗ୍ରଦେଶ ଭ୍ରମଣ କରୁଥିବା ବେଳେ ମନ୍ଦରଭାଙ୍କ ସ୍ଥାନରେ ପହଞ୍ଚିଲେ। ସେଠାରେ ତାଙ୍କ ଗୁଣାବଳୀ ଜାଣିପାରି ମନ୍ଦରଭା ଓ ତାଙ୍କ ସେବକ ସମସ୍ତେ ତାଙ୍କୁ ପ୍ରାସାଦ ମଧ୍ୟକୁ ଡକାଇ ତାଙ୍କଠାରୁ ବୌଦ୍ଧଧର୍ମ ଗ୍ରହଣ ପୂର୍ବକ ଦୀକ୍ଷିତ ହେଲେ। ପ୍ରାସାଦ ମଧ୍ୟକୁ ପଦ୍ମସମ୍ଭବ ପ୍ରବେଶ କରିଥିବା ଖବର ଜଣେ ଗାଈ ଜଗୁଆଳୀ ରାଜାଙ୍କୁ ଜଣାଇ ଦେଇଥିଲା। ରାଜା ଏଥିରେ କ୍ରୋଧ ଜର୍ଜରିତ ହୋଇ ସେମାନଙ୍କ ନିକଟକୁ ଆସି ପଦ୍ମସମ୍ଭବଙ୍କୁ ମନ୍ଦରଭା ନିକଟରେ ଦେଖିବା ପରେ ରାଜକର୍ମଚାରୀଙ୍କୁ ଆଦେଶ ଦେଲେ ପଦ୍ମସମ୍ଭବଙ୍କୁ କାଠ ଓ ତିଳ ତେଲରେ ଅଗ୍ନି ନିକ୍ଷେପ କରି ଜାଳି ଭସ୍ମ କରିଦେବାକୁ। ଏହାସହ ମନ୍ଦରଭାଙ୍କୁ ବିବସ୍ତ୍ର କରି ଗାତ ଖୋଳି ସେଥିରେ କଣ୍ଟା ପୂରାଇ ପକାଇ ଦେବାକୁ ଆଦେଶ ଦେଲେ। ପଦ୍ମସମ୍ଭବଙ୍କୁ ହତ୍ୟା ନିମନ୍ତେ ଯେଉଁ ଅଗ୍ନି ପ୍ରସ୍ତୁତ ହୋଇଥିଲା ତାହା ଜୋରରେ ଜଳି ଚାରିଆଡ଼େ ଧୂଆଁମୟ ହୋଇଗଲା ଏବଂ ସେଥିମଧ୍ୟରୁ ପ୍ରଚଣ୍ଡ ଶବ୍ଦ ଶୁଣାଗଲା। ସାତ ଦିନ ପର୍ଯ୍ୟନ୍ତ ନିଆଁ ନ ଲିଭି ଅଧିକରୁ ଅଧିକ ଜଳି ଉଠୁଥିବାର ଦେଖି ରାଜା ତଦନ୍ତ ପାଇଁ ମନ୍ତ୍ରୀଙ୍କୁ ପଠାଇଲେ। ମନ୍ତ୍ରୀ ଦେଖିଲେ ଯେ ସେଠାରେ ଗୋଟିଏ ଇନ୍ଦ୍ରଧନୁକୁ ଘେରିଥିବା ହ୍ରଦଟିଏ ରହିଛି ଏବଂ ତା' ମଧ୍ୟରେ ପଦ୍ମଫୁଲ ଉପରେ ବାଳକଟିଏ ବସିରହିଛି। ଏହା ଶୁଣି ରାଜା ନିଜେ ସେହି ହ୍ରଦ ନିକଟକୁ ଯିବାରୁ ବାଳକଟି ପାଟିକରି ଅନ୍ୟାୟରେ ବିନା କାରଣରେ ଜଣେ ବିଖ୍ୟାତ ବୌଦ୍ଧଗୁରୁଙ୍କୁ ଦଣ୍ଡ ଦେଇଥିବା ରାଜାଙ୍କୁ କହିଲେ। ରାଜା ସେହି ବାଳକ ମଧ୍ୟରେ ବୁଦ୍ଧ ବିରାଜମାନ କରିଥିବା ବୋଧ କରି ନିଜ ଭୁଲ ବୁଝିପାରି ପ୍ରାୟଶ୍ଚିତ୍ତ ସ୍ୱରୂପ ପଦ୍ମସମ୍ଭବ ଓ ତାଙ୍କ କନ୍ୟାଙ୍କୁ ଉଦ୍ଧାର କରି ରାଜପ୍ରାସାଦକୁ ନେଇଗଲେ। ପଦ୍ମସମ୍ଭବଙ୍କୁ ନିଜ ରାଜ୍ୟ ସହ ମନ୍ଦରଭାଙ୍କୁ ଅର୍ପଣ କଲେ। ଏହିଭଳି ଦୈବୀଯୋଗ କ୍ରମେ ମନ୍ଦରଭାଙ୍କୁ ପଦ୍ମସମ୍ଭବ ବିବାହ କଲେ। ସାରା ଜୀବନ ଛାଇ ପରି ମନ୍ଦରଭା ପଦ୍ମସମ୍ଭବଙ୍କ ସାଙ୍ଗରେ ପତ୍ନୀ, ସହକର୍ମୀ, ସହଚରୀ, ସର୍ବୋପରି ସାଧନା ସଙ୍ଗିନୀ ରୂପେ ରହିଥିଲେ। (କ୍ରମଶଃ...)

ଭୁବନେଶ୍ୱର, ମୋ: ୭୦୦୫୦୨୨୭୯୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉକ୍ତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୂର୍ଣ୍ଣ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

■ ବୋମା ଭିଡ଼ିବା ବେଳେ ଅଘଟଣ

## ବିସ୍ଫୋରଣରେ ଥରିଲା ଗାଁ; ଜଣେ ମୃତ



ଉଡ଼ିଗଲା ୩ ବଖରା ଘର

ନିରାକାରପୁର/ଭୂଷଣ୍ଡପୁର,୮।୮ (ସମିସ):ପ୍ରଚଣ୍ଡ ବିସ୍ଫୋରଣରେ ଥରିଲା ଗାଁ। ଖୋର୍ଦ୍ଧା ଜିଲ୍ଲା ନିରାକାରପୁର ଥାନା ଅନ୍ତର୍ଗତ ନୂଆଗଡ଼ ପଞ୍ଚାୟତ ହରିପୁର ଗ୍ରାମ ମାଝୀସାହିରେ ଗୁରୁବାର ଅପରାହ୍ଣରେ ଏପରି ଏକ ଅଘଟଣ ଘଟିଛି। ବୋମା ଭିଡ଼ିବା ବେଳେ ଗୋଟିଏ ଫାଟିଯିବାରୁ ଜଣଙ୍କର ମୃତ୍ୟୁ ହୋଇଛି। ମୃତକ ହେଲେ, ଗ୍ରାମର ରମେଶ ମହାପାତ୍ର (୩୭)। ବିସ୍ଫୋରଣ ଏତେ ଭୟଙ୍କର ଥିଲା ଯେ ୩ ବଖରା ଘରର ଛାତ ଉଡ଼ିଯାଇଛି। ଗତକାଲି ଏହି ଘଟଣା ଘଟିଥିବା ବେଳେ ଆଜି ପଦାକୁ ଆସିଛି। ସୂଚନାନୁଯାୟୀ, ବାର୍‌ହା ଶିକାର ପାଇଁ ରମେଶ ଗତକାଲି ଅପରାହ୍‌ଣରେ ନିଜ ଘରେ ବୋମା ଭିଡୁଥିଲେ। ଏହି ସମୟରେ ଗୋଟିଏ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ତାଙ୍କ ଶରୀର ଜଳି ପୋଡ଼ି ଯିବା ସହ ସେ ଗୁରୁତର ଆହତ ହୋଇଥିଲେ। ସୌଭାଗ୍ୟବସତଃ ଏହି ସମୟରେ ରମେଶଙ୍କ ଦୁଇ ସନ୍ତାନ ସ୍କୁଲକୁ ଯାଇଥିବା ବେଳେ ପତ୍ନୀ କୌଣସି କାମରେ ବାଡ଼ି ପଟକୁ ଯାଇଥିବାରୁ ସେମାନେ ଦୁର୍ଘଟଣାରୁ ବର୍ତ୍ତି ଯାଇଛନ୍ତି। ଗୁରୁତର ରମେଶଙ୍କୁ ଗ୍ରାମବାସୀମାନେ ଭୁବନେଶ୍ୱର ଏମ୍ସ ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଖବର ପାଇ ଘଟଣାସ୍ଥଳରେ ନିରାକାରପୁର ପୁଲିସ ପହଞ୍ଚି ତଦନ୍ତ କରିଛି।

## ବାଟ ମଝିରେ ଶୋଇପଡ଼ିଲେ ମଦ୍ୟପ ଆମ୍ବୁଲାନ୍ସ ଚାଳକ

ମୋହନା,୮।୮(ସମିସ): ଅଧ ରାତିରେ ବାଟ ମଝିରେ ଶୋଇପଡ଼ିଲା ଆମ୍ବୁଲାନ୍ସ ଚାଳକ। ଯେତେ ଡାକିଲେ ବି ଆଉ ଉଠିଲାନି। ତେଣୁ ବାଧ ହୋଇ ପରିବାରଲୋକ ଅନ୍ୟ ଏକ ଗାଡ଼ିରେ ଗର୍ଭବତୀଙ୍କୁ ବ୍ରହ୍ମପୁର ବଡ଼ ମେଡ଼ିକାଲ ନେଲେ। ଗଜପତି ଜିଲ୍ଲାରେ ଘଟିଥିବା ଏଭଳି ଏକ ଅଭାବନୀୟ ଘଟଣା ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି। ଆମ୍ବୁଲାନ୍ସ ଚାଳକଜଣଙ୍କ ମଦ ପିଇବା ପରେ ଏପରି କାଣ୍ଡ ଘଟାଇଥିବା କୁହାଯାଉଛି।

ସୂଚନାନୁସାରେ, ଚନ୍ଦ୍ରଗିରି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରୁ ଏକ ଆମ୍ବୁଲାନ୍ସ କାନିକିପଦର ଗ୍ରାମର ଗର୍ଭବତୀ ମହିଳା ବିଜୟ ରଇତଙ୍କ ପତ୍ନୀ ନନ୍ଦିନୀ ରଇତଙ୍କୁ ନେଇ ଗୁରୁବାର ରାତିରେ ବ୍ରହ୍ମପୁର ଯାଉଥିଲା। ହେଲେ ଅଧା ରାସ୍ତାରେ ଚାଳକ କୌଣସି କାମ ଲାଗି କିଛି ସମୟ ଓହ୍ଲାଇଥିଲେ। ସେଠାରୁ କିଛି କିଲୋମିଟର ଯିବା ପରେ ଡ୍ରାଇଭରଙ୍କ ହାବଭାବ ବଦଳି ଯାଇଥିଲା। ସେ ଆଉ



ଠିକ୍‌ରେ ଗାଡ଼ି ଚଳାଇ ନପାରି ଗାଡ଼ିକୁ ରାସ୍ତାକଡ଼ରେ ସାଇଡ୍ କରି ଶୋଇପଡ଼ିଥିଲେ। ଗାଡ଼ିରେ ଥିବା ଗର୍ଭବତୀଙ୍କ ପରିବାରଲୋକେ ଯେତେ ଉଠାଇଥିଲେ ମଧ ଚାଳକ ଆଉ ଉଠିନଥିଲେ। ସେପଟେ ମହିଳାଙ୍କ ଅବସ୍ଥା ସଂକଟାପନ୍ନ ହେବାରୁ ସମ୍ପର୍କୀୟମାନେ ଅନ୍ୟ ଏକ ଗାଡ଼ି ଡାକି ବ୍ରହ୍ମପୁର ନେଇଥିଲେ। ସରକାର କୋଟିକୋଟି ଟଙ୍କା ଖର୍ଚ୍ଚ କରି ଲୋକଙ୍କ ସେବାରେ ୧୦୨/୧୦୮

ଘରୋଇ ଗାଡ଼ି ଡାକି ଗର୍ଭବତୀଙ୍କୁ ନେଲେ ପରିବାରଲୋକ

ଆମ୍ବୁଲାନ୍ସ ଯୋଗାଉଛନ୍ତି। କିନ୍ତୁ କିଛି ଅସାଧୁ ମଦ୍ୟପ ଚାଳକଙ୍କ ଲାଗି ଏହି ସେବାରୁ ବଞ୍ଚିତ ହେଉଛନ୍ତି ରୋଗୀ। ଏହି ମଦ୍ୟପ ଚାଳକଙ୍କ ଉପରେ ସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହେଉଛି।

## ଆଜି ମିଳିବ 'ସୁଭଦ୍ରା'ର ତୃତୀୟ କିସ୍ତି ଟଙ୍କା

ଭୁବନେଶ୍ୱର,୮।୮ (ସମିସ): ଆସନ୍ତାକାଲି ରାକ୍ଷୀ ପୂର୍ଣ୍ଣିମାରେ ରାଜ୍ୟ ସରକାର 'ସୁଭଦ୍ରା' ଯୋଜନାର ୩ୟ କିସ୍ତି ଅର୍ଥ ପ୍ରଦାନ କରିବେ। କୋଟିଆରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଜରିଆରେ କୋଟିଆ ବାସିନ୍ଦାଙ୍କୁ ସୁଭଦ୍ରା କିସ୍ତି ଟଙ୍କା ବଣ୍ଟାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ସୂଚନା ଦେଇଛନ୍ତି। ଯାହା ପାଖରେ ଯେଉଁ ଆଧାର କାର୍ଡ ରହିଥିଲେ ବି ସେମାନଙ୍କ ଆର୍ଥିକ ସ୍ଥିତିକୁ ଦେଖି ହିତାଧିକାରୀ ପାଇଁ ଯେଉଁମାନେ ଯୋଗ୍ୟ, ସେମାନଙ୍କୁ ସୁଭଦ୍ରା ଟଙ୍କା ଦିଆଯିବ ବୋଲି ଉପମୁଖ୍ୟମନ୍ତ୍ରୀ କହିଛନ୍ତି। କୋଟିଆ ପଞ୍ଚାୟତରେ ୨୦୭୮ ଜଣ ମହିଳା ସୁଭଦ୍ରା ଯୋଜନା ପାଇଁ ଆବେଦନ କରିଥିବା ବେଳେ ୧୭୯୫ ଜଣ ଯୋଜନାରେ ସାମିଲ ହୋଇଛନ୍ତି। ସେହିପରି ୧୭୪ ଜଣଙ୍କ ଆବେଦନ ପ୍ରୋସେସିଂରେ ରହିଥିବା ବେଳେ ୧୦୯ଜଣ ହିତାଧିକାରୀଙ୍କ ଆବେଦନ ଖାରଜ ହୋଇଥିବା ଜଣାପଡ଼ିଛି। ଏଠାକାର ୨୧ ଖଣ୍ଡ ବିବାଦୀୟ ଗ୍ରାମର ସମସ୍ତ ମହିଳାଙ୍କୁ ସୁଭଦ୍ରା ଯୋଜନାରେ ଅନ୍ତର୍ଭୁକ୍ତ କରିବାକୁ କୋରାପୁଟର ପୂର୍ବତନ ସାଂସଦ ଜୟରାମ ପାଙ୍ଗୀ ସରକାରଙ୍କୁ ନିବେଦନ କରିଛନ୍ତି। ସୂଚନା ଅନୁସାରେ, ଅଗଷ୍ଟ ୯ ତାରିଖ ଅର୍ଥାତ୍ ଆସନ୍ତାକାଲି ଖୋଲିବ ସୁଭଦ୍ରା ପୋର୍ଟାଲ। ବାଦ୍ ପଡ଼ିଥିବା ହିତାଧିକାରୀଙ୍କୁ ଯୋଡ଼ିବାକୁ ସର୍ଭେ କରାଯିବା ସହ ୨୧ ବର୍ଷ ହୋଇଥିବା ଯୁବତୀ ଓ ମହିଳା ଆବେଦନ କରିବେ।

ରାକ୍ଷୀ ପୂର୍ଣ୍ଣିମାରେ କୋଟିଆରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

## ଶାନ୍ତନୁ ସ୍ୱାଇଁ ସିକ୍କିମ୍ ବିଶ୍ୱବିଦ୍ୟାଳୟର ନୂତନ କୁଳପତି

ଭୁବନେଶ୍ୱର, ୮।୮ (ସମିସ): ପ୍ରଫେସର ଶାନ୍ତନୁ କୁମାର ସ୍ୱାଇଁ ସିକ୍କିମ ବିଶ୍ୱବିଦ୍ୟାଳୟର ନୂତନ କୁଳପତି ଭାବେ ନିଯୁକ୍ତ ହୋଇଛନ୍ତି। ପୁରୀ ଜିଲା ଋଷିପଡ଼ା ଗ୍ରାମ ନିବାସୀ ପ୍ରଫେସର ସ୍ୱାଇଁ ଆସନ୍ତା ୫ ବର୍ଷ ପର୍ଯ୍ୟନ୍ତ ସେ କୁଳପତି ଦାୟିତ୍ୱ ତୁଲାଇବେ।



ରାଷ୍ଟ୍ରପତି ତାଙ୍କୁ ନିଯୁକ୍ତି ଦେଇଥିବା କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ ଶୁକ୍ରବାର ବିଜ୍ଞପ୍ତି ପ୍ରକାଶ ପାଇଛି।

ଶିକ୍ଷା କ୍ଷେତ୍ରରେ ପ୍ରଫେସର ସ୍ୱାଇଁଙ୍କର ୪୩ ବର୍ଷର ଅଭିଜ୍ଞତା ରହିଛି। ପୂର୍ବରୁ ସେ ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟ (ବିଏଚ୍‌ୟୁ) ଶିକ୍ଷା ବିଭାଗର ଡିନ୍ ଭାବରେ କାର୍ଯ୍ୟ କରିଛନ୍ତି। ଏହାସହ ବିଭିନ୍ନ ଶୈକ୍ଷିକ କାର୍ଯ୍ୟକ୍ରମରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଛନ୍ତି। ଓଡ଼ିଶା କୋରାପୁଟ୍‌ସ୍ଥିତ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ଶିକ୍ଷା ପରିଷଦର ସଦସ୍ୟ ଭାବେ ମଧ୍ୟ ସେ କାର୍ଯ୍ୟ କରିଛନ୍ତି। ତାଙ୍କ ଅଧୀନରେ ୬୭ରୁ ଅଧିକ ଗବେଷକ ପିଏଚ୍‌ଡି ଡିଗ୍ରୀ ହାସଲ କରିଛନ୍ତି।

## ୧୨ରୁ ରାଜ୍ୟବ୍ୟାପୀ ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍

ଭୁବନେଶ୍ୱର,୮।୮ (ସମିସ): ଶିଶୁ ସ୍ୱାସ୍ଥ୍ୟରେ ଉନ୍ନତି, ରକ୍ତହୀନତା ନିରାକରଣ ଏବଂ ପରଜୀବୀ କୃମି ସଂକ୍ରମଣରୁ ମୁକ୍ତି ପାଇଁ ପରିବାର କଲ୍ୟାଣ ନିର୍ଦ୍ଦେଶାଳୟ ଓ ୟୁନିସେଫ୍ ସହଭାଗିତାରେ ଆସନ୍ତା ୧୨ ତାରିଖରେ ରାଜ୍ୟରେ ଜାତୀୟ କୃମିନାଶକ ଦିବସ (ଏନ୍‌ଡିଡି) ଏବଂ

■ ଉପକୃତ ହେବେ ୧.୭ କୋଟିରୁ ଅଧିକ ହିତାଧିକାରୀ
■ ୧୨ ଜିଲ୍ଲାରେ ପ୍ରଦାନ କରାଯିବ କୃମି ନାଶକ ଔଷଧ

ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍ (ଭିଏଏସ୍) କାର୍ଯ୍ୟକ୍ରମ ଆରମ୍ଭ ହେବ। ଏହି କାର୍ଯ୍ୟକ୍ରମ ସହ ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶାଳୟ ପକ୍ଷରୁ ଚୟନ ଜିଲ୍ଲାଗୁଡ଼ିକରେ ଲିମ୍ଫାଟିକ୍ ଫାଇଲେରିଆସିସ୍–ମାସ୍ ଡ୍ରଗ୍ ଆଡ୍‌ମିନିଷ୍ଟ୍ରେସନ୍ (ଏଲ୍‌ଏଫ୍-ଏମ୍‌ଡିଏ) କାର୍ଯ୍ୟକ୍ରମ କାର୍ଯ୍ୟକାରୀ କରିବା ସହ ଏକ ବ୍ୟାପକ ଜନସ୍ୱାସ୍ଥ୍ୟ ଆଭିମୁଖ୍ୟ ସୁନିଶ୍ଚିତ କରିବ। ଏନ୍‌ଡିଡି କାର୍ଯ୍ୟକ୍ରମ ଅଧୀନରେ ୩୦ଟି ଜିଲ୍ଲାରେ ୧ରୁ ୧୯ ବର୍ଷ ବୟସର ୧.୨୬ କୋଟିରୁ ଅଧିକ ଶିଶୁ ଏବଂ ୨୦ରୁ ୨୪ ବର୍ଷ ବୟସର ୧୫ ଲକ୍ଷରୁ ଅଧିକ ପ୍ରଜନନ ବୟସର ମହିଳାଙ୍କୁ ଆଲ୍‌ବେଣ୍ଡାଜୋଲ୍ ଔଷଧ ପ୍ରଦାନ କରାଯିବ। ସେହିପରି ୧୨ଟି ଜିଲ୍ଲାରେ ଏଲ୍‌ଏଫ୍-ଏମ୍‌ଡିଏ ୧ରୁ ୨ ବର୍ଷ ବୟସର ୪ଲକ୍ଷ ୧୦୮୧ ଶିଶୁ, ଏନ୍‌ଡିଡି ଜିଲ୍ଲାଗୁଡ଼ିକର ୧ରୁ ୫ ବର୍ଷ ବୟସର ୨୩ଲକ୍ଷ ୩୯ ହଜାର ୧୦୨ ଶିଶୁ, ଏବଂ ୬ରୁ ୧୯ ବର୍ଷ ବୟସର ୯୯ଲକ୍ଷ ୬୪୩୩ ଶିଶୁ ଏନ୍‌ଡିଡି କାର୍ଯ୍ୟକ୍ରମ ଅଧୀନରେ କୃମିନାଶକ ଔଷଧ ପାଇବେ। ତେବେ ବାର୍ଷିକ ଦୁଇଥର ଅନୁଷ୍ଠିତ ହେଉଥିବା ଏହି ଭିଏଏସ୍ କାର୍ଯ୍ୟକ୍ରମ ୯ ମାସରୁ ୬୦ ମାସ ବୟସର ଆନୁମାନିକ ୩୨ ଲକ୍ଷ ଶିଶୁଙ୍କ ପାଖରେ ପହଞ୍ଚିବ। ଯାହା ରୋଗ ପ୍ରତିରୋଧ କ୍ଷମତା ବୃଦ୍ଧି ସହ ଶିଶୁ ମୃତ୍ୟୁହାର ଏବଂ ଅସୁସ୍ଥତା ହ୍ରାସ କରିବ ବୋଲି ଶୁକ୍ରବାର ସ୍ୱାସ୍ଥ୍ୟ ଓ ପରିବାର ନିର୍ଦ୍ଦେଶାଳୟ କନଫରେନ୍ସ ହଲ୍‌ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପରିବାର କଲ୍ୟାଣ ନିର୍ଦ୍ଦେଶିକା ଡ. ରାଜ୍ୟଶ୍ରୀ ପଟ୍ଟନାୟକ ସୂଚନା ଦେଇଛନ୍ତି। କାର୍ଯ୍ୟକ୍ରମରେ ୟୁନିସେଫ୍‌ର ପୋଷଣ ବିଶେଷଜ୍ଞ ସୌରଭ ଭଟ୍ଟାଚାର୍ଯ୍ୟଙ୍କ ଭିଟାମିନ୍-ଏ ସପ୍ଲିମେଣ୍ଟେସନ୍ ସହିତ କୃମିନାଶକକୁ ମିଶ୍ରଣ କରିବା ସରକାରଙ୍କ ଦ୍ୱାରା ଅପପୁଷ୍ଟି ବିରୁଦ୍ଧରେ ଲଢିବା ଏବଂ ପିଲାମାନଙ୍କ ମଧ୍ୟରେ ଉତ୍ତମ ମସ୍ତିଷ୍କ ବିକାଶକୁ ସମର୍ଥନ କରିବା ପାଇଁ ଏକ ଦୃଢ଼ପଦକ୍ଷେପ ବୋଲି କହିଥିଲେ। କାର୍ଯ୍ୟକ୍ରମ ସମ୍ବନ୍ଧୀୟ କୌଣସି ପ୍ରଶ୍ନ ପାଇଁ ସାରା ରାଜ୍ୟରେ ହେଲ୍ପଲାଇନ୍ ନମ୍ବର ୦୬୭୪-୨୩୯୧୯୪୪ ଜାରି କରାଯାଇଥିବା ସେ ସୂଚନା ଦେଇଥିଲେ। ଶିକ୍ଷକ, ଅଙ୍ଗନବାଡ଼ି କର୍ମୀ ଏବଂ ଆଶା କର୍ମୀମାନେ ଔଷଧ ବଣ୍ଟନରେ ସକ୍ରିୟ ଅଂଶଗ୍ରହଣ କରିବେ ବୋଲି ପୋଷଣ ଯୁଗ୍ମ ନିର୍ଦ୍ଦେଶକ ଡ. ସ୍ମୃତିଜିତ୍ ପଟ୍ଟନାୟକ କହିଥିଲେ। ୟୁନିସେଫ୍‌ର ପୋଷଣ ଅଧିକାରୀ ଡ. ସଞ୍ଜୟ କୁମାର ସାହୁ ସାମ୍ବାଦିକ ସମ୍ମିଳନୀରେ ଉପସ୍ଥିତ ଥିଲେ।

## ଏସ୍‌ପି ପାହ୍ୟାକୁ ପଦୋନ୍ନତି ପାଇଲେ ୫ ଅଧିକାରୀ

ଭୁବନେଶ୍ୱର,୮।୮ (ସମିସ): ରାଜ୍ୟ ପୁଲିସ ବିଭାଗରେ କାର୍ଯ୍ୟରତ ୫ ଜଣ ଅତିରିକ୍ତ ଏସ୍‌ପି ପାହ୍ୟାର ଅଧିକାରୀଙ୍କର ପଦୋନ୍ନତି ହୋଇଛି। ସେମାନଙ୍କର ଏସପି ପାହ୍ୟାକୁ ପଦୋନ୍ନତି ହୋଇଥିବା ନେଇ ଆଜି ଗୃହ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଭିଜିଲାନ୍ସର ଅତିରିକ୍ତ ଏସ୍‌ପି ସତ୍ୟବାନ ମହାନନ୍ଦ, କେନ୍ଦ୍ରାପଡ଼ା ଆଇୟୁସିଏଡବ୍ଲୁର ଦେବାଶିଷ ଧଳ, ରାଜ୍ୟ ପୁଲିସ ମୁଖ୍ୟାଳୟର ପ୍ରଭାଶଙ୍କର ନାୟକ, କମିସନରେଟ୍ ପୁଲିସର ଅତିରିକ୍ତ ଡିସିପି ଦେବଦତ୍ତ କର ଓ ରେଳବାଇ ଓ ଉପକୂଳ ସୁରକ୍ଷାର ସତ୍ୟଜିତ ମିଶ୍ରଙ୍କୁ ଏପସି ପାହ୍ୟାକୁ ପଦୋନ୍ନତି ହୋଇଛି। ପରବର୍ତ୍ତୀ ନିର୍ଦ୍ଦେଶନାମା ପର୍ଯ୍ୟନ୍ତ ସେହିଠାରେ କାମ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଚାଷୀଙ୍କ ଅଡୁଆ...

ସେହିପରି ବାପା, ଜେଜେବାପାଙ୍କ ନାମ ଥିବା ପଟ୍ଟା ଜମିରେ ଚାଷ କରି ସେମାନେ ନିଜ ପରିବାର ଚଳାଇ ଆସୁଛନ୍ତି। ମାତ୍ର ଏବେ ଚାଷୀ ପଞ୍ଜିକରଣ ବେଳେ ପଟ୍ଟା ସଂଶୋଧନ ଜରୁରୀ ହୋଇ ପଡ଼ୁଛି। ଗୋଟିଏପଟେ ସରକାର ଧାନର ସର୍ବନିମ୍ନ ସହାୟକ ମୂଲ୍ୟ ସହ ରିହାତି ଦେଉଛନ୍ତି। ଚାଷୀଙ୍କୁ ଅଧିକ ଚାଷ କରିବାକୁ ସରକାର କହୁଛନ୍ତି। ମାତ୍ର ଧାନ ଚାଷ କରିବା ପରେ ଏହା କିପରି ସହଜରେ ବିକ୍ରିହେବ ସେଥିପାଇଁ ବ୍ୟବସ୍ଥା କରୁନାହାନ୍ତି। ଧାନ ବିକ୍ରି ନିମନ୍ତେ ଚାଷୀ ପଞ୍ଜୀକରଣ ନିମନ୍ତେ କଠୋର ବ୍ୟବସ୍ଥା ଚାଷୀଙ୍କୁ ଚାଷ ଛାଡ଼ିବାକୁ ବାଧ କରୁଥିବା ଅଭିଯୋଗ ହୋଇଛି।

ଭୁବନେଶ୍ୱର ଉପକଣ୍ଠ ନଁପୁଟ ସମବାୟ ସମିତିର ଚାଷୀ ବିଶ୍ୱରଞ୍ଜନ ଦଳେଇ କହିଛନ୍ତି ଯେ ତାଙ୍କର ସବୁ ଜମି ଜେଜେବାପାଙ୍କ ନାମରେ ରହିଛି। ବଡ଼ବାପା ଓ ଦାଦାମାନେ ସବୁ ଚାକିରି ଓ କାମ ଧନ୍ଦା ପାଇଁ ଦୀର୍ଘଦିନ ଧରି ରାଜ୍ୟ ବାହାରେ ରହୁଛନ୍ତି। ତାଙ୍କ ଭାଗ ଜମି ପଡ଼ିଆ ପଡ଼ିଛି; ମୋ ବାପା ବୁଢ଼ା ହୋଇ ଯାଇଥିବାରୁ ଏବେ ଚାଷ କାମ ମୁଁ ନିଜେ ବୁଝୁଛି। ବାପାଙ୍କ ବାର୍ଦ୍ଧକ୍ୟ ଯୋଗୁଁ ମୁଁ ମୋ ନାମରେ ପଞ୍ଜିକରଣ କରିବାକୁ ଚାହୁଁଥିଲେ ବି ତାହା ସମ୍ଭବ ହୋଇ ପାରିଲା ନାହିଁ। ସରକାରଙ୍କ ନିୟମ ଯୋଗୁଁ ଅତି କଷ୍ଟରେ ବୁଢ଼ା ବାପାଙ୍କୁ ଟେକି ଟେକି ସମବାୟ ସମିତିକୁ ନେବାକୁ ପଡ଼ିଲା। ପୁଣି ବୃଦ୍ଧ ଲୋକ ତାଙ୍କ ହାତ ଥରୁଛି, ଆଖିବୁ ଭଲ ଭାବେ ଦେଖାଯାଉନି। ତେଣୁ ଇ-କେୱାଇସି କରିବାରେ ସମସ୍ୟା ହେଲା ବୋଲି ବିଶ୍ୱରଞ୍ଜନ କହିଛନ୍ତି। କେବଳ ବିଶ୍ୱରଞ୍ଜନ ଜଣେ ନୁହନ୍ତି, ନଁପୁଟ ସମବାୟ ସମିତି ଅଧୀନରେ ପଞ୍ଜିକରଣ କରୁଥିବା ପାଖାପାଖି ଦେଢ଼ ଶହରୁ ଦୁଇ ଶହ ଲୋକ ଏଭଳି ଅସୁବିଧାର ସମ୍ମୁଖୀନ ହୋଇଥିବା ଅଭିଯୋଗ ହୋଇଛି। ପଞ୍ଜିକରଣ ଅବଧି ଶେଷ ହେବାକୁ ଆଉ ମାତ୍ର ୧୪ ଦିନ ଥିବାବେଳେ ଏପର୍ଯ୍ୟନ୍ତ ଅଧା ଚାଷୀ ବି ପଞ୍ଜିକରଣ କରିପାରିନାହାନ୍ତି। ତେଣୁ ଗତବର୍ଷ ଯେତିକି ଚାଷୀ ସରକାରଙ୍କ ଧାନ ବିକ୍ରି କରିଥିଲେ, ଏ ବର୍ଷ ସେତିକି ଚାଷୀ ଧାନ ବିକ୍ରି କରିପାରିବେ ନାହିଁ ବୋଲି କୃଷକ ନେତା ନିରାକାର ସାହୁ କହିଛନ୍ତି।

### ଏମ୍ସ ନିଯୁକ୍ତି ଜାଲିଆତି...

ଜଣାଇଥିଲେ। ତଦନ୍ତରୁ ଘଟଣାର ସତ୍ୟାସତ ଥିବା ଜାଣିବା ପରେ ସିବିଆଇ କୋଲଥିଆ ହାଉସିଂବୋର୍ଡ କଲୋନୀ ଏମ୍‌ଆଇଜି-୩ରେ ରହୁଥିବା ରାଜଶ୍ରୀ ପଣ୍ଡା, ରାହାମା, ପଙ୍କପାଳରେ ରହୁଥିବା ସଂଗ୍ରାମ ମିଶ୍ର, କୋଲଥିଆର ସାଇ ସାଗର କର, ପଙ୍କପାଳରେ ରହୁଥିବା ସମ୍ମିତ ମିଶ୍ର, ହାଉସିଂବୋର୍ଡ କଲୋନୀର ଶ୍ରୁତି ସାଗର କର ଏବଂ ଏମ୍ସର ରିକ୍ରୁଟ୍‌ମେଣ୍ଟ ସେଲ୍ ତଥା ସହକାରୀ ପ୍ରଶାସନିକ ଅଧିକାରୀ ସୁଧୀର କୁମାର ପ୍ରଧାନଙ୍କ ନାମରେ ମାମଲା ରୁଜୁ କରିଛି। ଜାଲ୍ ସାର୍ଟିଫିକେଟ ଦେଇ ଗୋଟିଏ ପରିବାରର ୪ ଜଣ ଚାକିରି କରିଥିବା ପିଟିସନ୍ ପଡ଼ିବା ପରେ ତଦନ୍ତ ଆରମ୍ଭ କରିଥିଲା ସିବିଆଇ। ଏହାର ସତ୍ୟାସତ ମିଳିବା ପରେ ସିବିଆଇ ନିଜ ଆଡୁ ମାମଲା ରୁଜୁ କରିଛି। ଏମ୍ସକୁ କର୍ମଚାରୀ ଯୋଗାଉଥିବା ଠିକା ସଂସ୍ଥା ବମ୍ବେ ଇଣ୍ଟେଲିଜେନ୍ସ ସିକ୍ୟୁରିଟି (ବିଆଇଏସ୍)ର ମ୍ୟାନେଜର ସ୍ମୃତି ସାଗର କର ହିଁ ଘୋଟାଲାର ମାଷ୍ଟରମାଇଣ୍ଡ ବୋଲି ପ୍ରାଥମିକ ଅନୁସନ୍ଧାନରୁ ସିବିଆଇ ଜାଣିବାକୁ ପାଇଛି। ଏହି ଠିକା ସଂସ୍ଥା ବିଆଇଏସ୍ ଏମ୍ସ ଭୁବନେଶ୍ୱରକୁ କର୍ମଚାରୀ ଯୋଗାଉଥିବା ବେଳେ ସ୍ମୃତି ସାଗର କର ସଂସ୍ଥାର ମ୍ୟାନେଜର ଭାବେ କାମ କରୁଛନ୍ତି। ସ୍ମୃତିଙ୍କ ୪ ଜଣ ସମ୍ପର୍କୀୟ ମଧ୍ୟ ଏହି ସଂସ୍ଥା ଅଧୀନରେ ଏମ୍ସରେ ଚାକିରି କରୁଥିଲେ। ୨୦୨୩ ମସିହା ଜୁଲାଇ ୧ ତାରିଖ ଦିନ ସାନିଟାରୀ ଇନ୍ସପେକ୍ଟର, ମେଡିକାଲ ରେକର୍ଡ ଆସିଷ୍ଟାଣ୍ଟ ଭଳି ସର୍ବଭାରତୀୟ ସ୍ତରରେ ମୋଟ ୭୭୫ ପଦବୀ ପୂରଣ ନେଇ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ଓଡ଼ିଶାର ଅନେକ ଆଶାୟୀ ଏଥିପାଇଁ ଆବେଦନ କରିଥିଲେ। ବିଆଇଏସ୍ ଅଧୀନରେ ଏମ୍ସରେ ଚାକିରି କରିଥିବା ସ୍ମୃତିଙ୍କ ୪ ଜଣ ସମ୍ପର୍କୀୟଙ୍କୁ ସ୍ଥାୟୀ ନିଯୁକ୍ତି ମିଳିଥିଲା। ସ୍ମୃତିଙ୍କ ଭାଇ ସାଇ ସାଗର କର, ସମ୍ପର୍କୀୟ ଭାଇ ସମ୍ମିତ ମିଶ୍ର, ସଂଗ୍ରାମ ମିଶ୍ର ଓ ରାଜଶ୍ରୀ ପଣ୍ଡାଙ୍କୁ ସାନିଟାରୀ ଇନ୍ସପେକ୍ଟର ଓ ମେଡିକାଲ ରେକର୍ଡ ଆସିଷ୍ଟାଣ୍ଟ ପଦବୀରେ ନିଯୁକ୍ତି ମିଳିଥିଲା। ସ୍ମୃତିଙ୍କ ସମ୍ପର୍କୀୟମାନେ ଚାକିରି କରିବା ସମୟରେ ଗୋରଖପୁରର ଏକ ଶିକ୍ଷାନୁଷ୍ଠାନର ସାର୍ଟିଫିକେଟ ଦାଖଲ କରିଥିଲେ। ସିବିଆଇ ଯାଞ୍ଚ କରିବା ପରେ ସେଠାରେ କେହି ପାଠ ପଢ଼ି ନ ଥିବା ସ୍ପଷ୍ଟ ହୋଇଥିଲା। ପୂର୍ବରୁ ଠିକା ସଂସ୍ଥା ଅଧୀନରେ ଥିବା କର୍ମଚାରୀ ହଠାତ୍ କିପରି ସ୍ଥାୟୀ ନିଯୁକ୍ତି ପାଇଲେ ତା'କୁ ନେଇ ପ୍ରଶ୍ନ ଉଠିଥିଲା। ପିଟିସନ ଆଧାରରେ ତଦନ୍ତ ଆରମ୍ଭ କରିଥିଲା ସିବିଆଇ। ଶ୍ରୁତି ସାଗର ସହ ମିଶି ଏମ୍ସ ସହାୟକ ପ୍ରଶାସନିକ ଅଧିକାରୀ ସୁଧୀର କୁମାର ପ୍ରଧାନ ଏହି ଚାକିରି ଜାଲିଆତି କରିଥିଲେ। କେବଳ ଏହି ୪ଜଣ ନୁହଁନ୍ତି; ମୋଟା ରକମର ଟଙ୍କା ନେଇ ସେମାନେ ଏକାଧିକ ବ୍ୟକ୍ତିଙ୍କୁ ଚାକିରି ଦେଇଥିବା ସିବିଆଇ ତଦନ୍ତରୁ ଜାଣିବାକୁ ପାଇଛି।

### ସ୍କିମାଟିକ୍ ଶିକ୍ଷକଙ୍କୁ...

ରହି ନଥିଲା। ଗଣଶିକ୍ଷା ବିଭାଗର ୱେବସାଇଟ୍‌ରେ ଅପଲୋଡ୍ ହୋଇଥିବା ଏହି ପ୍ରସ୍ତାବକୁ ମାତ୍ର ୨ଦିନ ପରେ ଡିଲିଟ୍ କରିଦିଆଗଲା। ଫଳରେ ସରକାରଙ୍କ ଆଭିମୁଖ୍ୟ ନେଇ ଆଶଙ୍କା ବଢ଼ିଥିଲା। ଗୁରୁବାର ଏହି ପ୍ରସ୍ତାବକୁ ଆନୁଷ୍ଠାନିକ ଭାବେ ପ୍ରତ୍ୟାହାର କରାଯାଇଥିବା ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ପ୍ରସ୍ତାବଟି ଏପର୍ଯ୍ୟନ୍ତ ଉପଯୁକ୍ତ ସ୍ତରରେ ଅନୁମୋଦିତ ହୋଇ ନ ଥିବା ଦର୍ଶାଯାଇଛି।

ପ୍ରସ୍ତାବ ପ୍ରତ୍ୟାହୃତ ହେବା ପରେ ସ୍କିମାଟିକ୍ ଶିକ୍ଷକ ପଦ ଉଚ୍ଛେଦ ସମେତ ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତିର ଭାଗ୍ୟ ଭବିଷ୍ୟତ ଅନ୍ଧକାର ଭିତରକୁ ଚାଲିଯାଇଛି। ଶିକ୍ଷକ ଓ ଅଭିଭାବକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖାଦେଇଛି। କାହିଁକି ପ୍ରସ୍ତାବକୁ ସାର୍ବଜନୀନ କରାଗଲା ଏବଂ ପୁଣି ପ୍ରତ୍ୟାହାର କରାଗଲା ବୋଲି ପ୍ରଶ୍ନବାଚୀ ସୃଷ୍ଟି କରିଛି। ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘ ସଭାପତି ବ୍ରହ୍ମାନନ୍ଦ ମହାରଣା କହିଛନ୍ତି ଯେ, ଶିକ୍ଷକଙ୍କୁ ଠକିବାରେ ସରକାର ଧୂରନ୍ଧର। ବିଭିନ୍ନ ଶିକ୍ଷକ ସଂଘ ସହ ଆଲୋଚନା କରି ପ୍ରସ୍ତାବ ନେଲେ, ତାକୁ କାର୍ଯ୍ୟକାରୀ କରିବାକୁ ପ୍ରସ୍ତାବ ଦେଲେ। ହେଲେ ପ୍ରସ୍ତାବ କାର୍ଯ୍ୟକାରୀ କରିବା ପରିବର୍ତ୍ତେ ତାକୁ ପ୍ରତ୍ୟାହାର କରିନେବା ଅତ୍ୟନ୍ତ ନିନ୍ଦନୀୟ ଓ ଦୁର୍ଭାଗ୍ୟଜନକ। ବିଧାନସଭା ଅଧିବେଶନ ପୂର୍ବରୁ ସମସ୍ତ ପ୍ରସ୍ତାବକୁ କାର୍ଯ୍ୟକାରୀ କରା ନ ଗଲେ ବିରାଟ ଶିକ୍ଷକ ଆନ୍ଦୋଳନ ହେବ ବୋଲି ସେ ଚେତାବନୀ ଦେଇଛନ୍ତି।

ଅପରପକ୍ଷରେ ମନ୍ତ୍ରୀଙ୍କୁ ଅନ୍ଧାରରେ ରଖି ପ୍ରସ୍ତାବ ସାର୍ବଜନୀନ କରିବାର ଏହା ପାର୍ଶ୍ୱପ୍ରତିକ୍ରିୟା ବୋଲି କ୍ଷମତା କରିଡରରେ ଆଲୋଚନା ଜୋର ଧରିଛି। ଶିକ୍ଷକଙ୍କ ଅସନ୍ତୋଷ ବିଧାନସଭା ସମୟରେ ସରକାରଙ୍କୁ ଅକଳରେ ପକାଇପାରେ ବୋଲି ମଧ ଶିକ୍ଷାବିତ୍‌ମାନେ ଆଶଙ୍କା ବ୍ୟକ୍ତ କରିଛନ୍ତି।

### ଆଇଇଡି ବିସ୍ଫୋରଣରେ...

ସୂଚନା ମୁତାବକ, ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତରେ ପଶ୍ଚିମ ସିଂହଭୂମି ଜିଲ୍ଲାର ଜରେଇକେଲା ଥାନା ଅଧୀନ ସରଣ୍ଡା ଜଙ୍ଗଲରେ ଶୁକ୍ରବାର ସକାଳେ ଯବାନମାନେ ସର୍ଚ୍ଚ ଅପରେସନ୍ କରିଥିଲେ। ଦୀଘା ଓ ତିରିଲପୋଷି ମଝିରେ ଅବସ୍ଥିତ ଇନ୍ଦକୁଲି ଗାଁରେ ଅପରେସନ୍ ଚାଲିଥିବା ବେଳେ ଦିନ ପ୍ରାୟ ସାଢ଼େ ୧୦ଟା ବେଳେ ଏହି ବିସ୍ଫୋରଣ ହୋଇଥିଲା। ଏଥିରେ ଯବାନ ରାମ ପ୍ରବେଶ ଓ ଛୋଟା କଶ୍ୟପ ଆହତ ହୋଇଥିଲେ।

ଉଲ୍ଲେଖଯୋଗ୍ୟ, ଗତ ୩ତାରିଖ ଦିନ ମାଓବାଦୀଙ୍କ ସହିଦ ସପ୍ତାହ ପାଳନର ଅନ୍ତିମ ଦିବସରେ ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତରେ ବିମଳାଗଡ଼-କିରିବୁରୁ ସେକ୍ସନ୍‌ର ରାଙ୍ଗଡ଼ା ଷ୍ଟେସନ୍‌ରୁ ୩କି.ମି ଦୂରରେ ରେଳଧାରଣା ଖୁଣ୍ଟ ନମ୍ବର ୪୬୧/୧ ନିକଟରେ ମାଓବାଦୀମାନଙ୍କ ଦ୍ୱାରା ଖଞ୍ଜାଯାଇଥିବା ଏକ ଲ୍ୟାଣ୍ଡମାଇନ ବିସ୍ଫୋରଣ ହୋଇଥିଲା। ଏହି ଘଟଣାରେ ରେଲୱେ କର୍ମଚାରୀ ବୁଦ୍ଧୁରାମ ମୁଣ୍ଡା ଗୁରୁତର ଭାବେ ଆହତ ହୋଇଥିଲେ। ପୁନର୍ବାର ସେହିଦିନ ସକାଳ ୯ ଟା ୧୧ରେ ସେହି ଟ୍ରାକ୍‌ର ଖୁଣ୍ଟ ନମ୍ବର ୪୬୭/୩୪-୩୫ ନିକଟରେ ଆଉ ଏକ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ ଘଟିଥିଲା। ଏଥିରେ ଗ୍ୟାଙ୍ଗମ୍ୟାନ୍ ଏତୁଆ ଓରାମଙ୍କ ମୃତ୍ୟୁ ଘଟିଥିଲା।

### ନିଅଣ୍ଟିଆ ବର୍ଷା...

ସମୟରେ ଲଘୁଚାପ ହେବ ଓ ଏହା ପ୍ରଭାବରେ ରାଜ୍ୟରେ ବର୍ଷା ବଢ଼ିବ। ଗତ କିଛି ଦିନ ମଧ୍ୟରେ ବର୍ଷାର ସୁଷମ ବଣ୍ଟନ ହୋଇ ନ ଥିବାରୁ ଅନେକ ସ୍ଥାନରେ ରୁଆ ହୋଇପାରି ନାହିଁ। ଏଥିପାଇଁ ଅତି କମ୍‌ରେ ୧୦୦ ମିମି ବର୍ଷା ଆବଶ୍ୟକ ହେଉଛି। ତେବେ ସମ୍ଭାବ୍ୟ ଲଘୁଚାପ ଯୋଗୁଁ ଅବିଭକ୍ତ କୋରାପୁଟ, କଳାହାଣ୍ଡି ଓ ନୂଆପଡ଼ାରେ ରୁଆ ବେଉଷା ପାଇଁ ଆବଶ୍ୟକ ବର୍ଷାର ସମ୍ଭାବନା ଅଧିକ। ଦକ୍ଷିଣ ଉପକୂଳରେ ମଧ ୮୦-୧୦୦ ମିମି ବର୍ଷା ହେଲେ ଧାନ ଚାଷ ଆଗେଇବ। ମାତ୍ର ଏହି ଲଘୁଚାପ ଯୋଗୁଁ କୌଣସି ସ୍ଥାନରେ ଭାରି ବର୍ଷା ସମ୍ଭାବନା ନ ଥିଲେ ମଧ ୫-୬ ଦିନ ସ୍ୱଳ୍ପରୁ ମଧ୍ୟମ ବର୍ଷା ହେତୁ ପାଣି ଉଠିପାରେ। ଅଗଷ୍ଟ ମାସରେ ରାଜ୍ୟରେ ଦିନକୁ ହାରାହାରି ବର୍ଷା ୧୧ ମିମି ଆବଶ୍ୟକ। ଏଣୁ ଅଗଷ୍ଟ ୨୦ ପର୍ଯ୍ୟନ୍ତ ୧୪୫-୧୫୦ ମିମି ବର୍ଷା ହେବା କଥା। ମଡେଲ୍ କହୁଛି ଏହି ଲଘୁଚାପ ଯୋଗୁଁ ଏତେ ବର୍ଷା ହୋଇ ନ ପାରେ। ଫଳତଃ ଉତ୍ତର ଆଭ୍ୟନ୍ତରୀଣ ଜିଲ୍ଲାରେ ବର୍ତ୍ତମାନ ସୁଦ୍ଧା ବର୍ଷା ସ୍ୱାଭାବିକ ବା ଅଧିକ ରହିଥିଲେ ମଧ ୨୦ ବେଳକୁ କେତେକ ଜିଲ୍ଲାରେ ନିଅଣ୍ଟିଆ ପରିସ୍ଥିତି ଉପୁଜିପାରେ। ରୁଆ ବେଉଷା ପାଇଁ ସମୟ ଅଛି ସତ, ଧାନ ତଳି ମରି ନାହିଁ। ଏଣୁ ଲଘୁଚାପ ବର୍ଷା ଯୋଗୁଁ ରୁଆ ବେଳେ ସାରାର ପର୍ଯ୍ୟାପ୍ତ ଉପଲବ୍ଧି ହେବା ଦରକାର। ଯଦି ବର୍ତ୍ତମାନର ନିଅଣ୍ଟିଆ କମିବ ନାହିଁ କିମ୍ବା ଅନ୍ୟ ଜିଲ୍ଲାରେ (ବିଶେଷକରି ଉତ୍ତର ଆଭ୍ୟନ୍ତରୀଣ ଓ ପଶ୍ଚିମ ଓଡ଼ିଶା) ନିଅଣ୍ଟିଆ ବର୍ଷା ସୃଷ୍ଟି ହୁଏ, ତା'ର ଜରୁରୀକାଳୀନ ପଦକ୍ଷେପ ବର୍ତ୍ତମାନଠାରୁ ଠିକ୍ କରିବା ଆବଶ୍ୟକ ବୋଲି ପ୍ରଫେସର ପଶୁପାଳକ ପରାମର୍ଶ ଦେଇଛନ୍ତି।

ସୂଚନା ଥାଉ କି, ବର୍ତ୍ତମାନ ସାମଗ୍ରିକ ଭାବେ ରାଜ୍ୟରେ ୨ ପ୍ରତିଶତ୍ ନିଅଣ୍ଟିଆ ବର୍ଷା ରହିଛି। ଜିଲ୍ଲାୱାରୀ ଦେଖିଲେ ଏବେ ୯ଟି ଜିଲ୍ଲାରେ ସ୍ୱାଭାବିକ ତୁଳନାରେ କମ୍ ବର୍ଷା ହୋଇଛି। ଖୋର୍ଦ୍ଧା, ପୁରୀ ସମେତ ଗଞ୍ଜାମ, ଗଜପତି, ରାୟଗଡ଼ା, କଳାହାଣ୍ଡି, ନବରଙ୍ଗପୁର, ବଲାଙ୍ଗିର ଓ ନୂଆପଡ଼ାରେ ନିଅଣ୍ଟିଆ ପରିମାଣ ୨୧ ପ୍ରତିଶତରୁ ଆରମ୍ଭ କରି ୪୦ ପ୍ରତିଶତ ପର୍ଯ୍ୟନ୍ତ ରହିଛି। ୧୩ ତାରିଖ ସୁଦ୍ଧା ବର୍ଷା ହେବା ପର୍ଯ୍ୟନ୍ତ ନିଅଣ୍ଟିଆର ପରିମାଣ ଆହୁରି ବଢ଼ିବାର ଆଶଙ୍କା କରାଯାଉଛି।


**AFFIDAVIT**

By virtue of an affidavit before the Executive Magistrate, Umerkote, Dist.- Nabarangpur, I, Amit Das Kurey, S/o- Babulal Kuray resident of Vill./Po.- Adhikariguda, Ps.- Umerkote, Dist.- Nabarangpur state that, my son's actual name is **Tanish Kuray** but in his Birth certificate his name has been wrongly mentioned as Tanish Kureay. Both the names **Tanish Kureay** and **Tanish Kuray** are of single and same person. Hence he will be known as **Tanish Kuray** for all future purposes.

**AFFIDAVIT**

By virtue of an affidavit (CF No. 21, date- 07/08/2025) sworn before The Notary Public, Padampur. I, **Himanshu Agrawal,** S/o Anil Kumar Agrawal, resident of Vill- Padampur W.No.8, PO- Rajborasambar, Ps- Padampur, Dist- Bargarh, Odisha declare that I have changed my name from **Himanshu Agarwal** (old name) to **Himanshu Agrawal** (new name) in Bank Pass book vide A/C No. 367805001996 of ICICI Bank, Bheunria Branch. Henceforth, I shall be known as **Himanshu Agrawal** for all future purposes.

**Himanshu Agrawal**

**AFFIDAVIT**

By the virtue of an affidavit sworn before the Court of the Executive Magistrate, Aska, I Nivedita Panda, aged about 57 Years, D/O - Radhagobind Panda ( Farther ) and Smt Binodini Choudhury ( Mother ) permanent resident of Sunam Sahi , Aska , PO /PS - Aska , Dist - Ganjam , Odisha, PIN - 761110, do hereby declare that, I have changed my name from Nivedita Nayak to Nivedita Panda ! Hence I shall be known as **Nivedita Panda** for all purposes !

**AFFIDAVIT**

By virtue of an affidavit sworn before the Executive Magistrate, Jajpur no 7627 dated 06/08/2025 declare that Myself Sk Jabir , S/o- Sk Bakabul of Sayedpur, Binjharpur, Jajpur have changed my old name from sk Jahid to Sk Jabir (new name). So I will be known as Sk. Jabir for all purposes.

**Sd/-Sk Jabir**

**TO WHOM IT MAY CONCERN**

Kind Attn:
Mr. Lokesh Dash of Cuttack
(Address not known)

We are hereby informed you that the undersigned has no power to register the flats (flat no.407,408 & 409) as per the certificate Case no.23/2025 issued on Dt.21.03.2025. We had informed you through the other Director, who has booked the flat during his tenure of Managing the company. We are unable to deposit the required amount of approx. Rupees Forty Lakhs penalties levied on the company of the promoter by Hon'ble Adjudicating Officer vide case no. AOCC No.22 of 2023 and execution case no.06 of 2024 in the matter of Saroj Kumar Sahu Vs. Mahodadhi Devlopers Pvt Ltd. So we informed through this notice by odia daily for information and refund of of your deposits of Rs.18,00,000/- for flat no 407, 408 and 409 of Tulasi Vihar, Phase-II, Puri. If any other claim, other Director will settle the issue at his end.

Managing Director,
Mahodadhi Devlopers Pvt. Ltd.
Bhubaneswar.

**AFFIDAVIT**

By virtue of an affidavit sworn before Notary Public Titilagarh, dated 29.07.2025 I, Bhikari Rana , Address At/Po-Badbahal, Ps- Tusura, Dist-Balangir, Odisha, Pin- 767067 declare that I have changed my name from Rikari Rana to Bhikari Rana. Henceforth, I shall be known as Bhikari Rana for all purposes.

**Bhikari Rana**

**AFFIDAVIT**

By virtue of an affidavit before The Notary Public, Titilagarh, on dated- 06/08/2025. I, **Shashibhusan Bhoe** (Applicant name), S/O- Gokula Bhoe, Permanent resident of At- Dharapgarh, P.O. Goelbhadi, P.S. Saintala, Dist- Balangir, (Odisha), PIN- 767033, now residing at the same place affirm that I have changed my minor son's name from **Sahil Bhue** (old name) to **Sahil Bhoe** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he will be known as **Sahil Bhoe** (new name).

**Shashibhusan Bhoe**

**AFFIDAVIT**

By virtue of an affidavit sworn before Notary Public Titilagarh, dated 06.08.2025 I, Debraj Harpal, Adress At- Samiapada, Diatan Po- Parasara, Ps- Sindhekela, Dist- Balangir, Odisha, Pin-767035 declare that I have changed my daughter's name from Suneli Harpal to Santoshini Harpal. Henceforth, she shall be known as Santoshini Harpal for all purposes.

**Debraj Harpal**

**AFFIDAVIT**

I, Aditya Shivraj Subarno, aged about 25 years, S/o- Rajesh Subarno, resident of Quarter No.01, Type-VI, SIB Colony, Bidyut Marg, Unit-V, Capital PS, Bhubaneswar, District Khordha, Odisha, PIN-751001 do hereby declare by this affidavit No.280, dated 08.08.2025 that, now onwards I shall be known as ADITYA SUBARNO for all future purposes.

**Sd/- Aditya Subarno**

**LOST**

**I, Mrs. Nirupama Jena,** aged about 50 years, W/o: Mr. Sunil Kumar Jena, R/o: Plot No.: 172/1041, Sikharpur, Near BPCL Depot, Nadikula, Cuttack Sadar, Cuttack, Odisha - 753003 do hereby solemnly affirm that I am the absolute owner in respect of the land and building thereon situated at Dist.: Cuttack, DSRO: Cuttack, Thana: Chauliaganj No.: 2, Tahasil: Cuttack, Mouza: Unit No. 26, Sikharpur, Khata No.: 660/251, Plot No.: 172/1041, Area: Ac. 0.0520 Dec., Classified as Homestead having right title interest in and possession thereon. I hereby declare that the following original link deed are lost somewhere in transit and inspite of my best efforts I could not trace it out. The following deeds are not in my possession: **(A)** Registered Sale Deed No.: 1389 dated 21.03.2001 is not in my possession, **(B)** Original mutation ROR in respect of Khata No.: 660/ 251 of Mouza: Cuttack Sahar Unit No.: 26 Sikharpur**(C)** Registered Sale Deed No.: 2306 dated 10.05.2004. I have not deposited the said deed as security by way of equitable mortgage or otherwise with anybody nor I have given it to anybody for any purpose. If somebody found and misuse the said deed, I shall not be held responsible for that.

If any one found the above deed, is in possession or have any claim on the same please contact Advocate **Mr. A Pattnaik, Mob No.: 9338451066** within **7 days** of this publication. If no claim received during this period the validity of above mentioned original deeds is null and void.

**AFFIDAVIT**

I, Jyotika Ramachandra Behera, D/o- Ramachandra Behera, resident of Flat no-E/1102, Jalvayu Tower, Niladri Vihar, Po-Sailashree Vihar , Dist-Khurda PIN-751021, Odisha declared by this affidavit No-638, dtd- 08/08/2025 that now onwards I shall be known as **JYOTIKA BEHERA** for all future purposes.

**AFFIDAVIT**

I, Ramachandra Sanyasi Behera, S/o- Sanyasi Behera, resident of Flat No- E/1102, Jalvayu Tower, Niladri Vihar, Po-Sailashree Vihar, Dist-Khurda, PIN-751021, Odisha declared by this affidavit No-637, dtd- 08/08/2025 that now onwards I shall be known as **RAMA CHANDRA BEHERA** for all future purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, dated: 04.08.2025, I, Tanmayee Sahoo, resident of At/Po-Kusupur, Ps-Mahanga, Cuttack, Odisha-754205 declare that I have changed my minor Son's name from Aayansh Mohapatra to Aayansh Sahoo. Henceforth he shall be known as **Aayansh Sahoo** for all purposes.

**AFFIDAVIT**

I, Namrata Nivedita Behera, D/o-Chandan Behera, resident of Flat No-E/302, Phase-3, Metro Satelity City, Hanspal, Po-Balianta, Dist- Khurda PIN-752101, Odisha declared by this affidavit No-636, dtd- 08/08/2025 that now onwards I shall be known as **NAMRATA NIBEDITA BEHERA** for all future purposes.

**AFFIDAVIT**

By virtue of an affidavit CF No.2381, dtd. 06.08.2025 sworn before the Executive Magistrate, Sambalpur, I, Simran Binet, residing at Hospital Campus, PO-Modipada, PS-Sadar, Dist-Sambalpur, Odisha-768002 changed my name from Sriman Binet to Simran Binet. Henceforth I shall be known as **Simran Binet** for all purposes.

**Sd/- Simran Binet**

**AFFIDAVIT**

I, Ranjeeta Ramachandra Behera, W/o- Ramachandra Behera, resident of D/202, Sector-7,CDA,Markat Nagar, Cuttack Sadar, Dist-Cuttack PIN-753014, Odisha declared by this affidavit No-635, dtd- 08/08/2025 that now onwards I shall be known as **RANJEETA BEHERA** for all future purposes.

ସକାଳ THE SAKALA



www.sakalaepaper.com

# ବନ୍ଧ ଭାଙ୍ଗି ଜମିରେ ବାଲି ଚରିଗଲା; ପ୍ରଶାସନ ଚୁପ୍

ମନମୁଣ୍ଡା, ୮ ।୮ (ସମିସ):



କଣ୍ଟାମାଳ ବ୍ଲକ ବରଗୋଛା ପଞ୍ଚାୟତ ନୂଆଁପାଲି ସୀମାରେ ଥିବା ମହିମୁଣ୍ଡା ବନ୍ଧ ଭାଙ୍ଗି ପାଖ ବିଲ ସବୁ ବାଲି ଚରି ଯାଇଛି । କିଛି ଦିନ ତଳେ ଲଗାଣ ବର୍ଷା ଯୋଗୁଁ ଜଙ୍ଗଲ ଓ ପାହାଡରୁ ହଠାତ ପ୍ରଚୁର ବର୍ଷା ଜଳ ବନ୍ଧରେ ପ୍ରବେଶ କରିଥିଲା । ଏହାଫଳରେ ବନ୍ଧ ଭାଙ୍ଗିଯାଇ ବିରାଟ ଘାଇ ସୃଷ୍ଟି ହୋଇଥିଲା । ତଳେ ଥିବା ଧାନବିଲରେ ବନ୍ୟା ଜଳ ମାଡ଼ି ଯାଇଥିଲା । ଧାନ ଧୋଇ ନେବା ସହ ଦୀର୍ଘ ଦିନ ପର୍ଯ୍ୟନ୍ତ ପାଣି ଜମା ରହିଥିଲା । ଋଣ କରି ଚାଷ କରିଥିବା ଚାଷୀ କ୍ଷତିଗ୍ରସ୍ତ ହୋଇ ମୁଣ୍ଡରେ ହାତ ଦେଇ ବସି ରହିଛନ୍ତି । ବର୍ଷ ଯାକର ଫସଲ ନଷ୍ଟ ହୋଇଯାଇଛି । ସେମାନେ କ'ଣ ଖାଇବେ, କରିବେ ଋଣ ପରିଶୋଧ କିପରି ଇତ୍ୟାଦି ଚିନ୍ତାରେ ପଡ଼ିଯାଇଛନ୍ତି । ଅନ୍ୟପକ୍ଷରେ ବାଲି ଚରି ଯାଇଥିବା ଓ ଆଡି ଭାଙ୍ଗି ଯାଇଥିବା ଜମିକୁ ନ ସଜାଡ଼ିଲେ ଆଗାମୀ ଋତୁରେ ଚାଷ କରିବା ମୁସ୍କିଲ । ସରକାର ରିଲିଫ ଓ ଆର୍ଥିକ ସହାୟତା ପ୍ରଦାନ ନ କଲେ ଚାଷ କରିବା ଅସମ୍ଭବ ବୋଲି ବରଗୋଛା ଓ ନୂଆଁପାଲିର କ୍ଷତିଗ୍ରସ୍ତ ଚାଷୀ ବେଦବ୍ୟାସ ମହାକୁଡ, ଭାଗୀରଥି ମହାକୁଡ, ସନ୍ତୋଷ ମହାକୁଡ, କୃପାସିନ୍ଧୁ ସିଂ, କୁଳମଣି ପ୍ରଧାନ ପ୍ରମୁଖ କହିଛନ୍ତି । ସେହିପରି କଣ୍ଟାମାଳ ପଞ୍ଚାୟତ ସମିତି ଅଧୀନରେ ଥିବା ଏହି ବନ୍ଧର ଘାଇରେ ମାଟି କାମ ସହ ପଥର ସୋଲିଂ କରା ନ ଗଲେ ବନ୍ଧରେ ପାଣି ରହିବ ନାହିଁ । ଆଗକୁ ଆହୁରି କ୍ଷତି ସାଧନ ହେବ ବୋଲି ଚାଷୀ କହିଛନ୍ତି । ତେବେ ଏ ନେଇ ପଞ୍ଚାୟତ ତରଫରୁ କିଛି ପଦକ୍ଷେପ ନିଆ ଯାଇଛି କି ବୋଲି ବରଗୋଛା ସରପଞ୍ଚ ଲକି କର୍ମୀଙ୍କୁ ପଚାରିବାରୁ ବିଡ଼ିଓଙ୍କୁ ଘଟଣା ସମ୍ପର୍କରେ ସେ ଜଣାଇ ଦେଇଥିବା କହିଛନ୍ତି । ବିଭାଗୀୟ ଯନ୍ତ୍ରୀ କିରଣ ମାଝିଙ୍କୁ ପଚାରିବାରୁ ଏ ବିଷୟରେ କିଛି ଜାଣି ନ ଥିବା କହିଥିଲେ । ତେବେ କ୍ଷତିଗ୍ରସ୍ତ ଚାଷୀଙ୍କୁ କ୍ଷତିପୂରଣ ପ୍ରଦାନ କରା ନ ଗଲେ ଓ ବନ୍ଧର ତୁରନ୍ତ ମରାମତି କରା ନ କଲେ ଅଞ୍ଚଳବାସୀ ଆନ୍ଦୋଳନ କରିବେ ବୋଲି ଚେତାବନୀ ଦେଇଛନ୍ତି ।

# ଅଙ୍ଗନବାଡି ସଂଘର ଶୋଭାଯାତ୍ରା




ମ.ରାମପୁର, ୮ ।୮ (ସମିସ): ଅଲ ଓଡ଼ିଶା ଅଙ୍ଗନୱାଡି କର୍ମଚାରୀ ସଂଘ ମ.ରାମପୁର ଶାଖା ତରଫରୁ ଏବିଡିଓ ଲକ୍ଷ୍ମଣ ପଧାନଙ୍କୁ ଏକ ଦାବିପତ୍ର ପ୍ରଦାନ କରାଯାଇଛି । ମ.ରାମପୁର ବ୍ଲକ ସଂଘ ସଭାପତି ପଞ୍ଜୁରୀ ସୁନା ଓ ସମ୍ପାଦିକା ମଞ୍ଜୁଲତା ମିଶ୍ରଙ୍କ ନେତୃତ୍ୱରେ ମ.ରାମପୁର ଚାରି ଛକରୁ ଏକ ବିଶାଳ ଶୋଭାଯାତ୍ରା ବାହାରିଥିଲା । ମ. ରାମପୁର ବ୍ଲକ କାର୍ଯ୍ୟାଳୟରେ ପହଞ୍ଚିବା ପରେ ଏବିଡିଓଙ୍କୁ ଦାବିପତ୍ର ପ୍ରଦାନ କରାଯାଇଥିଲା । ସେହିଭଳି ଶିଶୁ ବିକାଶ ପ୍ରକଳ୍ପ କାର୍ଯ୍ୟାଳୟରେ ସିଡିପିଓ ବିଜୟଶ୍ରୀ ଦେଓଙ୍କୁ ମଧ୍ୟ ଦାବିପତ୍ର ଦିଆଯାଇଥିଲା । ସଂଘର କୋଷାଧ୍ୟକ୍ଷା ସୁକାନ୍ତି ପ୍ରହରାଜ, ସେକ୍ଟର ଲିଡର ପୁଷ୍ପାଞ୍ଜଳି ନାଏକ, କନକ ରଇତି, ରୁକ୍ମିଣୀ ପୁରୋହିତ, ପ୍ରତିମା ବୁଡ଼େକ, ହୀରାବତୀ ସାହୁ ପ୍ରମୁଖ ସହଯୋଗ କରିଥିଲେ ।

# ପ୍ରଧାନମନ୍ତ୍ରୀ ଫସଲ ବୀମା ରଥର ଶୁଭାରମ୍ଭ

ବୌଦ୍ଧ, ୮ ।୮ (ସମିସ): ବୌଦ୍ଧ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରୁ ୩ଟି ପ୍ରଧାନମନ୍ତ୍ରୀ ଫସଲ ବୀମା ସଚେତନତା ରଥର ଶୁଭାରମ୍ଭ କରାଯାଇଛି । ଜିଲ୍ଲାପାଳ ବିଭୁତି ଭୂଷଣ ନାୟକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ସବୁଜ ପତାକା ଦେଖାଇ ରଥର ଶୁଭାରମ୍ଭ କରିଥିଲେ । ସମ୍ମାନୀତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପ୍ରଧାନ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀଙ୍କ ପିଭି ରମଣ ରାଓ ଉପସ୍ଥିତ ଥିଲେ । ତିନିଟି ରଥ ଜିଲ୍ଲାର ସମସ୍ତ ୩ ବ୍ଲକର ବିଭିନ୍ନ ଗ୍ରାମ ପରିକ୍ରମା କରିବ । ପ୍ରଧାନ ମନ୍ତ୍ରୀ ଫସଲ ବୀମା ଯୋଜନାର ଲାଭ ଉପରେ ଚାଷୀଙ୍କୁ ସଚେତନ କରାଇବ ।

## ସାମାଜିକ କଲ୍ୟାଣ ଯୋଜନା ସଚେତନତା କର୍ମଶାଳା

ବୌଦ୍ଧ, ୮ ।୮ (ସମିସ): ବୌଦ୍ଧ ବ୍ଲକ ଟିକରପଡ଼ା ପଞ୍ଚାୟତ କାର୍ଯ୍ୟାଳୟରେ ସାମାଜିକକଲ୍ୟାଣଯୋଜନାସଚେତନତାକର୍ମଶାଳାଅନୁଷ୍ଠିତହୋଇଯାଇଛି । ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ସଚିବ ଶ୍ରଦ୍ଧାଞ୍ଜଳି ରାୟ ଏଥିରେ ଅଧ୍ୟକ୍ଷତା କରିଥିଲେ । ବୌଦ୍ଧ ବିଡ଼ିଓ ଯୁଧିଷ୍ଠିର ମେହେର, ସରପଞ୍ଚ ଝରଣା ଯାନି, ପଞ୍ଚାୟତ ନିର୍ବାହୀ ଅଧିକାରୀ ହିମାଂଶୁ ଶେଖର ପ୍ରଧାନ ଯୋଗ ଦେଇଥିଲେ ।

## ସ୍ୱାଧୀନତା ଦିବସ ପାଇଁ ପ୍ରସ୍ତୁତି

ବୌଦ୍ଧ, ୮ ।୮ (ସମିସ): ଜିଲ୍ଲାପାଳଙ୍କ ସଦ୍‌ଭାବନା ଗୃହରେ ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ୱାଧୀନତା ଦିବସ ଉପଲକ୍ଷେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ ଅଧ୍ୟକ୍ଷତା କରିଥିଲେ । ବୈଠକରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବୌଦ୍ଧ ପ୍ରଭାସ ଚନ୍ଦ୍ର ଦଣ୍ଡସନା ବୈଠକରେ ସ୍ୱାଗତ କରିଥିଲେ । ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ତଥା ଭାରପ୍ରାପ୍ତ ଜିଲ୍ଲା ସଂସ୍କୃତି ଅଧିକାରୀ ରୀତାକାନ୍ତି ବଳିୟାରସିଂହ ସଂଯୋଜନା କରିଥିଲେ ।

## ଜିଲ୍ଲା ଜଜ୍ କୋର୍ଟରେ ବିଦାୟ ସମ୍ବର୍ଦ୍ଧନା



ଭବାନୀପାଟଣା, ୮ ।୮ (ସମିସ): ସ୍ଥାନୀୟ ଜିଲ୍ଲା ଜଜଙ୍କ କୋର୍ଟ ପରିସରରେ କଳାହାଣ୍ଡି ଜିଲ୍ଲା ଜଜ୍‌ଙ୍କ କାର୍ଯ୍ୟାଳୟର ପ୍ରଶାସନିକ ଅଧିକାରୀ ପ୍ରସନ୍ନ ପଟ୍ଟନାୟକଙ୍କ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲା ଓ ଦୌରା ଜଜ ଅନୁପ ରଞ୍ଜନ ପଟ୍ଟନାୟକ, ଯଦୁମଣି ମିଶ୍ର, ବିଚାରପତି ବଦ୍ରୀ ନାରାୟଣ ନନ୍ଦ, ବିଚାରପତି ରାଜୀବ ଲୋଚନ ସାହୁ ପ୍ରମୁଖ ଉପସ୍ଥିତ ଥିଲେ ।

## ମୁଖ୍ୟାଳୟରେ ରହିବାକୁ ବିଡିଓଙ୍କୁ ଜିଲ୍ଲାପାଳଙ୍କ ତାଗିଦ

ବୌଦ୍ଧ, ୮ ।୮ (ସମିସ): ଜିଲ୍ଲା ପରିଷଦ ଭବନରେ ଜିଲ୍ଲାପାଳ ବିଭୁତି ଭୂଷଣ ନାୟକ ଜିଲ୍ଲା ପରିଷଦର ବିଭିନ୍ନ ଉନ୍ନୟନ କାମର ସମୀକ୍ଷା କରିଛନ୍ତି । ଏହି ଅବସରରେ ସେ ସମସ୍ତ ବିଡିଓଙ୍କୁ ନିଜ ନିଜର କାର୍ଯ୍ୟସ୍ଥଳରେ ରହି କାର୍ଯ୍ୟ କରିବା ପାଇଁ ତାଗିଦ କରିଛନ୍ତି । ସମସ୍ତ ପ୍ରକଳ୍ପ କାମ ତ୍ୱରାନ୍ୱିତ କରି ଅଧା ପନ୍ତରିଆ କାମ ଗୁଡିକୁ ସାରିବା ପାଇଁ ସମ୍ପୃକ୍ତ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଏହି ସମୀକ୍ଷା ବୈଠକରେ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ, ଉପ ଜିଲ୍ଲାପାଳ ବିନୟ ଭୋଇଙ୍କ ସମେତ ଜିଲ୍ଲା ସ୍ତରୀୟ ଅଧିକାରୀ, ଜିଲ୍ଲା ପରିଷଦର ଅଧିକାରୀ ଏବଂ କର୍ମଚାରୀ ଉପସ୍ଥିତ ଥିଲେ ।

## 'ମାଣିକେଶ୍ୱରୀ'ରେ ନିମନ୍ତ୍ରିତ ଅଭିଭାଷଣ କାର୍ଯ୍ୟକ୍ରମ

ଭବାନୀପାଟଣା, ୮ ।୮ (ସମିସ): ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ନୃତତ୍ତ୍ୱବିଜ୍ଞାନ ବିଭାଗରେ 'କ୍ୟାରିୟର ବିଲଡିଂ ଅଫ୍ ଆନ୍ଥ୍ରୋପୋଲୋଜି' ଶୀର୍ଷକ ନିମନ୍ତ୍ରିତ ଅଭିଭାଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ନୃତତ୍ତ୍ୱବିଜ୍ଞାନର ଉପଯୋଗିତା, ଭବିଷ୍ୟତ ଗଠନରେ ତାହାର ଭୂମିକା ସମ୍ପର୍କରେ ଭାରପ୍ରାପ୍ତ କୁଳପତି ଡକ୍ଟର ନିବେଦିତା ନାଥ ନିଜର ବକ୍ତବ୍ୟ ଉପସ୍ଥାପନ କରିଥିଲେ । ଏହି ଅଭିଭାଷଣରେ କଟକ ଶୈଳବାଳା ମହିଳା ମହାବିଦ୍ୟାଳୟର ଡକ୍ଟର କବିରାଜ ବେହେରା (ସହକାରୀ ପ୍ରଫେସର, ନୃତତ୍ତ୍ୱବିଜ୍ଞାନ ବିଭାଗ) ବକ୍ତାରୂପେ ଯୋଗଦେଇ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଗଠନରେ ନୃତତ୍ତ୍ୱବିଜ୍ଞାନର ଭୂମିକା ସମ୍ପର୍କରେ ଆଲୋଚନା କରିଥିଲେ । ନୃତତ୍ତ୍ୱବିଜ୍ଞାନ ବିଭାଗର ମୁଖ୍ୟ ଡକ୍ଟର ରାଜକିଶୋର ମାହାନା ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ସହକାରୀ ପ୍ରଫେସର ଡକ୍ଟର ମଧୁଳିକା ସାହୁ ମଞ୍ଚ ପରିଚାଳନା କରିଥିଲେ ।

# ଧର୍ମଗଡ଼ ବ୍ଲକ୍‌ରେ ୟୁରିଆ ସାର ଅଭାବ

ଧର୍ମଗଡ଼, ୮ ।୮ (ସମିସ): ଚାଷ କାମ ପୂର୍ବରୁ ୟୁରିଆ ସାର କଳା ବଜାର ହେଲାଣି । ଛତିଶଗଡ଼, ନବରଙ୍ଗପୁରଆଦିସ୍ଥାନକୁଚୋରାଚାଲାଣହେଛି । ଏ ସମ୍ପର୍କରେ ବାରମ୍ବାର ଦୈନିକ 'ସକାଳ'ରେ ଖବର ପ୍ରକାଶ ସତ୍ତ୍ୱେ କୃଷି ବିଭାଗ ନିରବ ସାଜିଛି । ଲାଇସେନ୍ସପ୍ରାପ୍ତ ଡିଲର ଓ ଦୋକାନୀଙ୍କ ଉପରେ ବିଭାଗ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ବଦଳରେ ସଲାସୁତୁରା ରଖି ଚୋରା କାରବାର ପ୍ରତି ପ୍ରୋତ୍ସାହନ ଯୋଗାଇ ଦେଉଥିବା ଚର୍ଚ୍ଚା ତଦଥା ଅଭିଯୋଗ ହୋଇଛି । ଏବେ ଧର୍ମଗଡ଼ ଅଞ୍ଚଳର ଚାଷୀ ୟୁରିଆ ସାର ପାଇଁ ଅସୁବିଧା ର ସମ୍ମୁଖୀନ ହେଉଛନ୍ତି । ବର୍ତ୍ତମାନ ଧାନ ରୁଆ ବେଉସା ଶେଷ ପର୍ଯ୍ୟାୟରେ ପହଞ୍ଚିଛି । ଏବେ ୟୁରିଆ ସାର ଧାନ ଗଛରେ ଦେବା ବେଳ । ଏତିକି ବେଳକୁ ଅଞ୍ଚଳରେ ୟୁରିଆ ସାର ଅଭାବ ଦେଖା ଦେଇଛି । ବିଶେଷ ଭାବେ ଦଣ୍ଡପାଟ ଅଞ୍ଚଳରେ ୟୁରିଆ ସଙ୍କଟ ଦେଖା ଦେଇଥିବା ବେଳେ ପୂର୍ବରୁ ଏହି ଅଞ୍ଚଳରୁ ହିଁ ଚୋରାଚାଲାଣ ଅତ୍ୟଧିକ ହୋଇଥିବା ସ୍ପଷ୍ଟ ନଜିର ରହିଛି । ଅଞ୍ଚଳର ବେହେରା, ତରାପୁର ଆଦି ସ୍ଥାନରୁ ପୂର୍ବରୁ ୟୁରିଆ ସାର ଚୋରାଚାଲାଣ ହେଉଥିବା ଅଭିଯୋଗ ଉଠିଥିଲେ ହେଁ କୃଷି ବିଭାଗ ନିରବ ରହିଛି । ଏହାର ପରିଣାମ ଏବେ ଚାଷୀ ୟୁରିଆ ସାର ପାଇଁ ହଇରାଣ ହରକତ ହେଉଥିବା ଦେଖା ଦେଇଛି । ଚାଷୀଙ୍କ କହିବା ଅନୁଯାୟୀ ଜଣେ ଚାଷୀଙ୍କ ଆଧାର କାର୍ଡରେ କେବଳ ଗୋଟିଏ ବସ୍ତା ୟୁରିଆ ପୁଣି ଭିଟାମିନ ନେବାକୁ ଡିଲର ବାଧ୍ୟ କରୁଛନ୍ତି । ଅନ୍ୟପଟେ ଧର୍ମଗଡ଼ ବ୍ଲକର ମୁଖ୍ୟତଃ ଗ୍ରାମାଞ୍ଚଳରେ ଗଢି ଉଠିଥିବା ବେସରକାରୀ ଖୁଚୁରା ସାର ଦୋକାନ ସରକାରୀ ଧାର୍ଯ୍ୟ ମୂଲ୍ୟରୁ ଅଧିକ ମୂଲ୍ୟରେ ସାର ବିକ୍ରି ହେଉଥିବା ଚର୍ଚ୍ଚା ହେଉଛି । ସରକାରୀ ନିୟମ ଅନୁସାରେ ଦର ତାଲିକା ବାଧ୍ୟତାମୂଳକ ରହିଥିଲେ ହିଁ ଡିଲର କିମ୍ବା ବେପାରୀ ବ୍ୟତିକ୍ରମ କରଛନ୍ତି ।

# ଆଗେଇ ପାରୁନି ସ୍କୁଲ ପୋଷାକ ଟେଣ୍ଡର ପ୍ରକ୍ରିୟା

କଲମପୁର, ୮ ।୮ (ସମିସ): କଳାହାଣ୍ଡି ଜିଲ୍ଲା କଲମପୁର ଅଞ୍ଚଳରେ ଥିବା ବିଦ୍ୟାଳୟଗୁଡ଼ିକରେ ଅଧ୍ୟୟନ କରୁଥିବା ଛାତ୍ରଛାତ୍ରୀଙ୍କ ପାଖକୁ ଏପର୍ଯ୍ୟନ୍ତ ସ୍କୁଲ ପୋଷାକ ପହଞ୍ଚି ପାରିନାହିଁ । ଏହାଫଳରେ ଛାତ୍ରଛାତ୍ରୀ ପୁରୁଣା ପୋଷାକରେ ସ୍ୱାଧୀନତା ଦିବସ ପାଳନ କରିବା ସମ୍ଭାବନା ଦେଖା ଦେଇଛି । ସରକାର ପ୍ରତି ବର୍ଷ ୨ ହଳ ପୋଷାକ ସହ ଯୋତା ମୋଜା ଯୋଗାଇ ଦେଉଛନ୍ତି । ପୋଷାକ ବିତରଣ ଜୁଲାଇ ମାସ ୧୫ତାରିଖ ସୁଦ୍ଧା ସାରିବାକୁ ନିର୍ଦ୍ଦେଶ ରହିଛି । ଅଗଷ୍ଟ ମାସର ଏକ ସପ୍ତାହ ଅତିବାହିତ ହୋଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଟେଣ୍ଡର ପ୍ରକ୍ରିୟା ଶେଷ ହୋଇପାରି ନାହିଁ । ଏପର୍ଯ୍ୟନ୍ତ ୧୫ରୁ ଅଧିକ ଟେଣ୍ଡର ଦାଖଲ ହୋଇଛି; ହେଲେ ଯାଞ୍ଚ କମିଟି ଓ ଚୟନ କମିଟି ଏ ପର୍ଯ୍ୟନ୍ତ ଏକତ୍ରିତ ହୋଇ ପାରୁ ନ ଥିବାରୁ କୌଣସି ନିଷ୍କର୍ଷ ବାହାରି ପାରିନାହିଁ ବୋଲି ଜଣାପଡ଼ିଛି । ଗତ ବର୍ଷ ଯେତେବି ଟେଣ୍ଡର ଆବେଦନ ହୋଇଥିଲା ପ୍ରାୟ ସମସ୍ତଙ୍କୁ ସନ୍ତୁଷ୍ଟ କରିବାକୁ ଯାଇ ବିଭାଗ ଭାଗବଣ୍ଟା କରି ସମସ୍ତଙ୍କୁ ବିତରଣ ଦାୟିତ୍ୱ ପ୍ରଦାନ କରିଥିଲା । ସେତେବେଳେ ନିୟମ ଉଲ୍ଲଘନ ହୋଇଥିବା ଅଭିଯୋଗ ମଧ୍ୟ ହୋଇଥିଲା । ଏଥିରେ ମହିଳା ସ୍ୱୟଂସହାୟକ ଗୋଷ୍ଠୀ, ଉତ୍ପାଦନକାରୀ ସଂସ୍ଥା ଓ ସ୍ଥାନୀୟ ବ୍ୟକ୍ତିଙ୍କୁ ପ୍ରଥମେ ପ୍ରାଧାନ୍ୟ ଦେବାକୁ ନିର୍ଦ୍ଦେଶ ରହିଥଲା । ପ୍ରଚ୍ଛଦପଟରେ ବ୍ୟବସାୟୀମାନେ ରହି ଏହାକୁ ନିୟନ୍ତ୍ରଣ କରୁଥିବାରୁ ଗୁଣାତ୍ମକ ମାନର ପୋଷାକ ପାଇବାରୁ ଛାତ୍ରଛାତ୍ରୀ ବଞ୍ଚିତ ହେଉଥିବା ଦୀର୍ଘ ଦିନରୁ ଅଭିଯୋଗ ହୋଇ ଆସୁଛି ।

## ନୂଆ ଜିଲ୍ଲାପାଳ ଓ ଉପଜିଲ୍ଲାପାଳଙ୍କୁ ସମ୍ବର୍ଦ୍ଧନା



ବୌଦ୍ଧ, ୮ ।୮ (ସମିସ): ନୂତନ ଜିଲ୍ଲାପାଳ ବିଭୂତି ଭୂଷଣ ନାୟକ ଏବଂ ଉପଜିଲ୍ଲାପାଳ ବିନୟ ଭୋଇଙ୍କୁ ବୌଦ୍ଧ ରାଷ୍ଟ୍ରୀୟ ସମାନତା ଅଧିକାର ପରିଷଦ ପକ୍ଷରୁ ସ୍ୱାଗତ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି । ଏହି ଅବସରରେ ସଂଗଠନର ସଭାପତି ଧୀମାନ ପ୍ରଦୀପ ମହାନନ୍ଦଙ୍କ ନେତୃତ୍ୱରେ ଏକ ସ୍ୱତନ୍ତ୍ର ୧୪ ଜଣିଆ ପ୍ରତିନିଧି ମଣ୍ଡଳୀ ଦଳିତ ଆଦିବାସୀ ସମାଜର ମୌଳିକ ଅଧିକାର, ସାମ୍ବିଧାନିକ ଅଧିକାର, ସାମାଜିକ ଅଧିକାର, ମାନବିକ ଅଧିକାର, ଗୁଣାତ୍ମକ ଶିକ୍ଷା, ଦଳିତ ଓ ଆଦିବାସୀଙ୍କ ଘର ଡିହ ପଟା, ଅର୍ଥନୈତିକ ଅଭିବୃଦ୍ଧି ଉପରେ ଜିଲ୍ଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ । ସଂଗଠନର ଉପଦେଷ୍ଟା ବୈଦ୍ୟନାଥ ମହାନନ୍ଦିଆ, ସାଧାରଣ ସମ୍ପାଦକ ନବୀନ ଭାଏନା, ସହ ସାଧାରଣ ସମ୍ପାଦକ ଟିକ ବେହେରା, କୋଷାଧ୍ୟକ୍ଷ ମନୋଜ ମହାନନ୍ଦିଆ, ସଦସ୍ୟ ସୁଧାଂଶୁ କହଁର, ରାଜେନ୍ଦ୍ର ବେହେରା, ଡାକ୍ତରୀ ବେହେରା, କୃପାସିନ୍ଧୁ ବେହେରା, ଶିବ ବେହେରା, ଚନ୍ଦନ ପାତ୍ର, ଗୌତମ କୁମ୍ଭାର, ରଘୁନାଥ କହଁର, ପ୍ରିୟବ୍ରତ କହଁର ପ୍ରମୁଖ ଏହି ସମୟରେ ଉପସ୍ଥିତ ଥିଲେ ।

## ଶିଶୁ ବିଦ୍ୟା ମନ୍ଦିରରେ ଜ୍ଞାନବିଜ୍ଞାନ ମେଳା

ଶଗଡ଼ା, ୮ ।୮ (ସମିସ): କଣ୍ଟାମାଳ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ଜ୍ଞାନବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି । କଣ୍ଟାମାଳ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ନୀଳମଣି ପଣ୍ଡା କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ । ଏହି ଜ୍ଞାନବିଜ୍ଞାନ ମେଳାରେ ଶିଶୁ ବାଟିକା ବିଭାଗର ୩୦ଟି ପ୍ରକଳ୍ପ, ପ୍ରଥମରୁ ତୃତୀୟ ଶ୍ରେଣୀ ମଧ୍ୟରେ ୪୦ଟି ପ୍ରକଳ୍ପ, ଶିଶୁ ବର୍ଗରୁ ୨୨ଟି ପ୍ରକଳ୍ପ ଓ ବାଲ୍ ବର୍ଗରୁ ୧୦ଟି ପ୍ରକଳ୍ପ ଏହିପରି ସର୍ବମୋଟ ୧୦୨ ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା । ଉଦ୍‌ଯାପନୀ ଉତ୍ସବରେ କଣ୍ଟାମାଳ ଗୋଷ୍ଠୀ ଶିକ୍ଷା ଅଧିକାରୀ ଅଶୋଭା ରଞ୍ଜନ ମାଳୀ ଯୋଗ ଦେଇଥିଲେ । ପ୍ରଧାନ ଆଚାର୍ଯ୍ୟ ମକଦମ ମହାରଣାଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ସମ୍ପାଦିତ ହୋଇଥିଲା । ମିରାବାଇ ଧାରୁଆ, ଭାଗ୍ୟଶ୍ରୀ ବିଶ୍ୱାଳ, ସଙ୍ଗୀତା ସାହୁ ପ୍ରମୁଖ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ । ଶିକ୍ଷୟିତ୍ରୀ ସୁଚିତ୍ରା ସାହୁ ବିଜ୍ଞାନ ମେଳାର ବୃତ୍ତପଠନ କରିଥିଲେ । ବରିଷ୍ଠ ଆଚାର୍ଯ୍ୟ ରଞ୍ଜିତ ବାରିକ ଧନ୍ୟବାଦ ଅର୍ପଣ କରି ଥିଲେ ।

## ନୂଆଁଖାଇ ଭେଟଘାଟ ପାଇଁ ପ୍ରସ୍ତୁତି



ଶଗଡ଼ା, ୮ ।୮ (ସମିସ): ବୌଦ୍ଧ ଜିଲ୍ଲା ମନମୁଣ୍ଡା ପଞ୍ଚାୟତ ମହୁଲବାହାଲି ଗ୍ରାମରେ ନୂଆଁଖାଇ ଭେଟଘାଟ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ଗ୍ରାମର ୱାର୍ଡମେମ୍ବର ନକୁଳ ବାଘଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଗଣେଶ ପୂଜା କମିଟିର ସଭାପତି ହେମନ୍ତ ମହାକୁଡଙ୍କ ଆହ୍ୱାନ କ୍ରମେ ଉପଦେଷ୍ଟା ପ୍ରଶାନ୍ତ ପ୍ରଧାନ, ସତ୍ୟନାରାୟଣ ମଲ୍ଲିକ, ଲଳିତ ମହାକୁଡ, ଧ୍ରୁବଚରଣ ବରଗଡ଼ି, ମଙ୍ଗୁଲୁ ମହାକୁଡ, ନେପାଳ ବାଘ, ସଞ୍ଜୀବ ବରଗଡ଼ି, ସୁଗ୍ରୀବ ଭୋଇ, ନରତ୍ତମ ଭୋଇ, ବିଶିକେଶନ ମହାକୁଡ, ବିଶା ହାତୀ ପ୍ରମୁଖ ଉପସ୍ଥିତ ଥିଲେ ।

## ବୌଦ୍ଧ ଜିଲ୍ଲାସ୍ତରୀୟ ମିଶନ ଏ -୧ ମେଧା ଚୟନ ପରୀକ୍ଷା

ବୌଦ୍ଧ, ୮ ।୮ (ସମିସ): ବୌଦ୍ଧ ଜିଲ୍ଲାସ୍ତରୀୟ ମିଶନ ଏ -୧ ମେଧା ଚୟନ ପରୀକ୍ଷା ଜିଲ୍ଲାର ୯ଟି ପରୀକ୍ଷା କେନ୍ଦ୍ରରେ ଆୟୋଜିତ ହୋଇଯାଇଛି । ଜିଲ୍ଲାର ୭୪ଟି ହାଇସ୍କୁଲର ୪୩୫ ପରୀକ୍ଷାର୍ଥୀ ଓଡିଆ, ଗଣିତ, ସାମାଜିକ ବିଜ୍ଞାନ, ଇଂରାଜୀ, ବିଜ୍ଞାନ ଓ ତୃତୀୟ ଭାଷା (ହିନ୍ଦୀ, ସଂସ୍କୃତ ଓ ଧନ୍ଦାମୂଳକ) ପରୀକ୍ଷା ଦେଇଥିଲେ । ଜିଲ୍ଲା ଶିକ୍ଷା ଅଧିକାରୀ ଟେମଲାଲ ଦୁବେଙ୍କ ନେତୃତ୍ୱରେ ଜିଲ୍ଲାରେ ସରକାରୀ ଓ ଅନୁଦାନ ପ୍ରାପ୍ତ ବିଦ୍ୟାଳୟ ଗୁଡିକରେ ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷାରେ ଏ -୧ ଓ ଏ -୨ ସଂଖ୍ୟା ବୃଦ୍ଧି କରିବାକୁ ପ୍ରୟାସ କରାଯାଉଛି । ୧୦୦ ଜଣଙ୍କୁ ଚୟନ କରାଯାଇ ଜିଲ୍ଲାର ଅଭିଜ୍ଞ ଶିକ୍ଷକ, ଶିକ୍ଷୟିତ୍ରୀଙ୍କ ଦ୍ୱାରା ଅନଲାଇନ ଓ ଶିବିର ଆୟୋଜନ କରି ନିଃଶୁଳ୍କ କୋଚିଂ ପ୍ରଦାନ କରାଯିବ । କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଚୂଡ଼ାମଣି ବାରିକ, ଜ୍ୟୋତିକାନ୍ତ ସାହୁ, ଜିଲ୍ଲା ବିଜ୍ଞାନ ନିରୀକ୍ଷକ ଜୟନ୍ତ ପ୍ରଧାନ, ତିନୋଟି ବ୍ଲକର ଗୋଷ୍ଠୀ ଶିକ୍ଷା ଅଧିକାରୀ ହାଡିବନ୍ଧୁ ବେହେରା, ଉପେନ୍ଦ୍ର ପ୍ରଧାନ ଓ ଅଶୋଭ ରଞ୍ଜନ ମାଳି, ସମସ୍ତ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ, ସମସ୍ତ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ, ପେଡ଼ାଗୋଜି ସଂଯୋଜକ ଶିବଶଙ୍କରଶତପଥୀଓଜିଲ୍ଲାରସାଧନକର୍ମୀମାନଙ୍କସହଯୋଗରେପଦକ୍ଷେପଗ୍ରହଣକରାଯିବ ।

## ହଜରତେ ହାଜିରାବିଙ୍କ ଉର୍ସ୍ ଉତ୍ସବ



ତରଭା, ୮ ।୮ (ସମିସ): ମୁସଲମାନମାନଙ୍କ ପ୍ରସିଦ୍ଧ ଧର୍ମସ୍ଥଳ ତରଭା ମସଜିଦରେ ହଜରତେ ହାଜିରା ବି ଓରଫ ବାନୋଙ୍କ ଉର୍ସ୍ ଉତ୍ସବ ମହା ସମାରୋହରେ ପାଳିତ ହୋଇଯାଇଛି । ଉର୍ସ୍ ଉତ୍ସବ ଉପଲକ୍ଷେ ଅପରାହ୍ନରେ ଏକ ଚାଦର ଶୋଭାଯାତ୍ରା ମସଜିଦ ସମ୍ମୁଖରୁ ବାହାରି ସହର ପରିକ୍ରମା କରିଥିଲା । ଶୋଭାଯାତ୍ରା ମସଜିଦକୁ ଫେରିବା ପରେ ପ୍ରଥମେ ସୟଦ ଶାହ ଅବଦୁଲ ଶକୁର ରହମେତୁଲ୍ଲା ଆଲେହ ଓରଫ ତରଭା ଫକୀର ବାବାଙ୍କ ମଜାରରେ ଓ ପରେ ହଜରତେ ହାଜିରା ବି ଓରଫ ବାନୋଙ୍କ ମଜାରରେ ଚାଦର ଅର୍ପଣ କରାଯାଇଥିଲା । ସନ୍ଧ୍ୟାରେ ଇମାମ ତକରୀର ପ୍ରଦାନ କରିଥିଲେ ।

# ଯୋଗୀନ୍ଦ୍ର ଦେବ ଉଚ୍ଚ ବିଦ୍ୟାଳୟରେ ପ୍ରତିଯୋଗିତା

ବୌଦ୍ଧ, ୮ ।୮ (ସମିସ): ସ୍ଥାନୀୟ ଯୋଗୀନ୍ଦ୍ର ଦେବ ଉଚ୍ଚ ବିଦ୍ୟାଳୟରେ ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ଉପଲକ୍ଷେ ନବମ-ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ ନେଇ ଓଡ଼ିଆ ବକ୍ତୃତା, ଇଂରାଜୀ ବକ୍ତୃତା ଏବଂ ସଂସ୍କୃତ ବକ୍ତୃତା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି । ଓଡ଼ିଆ ବକ୍ତୃତାରେ ସେଣ୍ଟ ଜାଭିୟର ପବ୍ଲିକ ସ୍କୁଲର ଆର୍ଯ୍ୟ ନାରାୟଣ ଦେବ, ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ସ୍ୱାତୀ ସ୍ନେହା ଶାସିନୀ, ପିଏମ ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟର ସନ୍ତୃପ୍ତି ସାହୁ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । କାମିରା ସ୍କୁଲ ପ୍ରଧାନ ଶିକ୍ଷକ ସୁଶାନ୍ତ ମହାପାତ୍ର, ଟୁଟୁସିଙ୍ଗା ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ରାଧାମୋହନ ମାହାଣା, ମଧୁମିତା ମିଶ୍ର ବିଚାରକ ଥିଲେ । ଇଂରାଜୀ ବକ୍ତୃତା ପ୍ରତିଯୋଗିତାରେ ପି ଏମ ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟର ସନ୍ତୃପ୍ତି ସାହୁ, ଶଙ୍କର ପବ୍ଲିକ ସ୍କୁଲର ଶ୍ରୀଜିତ ପାଣିଗ୍ରାହୀ, ସେଣ୍ଟ ଜାଭିୟର ପବ୍ଲିକ ସ୍କୁଲର ଆର୍ଯ୍ୟ ନାରାୟଣ ଦେବ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଦୁଃଖିଶ୍ୟାମ ବେହେରା, ଅବସରପ୍ରାପ୍ତ ଶିକ୍ଷକ ବିଜୟ କ୍ଷେତୀ ବିଚାରକ ଥିଲେ । ସଂସ୍କୃତ ବକ୍ତୃତାରେ ଅନୁଶୟା ମହାକୁଳ, ପ୍ରୀତମ ମେହେର ଏବଂ ଶ୍ରୀଜିତ ପାଣିଗ୍ରାହୀ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ଅଧିକାର କରିଛନ୍ତି । ପୁରୁଣାକଟକ ଉଚ୍ଚ ବିଦ୍ୟାଳୟର ଶିକ୍ଷୟିତ୍ରୀ ମିତାଞ୍ଜଳୀ ଜେନା, ଶତକ୍ଷକ ସୁଶାନ୍ତ ପଣ୍ଡା, ସନ୍ଧ୍ୟାରାଣୀ ମିଶ୍ର ବିଚାରକ ଥିଲେ ।

# ମହିଳାଙ୍କ ସୁରକ୍ଷା ଉପରେ ପ୍ରଶିକ୍ଷଣ କାର୍ଯ୍ୟକ୍ରମ

ଭବାନୀପାଟଣା, ୮ ।୮ (ସମିସ): ଭବାନୀପାଟଣା ଜିଲ୍ଲା ପରିଷଦ ସମ୍ମିଳନୀ ଗୃହରେ ପୋଶ ଏକ୍ଟ-୨୦୧୩ ଉପରେ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ଯାଇଛି । କାର୍ଯ୍ୟସ୍ଥଳରେ ମହିଳାଙ୍କ ସୁରକ୍ଷା ଓ ସମ୍ମାନକୁ ସୁନିଶ୍ଚିତ କରିବା ଲକ୍ଷ୍ୟରେ ଏହି କାର୍ଯ୍ୟକ୍ରମ ଆୟୋଜନ କରାଯାଇଥିଲା । ଏଥିରେ ଅତିରିକ୍ତ ଜିଲ୍ଲାପାଳ ବୈତୁରା ଦୀପ ଅଧ୍ୟକ୍ଷତା କରିଥିଲେ । ଜିଲ୍ଲା ମହିଳା ଓ ଶିଶୁ ବିକାଶ ବିଭାଗ, ଜିଲ୍ଲା ପ୍ରଶାସନ ଓ ସାମାଜିକ ସଂଗଠନ 'କର୍ତ୍ତବ୍ୟ'ର ମିଳିତ ସହଯୋଗରେ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା । ଏହି ପ୍ରଶିକ୍ଷଣ କର୍ମଶାଳାରେ ଇଣ୍ଟରନାଲ କମିଟି (ଆଇସି) ଲୋକାଲ କମିଟି (ଏଲସି), ନୋଡାଲ୍ ଅଫିସର, ଜିଲ୍ଲା ସ୍ତରୀୟ ଅଧିକାରୀ ଓ ବିଭିନ୍ନ ଏନଜିଓର କର୍ମକର୍ତ୍ତା ଯୋଗ ଦେଇଥିଲେ । ଭବାନୀପାଟଣା ଉପଜିଲ୍ଲାପାଳ ପ୍ରଭାତ ପରିଡ଼ା, ଜିଲ୍ଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ ଓ ଲୋକାଲ କମିଟି ଅଧ୍ୟକ୍ଷା ସ୍ୱର୍ଣ୍ଣଲତା ମହାନ୍ତି ପ୍ରମୁଖ ତାଲିମ ଦେଇଥିଲେ । ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶୈଳେନ୍ଦୁ ଶେଖର ମହାପାତ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ଜିଲ୍ଲା ସମାଜ କଲ୍ୟାଣ ଅଧିକାରିଣୀ ମୁଜିବୁନ ନିଶା, ସମାଜ କଲ୍ୟାଣ ଅଧିକାରିଣୀ ସୁଚରିତା ମହାପାତ୍ର, ଯୋଗେଶ୍ୱର ବୁଦ୍ଧିଆ, କର୍ତ୍ତବ୍ୟ ସଂଗଠନର ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଶୋକ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ ।

### ଗୃହ ବିଭାଗ ନିର୍ଦ୍ଦେଶକୁ ବେଖାତିର

# ମନଇଚ୍ଛା ଭାରୀଯାନ ଚଳାଚଳରୁ ଟ୍ରାଫିକ୍ ସମସ୍ୟା

କଣ୍ଟାବାଞ୍ଜି, ୮ ।୮ (ସମିସ)



ବଲାଙ୍ଗିର ଜିଲ୍ଲାର କଣ୍ଟାବାଞ୍ଜି ସହରରେ ଟ୍ରାଫିକ୍ ସମସ୍ୟା ବୃଦ୍ଧି ପାଇବାରେ ଲାଗିଛି । ମନଇଚ୍ଛା କଣ୍ଟାବାଞ୍ଜି ସହର ଭିତରେ ଭାରିଯାନ ଚଳାଚଳ କରୁଥିବା ବେଳେ ଜିଲ୍ଲା ପ୍ରଶାସନ କଟକଣା ଜାରୀ କରୁ ନଥିବା ଅଭିଯୋଗ ଉଠିଛି । କେବଳ ଲୋକ ଦେଖାଣିଆ ଭାରିଯାନ ରଖିବାକୁ ରାଜସ୍ୱ ବିଭାଗ ଜମି ଚିହ୍ନଟ କରିଥିବା ଅଭିଯୋଗ ହେଉଛି । ବଲାଙ୍ଗିର ଜିଲ୍ଲା ପ୍ରଶାସନ ବଲାଙ୍ଗିର ସହରରେ ଦିନ ବେଳା ଭାରିଯାନ ଉପରେ କଟକଣା ଜାରି କରିଥିବା ବେଳେ କଣ୍ଟାବାଞ୍ଜିରେ କାହିଁକି ନୁହେଁ ବୋଲି ପ୍ରଶ୍ନ ଉଠୁଛି । କଣ୍ଟାବାଞ୍ଜି ସହର ମୁଖ୍ୟ ସମସ୍ୟା ପାଲଟିଛି ଟ୍ରାଫିକ । ଭାରିଯାନ ଚଳାଚଳରୁ ପ୍ରତ୍ୟେକ ଦିନ ଘଣ୍ଟା ଘଣ୍ଟା ରାସ୍ତା ଜାମ ହେବା ସହ ଆମ୍ବୁଲାନ୍ସ ଫସି ରହୁଥିବା ବେଳେ ପ୍ରଶାସନ ପଦକ୍ଷେପ ନେଉନାହିଁ । ବୁଧବାର କଣ୍ଟାବାଞ୍ଜି ସହରର ଜଗନ୍ନାଥ ମନ୍ଦିରରୁ ଅଳ୍ପ ଦୂରରେ ଦୀର୍ଘ ସମୟଧରି ଟ୍ରକ୍ ପ୍ରବେଶ କରିବା ଯୋଗୁଁ ଟ୍ରାଫିକ ଜାମ ରହିଥିଲା । ବହୁ ସମୟ ଧରି ଲୋକେ ଟ୍ରାଫିକ୍‌ରେ ଫସି ରହିଥିଲେ । ଭାରିଯାନ ଯୋଗୁଁ ଦୁର୍ଘଟଣାଗ୍ରସ୍ତ ହୋଇ ଜୀବନ ଚାଲିଯିବ ସେତେବେଳେ ଜିଲ୍ଲା ପ୍ରଶାସନ ଚେତିବ ବୋଲି ବୁଦ୍ଧିଜୀବୀ ମହଲରେ ମତ ପ୍ରକାଶ ପାଇଛି । କଣ୍ଟାବାଞ୍ଜି ସହରରେ ଟ୍ରାଫିକ ସମସ୍ୟା ଜଟିଳ ହେଉଥିବା ନେଇ 'ସକାଳ'ରେ ଖବର ପ୍ରକାଶିତ ହେବାପରେ ରାଜ୍ୟ ସରକାରଙ୍କ ଗୃହ ବିଭାଗ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ନେବାକୁ ବଲାଙ୍ଗିର ଏସପିଙ୍କୁ ସୋସିଆଲ ମିଡିଆ (ଏକ୍ସ)ରେ ନିର୍ଦ୍ଦେଶ ଦେଇଥିଲେ । ହେଲେ ଏହା ଉପରେ ଜିଲ୍ଲା ପୋଲିସ ପ୍ରଶାସନ ବର୍ତ୍ତମାନ ଯାଏ ଟ୍ରାଫିକ ସମସ୍ୟା ନେଇ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିନି । ସେପଟେ ସ୍ଥାନୀୟ ପୁଲିସ ଟ୍ରାଫିକକୁ ନେଇ କୌଣସି କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିପାରୁନାହିଁ ଯାହାକୁ ନେଇ ତିବ୍ର ଅସନ୍ତୋଷ ପ୍ରକାଶ ପାଇଛି । କଣ୍ଟାବାଞ୍ଜି ସହରରେ ଟ୍ରାଫିକ ସମସ୍ୟା ଉପରେ ଜିଲ୍ଲା ପ୍ରଶାସନ କଟକଣା ଜାରି ନକଲେ ଆଗାମୀ ଆନ୍ଦୋଳନ କରିବାକୁ ବିଭିନ୍ନ ସଂଗଠନ ସଜବାଜ ହେଉଥିବା ସୂଚନା ମିଳିଛି ।

# ଦାଉ ସାଧିଲା ବର୍ଷାପବନ; ଉଜୁଡ଼ିଲା ମକା ଚାଷ

ସିନାପାଲି,୮ ।୮ (ସମିସ):

ନୂଆପଡ଼ା ଜିଲ୍ଲା ସିନାପାଲି ବ୍ଲକ ବଣ ପାହାଡ ଘେରା ନୂଆମାଳପଡ଼ା ଅଞ୍ଚଳରେ ବର୍ଷା ସାଙ୍ଗକୁ ଜୋର୍‌ରେ ପବନ ବହିବାରୁ ମକା ଚାଷ ନଷ୍ଟ ହୋଇଯାଇଛି। ଏହା ଫଳରେ ଚାଷୀ ଚିନ୍ତାରେ ଭାଙ୍ଗି ପଡିଛନ୍ତି। ଦୁଇ ପଇସା ଭଲ ରୋଜଗାର କରି ପରିବାର ପ୍ରତିପୋଷଣ କରିବା ପାଇଁ ସେମାନେ ମନରେ ଅନେକ ଆଶା ବାନ୍ଧି ଥିଲେ; ହେଲେ ବର୍ଷାପବନରେ ସବୁ ଭାଙ୍ଗି ଚୂର୍ମାର ହୋଇଯାଇଥିବା ଚାଷୀମାନେ ପ୍ରକାଶ କରିଛନ୍ତି।



ନୂଆମାଳପଡ଼ା, ଖନ୍ଦାପଡ଼ା, ପୋର୍ଟିପଡ଼ା ଅଞ୍ଚଳର ଚାଷୀ ବହୁଳ ଭାବେ ମକା ଚାଷ କରିଥିଲେ। ଧାର କରଜ କରି ବିହନ, ସାର ଓ ଆବଶ୍ୟକ କୀଟ ନାଶକ ଔଷଧ ପ୍ରୟୋଗ କରି ବହୁ ପରିଶ୍ରମ କରିଥିଲେ। ମକା ଗଛ ମଧ ହୃଷ୍ଟପୁଷ୍ଟ ହୋଇ ଫଳ ଧରିବା ସମୟ ଆସିଯାଇଥିଲା; ହେଲେ ବର୍ଷା ପବନ ଦାଉ ସାଜିଥିଲା। ଗଛଗୁଡ଼ିକ ଭାଙ୍ଗି ପଡି ମାଟି ତଳେ ଲୋଟି ପଡ଼ିଛି। ଏହାକୁ ଦେଖି ଚାଷୀ ଚିନ୍ତାରେ ଭାଙ୍ଗି ପଡ଼ିଛନ୍ତି। ଧାର କରଜ କିଭଳି ସୁଝିବେ ସେହି ଚିନ୍ତାରେ ଘାରି ହେଉଛନ୍ତି।

ନୂଆମାଳପଡ଼ା ପଞ୍ଚାୟତ ଏକ ଆଦିବାସୀ ପ୍ରବଣ ଅଞ୍ଚଳ। ଏଠି ଅନେକ ଗରିବ ଶ୍ରେଣୀର ଲୋକେ ବସ ବାସ କରନ୍ତି। ଜଙ୍ଗଲ ଜମି ଦଖଲ କରି ଏମାନେ ଚାଷବାସ କରି ପରିବାର ପ୍ରତିପୋଷଣ କରିଆସୁଛନ୍ତି। ମକା ଚାଷ କରି ପ୍ରତିବର୍ଷ ଦୁଇ ପଇସା ରୋଜଗାର କରି ଆସୁଥିବା ବେଳେ ଚଳିତ ବର୍ଷ ଉଜୁଡ଼ି ଯାଇଛି। ଏହି ଅଞ୍ଚଳ ଏକ ବଣ ପାହାଡ ଘେରା ଥିବା ବେଳେ ଏଠାରେ କୌଣସି ଜଳ ସେଚନର ବ୍ୟବସ୍ଥା ନାହିଁ। ଏହା ଫଳରେ ପ୍ରତିବର୍ଷ ମରୁଡିର ଶିକାର ହେବାକୁ ପଡ଼ିଥାଏ। ଏଣୁ ଏଠାର ଲୋକେ ଧାନ ଚାଷ ବ୍ୟତୀତ ସ୍ୱଳ୍ପ ବର୍ଷାରେ ହେଉଥିବା ମକା ଚାଷ ପ୍ରତି ଅଧିକ ଗୁରୁତ୍ୱ ଦେଇଥାନ୍ତି। ନୂଆମାଳପଡ଼ାର ଚାଷୀ ଉଜଳ ମାଝି ତାଙ୍କର ୩ ଏକର ଜମିରେ ମକା ଚାଷ କରି ଥିଲେ। ପ୍ରାୟ ୮୦ ହଜାର ଟଙ୍କା ଖର୍ଚ୍ଚ କରି ନବରଙ୍ଗପୁର ଅଞ୍ଚଳରୁ ଉନ୍ନତ ବିହନ ଆଣି ସାର ପ୍ରୟୋଗ କରି ଚାଷ କରିଥିଲେ; କିନ୍ତୁ ସବୁ ଉଜୁଡି ଯାଇଥିବା ପ୍ରକାଶ କରିଛନ୍ତି। କ୍ଷତି ପୂରଣ ପାଇଁ ପ୍ରଶାସନ ନିକଟରେ ସେ ଦାବି କରିଛନ୍ତି। ସେହିପରି ଟୋପଚନ ମାଝି, ନେତ୍ର ଗହିର, ଡବଲ ମାଝି, କ୍ଷୀର ସିଂ ମାଝି, ପୁରୁନ ମାଝି, ଫୋଗନି ମାଝି, ବଳମତ ମାଝି, ଆନନ୍ଦ ରଣା ଭୀଷ୍ମ ରଣା ସମେତ ଅନେକ ଚାଷୀଙ୍କ ଏକର ଏକର ମକା ଚାଷ ନଷ୍ଟ ହୋଇ ପଡ଼ିଛି। ଏଦିଗରେ ପ୍ରଶାସନ ଦୃଷ୍ଟି ଦେଇ ଆବଶ୍ୟକ କ୍ଷତି ପୂରଣ ପ୍ରଦାନ ଦିଗରେ ପଦକ୍ଷେପ ନେବାକୁ ଦାବି ହେଉଛି।

## ଆର୍ଟ ଅଫ ଲିଭିଂ ତରଫରୁ ରୁଦ୍ରପୂଜା



ବୌଦ୍ଧ,୮ ।୮ (ସମିସ): ବୌଦ୍ଧ ଶ୍ରୀ ଶ୍ରୀ ଚନ୍ଦ୍ରଚୂଡ଼ ମନ୍ଦିରରେ ବିଶ୍ୱ ପ୍ରସିଦ୍ଧ ଗୁରୁ ଶ୍ରୀ ଶ୍ରୀ ରବି ଶଙ୍କରଙ୍କ ଆର୍ଟ ଅଫ ଲିଭିଂ ବୌଦ୍ଧ ଶାଖା ତରଫରୁ ପବିତ୍ର ଶ୍ରାବଣ ମାସ ଅବସରରେ ରୁଦ୍ରପୂଜା ଅନୁଷ୍ଠିତ ହୋଇଯାଇଛି। ଆର୍ଟ ଅଫ ଲିଭିଂର ବରିଷ୍ଠ ଶିକ୍ଷକ ତଥା ପୂଜକ ପଣ୍ଡିତ ହିମାଂଶୁ ଶେଖର ପାଢ଼ୀ, ପଣ୍ଡିତ ଓଁ ପ୍ରକାଶ ବ୍ରହ୍ମା ଓ ରାମ ଶଙ୍କର ମିଶ୍ରଙ୍କ ଦ୍ୱାରା ପୂଜାକାର୍ଯ୍ୟ ସମ୍ପାଦିତ ହୋଇଥିଲା। ଆର୍ଟ ଅଫ ଲିଭିଂର ଯୋଗ ଶିକ୍ଷୟିତ୍ରୀ ରାଜଲକ୍ଷ୍ମୀ ବିଶ୍ୱାଳ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ରୀତାକାନ୍ତି ବଳିୟାର ସିଂ, ବୌଦ୍ଧ ଜିଲ୍ଲା ସଂଯୋଜକ ବିଜୟ ପ୍ରଧାନ, କୃତ୍ତିବାସ ପଲିଆ, ରବୀନ୍ଦ୍ର ସାହୁ, ଡ. ପ୍ରବୀର ଦାସ, ଲବକିଶୋର ପ୍ରଧାନ, ରାଜକୁମାର ବେହେରା, ପ୍ରଭାସ ମହାପାତ୍ର, ପ୍ରତାପ ସାହୁ, ରଜନୀକାନ୍ତ ରାଉତ, ସୌମେନ୍ଦ୍ର ରଞ୍ଜନ ପୁରୋହିତ ପ୍ରମୁଖ ଭୂମିକା ନେଇଥିଲେ।

## କେନ୍ଦୁପତ୍ର କର୍ମଚାରୀଙ୍କ ପାଇଁ ସ୍ୱାସ୍ଥ୍ୟ ଶିବିର



ଶଗଡା,୮ ।୮ (ସମିସ): ଘଣ୍ଟାପଡ଼ା ରେଞ୍ଜ କାର୍ଯ୍ୟାଳୟରେ କେନ୍ଦୁପତ୍ର ଗୋଛା କଟାଳି, ପତ୍ର ତୋଳାଳି ଓ ବନ୍ଧାଳୀଙ୍କ ପାଇଁ ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଘଣ୍ଟାପଡ଼ା ବନାଞ୍ଚଳ କେନ୍ଦୁପତ୍ର ବିଭାଗ ଓ ମୋବାଇଲ ହେଲ୍ଥ ୟୁନିଟ ମିଳିତ ସହଯୋଗରେ ଶିବିରରେ ପ୍ରାୟ ୩୦୦ ହିତାଧିକାରୀ ପଞ୍ଜିକୃତ ହୋଇଥିଲେ। ଜିଲ୍ଲା ପରିଷଦ ସଦସ୍ୟା ସୁମିତ୍ରା ସାହୁ, ଶିକ୍ଷକ ନେତା ନିଳାଚଳ ଭୋଇ, କରୁଣାକର ସାହୁ, ଫରେଷ୍ଟର ବିଜୟାନନ୍ଦ ସାହୁ ପ୍ରମୁଖ ଉପସ୍ଥିତ ଥିଲେ। ହେଡ଼ଚେକର ଋଷଭ ମାଝୀ, ଫରେଷ୍ଟର ସୁଧୀର ମହାନନ୍ଦ, ପ୍ରତ୍ୟୁଷରଂଜନ ବେହେରା, ଦିଲୀପ କୁମୁରା, ମାର୍ଟିନ ପୂର୍ତି ପ୍ରମୁଖ କର୍ମଚାରୀ ସହଯୋଗ କରିଥିଲେ। କଣ୍ଟାମାଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଡ. ରୋଜାଲିନ ମିଶ୍ର, ଫାର୍ମାସିଷ୍ଟ ସ୍ମୃତିରଞ୍ଜନ ମହାକୁଡ଼ ଓ ଏଏନଏମ ପ୍ରଭାତୀ ଥପା ସମସ୍ତଙ୍କ ସ୍ୱାସ୍ଥ୍ୟ ପରୀକ୍ଷା ସହ ଔଷଧ ବିତରଣ କରିଥିଲେ। ବନାଞ୍ଚଳ ଅଧିକାରୀ ସୁଧିର ବେହେରାଙ୍କ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା।

## ଫଳ, ପନିପରିବା ଚାଷ ଉପରେ ଆଲୋଚନା



ବୌଦ୍ଧ,୮ ।୮ (ସମିସ): ଜିଲ୍ଲାପାଳଙ୍କ ସଭାଗୃହରେ ଉଦ୍ୟାନ ବିଭାଗ ଆୟୋଜନରେ ଜିଲ୍ଲାରେ ଫଳ ଓ ପନିପରିବା ଚାଷର ଉନ୍ନତି ନିମନ୍ତେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ବିଭୁତି ଭୂଷଣ ନାୟକ ଅଧ୍ୟକ୍ଷତା କରିଥିଲେ। ଏଥିରେ ସହକାରୀ ଉଦ୍ୟାନ ନିର୍ଦ୍ଦେଶକ ଯୋଗେନ୍ଦ୍ର ନାଥ ମହାପାତ୍ର ଜିଲ୍ଲା ପରିଷଦ କାର୍ଯ୍ୟ ନିର୍ବାହୀ ଅଧିକାରୀ ପ୍ରଭାସ ଚନ୍ଦ୍ର ଦଣ୍ଡସନା, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ପି ଭି ଭେଙ୍କଡ଼ ରାଓ, ନାବାର୍ଡ ଡିଡ଼ିଏମ ଡ. ସତ୍ୟ ସ୍ୱରୂପ ବିଦାନ୍ତ, କୃଷି ବିଜ୍ଞାନ କେନ୍ଦ୍ର ମୁଖ୍ୟ ବୈଜ୍ଞାନିକ ତପନ ଦାସ, ଅନ୍ୟତମ କୃଷି ବୈଜ୍ଞାନିକ ଡ. ମୟୂରୀ ସିଂ ସର୍ଦ୍ଦାର, ଡ. ସମାପିକା ଦଳେଇ, ସସ୍ମିତା ପାଳ, ମିଶନ ଶକ୍ତି ଜିଲ୍ଲା ସଂଯୋଜକ ରଶ୍ମି ରଞ୍ଜନ ସେଠି, ଓରମାସର ସୌମ୍ୟରଞ୍ଜନ ପଣ୍ଡା, କୃତ୍ତିବାସ ପଲିଆ, ଉତ୍ତମ ମହାକୁଳ, ମଞ୍ଜୁଲତା ଦାସ, ଭଗବାନ ସାହୁ, ସୁଶୀଲ ଦେହୁରୀ, ପୂର୍ଣ୍ଣଚନ୍ଦ୍ର ଖଟୁଆ, ପ୍ରଫୁଲ୍ଲ ମହାକୁଡ଼, ଦିବ୍ୟଲୋଚନ ପ୍ରଧାନ ପ୍ରମୁଖ ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ। ଶେଷରେ ହରଭଙ୍ଗା ବ୍ଲକ ଉଦ୍ୟାନ ଅଧିକାରୀ ଜ୍ଞାନ ରଞ୍ଜନ ଦିଗାଲ ଧନ୍ୟବାଦ ଅର୍ପଣ କରିଥିଲେ।

## ରାଜନୀତି ବିଜ୍ଞାନ ବିଭାଗର ସ୍ୱାଗତ ସମାରୋହ




ସୁବଳୟା,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ମହାବିଦ୍ୟାଳୟ ରାଜନୀତି ବିଜ୍ଞାନ ବିଭାଗର ସ୍ୱାଗତ ସମାରୋହ ଅନୁଷ୍ଠିତ ହୋଇଛି। ଅଧ୍ୟକ୍ଷ ଡ. ହିମାଂଶୁ ଶେଖର ପାଢ଼ୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ବିଭାଗୀୟ ମୁଖ୍ୟ ଶିବ କୁମାର ପୁରୋହିତ, ଅଧ୍ୟାପକ ନରେନ୍ଦ୍ର ଝା, ଅଧ୍ୟାପକ ସ୍ମୃତିରଞ୍ଜନ ଭରାସାଗର ପ୍ରମୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଯୁକ୍ତତିନି ପ୍ରଥମ ବର୍ଷର ଛାତ୍ରଛାତ୍ରୀଙ୍କୁ ସ୍ୱାଗତ ବାର୍ତ୍ତା ପ୍ରଦାନ କରିଥିଲେ। ଏହାସହ ଓଡ଼ିଆ ଅଧ୍ୟାପିକା ଜାମିନୀ ଦାଶ, ପଦାର୍ଥ ବିଜ୍ଞାନ ଅଧ୍ୟାପିକା ସୁପ୍ରଭା ନନ୍ଦ, ରସାୟନ ବିଜ୍ଞାନ ଅଧ୍ୟାପକ ଦୀପକ ଛପୋ ଓ ଅଧ୍ୟାପକ ଜିତେନ୍ଦ୍ର କୁମାର ସାହୁ, ଅର୍ଥନୀତି ବିଭାଗ ଅଧ୍ୟାପକ ପ୍ରଭାତ ପୁରୋହିତ ପ୍ରମୁଖ ଯୋଗଦେଇଥିଲେ। ତୃତୀୟବର୍ଷର ଛାତ୍ରୀ ଆକାଂକ୍ଷା ପ୍ରିୟଦର୍ଶିନୀ ପଣ୍ଡା ସ୍ୱାଗତ ଅଭିଭାଷଣ ଦେଇଥିଲେ। ତୃତୀୟ ବର୍ଷର ଛାତ୍ରୀ ପ୍ରଜ୍ଞା ପରମିତା ସାଥୁଆ ସଭା ସଂଯୋଜନା କରିଥିବାବେଳେ ଦ୍ୱିତୀୟବର୍ଷର ଛାତ୍ରୀ ପ୍ରତିକ୍ଷା ପଧାନ ଧନ୍ୟବାଦ ଅର୍ପଣ କରିଥିଲେ।

## ଭୋଟର ତାଲିକା ସଂଶୋଧନ କାର୍ଯ୍ୟକ୍ରମ

ବୀରମହାରାଜପୁର,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ବ୍ଲକ ସଭାଗୃହରେ ଶୁକ୍ରବାର ଭୋଟର୍ ତାଲିକାର ସ୍ୱତନ୍ତ୍ର ସଂଶୋଧନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏହି ଶିବିରରେ ଉପଜିଲ୍ଲାପାଳ ସୁରେନ୍ଦ୍ର କୁମାର ମେହେର, ବୀରମହାରାଜପୁର ତହସିଲଦାର ସୁଚିସ୍ମିତା ପାଣିଗ୍ରାହୀ, ଡେପୁଟି କଲେକ୍ଟର ଶୁଭମ୍ ସୁବାସିସ ଶତପଥୀ ତାଲିମ୍ ପ୍ରଦାନ କରିଥଲେ। ଜାତୀୟ ନିର୍ବାଚନ ଆୟୋଗ ଦ୍ୱାରା ପରିଚାଳିତ ଏହି କାର୍ଯ୍ୟକ୍ରମରେ ସମସ୍ତ ବ୍ଲକ୍‌ର ଲେବର ଅଫିସର୍ ଘରକୁ ଘର ଯାଇ ନୂତନ ଭୋଟର୍ ତାଲିକା କାର୍ଯ୍ୟକ୍ରମର ତଦାରଖ କରି ତ୍ରୁଟିଶୂନ୍ୟ କାର୍ଯ୍ୟସମାପନ କରିବେ ସେ ଉପରେ ତାଲିମ୍ ପ୍ରଦାନ କରାଯାଇଥିଲା।



## ସତ୍ୟବାଦୀ ଉଚ୍ଚ ବିଦ୍ୟାଳୟରେ ପ୍ରବେଶ ଉତ୍ସବ

ସୁବଳୟା,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଉପଖଣ୍ଡର କଳାପଥରସ୍ଥିତ ସତ୍ୟବାଦୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଶୁକ୍ରବାର ଯୁକ୍ତ ଦୁଇ ଦ୍ୱିତୀୟ ବର୍ଷର ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରଥମ ବର୍ଷର ନବାଗତମାନଙ୍କ ପାଇଁ ପ୍ରବେଶ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଅନୁଷ୍ଠାନର ଅଧ୍ୟକ୍ଷ ଶ୍ରୀକାନ୍ତ ପଧାନ ସଭାପତିତ୍ୱ କରିଥିଲେ। ସଂଘର୍ଷ ଓ ଦୃଢ ଇଚ୍ଛାଶକ୍ତି ଦିନେ ସଫଳତାର ଶୀର୍ଷରେ ପହଞ୍ଚାଇ ପାରେ ବୋଲି ସେ କହିଥିଲେ। ଅଧ୍ୟାପକ କିଶୋର ସାହୁ ଆଭ୍ୟନ୍ତରିଣ ଶୃଙ୍ଖଳା, ନିୟମାନୁବର୍ତ୍ତିତା, ର୍‌ୟାଗିଙ୍ଗ୍ ମୁକ୍ତ ଅଞ୍ଚଳ ଉପରେ ଆଲୋକପାତ କରିଥିଲେ। ଦେବଯାନୀ ମେଶୁଆ ମାର୍ଜିତ ବ୍ୟବହାର ଓ ଚରିତ୍ର ଗଠନ ଉପରେ ଆଲୋଚନା କରିଥିଲେ। ଅତିଥି ଅଧ୍ୟାପିକା ଅବନ୍ତି ନାଏକ ଓ ରିଙ୍କି ଗଡୁଆ ଭବିଷ୍ୟତରେ ଭଲ ମଣିଷ ହେବାକୁ ପ୍ରେରଣା ଦେଇଥିଲେ। ସଞ୍ଜୟ କର୍ଣ୍ଣ ରାଜ୍ୟ ସରକାରଙ୍କ ଦ୍ୱାରା ମିଳୁଥିବା ବିଭିନ୍ନ ବୃତ୍ତି ସଂପର୍କରେ ଆବେଦନ କରିବା ପାଇଁ ଜଣାଇଥିଲେ। ୧୮ ଜଣ ଶିକ୍ଷାର୍ଥୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସଭାକୁ ଯୁକ୍ତ ଦୁଇ ଦ୍ୱିତୀୟ ବର୍ଷର ଛାତ୍ରୀ ସରସ୍ୱତୀ ପ୍ରଧାନ, ଜ୍ୟୋସ୍ନାମୟୀ ମେହେର, ସଂଧ୍ୟାରାଣୀ ପଧାନ ପରିଚାଳନା କରିଥିଲେ। ଛାତ୍ର ମହେଶଦତ୍ତ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ। ଶାନ୍ତନୁ ପଧାନ, ବସୁଦେବ ରଣା, ବିପିନ୍ କଲତା, ଶିବବ୍ରତ କର୍ଣ୍ଣ ସହଯୋଗ କରିଥିଲେ।

## ବିଶିମୁଣ୍ଡା ବରଗଛ ଛକରୁ ଖମ୍ବେଶ୍ୱରୀପାଲି ରାସ୍ତା ଶୋଚନୀୟ

ସୋନପୁର, ୮।୮ (ସମିସ): ସୋନପୁର ବ୍ଲକ୍ ଅଧୀନ ବିଶିମୁଣ୍ଡା ପଞ୍ଚାୟତ ଅଧୀନ ମୁର୍ଗାବାର ବରଗଛ ଛକଠାରୁ ଖମ୍ବେଶ୍ୱରୀପାଲି ରାସ୍ତା ମରଣଯନ୍ତା ପାଲଟିଛି। ଅସରାଏ ବର୍ଷା ହେଲେ ରାସ୍ତାରେ ପାଣି ଜମା ହେଉଥିବାରୁ ଲୋକେ ଯିବା ଆସିବା ପାଇଁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି ରାସ୍ତା ସୋନପୁର- ବଲାଙ୍ଗିର ୫୭ ନମ୍ବର ଜାତୀୟ ରାଜପଥକୁ ସଂଯୋଗ ହେଉଥିବାରୁ ଏହା ଏକ ବ୍ୟସ୍ତବହୁଳ ରାସ୍ତା। ଏଠାରେ ଅନେକ ସମୟରେ ଛୋଟ ବଡ଼ ଦୁର୍ଘଟଣା ହେଉଛି। ଏହା ଫଳରେ ବାଇକ୍ ଆରୋହୀ ଏବଂ ସାଇକଲ ଆରୋହୀମାନେ ବିପଦରେ ପଡୁଛନ୍ତି। ସ୍ଥାନୀୟ ଲୋକଙ୍କ ଅଭିଯୋଗ ଅନୁସାରେ, ଏହି ରାସ୍ତାରେ ଡ୍ରେନେଜ ବ୍ୟବସ୍ଥା ନ ଥିବାରୁ ପାଣି ଜମୁଛି। ଜିଲ୍ଲା ପ୍ରଶାସନ ଯଥାଶୀଘ୍ର ଧ୍ୟାନଦେଇ ରାସ୍ତା ମରାମତି ଓ ଜଳନିଷ୍କାସନ ବ୍ୟବସ୍ଥା କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।



## ପିକ୍‌ଅପ୍ ଧକ୍କାରେ ସାଇକଲ ଆରୋହୀଙ୍କ ମୃତ୍ୟୁ

ବୌଦ୍ଧ,୮ ।୮ (ସମିସ): ବୌଦ୍ଧ ଜିଲ୍ଲା ହରଭଙ୍ଗା ଥାନା ଝାରଖମନ୍ ଛକ ନିକଟରେ ଦୁର୍ଘଟଣା ଘଟିଛି। ଜଣେ ସାଇକଲ ଆରୋହୀଙ୍କୁ ଧକ୍କା ଦେଇ ଏକ ଚାଉଳ ବୋଝେଇ ମିନି ଟ୍ରକ୍ ଓଲଟି ପଡିଛି। ଘଟଣା ସ୍ଥଳରେ ସାଇକଲ ଆରୋହୀଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଛତରଙ୍ଗ ଗ୍ରାମର ଭରତ ବାରିକ। ତେବେ ଦୁର୍ଘଟଣା ଘଟାଇ ଘଟଣା ସ୍ଥଳରୁ ଡ୍ରାଇଭର ଫେରାର ମାରିଛି। କ୍ଷତିପୂରଣକୁ ନେଇ ଘଟଣା ସ୍ଥଳରେ ଉତ୍ତେଜନା ଦେଖା ଦେଇଥିଲା। ଲୋକେ ରାସ୍ତାରେ ଶବ ରଖି ଅବରୋଧ କରିଥିଲେ। ହରଭଙ୍ଗା ପୁଲିସ ଉତ୍ତେଜିତ ଲୋକଙ୍କୁ ବୁଝାସୁଝା କରିବା ପରେ ରାସ୍ତା ରୋକ ହଟିଥିଲା। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ପାଇଁ ବୌଦ୍ଧ ପଠାଇଛି।

## ବଧୂ ନିର୍ଯାତନା ଅଭିଯୋଗ

ବୀରମହାରାଜପୁର,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଥାନା ଅଧୀନ ଗୁରୁପଙ୍ଗା ଗ୍ରାମର ଜଣେ ମହିଳା ମାନସିକ ଓ ଶାରୀରିକ ନିର୍ଯାତନାର ଶିକାର ହୋଇଥିବା ବୀରମହାରାଜପୁର ଥାନରେ ଅଭିଯୋଗ ହୋଇଛି। ମହିଳା ହେଉଛନ୍ତି ମାମୀ ମହାକୁଡ଼। ତାଙ୍କ ସ୍ୱାମୀ ସୁଧାଂଶୁ ମହାକୁଡ଼, ଶାଶୂ, ଶ୍ୱଶୁର ଓ ଦିଅରଙ୍କ ନାମରେ ଅଭିଯୋଗ କରିଛନ୍ତି। ମହିଳାଙ୍କ ଅଭିଯୋଗକୁ ଭିତ୍ତିକରି ଥାନରେ ଏକ ମାମଲା ରୁଜୁ ହୋଇଥିବା ଏସ୍‌ଆଇ ସଞ୍ଜୀବ କୁମାର ବସ୍ତିଆ କହିଛନ୍ତି। ସୂଚନାଯୋଗ୍ୟ ଯେ ଭୁଡୋବର ଗ୍ରାମର ସଦାନନ୍ଦ କର୍ମୀଙ୍କ ଝିଅ ମାମି ୨୦୨୦ରେ ଗୁରପଙ୍ଗା ଗ୍ରାମର ସୁଧାଂଶୁ ମହାକୁଡ଼ଙ୍କୁ ବିବାହ କରିଥିଲେ। ମାତ୍ର ଯୌତୁକ ଦାବିକୁ ନେଇ ସବୁବେଳେ ମାମିକୁ ଶଶୁରଘର ଲୋକ ମାନସିକ ଓ ଶାରୀରିକ ନିର୍ଯାତନା ଦେଇ ଆସୁଥିଲେ। ମାତ୍ର ପରିସ୍ଥିତି ଜଟିଳହେବାରୁ ମାମି ଥାନାରେ ଅଭିଯୋଗ କରିଥିବା ସେ କହିଛନ୍ତି।

## ଗୋଲାବନ୍ଧରେ ଯୁବ ବିକାଶ କାର୍ଯ୍ୟକ୍ରମ

ସୁବଳୟା,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଉପଖଣ୍ଡର କାଦୋଦର ପଞ୍ଚାୟତ ଗୋଲାବନ୍ଧ ଗ୍ରାମରେ ଯୁବ ବିକାଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାଦୋଦର ମାଁ ଉମାଦେବୀ ଉଚ୍ଚ ମାଧମିକ ବିଦ୍ୟାଳୟର ଅଧ୍ୟକ୍ଷ ବଲ୍ଲଭ ପୁରୋହିତ, ଆଇଟି ଅଧ୍ୟାପକ ଉଦ୍ଧବ ପଧାନ, ଗ୍ରାମ ଉତଥାନ୍‌ର ମୁଖ୍ୟ ପରିଚାଳନା ଅଧିକାରୀ ସ୍ୱର୍ଣ୍ଣରୂପା ମିଶ୍ର, ମାଟୁପାଲି ନିଶା ନିବାରଣ କେନ୍ଦ୍ରର ଶମ୍ଭୁରାଜ କର୍ଣ୍ଣ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। କ୍ଷିରେନ୍ଦ୍ର ରଣା, ସୁବଳ ମେହେରଙ୍କ ସମେତ ଯୁବକ ଯୁବତୀ, ଅଙ୍ଗନବାଡି ଓ ଆଶକର୍ମୀ, ୱାର୍ଡମେମ୍ବର, ଛାତ୍ର ଛାତ୍ରୀ, ଗ୍ରାମବାସୀ ଉପସ୍ଥିତ ଥିଲେ। ସୀମାରାଣୀ ପର୍ଡିଆ, ଶୃତି ସ୍ମରଣିକା ଦାସ, ରଶ୍ମିତା ପଧାନ ସହଯୋଗ କରିଥିଲେ।



## ମାହେଶ୍ୱରୀ ଦେବୀଙ୍କ ନୀତିକାନ୍ତିରେ ଅବହେଳା ଅଭିଯୋଗ

ବୀରମହାରାଜପୁର,୮ ।୮ (ସମିସ): ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ଥାନା ବାଗବର ପଞ୍ଚାୟତ ନୂଆଁଗଡ ଗ୍ରାମରେ ଗାଁ ଦେବୀ ମାହେଶ୍ୱରୀଙ୍କ ନୀତିକାନ୍ତି ସମ୍ପାଦନରେ ଜଣେ ଦେହୁରୀ (ପୂଜକ) ଅବହେଳା କରୁଥିବା ଅଭିଯୋଗ କରି ଆଜି ଗ୍ରାମବାସୀ ସ୍ଥାନୀୟ ଦେବୋତ୍ତର ଅଧିକାରୀ ତଥା ଉପଜିଲ୍ଲାପାଳ ଏବଂ ଥାନାର ଦ୍ୱାରସ୍ଥ ହୋଇଥିବା ଜଣାପଡ଼ିଛି। ସୂଚନା ଅନୁସାରେ ନୂଆଗଡ଼ ଗ୍ରାମର ଦେହୁରୀ ଗାଁର ମାହେଶ୍ୱରୀ ଦେବୀଙ୍କ ପାଇଁ ଥିବା ଜମିକୁ ଚାଷ କରିଆସୁଥିଲେ ମଧ୍ୟ ଦେବୀଙ୍କ ପୂଜାରେ ଅବହେଳା କରୁଥିବା ଅଭିଯୋଗ ହୋଇଛି। କିଛିଦିନ ତଳେ ଗାଁ ଦେବୀଙ୍କଠାରେ କାଦୋ ପୂଜା ନ କରି ଦେବୀଙ୍କୁ ଗମ୍ଭିରାକୁ ନେଇଯାଇଥିବା ମଧ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ଏଭଳି କାର୍ଯ୍ୟ ନ କରିବାକୁ ଗ୍ରାମବାସୀ ବାରଣ କରିଥିଲେ ସୁଦ୍ଧା ସେ କାହାକଥା ଶୁଣି ନ ଥିବା ଓ ଓଲଟା କେତେକ ଗ୍ରାମବାସୀଙ୍କ ନାମରେ ବୀରମହାରାଜପୁର ଥାନାରେ ଏତଲା ଦେଇଥିବା ଗ୍ରାମବାସୀ ଦର୍ଶାଇଛନ୍ତି। ଗ୍ରାମବାସୀ ଶୀଘ୍ର ଏହାର ସମାଧାନ କରାଯିବାକୁ ଦାବି କରିଛନ୍ତି।



## ୪ ହେକ୍ଟର ଜମିରେ ୬୪୦୦ ଚାରା ରୋପଣ

ମନମୁଣ୍ଡା,୮ ।୮ (ସମିସ): ବୌଦ୍ଧ ବନଖଣ୍ଡ ମନମୁଣ୍ଡା ରେଞ୍ଜ କୁମରକାନି ସେକ୍ସନ ଅମୂର୍ଡା ବିଟ୍ ମହାନଦୀ କୂଳରେ ମା ପାଇଁ ଗଛଟିଏ ଯୋଜନାରେ ବନୀକରଣ କରାଯାଇଛି। ରେଞ୍ଜ ଅଧିକାରୀ ଶ୍ରୀବତ୍ସ କୁମୁରାଙ୍କ ନେତୃତ୍ୱ ଓ ମନମୁଣ୍ଡା ବନପାଳ ପ୍ରକାଶ ଚନ୍ଦ୍ର ସେଠୀଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବୌଦ୍ଧ ଡିଏଫ୍‌ଓ ରାଜେନ୍ଦ୍ର ଗୋଛାୟତଙ୍କ ଉପସ୍ଥିତିରେ କଣ୍ଟାମାଳ ବିଧାୟକ କହ୍ନେଇ ଚରଣ ଡ଼ାଙ୍ଗ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହାର ଶୁଭାରମ୍ଭ କରିଥିଲେ। ପ୍ରାୟ ୪ ହେକ୍ଟର ଜମିରେ ବାଉଁଶ, ନିମ୍ବ, ମହୁଲ, ଆମ୍ବ, ପିଜୁଳି, ଆତ, ଜାମ୍ବୁ, ତେନ୍ତୁଳି, ଅଁଳା ଇତ୍ୟାଦି ବିଭିନ୍ନ କିସମର ପ୍ରାୟ ୬୪୦୦ ଚାରାରୋପଣ କରାଯାଇଛି। ଅନ୍ୟତମ ସମ୍ମାନିତ ଅତିଥି ଭାବେ ବରିଷ୍ଠ ସାମ୍ବାଦିକ ତଥା ପ୍ରକୃତି ବନ୍ଧୁ ବୈଦ୍ୟନାଥ ହୋତା, ପ୍ରକୃତି ପ୍ରେମୀ ସ୍ୱରାଜ୍ୟ କହଁର ଯୋଗ ଦେଇଥିଲେ। ଶେଷରେ ବନପାଳ ପ୍ରକାଶ ଚନ୍ଦ୍ର ସେଠୀ ଧନ୍ୟବାଦ ଅର୍ପଣ କରିଥିଲେ। ଡେପୁଟି ରେଞ୍ଜର ଦେବରାଜ ଛତ୍ରିଆ, ବନପାଳ ଦେବକାନ୍ତ ବେହେରା, ବନରକ୍ଷୀ ରଞ୍ଜିତ ପ୍ରଧାନ, ପ୍ରକାଶ ପ୍ରଧାନ ପ୍ରମୁଖ ସହଯୋଗ କରିଥିଲେ।



## ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ବିଜ୍ଞାନ ମେଳା

ବୌଦ୍ଧ,୮ ।୮ (ସମିସ):

ସ୍ଥାନୀୟ ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ୩୭ତମ ଜ୍ଞାନ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଉଦଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବରେ ବୌଦ୍ଧ ପଞ୍ଚାୟତ ମହାବିଦ୍ୟାଳୟର ଉଭିଦ ବିଭାଗର ବିଜ୍ଞାନ ଅଧ୍ୟାପକ ପ୍ରବୀର ଦାସ, ସମ୍ମାନିତ ଅତିଥି ଭାବେ ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ହୃଦାନନ୍ଦ ଜାଲ, ଅବସରପ୍ରାପ୍ତ ବିଜ୍ଞାନ ଶିକ୍ଷକ ନିରୋଦ ମେହେର, ଗୌରୀ ଶଙ୍କର ପବ୍ଲିକ ସ୍କୁଲର ବିଜ୍ଞାନ ଶିକ୍ଷକ ସୌମିତ୍ରି ବାରିକ, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଟଙ୍କଧର ସାହୁ, ସମ୍ପାଦକ ଖୁଦିରାମ ପ୍ରଧାନ ଉପସ୍ଥିତ ଥିଲେ। ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ଶ୍ରୀବତ୍ସ ମିଶ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ। ଉଦଯାପନୀ ଉତ୍ସବରେ ବିଦ୍ୟାଳୟର କୋଷାଧକ୍ଷ ଅଭିଷେକ ଅଗ୍ରୱାଲ, ସଦସ୍ୟା ପୁଷ୍ପାଞ୍ଜଳି ନାୟକ, ତୃପ୍ତିମୟୀ ପଟ୍ଟନାୟକ ଉପସ୍ଥିତ ଥିଲେ। ବିଚାରକ ଭାବରେ ଅବସରପ୍ରାପ୍ତ ବିଜ୍ଞାନ ଶିକ୍ଷକ ହୃଦାନନ୍ଦ ଜାଲ, ଅବସରପ୍ରାପ୍ତ ବିଜ୍ଞାନ ଶିକ୍ଷକ ନିରୋଦ ମେହେର, ଗୌରୀ ଶଙ୍କର ପବ୍ଲିକ ସ୍କୁଲର ବିଜ୍ଞାନ ଶିକ୍ଷକ ଶ୍ରୀମାନ ସୌମିତ୍ରୀ ବାରିକ ଦାୟିତ୍ୱ ତୁଲାଇଥିଲେ। ପ୍ରାକ୍ ଶିଶୁ, ଶିଶୁ, ବାଲ୍ ଓ କିଶୋର ବର୍ଗରେ ବିଜ୍ଞାନ ବିଭାଗରେ ୧୩୮ଟି ଓ ଗଣିତ ବିଭାଗରେ ୧୫ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ବରିଷ୍ଠ ଆଚାର୍ଯ୍ୟ ଅଶୋକ ପୁରୋହିତ ଧନ୍ୟବାଦ୍ ପ୍ରଦାନ କରିଥିଲେ।



## ଜିଲ୍ଲାସ୍ତରୀୟ ଆସ ସ୍କୁଲ ଯିବା ଅଭିଯାନ ବୈଠକ

ବୌଦ୍ଧ,୮ ।୮ (ସମିସ): ସ୍ଥାନୀୟ ଯୋଗେନ୍ଦ୍ରଦେବ ଉଚ୍ଚ ବିଦ୍ୟାଳୟ ସଭାଗୃହରେ ଜିଲ୍ଲାସ୍ତରୀୟ ଆସ ସ୍କୁଲ ଯିବା ଅଭିଯାନ ଯୋଜନାର ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ଟେମ ଲାଲ ଦୁବେ ଅଧ୍ୟକ୍ଷତା କରିଥିଲେ। ଜିଲ୍ଲା ଯୋଜନା ସଂଯୋଜକ ଦେବାଶିଷ ଦ୍ୱାରୀ ଅତିଥି ପରିଚୟ ସହିତ ସ୍ୱାଗତ ଜଣାଇଥିଲେ। ଜିଲ୍ଲା ଶିକ୍ଷାଧିକାରୀ ଶ୍ରୀ ଦୁବେ ଆସ ସ୍କୁଲ ଯିବା ଯୋଜନାର ବିସ୍ତୃତ ଆଲୋଚନା କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଚୂଡ଼ାମଣି ବାରିକ, ବୌଦ୍ଧ ବ୍ଲକ୍ ଗୋଷ୍ଠୀ ଶିକ୍ଷା ଅଧିକାରୀ ଉପେନ୍ଦ୍ର ପ୍ରଧାନ, ହରଭଙ୍ଗା ଗୋଷ୍ଠୀ ଶିକ୍ଷା ଅଧିକାରୀ ହାଡିବନ୍ଧୁ ବେହେରା, ସହ ଗୋଷ୍ଠୀ ଶିକ୍ଷା ଅଧିକାରୀ କାମଳକାନ୍ତ ଦଳବେହେରା, ଭାରପ୍ରାପ୍ତ ସହ ଗୋଷ୍ଠୀ ଶିକ୍ଷା ଅଧିକାରୀ (ହରଭଙ୍ଗା) ଭୁବନେଶ୍ୱର ସେଠୀ, କଣ୍ଟାମାଳ ସହ ଗୋଷ୍ଠୀ ଶିକ୍ଷା ଅଧିକାରୀ ଦୁର୍ଗାଚରଣ ପ୍ରଧାନ ପ୍ରମୁଖ ଉପସ୍ଥିତ ଥିଲେ।

**ମୁଦ୍ରା ବିନିମୟ ମୂଲ୍ୟ**

ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୭.୬୬
- ପାଉଣ୍ଡ ୧୧୭.୦୨
- ୟୁରୋ ୧୦୨.୩୫
- ୟେନ୍ ୦.୫୯

**ସୁନା, ରୁପା ଦର (ଟଙ୍କାରେ)**

୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୯୪,୭୦୦ (ନୂଆଦିଲ୍ଲୀ)
- ରୁପା : ୧,୨୦,୨୦୦ (କେଜି)

**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୭୯,୮୫୭.୦୦
- ନିଫ୍ଟି ୨୪,୩୬୩.୦୦

**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦

### ଶୁଳ୍କ ବଢ଼ାଇବା ପରେ ପୁଣି ରାଗିଲେ ଟ୍ରମ୍ପ

# ଆଉ କୌଣସି ଆଲୋଚନା ହେବନି

ୱାଶିଂଟନ,୮।୮ (ଏଜେନ୍ସି)




**୨୫ରେ ଭାରତ ଆସିବେନି ଆମେରିକୀୟ ପ୍ରତିନିଧି ଦଳ**

ବାଣିଜ୍ୟ ଶୁଳ୍କ କ୍ଷେତ୍ରରେ ଟ୍ରମ୍ପ ପ୍ରଶାସନର ହିଟ୍ ଲିଷ୍ଟରେ ଥିବା ଭାରତ ଉପରେ ପୁଣି ରାଗିଛନ୍ତି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଭାରତ ଉପରେ ସର୍ବାଧିକ ୫୦% ଶୁଳ୍କ ଲାଗୁ କରିବା ପରେ ଆଉ ଏକ ବଡ଼ ପଦକ୍ଷେପ ନେଇଛନ୍ତି ଆମେରିକା ରାଷ୍ଟ୍ରପତି। ଭାରତ ସହିତ ଆଉ କୌଣସି ପ୍ରକାର ବାଣିଜ୍ୟ ଚୁକ୍ତି ନେଇ ଆଲୋଚନା କରାଯିବନାହିଁ ବୋଲି ଆଜି ରୋକ୍‌ଠୋକ୍ ଶୁଣାଇଦେଇଛନ୍ତି ଟ୍ରମ୍ପ। ଟ୍ରମ୍ପଙ୍କ ଏହି ଘୋଷଣା ପରେ ବାଣିଜ୍ୟ ଚୁକ୍ତି ପାଇଁ ଚଳିତମାସ ୨୫ରେ ଭାରତ ଆସିବାକୁ ଥିବା ଆମେରିକୀୟ ପ୍ରତିନିଧି ଦଳର ଗସ୍ତ ମଧ୍ୟ ବନ୍ଦ ହୋଇଯାଇଛି। ଓଭାଲ୍ କାର୍ଯ୍ୟାଳୟଠାରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେବାବେଳେ ଟ୍ରମ୍ପ ଭାରତ ବିରୁଦ୍ଧରେ ଏପରି ମନ୍ତବ୍ୟ ଦେଇଥିଲେ।

ଜୋରିମାନା ବାବଦ ଅତିରିକ୍ତ ଶୁଳ୍କ ଲାଗୁ କରିବା ପରେ ଭାରତ ସହିତ ଆଉ ଆଲୋଚନା କରିବାର ସମ୍ଭାବନା ରହିଛି କି ବୋଲି ପଚରାଯାଇଥିବା ଏକ ପ୍ରଶ୍ନର ଉତ୍ତରରେ ଟ୍ରମ୍ପ କହିଲେ ଯେ ପର୍ଯ୍ୟନ୍ତ ଆମେ ଏହାର ସମାଧାନ କରିନାହୁଁ ସେ ପର୍ଯ୍ୟନ୍ତ ନୁହେଁ। ରୁଷ ସହ ବାଣିଜ୍ୟ କରିବା ନେଇ ଟ୍ରମ୍ପ ଭାରତକୁ ଏକପାଖିଆ ଟାର୍ଗେଟ୍ କରିବା ଜାରି ରଖିଛନ୍ତି। ନିଜେ ଆମେରିକା, ୟୁରୋପୀୟ ସଂଘ (ଇୟୁ) ଓ ଅନ୍ୟମାନେ ଋଷ ସହ ବାଣିଜ୍ୟ କରୁଥିବାବେଳେ କେବଳ ଭାରତକୁ ଟାର୍ଗେଟ୍ କରାଯାଉଛି। ଅନ୍ୟମାନଙ୍କ ଅପେକ୍ଷା ଭାରତ ବିରୁଦ୍ଧରେ ଆମେରିକା ସର୍ବାଧିକ ଶୁଳ୍କ ଲାଗୁ କରିଛି। ଭାରତର ପଡ଼ୋଶୀ ପାକିସ୍ତାନ ଉପରେ ୧୯ ପ୍ରତିଶତ, ବାଂଲାଦେଶ ଉପରେ ୧୯ ପ୍ରତିଶତ ଏମିତିକ ଚୀନ ବିରୁଦ୍ଧରେ ୩୦ ପ୍ରତିଶତ ଶୁଳ୍କ ଲାଗୁ କରିଥିଲେ, ଭାରତ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଇଛନ୍ତି ଟ୍ରମ୍ପ। ଦୁଇଟି ପର୍ଯ୍ୟାୟରେ ସେ ୨୫-୨୫ ପ୍ରତିଶତ ଶୁଳ୍କ ଲାଗୁ କରିଛନ୍ତି। ପ୍ରଥମ ପର୍ଯ୍ୟାୟ ୨୫ ଶୁଳ୍କ ଗତକାଲିଠାରୁ ଲାଗୁ ହୋଇଯାଇଥିବାବେଳେ ଦ୍ୱିତୀୟ ପର୍ଯ୍ୟାୟ ଶୁଳ୍କ ଅଗଷ୍ଟ ୨୭ରେ ଲାଗୁ ହେବ।

ସେପଟେ ଭାରତ ଉପରେ ଶୁଳ୍କ ଲାଗ କରିବାକୁ ବିରୋଧ କରିଛନ୍ତି ଋଷ, ଚୀନ, ବ୍ରାଜିଲ ଭଳି ଦେଶ। ଅନ୍ୟପଟେ ଭାରତ ଆମେରିକାର ଦୋମୁହାଁ ନୀତିକୁ ସମାଲୋଚନା କରିଥିବାବେଳେ ସାମ୍ନାରେ ମୁଣ୍ଡ ନଇଁବ ନାହିଁ ବୋଲି ରୋକଠୋକ୍ ଶୁଣାଇ ଦେଇଛି। ହେଲେ ଟ୍ରମ୍ପଙ୍କର ଏହି ଘୋଷଣା ପରେ ଆମେରିକାର କୌଣସି ଟିମ୍ ଆଲୋଚନା ପାଇଁ ଭାରତ ଆସି ନ ପାରନ୍ତି। ଟ୍ରମ୍ପଙ୍କର ଏହି ନିଷ୍ପତ୍ତି ପରେ ଦୁଇ ଦଶନ୍ଧୀରେ ଭାରତ ଓ ଆମେରିକା ମଧ୍ୟରେ ସମ୍ପର୍କ ଅତି ନିମ୍ନ ସ୍ତରକୁ ଚାଲିଯାଇଛି।

### କମିଲା ପନିପରିବା ଦର

## ଜୁନ୍‌ରେ କମିଲା ଶାକାହାରୀ ଥାଳି ମୂଲ୍ୟ

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଜୁଲାଇ ମାସରେ ପନିପରିବା ମୂଲ୍ୟରେ କିଛି ହ୍ରାସ ଯୋଗୁଁ ଘରେ ରନ୍ଧା ନିରାମିଷ ଏବଂ ନିରାମିଷ ଖାଦ୍ୟର ହାରାହାରି ମୂଲ୍ୟ ହ୍ରାସ ଘଟିଛି। ଗୁରୁବାର ପ୍ରକାଶିତ ଏକ ରିପୋର୍ଟରେ ଏହି ସୂଚନା ଦିଆଯାଇଛି। କ୍ରିସିଲ୍ ଇଣ୍ଟେଲିଜେନ୍ସର ରୋଟି-ଚାୱଲ୍ ରେଟ୍ ରିପୋର୍ଟ ଅନୁଯାୟୀ, ନିରାମିଷ ଥାଳିର ମୂଲ୍ୟ ବର୍ଷସାରା ୧୪ ପ୍ରତିଶତ ହ୍ରାସ ପାଇ ୨୮.୧ ଟଙ୍କା ହୋଇଛି ଯାହା ପୂର୍ବରୁ ୩୨.୬ ଟଙ୍କା ଥିଲା। ତଥାପି, ଏହା ମାସିକ ଆଧାରରେ ଚାରି ପ୍ରତିଶତ ବୃଦ୍ଧି ପାଇଛି, ଯେତେବେଳେ ଜୁନ୍ ମାସରେ ଏହା ୨୭.୧ ଟଙ୍କା ଥିଲା। ନିରାମିଷ ଖାଦ୍ୟର ମୂଲ୍ୟ ବର୍ଷସାରା ୧୩ ପ୍ରତିଶତ ଏବଂ ମାସିକ ଆଧାରରେ ଦୁଇ ପ୍ରତିଶତ ହ୍ରାସ ପାଇ ପ୍ରତି ଥାଳି ପିଛା ୫୩.୫ ଟଙ୍କା ହୋଇଛି। ଏହାର ନିର୍ଦ୍ଦେଶକ ପୁଷଣ ଶର୍ମା କହିଛନ୍ତି ଯେ ନିକଟ ଭବିଷ୍ୟତରେ, ଟମାଟୋ ମୂଲ୍ୟର ଉଚ୍ଚ ଆଧାର ଯୋଗୁଁ ଥାଳି ମୂଲ୍ୟ ବର୍ଷସାରା କମ୍ ରହିବ ବୋଲି ଆଶା କରାଯାଉଛି। ଡାଲିର ଆନୁମାନିକ ଅଧିକ ଉତ୍ପାଦନ ମଧ୍ୟ ମୂଲ୍ୟକୁ କମ କରିବାର ସମ୍ଭାବନା ଅଛି। ତଥାପି, ଶର୍ମା କହିଛନ୍ତି ଯେ ଆଳୁ ଏବଂ ପିଆଜ ମୂଲ୍ୟ ଆଗକୁ ସ୍ଥିର ରହିବା ଆଶା କରାଯାଉଥିବାରୁ ଏହି ହ୍ରାସ ସୀମିତ ହୋଇପାରେ। ରିପୋର୍ଟରେ କୁହାଯାଇଛି ଯେ ଟମାଟୋ, ପିଆଜ ଏବଂ ଆଳୁର ମୂଲ୍ୟରେ ତୀବ୍ର ହ୍ରାସ ଯୋଗୁଁ ନିରାମିଷ ଥାଳିର ମୂଲ୍ୟ ହ୍ରାସ ପାଇଛି। ଏହାବ୍ୟତୀତ, ଗତ ବର୍ଷର ସମାନ ସମୟ ତୁଳନାରେ ଉତ୍ପାଦନ ଏବଂ ଷ୍ଟକ୍ ସ୍ତର ଅଧିକ ଥିବାରୁ ଡାଲିର ମୂଲ୍ୟ ବର୍ଷସାରା ୧୪ ପ୍ରତିଶତ ହ୍ରାସ ପାଇଛି ଏବଂ ଚାଉଳର ମୂଲ୍ୟ ମଧ୍ୟ ଚାରି ପ୍ରତିଶତ ହ୍ରାସ ପାଇଛି।

### କ୍ୟାବିନେଟ୍ ନିଷ୍ପତ୍ତି

● ଘରୋଇ ଏଲପିଜି ବାବଦ କ୍ଷତି ଭରଣା

## ତୈଳବିପଣନ କମ୍ପାନୀଙ୍କୁ ମିଳିବ ୩୦ ହଜାର କୋଟି

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଘରୋଇ ଏଲପିଜି ବିକ୍ରିରେ ହୋଇଥିବା କ୍ଷତି ପାଇଁ ଦେଶର ୩ଟି ରାଷ୍ଟ୍ରାୟତ୍ତ ତୈଳ ବିପଣନ କମ୍ପାନୀ (ଆଇଓସିଏଲ, ବିପିସିଏଲ ଏବଂ ଏଚପିସିଏଲ)କୁ ୩୦ ହଜାର କୋଟି ଟଙ୍କା ଦେବେ କେନ୍ଦ୍ର ସରକାର। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟ ବୈଠକରେ ଏ ସମ୍ପର୍କରେ ନିଷ୍ପତ୍ତି ନିଆଯାଇଛି। ପେଟ୍ରୋଲିୟମ ଏବଂ ପ୍ରାକୃତିକ ଗ୍ୟାସ ମନ୍ତ୍ରଣାଳୟ ଏହି କ୍ଷତିପୂରଣ ଅର୍ଥ ରାଶିକୁ ତୈଳ ବିପଣନ କମ୍ପାନୀଗୁଡ଼ିକ ମଧ୍ୟରେ ବିତରଣ କରିବ। କ୍ଷତିପୂରଣ ୧୨ଟି ପର୍ଯ୍ୟାୟରେ ପ୍ରଦାନ କରାଯିବ। ରାଷ୍ଟ୍ରାୟତ୍ତ ତୈଳ ବିପଣନ କମ୍ପାନୀ ଆଇଓସିଏଲ, ବିପିସିଏଲ ଏବଂ ଏଚପିସିଏଲ ନିୟନ୍ତ୍ରିତ ମୂଲ୍ୟରେ ଉପଭୋକ୍ତାମାନଙ୍କୁ ଘରୋଇ ଏଲପିଜି ସିଲିଣ୍ଡର ଯୋଗାଇ ଦିଅନ୍ତି। ୨୦୨୪-୨୫ରେ ଏଲପିଜିର ଅନ୍ତର୍ଜାତୀୟ ମୂଲ୍ୟ ଉଚ୍ଚ ସ୍ତରରେ ରହିଥିଲା ଏବଂ ବର୍ତ୍ତମାନ ମଧ୍ୟ ଏହା ଉଚ୍ଚ ରହିଛି। ତଥାପି, ଅନ୍ତର୍ଜାତୀୟ ଏଲପିଜି ମୂଲ୍ୟରେ ଅସ୍ଥିରତାରୁ ଉପଭୋକ୍ତାମାନଙ୍କୁ ରକ୍ଷା କରିବା ପାଇଁ ମୂଲ୍ୟ ବୃଦ୍ଧିର ପ୍ରଭାବ ଘରୋଇ ଏଲପିଜିର ଉପଭୋକ୍ତାଙ୍କ ଉପରେ ପଡ଼ିବାକୁ ଦିଆଯାଇ ନ ଥିଲା।

## ଉଜ୍ଜ୍ୱଳା ହିତାଧିକାରୀଙ୍କୁ ୩୦୦ ଟଙ୍କାର ସବ୍‌ସିଡି

**ତେଲ କମ୍ପାନୀଙ୍କୁ ସରକାର ଦେବେ ୩୦୦ କୋଟି**

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ୨୦୨୫-୨୬ ଆର୍ଥିକବର୍ଷରେ ପ୍ରଧାନମନ୍ତ୍ରୀ ଉଜ୍ଜ୍ୱଳା ଯୋଜନାର ହିତାଧିକାରୀଙ୍କ ପାଇଁ ସବ୍‌ସିଡି ସୁବିଧା ଜାରି ରହିବ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ କେନ୍ଦ୍ର କ୍ୟାବିନେଟ ବୈଠକରେ ଆଜି ଏହି ପ୍ରସ୍ତାବକୁ ମଞ୍ଜୁରୀ ମିଳିଛି। ଏହି ଯୋଜନାରେ ହିତାଧିକାରୀଙ୍କୁ ୧୪.୨ କିଲୋଗ୍ରାମ ସିଲିଣ୍ଡର ପିଛା ୩୦୦ ଟଙ୍କାର ସବ୍‌ସିଡି ପ୍ରଦାନ କରାଯାଇଥାଏ। ଜଣେ ହିତାଧିକାରୀ ବାର୍ଷିକ ୯ଟି ସିଲିଣ୍ଡର ପର୍ଯ୍ୟନ୍ତ ଏହି ସବସିଡି ପାଇପାରିବେ। ସାରା ଦେଶରେ ଗରିବ ପରିବାରର ମହିଳାମାନଙ୍କୁ ମାଗଣା ଏଲପିଜି ସଂଯୋଗ ଦେବାର ଲକ୍ଷ୍ୟ ନେଇ ୨୦୧୬ ମେ' ମାସରେ ପ୍ରଧାନମନ୍ତ୍ରୀ ଉଜ୍ଜ୍ୱଳା ଯୋଜନା (ପିଏମୟୁୱାଇ)ର ଶୁଭାରମ୍ଭ କରାଯାଇଥିଲା। ଜୁଲାଇ ପହିଲା ୨୦୨୫ ସୁଦ୍ଧା ଏହି ଯୋଜନାର ମୋଟ୍ ୧୦.୩୩ କୋଟି ହିତାଧିକାରୀ ରହିଛନ୍ତି।

### ଜାତୀୟ ହସ୍ତତନ୍ତ ଦିବସ ଓ ରକ୍ଷା ବନ୍ଧନ

## ଅରୁନ୍ଧତୀ ଗ୍ରୁପ ତରଫରୁ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

ଭୁବନେଶ୍ୱର,୮।୮ (ସମିସ)



ଅରୁନ୍ଧତୀ ବାନ୍ଧକଳା ପକ୍ଷରୁ ଜାତୀୟ ହସ୍ତତନ୍ତ ଦିବସ ଓ ରକ୍ଷାବନ୍ଧନ ଉପଲକ୍ଷେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଏହାର ଭୁବନେଶ୍ୱର ଶାଖାଠାରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଏନ୍‌ଆଇଏଫ୍‌ଟି ନିର୍ଦ୍ଦେଶକ ରାଜେଶ ଝା ମୁଖ୍ୟ ଅତିଥି,ବିଶିଷ୍ଟ ସମାଜସେବୀ ମୀରା ପରିଡା ଓ ଅନୁଶ୍ରୀ ଦାଶ ସମ୍ମାନିତ ଅତିଥ୍ୟ ଭାବେ ଯୋଗଦେଇଥିଲେ। ଏହି ଅବସରରେ ଅତିଥିମାନେ ଅରୁନ୍ଧତୀ ବାନ୍ଧକଳା ଜନପଥଠାରେ ନୂଆ ହସ୍ତତନ୍ତ ମେସିନକୁ ଉନ୍ମୋଚନ କରିବା ସହ ବସ୍ତ୍ରବୁଣା ପଦ୍ଧତିକୁ ଅବଲୋକନ କରି ଉପସ୍ଥିତ ବୁଣାକାରମାନଙ୍କ ସହ ବିଚାରବିମର୍ଶ କରିଥିଲେ।

ସମାନ୍ତରାଳ ଭାବେ ଅରୁନ୍ଧତୀ ଜୁଏଲର୍ସ ତରଫରୁ ପ୍ରାକୃତିକ ହୀରାଗହଣାକୁ ନେଇ ଏକ ନୂତନ ସାଧରଣୀକରଣ 'ମାଇଁ ଷ୍ଟୋରୀ ମାଇଁ ଡାଏମଣ୍ଡସ୍' କୁ ଏହି ଅବସରରେ ଉନ୍ମୋଚନ କରାଯାଇଥିଲା। ଏହା ମାଧ୍ୟମରେ ଗ୍ରାହକଙ୍କ ନିମନ୍ତେ ପ୍ରସ୍ତୁତ ସ୍ବତନ୍ତ୍ର ୧୦୦୦ରୁ ଉର୍ଦ୍ଧ୍ୱ ହୀରାଗହଣାର ଡିଜାଇନ ଅରୁନ୍ଧତୀର ସମସ୍ତ ଶାଖାମାନଙ୍କରେ ଆକର୍ଷଣୀୟ ଅଫର ମାଧ୍ୟମରେ ଉପଲବ୍ଧ କରାଯାଇଛି ଅରୁନ୍ଧତୀର ସମସ୍ତ ଶାଖାରେ ଉପଲବ୍ଧ ଡାଏମଣ୍ଡ ଚେକିଂ ମେସିନ୍ ମାଧ୍ୟମରେ ଗ୍ରାହକମାନେ ହୀରାର ମାନକୁ ପରୀକ୍ଷଣ କରାଇପାରିବା ସହ ପ୍ରକୃତ ହୀରା ବିଷୟରେ ଜାଣି ପାରିବେ, ଯାହା ହୀରାଗହଣା କ୍ରୟ କ୍ଷେତ୍ରରେ ଏକ ଆଧୁନିକ ବିଶ୍ୱାସଭରା ସେବା ଯୋଗାଇଦେଇପାରିବ। ଏହି ଅବସରରେ ଅରୁନ୍ଧତୀ ଗ୍ରୁପର ପରିଚାଳନା ନିର୍ଦ୍ଦେଶକ ବ୍ରହ୍ମାନନ୍ଦ ମେହେର ଉପସ୍ଥିତ ଅତିଥିମାନଙ୍କୁ ସାଧୁବାଦ ଜଣାଇବା ସହ ନିଜ ଅଭିଭାଷଣରେ ଅରୁନ୍ଧତୀ ବାନ୍ଧକଳା, ଓଡିଶା ହସ୍ତତନ୍ତ ଓ ବୁଣାକାର ସମ୍ପ୍ରଦାୟର ସମନ୍ୱିତ ବିକାଶ ଦିଗରେ କାର୍ଯ୍ୟ କରିବା ସହ ଗ୍ରାହକମାନଙ୍କ ନିମନ୍ତେ ସମସ୍ତ ପ୍ରକାର ସମ୍ବଲପୁରୀ ହାଣ୍ଡଲୁମ ସୁଲଭ ମୂଲ୍ୟରେ ଯୋଗାଇଦେବା ସମ୍ବନ୍ଧରେ ପ୍ରକାଶ କରିଥିଲେ। ଉଲ୍ଲେଖଯୋଗ୍ୟ ବର୍ତ୍ତମାନର ବନ୍ଧନ ଅଫରରେ ଅରୁନ୍ଧତୀ ଦ୍ୱାରା ସମ୍ବଲପୁରୀ ବାନ୍ଧକଳାରେ ପ୍ରସ୍ତୁତ ସ୍ୱତନ୍ତ୍ର ହାଣ୍ଡଲୁମ ଉପରେ ଫ୍ଲାଟ ୧୫% + ୫% ର ପ୍ରିଭିଲେଜ୍ ଡିସ୍‌କାଉଣ୍ଟ ରହିଛି। ସେହିଭଳି ଉଲ୍ଲେଖ୍ ଅଫରରେ ବନ୍ଧନ ଲଞ୍ଚ କରାଯାଇଛି, ଯେଉଁଥିରେ ଜିରୋ ପେମେଣ୍ଟରେ କ୍ରୟ ଯୋଜନା ଖୋଲିପାରିବାର ସୁଯୋଗ ପ୍ରଦାନ କରାଯାଉଛି। ହୀରାଗହଣାର ପ୍ରତି କ୍ୟାରେଟ ହୀରାମୂଲ୍ୟରେ ୨୦,୦୦୦ ଟଙ୍କା ଫ୍ଲାଟ୍ ରିଆତି ସହ ମାଗଣା ସୁନା କଏନ୍ ପ୍ରଦାନ କରାଯାଉଛି। ଏହାସହିତ ପ୍ରିମିୟମ୍ ରେଞ୍ଜର ସୁନାଗହଣାର ଗଢ଼ାମଜୁରୀରେ ଫ୍ଲାଟ ୫୦% ରିଆତି ଭଳି ଆକର୍ଷଣୀୟ ଅଫର ସୀମିତ ଅବଧି ପାଇଁ ଉପଲବ୍ଧ।

## ମାଲାବାର ଗୋଲ୍ଡ ପକ୍ଷରୁ 'ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ'




ଭୁବନେଶ୍ୱର,୮।୮ (ସମିସ)

ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍ ପକ୍ଷରୁ ଏହାର ଭୁବନେଶ୍ୱର ସହିଦ ନଗରସ୍ଥିତ ଶୋ'ରୁମ୍‌ଠାରେ ଏକ' ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ' ଅନୁଷ୍ଠିତ ହୋଇଯାଇଛି। ଏହି ପ୍ରଦର୍ଶନୀକୁ ମୁଖ୍ୟ ଅତିଥି ଭାବେ ମିସେସ୍ ଗ୍ରାଣ୍ଡ ଇଣ୍ଟର ନ୍ୟାସନାଲ ୨୦୨୩-୨୪ ଡକ୍ଟର ସାଇପ୍ରସନ୍ନ ବେହେରା ଉଦଘାଟନ କରିଛନ୍ତି। ଏହି ଅବସରରେ ମାଲାବାର ଗୋଲ୍ଡ ଆଣ୍ଡ ଡାଇମଣ୍ଡସ୍‌ର ପରିଚାଳନାଟିମ୍, ବିଶିଷ୍ଟ ଅତିଥି ଏବଂ ଶୁଭେଚ୍ଛୁଙ୍କ ଉପସ୍ଥିତିରେ ଉଦଘାଟନ କରିଛନ୍ତି। ଏହି ' ଏକ୍ସକ୍ଲୁଶିଭ୍ ବ୍ରାଣ୍ଡେଡ୍ ଜୁଏଲାରୀ' ଶୋ' ହେଉଛି ସୁନା, ମାଇନ୍ ଡାଏମଣ୍ଡ, ଅନ୍‌କଟ୍ ହୀରା ଏବଂ ମୂଲ୍ୟବାନ ରତ୍ନ ପଥର ଅଳଙ୍କାରର ଏକ ସ୍ୱତନ୍ତ୍ର ପ୍ରଦର୍ଶନୀ ଏବଂ ବିକ୍ରି। ଏଥିରେ ପ୍ରଦର୍ଶନ ହେବାକୁ ଥିବା କାଳଜୟୀ ସୌନ୍ଦର୍ଯ୍ୟ ଥିବା ବୈଶିଷ୍ଟ୍ୟଯୁକ୍ତ ଅଳଙ୍କାରଗୁଡ଼ିକ ହେଉଛି ମାଷ୍ଟର କାରିଗରଙ୍କର ସୃଷ୍ଟି। ଏହି ଅଳଙ୍କାରଗୁଡ଼ିକ ସେମାନଙ୍କର ବିଶେଷଜ୍ଞତା ଏବଂ ଚତୁର ଦକ୍ଷତାର ଉଜ୍ଜ୍ୱଳ ଉଦାହରଣ। ଏଥିରେ ମାଇନ୍-ଡାଇମଣ୍ଡସ୍,ଏରା- ଅନ୍‌କଟ୍ ହୀରା ଅଳଙ୍କାର, ପ୍ରିସିଆ - ମୂଲ୍ୟବାନ ରତ୍ନ ଅଳଙ୍କାରର ସ୍ୱତନ୍ତ୍ର ବ୍ରାଣ୍ଡଗୁଡ଼ିକ ପ୍ରଦର୍ଶିତ ହୋଇଛି। ଏହି ଶୋ' ଅଗଷ୍ଟ ୮ରୁ ୧୭ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ସମୟରେ ଗ୍ରାହକମାନେ ସମସ୍ତ ସୁନା, ଅନ୍‌କଟ୍ ଏବଂ ରତ୍ନପଥର ଉପରେ ଫ୍ଲାଟ୍ ୩୦% ଅଫର ପାଇପାରିବେ। ସେହିପରି ହୀରା ମୂଲ୍ୟ ଉପରେ ୩୦% ପର୍ଯ୍ୟନ୍ତ ରିଆତି ରହିଛି।

## ଏପିବି ଇଣ୍ଟରନ୍ୟାସନାଲ ସ୍କୁଲରେ ନିଃଶୁଳ୍କ ସ୍ୱାସ୍ଥ୍ୟ ଶିବିର

କଟକ,୮।୮ (ସମିସ)




ବିଦ୍ୟାଳୟରେ ଅଧ୍ୟୟନ ସାଙ୍ଗକୁ ଛାତ୍ର ଛାତ୍ରୀମାନଙ୍କ ସ୍ୱାସ୍ଥ୍ୟର ଯତ୍ନ ନେବା ହେଉଛି ଶିକ୍ଷକ ଶିକ୍ଷୟତ୍ରୀମାନଙ୍କ ଦାୟିତ୍ୱ। ଏହା ଦାୟିତ୍ୱକୁ ପ୍ରାଧାନ୍ୟ ଦେଇ ଆସୁଛି ସିଡିଏ ସେକ୍ଟର-୭ ସ୍ଥିତ ଏପିବି ଇଣ୍ଟରନ୍ୟାସନାଲ ସ୍କୁଲ। ଏହି ପରିପ୍ରେକ୍ଷୀରେ ବିଦ୍ୟାଳୟର ନିଜସ୍ୱ ପରିସରରେ ରୋଟାରୀ କ୍ଲବ ସହଯୋଗରେ ଛାତ୍ର ଛାତ୍ରୀମାନଙ୍କର ନିଃଶୁଳ୍କ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର ଆୟୋଜିତ ହୋଇଥିଲା। କଟକର ବିଶେଷଜ୍ଞ ଚିକିତ୍ସକମାନେ ଶିବିରରେ ଯୋଗ ଦେଇ ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ସହ ଆବଶ୍ୟକୀୟ ଚିକିତ୍ସା ନିମନ୍ତେ ବିଦ୍ୟାର୍ଥୀ ମାନଙ୍କୁ ପରାମର୍ଶ ଦେଇଥିଲେ। ବିଦ୍ୟାଳୟର ଛାତ୍ରଛାତ୍ରୀଙ୍କ କାନ, ନାକ, ଦାନ୍ତ ଓ ଚକ୍ଷୁ ପରୀକ୍ଷା କରାଯାଇଥିଲା। ପ୍ରଧାନ ଶିକ୍ଷୟିତ୍ରୀ ଚୌଧୁରୀ ପ୍ରଜ୍ଞା ମିଶ୍ରଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ଶିବିର ଆୟୋଜିତ ହୋଇଥିଲା।

ରୋଟାରୀ କ୍ଲବର ସହଯୋଗ ପାଇଁ ସଭାପତି ଏବଂ କ୍ଲବର୍ ସଦସ୍ୟଙ୍କୁ ପ୍ରଧାନ ଶିକ୍ଷୟିତ୍ରୀ ଶ୍ରୀମତୀ ମିଶ୍ର କୃତଜ୍ଞତା ଜଣାଇଥିଲେ । ସ୍କୁଲର ଏଭଳି ପ୍ରୟାସକୁ ଅଭିଭାବକ ମହଲରୁ ପ୍ରଶଂସା କରାଯାଇଛି।

## ମାନସିକ ସ୍ୱାସ୍ଥ୍ୟ ସମ୍ପର୍କିତ ରାଜ୍ୟସ୍ତରୀୟ କର୍ମଶାଳା

ଭୁବନେଶ୍ୱର,୮ ।୮ (ସମିସ): ମାନସିକ ସ୍ୱାସ୍ଥ୍ୟ ସମ୍ପର୍କିତ ରାଜ୍ୟସ୍ତରୀୟ କର୍ମଶାଳା ଏବଂ ବିକାଶ କାର୍ଯ୍ୟକ୍ରମ ସ୍ୱାସ୍ଥ୍ୟ ବିଭାଗ ଓ ବାଙ୍ଗାଲୋରର ବେସିକ୍ ନିଡ୍‌ସ ଇଣ୍ଡିଆର ମିଳିତ ପ୍ରୟାସରେ ଅନୁଷ୍ଠିତ ହୋଇଯାଇଛି। ସମ୍ମିଳନୀର ମୁଖ୍ୟ ଅତିଥି ଡାକ୍ତର ମୁକେଶ ମହାଲିଙ୍ଗ କହିଥିଲେ, ମନୁଷ୍ୟ ଅଧିକ ଦିନ ଧରି ମାନସିକ ଚାପରେ ରହିଲେ, ତାହା ମାନସିକ ଅସୁସ୍ଥତା ଆଡ଼କୁ ଗତି କରିଥାଏ। ଏହାର ସଠିକ୍ ପରିଚାଳନା କରିବାକୁ ହେଲେ ଚାପରେ ରହୁଥିବା ସମୟରେ ବ୍ୟବହାରରେ ସକରାତ୍ମକ ଚିନ୍ତା ଆଣିବାକୁ ପଡ଼ିବ। ମାନସିକ ସ୍ୱାସ୍ଥ୍ୟର ଗୁରୁତ୍ୱ ବିଷୟରେ ଲୋକଙ୍କୁ ସଚେତନ କରିବା ସହ ମାନସିକ ବିକାର, ଛୋଟ ପିଲାଙ୍କ ମାନସିକ ଚାପକୁ କିପରି ନିୟନ୍ତ୍ରଣ କରିହେବ ସେ ସମ୍ପର୍କରେ ବିସ୍ତୃତ ଆଲୋଚନା ହୋଇଥିଲା। ବଲାଙ୍ଗିର, ବରଗଡ଼, ଅନୁଗୋଳ, ସୁବର୍ଣ୍ଣପୁର ଏବଂ କନ୍ଧମାଳ ଜିଲ୍ଲାରୁ ଆସିଥିବା ମାନସିକ ରୋଗ ଏବଂ ମାନସିକ ବିଷାଦରୁ ମୁକ୍ତ ହୋଇଥିବା ବ୍ୟକ୍ତିବିଶେଷ ଏ ବାବଦରେ ବୁଝାଇବା ସହ ସେଥିରୁ ମୁକୁଳିବା ପାଇଁ ନିଜର ଚିନ୍ତାଧାରାକୁ ସକାରାତ୍ମକ କରିବା ଏବଂ ମନ ଭିତରକୁ ପ୍ରବେଶ କରୁଥିବା ନକାରାତ୍ମକ ଚିନ୍ତାଧାରାକୁ ଦୂରେଇ ମାନସିକ ଚାପରୁ ମୁକୁଳିବାର ଉପାୟମାନ ପ୍ରଦାନ କରଯାଇଥିଲା। ବୈଠକରେ ସ୍ୱତନ୍ତ୍ର ସଚିବ ଡା. ଜିତେନ୍ଦ୍ର ମୋହନ ବେବୋର୍ଥା, ଅବସରପ୍ରାପ୍ତ ପ୍ରଶାସନିକ ଅଧିକାରୀ ବ୍ରତାତି ହରିଚନ୍ଦନ, ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ଡା. ନୀଳକଣ୍ଠ ମିଶ୍ର, ସ୍ୱାସ୍ଥ୍ୟ ସେବା ନିର୍ଦ୍ଦେଶକ ଡା. ଅମରେନ୍ଦ୍ର ନାଥ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।

## ଓଡ଼ିଶା ବିଧାନସଭାର ନୂତନ ୱେବ୍‌ସାଇଟ୍ ଉନ୍ମୋଚିତ

ଭୁବନେଶ୍ୱର,୮।୮ (ସମିସ)

ଓଡ଼ିଶା ବିଧାନସଭାର ନୂତନ ୱେବ୍‌ସାଇଟ୍‌କୁ ଶୁକ୍ରବାର ବାଚସ୍ପତି ସୁରମା ପାଢ଼ୀ ଉନ୍ମୋଚନ କରିଛନ୍ତି। ଓଡ଼ିଶା ସରକାରଙ୍କ ଆଇଟି ଓ ଇଟି ବିଭାଗ ଏବଂ ଭାରତ ସରକାରଙ୍କ ଏନ୍‌ଆଇସିର ବୈଷୟିକ ପରାମର୍ଶରେ ବିକଶିତ ହୋଇଥିବା ଏହି ନୂତନ ୱେବ୍‌ସାଇଟ୍ ବିଧାନସଭା କାର୍ଯ୍ୟଧାରାକୁ ଜନସାଧାରଣଙ୍କ ପାଇଁ ଅଧିକ ସୁଗମ ଏବଂ ସ୍ୱଚ୍ଛ କରିବାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ। ଏହା ନାଗରିକମାନଙ୍କୁ ବିଧାନସଭାର କାର୍ଯ୍ୟକଳାପ, ନିଷ୍ପତ୍ତି ଏବଂ ପଦକ୍ଷେପ ବିଷୟରେ ସଠିକ୍ ଏବଂ ସବିଶେଷ ସୂଚନା ପ୍ରଦାନ କରିବ ବୋଲି ବାଚସ୍ପତି ଶ୍ରୀମତୀ ପାଢ଼ୀ ପ୍ରକାଶ କରିଛନ୍ତି।

ଆସନ୍ତା ୨୯ ଓ ୩୦ ତାରିଖ ଦୁଇଦିନ ଧରି ଭୁବନେଶ୍ୱରରେ ଜାତୀୟ ସ୍ତରର ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ କମିଟିର ଅଧ୍ୟକ୍ଷମାନଙ୍କ ସମ୍ମିଳନୀ ଆୟୋଜିତ ହେବ। ଉକ୍ତ ସମ୍ମିଳନୀରେ ଲୋକସଭାର ବାଚସ୍ପତି ଓ ରାଜ୍ୟସଭାର ଉପାଧ୍ୟକ୍ଷ ଏବଂ ସଂସଦର ଉଭୟ ଗୃହ ଓ ସମସ୍ତ ରାଜ୍ୟ ତଥା କେନ୍ଦ୍ର ଶାସିତ ଅଞ୍ଚଳର ଅନୁସୂଚିତ ଜାତି ଓ ଅନୁସୂଚିତ ଜନଜାତି କଲ୍ୟାଣ କମିଟିମାନଙ୍କର ଅଧ୍ୟକ୍ଷ ଓ ସଦସ୍ୟମାନେ ଯୋଗଦେବେ। ଅତିଥିମାନେ ଏହି ନୂତନ ୱେବ୍‌ସାଇଟ୍‌ରେ ପାର୍ଲାମେଣ୍ଟ ଦ୍ୱାରା ପ୍ରଦତ୍ତ ଲିଙ୍କ୍‌ରେ ରେଜିଷ୍ଟ୍ରେସନ୍ କରିବାର ସୁବିଧା ପାଇବେ ବୋଲି ବାଚସ୍ପତି କହିଛନ୍ତି। ଏହି ଅବସରରେ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶକ୍ତି ବିଭାଗର ପ୍ରମୁଖ ଶାସନ ସଚିବ ବିଶାଲ୍ ଦେବ, ବିଧାନସଭା ସଚିବ ସତ୍ୟବ୍ରତ ରାଉତ, ଓକାକ୍‌ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରଦୀପ ରାଉତ, ସଂସଦୀୟ ବ୍ୟାପାର ବିଭାଗର ଅତିରିକ୍ତ ସଚିବ ଦୁର୍ଗେଶ ନନ୍ଦିନୀ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

## ରାଇରଙ୍ଗପୁର ପୁଲିସ୍ ଜିଲ୍ଲା ପାଇଁ ୪୦ ପଦବୀ ସୃଷ୍ଟି

ରାଇରଙ୍ଗପୁର, ୮।୮ (ସମିସ): ନବଗଠିତ ରାଇରଙ୍ଗପୁର ପୁଲିସ୍ ଜିଲ୍ଲା ପାଇଁ ଗୃହ ବିଭାଗ ପକ୍ଷରୁ ଗତ ୬ ତାରିଖରେ ବିଧିବଦ୍ଧ ବିଜ୍ଞପ୍ତି ପ୍ରକାଶ ପାଇଛି। ମୟୂରଭଞ୍ଜରୁ ପୃଥକ କରାଯାଇ ରାଇରଙ୍ଗପୁର ପୁଲିସ ଜିଲ୍ଲା ଗଠନ ସହ ମୋଟ ୪୦ଟି ନୂତନ ପଦବୀ ସୃଷ୍ଟି କରାଯାଇଛି। ପୂର୍ବରୁ ରହିଥିବା ୨୦ଟି ପଦବୀର ପୁନଃବଣ୍ଟନ କରାଯିବ। ସମସ୍ତ ପଦବୀର ଦରମା ଏବଂ ଅନ୍ୟାନ୍ୟ ଭତ୍ତା ସରକାରଙ୍କ ଦ୍ୱାରା ଅନୁମୋଦିତ ହାରରେ ପ୍ରଯୁଜ୍ୟ ହେବ। ଏହି ୪୦ଟି ନୂତନ ପଦ ମଧ୍ୟରୁ ୭ଟି ଗ୍ରୁପ୍-ଡି ପଦବୀ ଯଥା ୨ଟି ରୋଷେୟା, ୨ଟି ଝାଡୁଦାର, ୧ଟି ନାପିତ ଏବଂ ୨ଟି ଧୋବା ପଦବୀ ଆଉଟସୋର୍ସିଂ ମାଧ୍ୟମରେ ପୂରଣ କରାଯିବ।

ବିଜ୍ଞପ୍ତି ଅନୁଯାୟୀ, ରାଇରଙ୍ଗପୁର ପୁଲିସ ଜିଲ୍ଲାକୁ ଦୁଇଟି ପୁଲିସ ଉପଖଣ୍ଡ ଭାବେ ରାଇରଙ୍ଗପୁର ଏବଂ କରଞ୍ଜିଆକୁ ବିଭକ୍ତ କରାଯାଇଛି। ଏହା ଅଧୀନରେ ୧୪ଟି ଥାନା ରହିବ। ରାଇରଙ୍ଗପୁର ପୁଲିସ୍ ଉପଖଣ୍ଡରେ ରାଇରଙ୍ଗପୁର, ରାଇରଙ୍ଗପୁର ଟାଉନ୍, ବାଦାମପାହାଡ଼, ଗୋରୁମାହିଷାଣୀ, ବିଶୋଇ, ତିରିଂ, ବହଳଦା ଏବଂ ଜାମଦା ଥାନା ରହିବ। ସେହିପରି କରଞ୍ଜିଆ ପୁଲିସ୍ ଉପଖଣ୍ଡରେ କରଞ୍ଜିଆ, ଠାକୁରମୁଣ୍ଡା, ମହୁଲଡିହା, ରରୁଁଆ, ଘାଘରବେଡା ଏବଂ ଯଶିପୁର ଥାନା ରହିବ।

### ଛାତ୍ରୀ ଓ ମହିଳା ସୁରକ୍ଷା ପ୍ରସଙ୍ଗ

## ରାଜ୍ୟବ୍ୟାପୀ ଆନ୍ଦୋଳନ ସଫଳ ହୋଇଛି: ଯୁବ ଓ ଛାତ୍ର ବିଜେଡି

ଭୁବନେଶ୍ୱର,୮।୮ (ସମିସ)

ରାଜ୍ୟର ବିଭିନ୍ନ ଅଞ୍ଚଳରେ ଘଟୁଥିବା ଛାତ୍ରୀ ଓ ମହିଳା ନିର୍ଯାତନା ଘଟଣା ପ୍ରତିବାଦରେ ବିଜୁ ଯୁବ ଓ ଛାତ୍ର ଜନତା ଦଳର ପୂର୍ବଘୋଷିତ କାର୍ଯ୍ୟକ୍ରମ ଆଧାରରେ ଅଗଷ୍ଟ ୧ରୁ ୮ ତାରିଖ ପର୍ଯ୍ୟନ୍ତ ରାଜ୍ୟବ୍ୟାପୀ ଆନ୍ଦୋଳନ ସଫଳ ହୋଇଛି ବୋଲି ବିଜେଡି କହିଛି। ଏହି ଅଭିଯାନର ଶେଷ ଦିନରେ ରାଜ୍ୟର ସମସ୍ତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟର ଛାତ୍ରଛାତ୍ରୀମାନେ ରାଜରାସ୍ତାକୁ ଓହ୍ଲାଇଥିଲେ। ଉପଯୁକ୍ତ ପୁଲିସ୍ କାର୍ଯ୍ୟାନୁଷ୍ଠାନ ଦାବିରେ ପୁଲିସ୍ ଡିଜିଙ୍କ ଉଦ୍ଦେଶ୍ୟରେ ନିକଟସ୍ଥ ଥାନା ଓ ଏସପି ଅଫିସରେ ସ୍ମାରକପତ୍ର ପ୍ରଦାନ କରିଥିଲେ। ବିଜେପି ସରକାରରେ ଗତ ୧୩ ମାସ ମଧ୍ୟରେ ରାଜ୍ୟରେ ଘଟିଥିବା ପ୍ରମୁଖ ଛାତ୍ରୀ ଓ ମହିଳା ନିର୍ଯାତନା ଘଟଣାମାନ କେବଳ ମହିଳାଙ୍କ ସୁରକ୍ଷା ଉପରେ ନୁହେଁ; ବରଂ ଆଇନ ଓ ଶାସନ ବ୍ୟବସ୍ଥା ଉପରେ ମଧ୍ୟ ପ୍ରଶ୍ନ ଉଠାଇଛି। ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀଙ୍କୁ ନ୍ୟାୟ ପ୍ରଦାନ, ଗୋପାଳପୁର ବିଚ୍‌ରେ କଲେଜ ଛାତ୍ରୀଙ୍କୁ ଗଣଦୁଷ୍କର୍ମ, ପୁରୀ ଜିଲ୍ଲା ବଳଙ୍ଗାରେ ନାବାଳିକାକୁ ଜିଅନ୍ତା ଜାଳି ଦିଆଯିବା ସହ ରାଜ୍ୟର ବିଭିନ୍ନ ଅଞ୍ଚଳରେ ଘଟୁଥିବା ଛାତ୍ରୀ ଓ ମହିଳା ବିରୋଧୀ ଘଟଣାର ପ୍ରତିବାଦରେ ବିଜୁ ଯୁବ ଓ ଛାତ୍ର ଜନତା ଦଳ ପକ୍ଷରୁ ଡକରା ଦିଆଯାଇଥିବା ଏହି ଆନ୍ଦୋଳନକୁ ବିପୁଳ ସମର୍ଥନ ମିଳିଛି। ସମସ୍ତ କ୍ୟାମ୍ପସର ଛାତ୍ରଛାତ୍ରୀଙ୍କ ସହିତ ସଂଗଠନର ରାଜ୍ୟ କର୍ମକର୍ତ୍ତା ଏବଂ ଜିଲ୍ଲା କର୍ମକର୍ତ୍ତାଙ୍କ ଅକ୍ଳାନ୍ତ ପରିଶ୍ରମରେ ଆନ୍ଦୋଳନ ସଫଳ ହୋଇଥିବାରୁ ସମସ୍ତଙ୍କୁ ଦଳର ବରିଷ୍ଠ ସାଧାରଣ ସମ୍ପାଦକ ତଥା ବିଧାୟକ ବ୍ୟୋମକେଶ ରାୟ ଓ ବିଧାୟକ ଦେବୀ ରଂଜନ ତ୍ରିପାଠୀ ଧନ୍ୟବାଦ ଜଣାଇଛନ୍ତି।

## ଆଜିର ରାଶିଫଳ

**ମେଷ:** ସନ୍ତାନଙ୍କ ପ୍ରଗତିରେ ଅଭିଭାବକ ଖୁସି ହେବେ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନୂତନ ଜମି କ୍ରୟ କରିପାରନ୍ତି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ବୃଷ:** ଅଟକି ରହିଥିବା କାର୍ଯ୍ୟ ପୂରା ହୋଇପାରେ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ବହୁତ ଭଲ। ବିଦ୍ୟାର୍ଥୀମାନେ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ମହିଳାମାନେ ପୂଜାର୍ଚ୍ଚନାରେ ବ୍ୟସ୍ତ ରହିବେ।

**ମିଥୁନ:** କୌଣସି କ୍ଷେତ୍ରରୁ ଆଘାତ ପାଇପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ବିଦ୍ୟାର୍ଥୀମାନେ ପ୍ରତିଯୋଗିତାମୂଳକ ପରୀକ୍ଷାରେ ଭଲ ପ୍ରଦର୍ଶନ କରିବେ। ପଡୋଶୀଙ୍କ ସହ ସୁସମ୍ପର୍କ ରହିବ।

**ସିଂହ:** ଶତ୍ରୁଙ୍କୁ ଦୁର୍ବଳ ମନେ କରନ୍ତୁନି। ଅଟକି ଥିବା କାର୍ଯ୍ୟ ସମାପନ ହେବ। ବିଦ୍ୟାର୍ଥୀମାନେ ଖେଳମନସ୍କ ହେବେ। ବ୍ୟବସାୟ ଦୃଷ୍ଟିରୁ ଦିନଟି ବହୁତ ଭଲ। ମହିଳାମାନେ ଘରକାର୍ଯ୍ୟରେ ବ୍ୟସ୍ତ ରହିବେ।

**କର୍କଟ:** ଜୀବନସାଥୀଙ୍କ ସାନ୍ନିଧ ମିଳିବ। ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି। ପରିବାରବର୍ଗଙ୍କ ସହ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ସକାରାତ୍ମକ ଚିନ୍ତାଧାରା ନେଇ ଆଗକୁ ବଢ଼ିବେ।

**କନ୍ୟା:** ପ୍ରେମ ବ୍ୟାପାରରେ ସମସ୍ୟା ଦେଖାଦେବ। ଗୁରୁଜନଙ୍କ ପରାମର୍ଶ ନେଇ ନୂତନ କାର୍ଯ୍ୟରେ ଯୋଗ ଦିଅନ୍ତୁ। ପିଲାମାନେ ଖେଳକୁଦରେ ସମୟ ବିତାଇବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ତୁଳା:** ଭୂମି, ଯାନବାହନ କିଣିବାର ଅଧିକ ସମ୍ଭାବନା ରହିଛି। ଅଭିଭାବକମାନେ ସନ୍ତାନଙ୍କ କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପ୍ରତିକୂଳ ପରିସ୍ଥିତିରେ ଧୈର୍ଯ୍ୟହରା ହୁଅନ୍ତୁନି।

**ବିଛା:** ସ୍ୱାସ୍ଥ୍ୟ ଭଲ ରହିବ। ସନ୍ତାନଙ୍କ ଖୁସିରେ ଖୁସି ହେବେ। ଅଚାନକ ଖୁସି ଖବର ମିଳିବ। ବିଦ୍ୟାର୍ଥୀ ପରୀକ୍ଷାରେ କୃତକାର୍ଯ୍ୟ ହେବ। ମହିଳାମାନଙ୍କୁ ମୁଖ୍ୟ ଦାୟିତ୍ୱ ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ଧନୁ:** ସୃଜନାଶୀଳତା ବୃଦ୍ଧି ପାଇବ। ଅଧିକ ଖର୍ଚ୍ଚାନ୍ତ ହେବେ। ପ୍ରେମ ବ୍ୟାପାରରେ ସଫଳ ହେବେ।ସନ୍ତାନଙ୍କ କ୍ୟାରିୟରକୁ ନେଇ ଅଭିଭାବକ ଚିନ୍ତାରେ ରହିବେ। ସାମାଜିକ କାର୍ଯ୍ୟରେ ସାମିଲ ରହିବେ।

**ମକର:** ସରକାରୀ ଚାକିରିଆଙ୍କ ପାଇଁ ଆଜି ଦିନଟି ବହୁତ ଭଲ। ବନ୍ଧୁଙ୍କ ସହିତ ମନୋରଞ୍ଜନ କରିବେ। ପିଲାମାନେ ପଢ଼ାପ୍ରତି ଅଧିକ ଧ୍ୟାନ ଦେବେ। ପୁରୁଣା ନିବେଶରୁ ଲାଭ ମିଳିବ।

**କୁମ୍ଭ:** ଅଚାନକ ମନ ଭିତରେ ପରିବର୍ତ୍ତନ ଆସିବ। ଆର୍ଥିକ ସମସ୍ୟା ରହିବନି। ଭଗବାନଙ୍କ ପୂଜାର୍ଚ୍ଚନା କରନ୍ତୁ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂଆ ବ୍ୟବସାୟ ଆରମ୍ଭ କରିପାରନ୍ତି।

**ମୀନ:** ଜମି କିଣାବିକା ଯୋଗ ରହିଛି। ଅଧିକ ଲାଭ ପାଇବା ଆଶାରେ ଭୁଲ୍ କରନ୍ତୁନି। ମହିଳାମାନେ ଘର କାମରେ ବ୍ୟସ୍ତ ରହିବେ। ପ୍ରେମିକା-ପ୍ରେମିକଙ୍କ ପାଇଁ ଦିନଟି ଭଲ।

## ଆଜିର ଇତିହାସ

- ୧୮୩୧- ଆମେରିକାରେ ପ୍ରଥମ ଥର ବାଷ୍ପଚାଳିତ ଇଞ୍ଜିନ୍ ଚାଲିଲା।
- ୧୮୯୨- ଥୋମାସ୍ ଆଲ୍‌ଭା ଏଡିସନ୍ ଟୁ ୱେ ଟେଲିଗ୍ରାଫକୁ ପେଟେଣ୍ଟ କରାଇଲେ।
- ୧୯୪୫- ଆମେରିକା ଜାପାନର ନାଗାସାକି ସହର ଉପରେ ଦ୍ୱିତୀୟ ପରମାଣୁ ବୋମା ପକାଇଲା।
- ୨୦୧୯ - ଉତ୍ତର ପ୍ରଦେଶରେ ଗୋଟିଏ ଦିନରେ ୨୨୦ ମିଲିଅନ୍ ଗଛ ଲଗାଗଲା।


## ଅଗଷ୍ଟ କ୍ରାନ୍ତି ଦିବସ



ଆଜି ଅଗଷ୍ଟ କ୍ରାନ୍ତି ଦିବସ। ଭାରତର ସ୍ୱାଧୀନତା ଆନ୍ଦୋଳନ ଇତିହାସରେ ଏକ ଗୁରୁତ୍ୱପୂର୍ଣ୍ଣ ଦିନ। ୧୯୪୨ ଅଗଷ୍ଟ ୯ ତାରିଖରେ ପରାଧୀନ ଭାରତକୁ ବ୍ରିଟିଶ ଶାସନରୁ ମୁକ୍ତ କରିବା ପାଇଁ ଏହି ଦିନ ଭାରତଛାଡ଼ ଆନ୍ଦୋଳନର ମୂଳଦୁଆ ପକାଇ ଥିଲେ ଜାତିର ପିତା ମହାତ୍ମା ଗାନ୍ଧୀ। ଏହାପରେ ଭାରତବାସୀ ଏକଜୁଟ୍ ହୋଇ ବ୍ରିଟିଶମାନଙ୍କ ବିରୋଧରେ ଲଢ଼େଇ କରିଥିଲେ। ଫଳରେ ବ୍ରିଟିଶ ସରକାର ଦେଶ ଛାଡ଼ିବାକୁ ବାଧ ହୋଇଥିଲେ। ଦ୍ୱିତୀୟ ବିଶ୍ୱଯୁଦ୍ଧ ସମୟରେ ଭାରତର ସହାୟତା ବଦଳରେ ଇଂରେଜମାନେ ଭାରତକୁ ମୁକ୍ତ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ ମଧ ପରବର୍ତ୍ତୀ ସମୟରେ ନିଜ କଥାରୁ ଓହରି ଯାଇଥିଲେ। ଯାହା ଫଳରେ ଇଂରେଜଙ୍କ ଠାରୁ ସ୍ୱାଧୀନତା ଛଡ଼ାଇ ଆଣିବା ଲାଗି ୧୯୪୨ ଅଗଷ୍ଟ ୮ ରେ ଭାରତୀୟ ଜାତୀୟ କଂଗ୍ରେସ ଇଂରେଜ ସରକାର ବିରୋଧରେ ଭାରତ ଛାଡ଼ ଆନ୍ଦୋଳନର ଡାକରା ଦେଇଥିଲା। ମହାତ୍ମା ଗାନ୍ଧୀଙ୍କ ନେତୃତ୍ୱରେ କଂଗ୍ରେସ କମିଟି ତାହାର ବମ୍ବେ ଅଧିବେଶନରେ ଏହି ନିର୍ଣ୍ଣାୟକ ଆନ୍ଦୋଳନ ପାଇଁ ସଂକଳ୍ପ ପାରିତ କରିଥିଲା। ଆନ୍ଦୋଳନ ଆରମ୍ଭ ପୂର୍ବରୁ ଗାନ୍ଧୀଙ୍କ ସମେତ କଂଗ୍ରେସର ସମସ୍ତ ପ୍ରମୁଖ ନେତାଙ୍କୁ ଗିରଫ କରି ନିଆଯାଇଥିଲା। ଏହାପରେ ଇଂରେଜମାନେ ଗାନ୍ଧିଜୀଙ୍କୁ ପୁନେର ଆଗା ଖାଁ ପ୍ୟାଲେସରେ ବନ୍ଦୀ କରି ରଖିଥିଲେ। ଅବଶ୍ୟ ଗାନ୍ଧିଜୀ ଅହିଂସା ଭାବେ ଏହି ଆନ୍ଦୋଳନର ଡାକରା ଦେଇଥିଲେ। ମାତ୍ର ଆନ୍ଦୋଳନ ସମୟରେ ଅନେକ ସ୍ଥାନରେ ହିଂସା, ଦଙ୍ଗା ଆଦି ଦେଖିବାକୁ ମିଳିଥିଲା। ଦେଶରେ ଧନଜୀବନ ନଷ୍ଟ ହେଲା। ଆନ୍ଦୋଳନକୁ ଭଣ୍ଡୁର କରିବାକୁ ଯାଇ ସମସ୍ତ ନେତା, କ୍ରାନ୍ତିକାରୀ ଏବଂ ସଂଗ୍ରାମୀମାନଙ୍କୁ ଗିରଫ କରାଯାଇଥିଲା। ସେହି ସମୟରେ ଇଂରେଜଙ୍କ କବଳରୁ ବର୍ତ୍ତି ଯାଇଥିବା ଜଣେ କ୍ରାନ୍ତିକାରୀ ଯୁବା ନେତ୍ରୀ ଅରୁଣା ଆସଫ୍ ଅଲ୍ଲୀ ୧୯୪୨ ଅଗଷ୍ଟ ୯ ତାରିଖରେ ମୁମ୍ବାଇର ଗୋୱାଲିଆ ଟ୍ୟାଙ୍କ ମଇଦାନରେ (ବର୍ତ୍ତମାନର କ୍ରାନ୍ତି ମଇଦାନ) ତ୍ରିରଙ୍ଗା ଉଡ଼ାଇ ଭାରତ ଛାଡ଼ ଆନ୍ଦୋଳନର ଶୁଭାରମ୍ଭ କରିଥିଲେ। ଏହି ଆନ୍ଦୋଳନ ଅହିଂସା ମାର୍ଗରେ ହେଉ ବୋଲି ଗାନ୍ଧିଜୀ ଆବାହନ କରିଥିଲେ କିନ୍ତୁ ଦେଶର ଅନେକ ସ୍ଥାନରେ ହିଂସା ଦେଖିବାକୁ ମିଳିଥିଲା। ଯାହାକୁ ଗାନ୍ଧିଜୀ ପସନ୍ଦ କରିନଥିଲେ। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ଇଂରେଜମାନେ ଭାଙ୍ଗି ପଡ଼ିଥିଲେ। ଠିକ୍ ଏହି ସମୟରେ ଗାନ୍ଧିଜୀଙ୍କ ଏହି ଆନ୍ଦୋଳନ ଭାରତକୁ ସ୍ୱାଧୀନତା ଦେବାରେ ଉଚିତ ମାର୍ଗ ସାଜିଥିଲା। ମହାତ୍ମା ଗାନ୍ଧୀଙ୍କ 'କର ବା ମର' ମନ୍ତ୍ରରେ ଉଦ୍‌ବୁଦ୍ଧ ଏହି ଆନ୍ଦୋଳନ ନେତୃତ୍ୱ ଅଭାବ, ଦୁର୍ବଳ ସମନ୍ୱୟ, ଅସ୍ପଷ୍ଟ ଯୋଜନା ଓ ବ୍ରିଟିଶ କର୍ତ୍ତୃପକ୍ଷଙ୍କ ଦମନ ଯୋଗୁଁ ବେଶୀ ଦିନ ତିଷ୍ଠି ନ ଥିଲା। ଅବଶ୍ୟ ଏହା ଦେଶବାସୀଙ୍କୁ ଇଂରେଜ ଶାସନ ବିରୋଧରେ ଏକଜୁଟ କରିବାରେ ସଫଳ ହୋଇଥିଲା। ଏହାର ଫଳ ସ୍ୱରୂପ ୧୯୪୭, ଅଗଷ୍ଟ ୧୫ ତାରିଖରେ ଭାରତ ଇଂରେଜ ଶାସନ କବଳରୁ ମୁକ୍ତ ହୋଇ ସ୍ୱାଧୀନତା ପ୍ରାପ୍ତି କରିଥିଲା। ଏହି ଐତିହାସିକ ବିପ୍ଳବ ଥିଲା ଭାରତର ସ୍ୱାଧୀନତା ପାଇଁ ଏକ ମୁକ୍ତିର ମଶାଲ। ଆଜିର ଦିନରେ ଦେଶ ପାଇଁ ଜୀବନ ଦେଇଥିବା ବୀର ସଂଗ୍ରାମୀମାନଙ୍କ ବଳିଦାନକୁ ମନେ ପକାଉଛନ୍ତି କୋଟି କୋଟି ଭାରତୀୟ।

### ଆଜି ଆସିଥିଲେ

## ସ୍ୱଭାବକବି ଗଙ୍ଗାଧର ମେହେର



ଓଡ଼ିଆ ସାହିତ୍ୟକୁ ରୁଦ୍ଧିମନ୍ତ କରିବାରେ ଯେଉଁ କେତେଜଣ ଆଗଧାଡ଼ିର ସାହିତ୍ୟିକଙ୍କ ନାମ ଆସିଥାଏ ତନ୍ମଧ୍ୟରେ ସ୍ୱଭାବ କବି ଗଙ୍ଗାଧର ମେହେର ଅନ୍ୟତମ। ତାଙ୍କ ଲେଖନୀ ମୁନରୁ ଝରି ପଡ଼ିଥିବା ଅକ୍ଷର ସବୁ ଓଡ଼ିଆ ସାହିତ୍ୟର ଅମ୍ଳାନ କୀର୍ତ୍ତି ହୋଇରହିଛି। ସେ ଏକାଧାରରେ ପ୍ରକୃତି କବି, ସ୍ୱଭାବ କବି ଭାବେ ପରିଚିତ ଥିଲେ। ପ୍ରକୃତି ଚିତ୍ରଣରେ ତାଙ୍କର ସ୍ୱତନ୍ତ୍ର ଦୃଷ୍ଟିକୋଣ ଥିଲା। କବି ସମ୍ରାଟ୍ ଉପେନ୍ଦ୍ର ଭଞ୍ଜଙ୍କ ପରି ତାଙ୍କର କବିତାଗୁଡ଼ିକ ଉଚ୍ଚ ଆଳଙ୍କରିକ ଶବ୍ଦ, ଅନନ୍ୟ ସଂଯୋଜନା ଶୈଳୀ, ଉପମା, ରୂପକ ଓ ଯଥାର୍ଥ ଶବ୍ଦାବଳୀର ଉପଯୁକ୍ତ ପ୍ରୟୋଗ ସହ ସମୃଦ୍ଧ। ଗଙ୍ଗାଧର ୧୮୬୨ ମସିହା ଆଜିର ଦିନରେ ଅବିଭକ୍ତ ସମ୍ବଲପୁର ବର୍ତ୍ତମାନ ବରଗଡ଼ ଜିଲ୍ଲା ବରପାଲି ଅଞ୍ଚଳରେ ଜନ୍ମଗ୍ରହଣ କରିଥିଲେ। ବାଲ୍ୟକାଳରେ ଦାରିଦ୍ର୍ୟର କଷାଘାତ ଯୋଗୁଁ ସେ ଅଧିକ ଶିକ୍ଷାଲାଭ କରିପାରି ନ ଥିଲେ। କିନ୍ତୁ ପିଲାଦିନରୁ ସେ କବିତା ଲେଖିବା ଆରମ୍ଭ କରିଥିଲେ। ଓଡ଼ିଶାର ପୁରାତନ କବିମାନଙ୍କ ପଦାଙ୍କ ଅନୁସରଣ କରି ସେମାନଙ୍କ ଶୈଳୀରେ ସେ ନିଜର ପ୍ରଥମ ଲେଖା ସବୁ ଲେଖିଥିଲେ। ତାଙ୍କର ଆଦ୍ୟ ରଚନାବଳୀ ଭିତରେ 'ରସ ରତ୍ନାକର' ଓ 'ଅହଲ୍ୟାସ୍ତବ' ଅନ୍ୟତମ। ଏଗୁଡ଼ିକ ରୀତିଯୁଗୀୟ ଶୈଳୀରେ ରଚନା କରାଯାଇଥିଲା। ସ୍ୱଳ୍ପ ଶିକ୍ଷା ସତ୍ତ୍ୱେ ବି ତାଙ୍କର ଓଡ଼ିଆ ଓ ସଂସ୍କୃତ ଭାଷାରେ ଗଭୀର ଜ୍ଞାନ ଥିଲା। ଏକ ସାଧାରଣ ଚାକିରି କରି ସେ ପରିବାର ପ୍ରତିପୋଷଣ କରୁଥିଲେ। ସେଥିପାଇଁ ତାଙ୍କୁ ବହୁ ବାଧାବିଘ୍ନର ସାମ୍ନା କରିବାକୁ ପଡ଼ିଥିଲା। ପରବର୍ତ୍ତୀ ସମୟରେ ତାଙ୍କ ପ୍ରତିଭାଦୀପ୍ତ ଓ ପ୍ରଚଣ୍ଡ ସୃଜନଶୀଳ ସତ୍ତା ସୃଷ୍ଟି କରିଥିଲା ବହୁ କାଳଜୟୀ କାବ୍ୟ ଓ କବିତା। ଓଡ଼ିଆ ଭାଷା ମହାସଙ୍କଟ ଦେଇ ଗତି କରୁଥିଲାବେଳେ 'ଇନ୍ଦୁମତୀ', 'କୀଚକବଧ', 'ତପସ୍ୱିନୀ', 'ପ୍ରଣୟବଲ୍ଲରୀ', 'ଉତ୍କଳ ଲକ୍ଷ୍ମୀ', 'ଅଯୋଦ୍ଧା ଦୃଶ୍ୟ' ଭଳି ଉଚ୍ଚକୋଟୀର କାବ୍ୟ ଓ କବିତା ରଚନା କରି ଓଡ଼ିଆ ଭାଷା ଆନ୍ଦୋଳନକୁ ସେ ତେଜୀୟାନ କରିଥିଲେ। 'ଅର୍ଘ୍ୟଥାଳି' ହେଉଛି ତାଙ୍କର ଲୋକପ୍ରିୟ କବିତା ସଂଗ୍ରହ। ତାଙ୍କ ରଚିତ ଶେଷ କାବ୍ୟ ଥିଲା 'ପଦ୍ମିନୀ'। ଗଙ୍ଗାଧରଙ୍କ କବିତାଗୁଡ଼ିକ ଯେତିକି ସୁନ୍ଦର, ତାଙ୍କର ଜୀବନଶୈଳୀ ବି ଥିଲା ବେଶ୍ ସାବଲୀଳ। ପ୍ରକୃତିର ଅସାଧାରଣ ବର୍ଣ୍ଣନା, ଆଦର୍ଶ ଚରିତ୍ର ଚିତ୍ରଣ, ମାନବତାର ଜୟଗାନ ଆଦି ଥିଲା ତାଙ୍କ ସାହିତ୍ୟ କୃତିର ବିଶେଷତ୍ୱ। ୧୯୨୪ ମସିହା ଏପ୍ରିଲ୍ ୪ ତାରିଖରେ ତାଙ୍କର ଦେହାନ୍ତ ହୋଇଥିଲା।

## ମୃଣାଳଙ୍କ ପ୍ରେମରେ ଧନୁଷ୍ !

ବଲିଉଡ୍ ଅଭିନେତ୍ରୀ ମୃଣାଳ ଠାକୁରଙ୍କ ଜନ୍ମଦିନ ପାର୍ଟି ଏବେ ଚର୍ଚ୍ଚାରେ ରହିଛି। କାରଣ ଏଥିରେ ସାଉଥ୍ ଇଣ୍ଡଷ୍ଟ୍ରୀର ଲୋକପ୍ରିୟ ଅଭିନେତା ଧନୁଷ୍ ଯୋଗ ଦେଇଥିଲେ। ତେବେ ଧନୁଷ୍ 'ସନ୍ ଅଫ୍ ସର୍ଦ୍ଦାର୍ ୨'ର ସ୍କ୍ରିନିଂ ପାଇଁ ମୁମ୍ବାଇ ଆସିଥିଲେ। ଏହି ସମୟରେ ସେ ମୃଣାଳଙ୍କ ଜନ୍ମଦିନ ପାର୍ଟିରେ ଯୋଗ ଦେଇଥିଲେ। 'ସନ୍ ଅଫ୍ ସର୍ଦ୍ଦାର ୨' ଲିଡ୍ ରୋଲରେ ଅଜୟ ଦେବଗନ୍ ଓ ମୃଣାଳ ଠାକୁର ନଜର ଆସିଛନ୍ତି। ଫିଲ୍ମର ସ୍କ୍ରିନିଂ ଇଭେଣ୍ଟରେ ଉଭୟ କଥା ହେଉଥିବାର ଭିଡିଓ ଏବେ ସୋସିଆଲ ମିଡିଆରେ ବେଶ୍ ଭାଇରାଲ ହେଉଛି। ଏହାପରେ ଧନୁଷ୍ ମୃଣାଳଙ୍କୁ ଡେଟ୍ କରୁଥିବା ଖବର ଜୋର୍ ଧରିଛି। ଏହାପୂର୍ବରୁ ମୃଣାଳ ଧନୁଷଙ୍କ ଫିଲ୍ମ 'ତେରେ ଇସ୍କ ମେଁ' ପାର୍ଟିରେ ଯୋଗ ଦେଇଥିଲେ। କନିକା ଢିଲୋଁ ଏହାର କିଛି ଫଟୋ ସାମାଜିକ ଗଣମାଧ୍ୟମରେ ସେୟାର୍ କରିଥିଲେ। ଏଥିରେ ଧନୁଷ୍ ଓ ମୃଣାଳ ଗୋଟିଏ ଫ୍ରେମ୍‌ରେ ନଜର ଆସିଥିଲେ। ସେବେଠାରୁ ଉଭୟଙ୍କ ପ୍ରେମ ସମ୍ପର୍କକୁ ନେଇ ଚର୍ଚ୍ଚା ହେଉଛି। ତେବେ ଏହାକୁ ନେଇ ଧନୁଷ୍ କିମ୍ବା ମୃଣାଳ କୌଣସି ମନ୍ତବ୍ୟ ଦେଇ ନାହାନ୍ତି। ଏଠାରେ ପ୍ରକାଶ ଥାଉ କି, ଧନୁଷ୍ ପୂର୍ବରୁ ସାଉଥ୍ ଇଣ୍ଡଷ୍ଟ୍ରୀର ଭେଟେରାନ୍ ଅଭିନେତା ରଜନୀକାନ୍ତଙ୍କ ଝିଅ ଐଶ୍ୱର୍ଯ୍ୟାଙ୍କୁ ବିବାହ କରିଥିଲେ। ଉଭୟ ବିବାହର ୧୮ ବର୍ଷ ପରେ ୨୦୨୨ରେ ଅଲଗା ହୋଇଯାଇଥିଲେ।



## ରାକ୍ଷୀ ପୂର୍ଣ୍ଣିମା



ପୁଷ୍ପଲତା ସାହୁ

ଶ୍ରାବଣ ମାସର ପୂର୍ଣ୍ଣିମା ତିଥିରେ
ହେଉଛି ରକ୍ଷା ବନ୍ଧନ
ମୋ ଭାଇ ହାତରେ ରାକ୍ଷୀ ବାନ୍ଧିବି
ଦେଇ ମଥାରେ ଟୋପି ଚନ୍ଦନ ॥
ହାତରେ ବାନ୍ଧିବି ନାଲି ପାଟ ଡୋର
ଖୁଆଇବି ମିଠା ଲଡୁ
ଠାକୁର ପାଖରେ ମନାସି କରିବି ମୋ
ଭାଇ ଆୟୁଷ ବଢୁ ॥
ଏତିକି ଅଳି ମୁଁ କରିବି ଭାଇକୁ
କେବେ କରିବୁନି ପର
ସୁଖରେ ଦୁଃଖରେ ସାହା ହୋଇଥିବୁ
ଭଉଣୀ ତୋର ନିଜର ॥
ଗାଁ ଘର ମୋର ଲିପା ପୋଛା କରି
ଛାଟି ଦେଲି ଗହ୍ମା ଚିତା
ହଳ ଲଙ୍ଗଳର ଝୋଟି ମୁଁ ଲେଖିଲି
ସୋଲେ କରି ମାଳ ଗୁନ୍ଥା ॥
ବଉଳା ଗାଈ ମୋ ଧୋବ ଫରଫର
ତା ଶିଙ୍ଗେ ଢାଉ ମୁଁ ବୋଳି
ମଥାରେ ସିନ୍ଦୂର ବେକେ ଫୁଲମାଳ
ଖୋଇଲି ସରୁ ଚକୁଳି ॥
ଆମରି ଗୁହାଳେ ବନ୍ଧା ହୋଇଛନ୍ତି
କାଶିଆ କପିଳା ଦୁଇ
ଗହ୍ମା ପୂର୍ଣ୍ଣିମାରେ ପୂଜା ସେ ହୁଅନ୍ତି
ହଳ ସେ କରନ୍ତି ନାହିଁ ॥
ଚାଷୀ ଘର ଝିଅ ଅଟଇ ମୁହିଁ ଯେ,
ବାପା ଅଜା ଅମଳର
ଦେଖି ଆସୁଅଛି ଏ ବିଧି ବିଧାନ
କେବେ ମନୁ ଭୁଲି ନାହିଁ ॥

କେନ୍ଦ୍ରାପଡ଼ା
ମୋ-୮୭୫୮୩୨୧୯୭



## ରକ୍ଷା ବନ୍ଧନ



ଆଚାର୍ଯ୍ୟ କ୍ଷିତୀଶ ଜେନା

ମୁନା ଶୋଇଥିବା ଦେଖିତ ମାମୁନି
କହେ ଉଠିପଡ଼ ଭାଇ
ସକାଳ ହେଲାଣି ଯାଇଛୁ କି ଭୁଲି
ଆଜିପା ରାକ୍ଷୀ ପୁନେଇଁ।
ଚଞ୍ଚଳ ଯାଆତୁ ନିତ୍ୟକର୍ମ ସାରି
ନୂଆ ଜାମା ଦବୁ ପିନ୍ଧି
କେଡ଼େ ସୁନ୍ଦରିଆ ରାକ୍ଷୀ ମୁଁ ରଖିଛି
ତୋ ହାତରେ ଦେବି ବାନ୍ଧି।
ମୋ ଗେହ୍ଲୁ ଭାଇର ମୁଣ୍ଡରେ ପକାଇ
ଅରୁଆ ଚାଉଳ ଦୁବ
ଧୂପ, ଦୀପ ଜାଳି ବନ୍ଦାଇବି ତତେ
ମନାସିବି ତୋର ଶୁଭ।
କେବଳ ମୁଁ ନୁହେଁ ଶାଶୁଘରେ ତଥା
ଦୂରେ ଥିଲେ ଭଉଣୀଟି
ଭାଇର ପାଖକୁ ରାକ୍ଷୀପୂର୍ଣ୍ଣିମାରେ
ଆସେ ସୁଦୂରରୁ ଛୁଟି।
ଉପହାର ଠାରୁ ଭାଇ ଉପସ୍ଥିତି
ଭଉଣୀ ପାଇଁକି ବଡ଼
ଭାଇ ଥିଲେ ସାଥେ ଭଉଣୀକୁ ସ୍ୱର୍ଶ
କରେନି କଦାପି ଝଡ଼।
ପ୍ରଭୁ ବଳଦେବଙ୍କ ଜନ୍ମଦିନ ଆଜି
ପାଳିବେ ତ ପଲ୍ଲୀପୁରେ
ବଳଦ ଗାଈଙ୍କୁ ଗାଧୋଇ ରାକ୍ଷୀକୁ
ବାନ୍ଧିବେ ତାଙ୍କରି ଠାରେ।
ଜଗା ବଳିଆଙ୍କୁ ସୁଭଦ୍ରା ବାନ୍ଧିବେ
ଭାବର ବନ୍ଧନ ରାକ୍ଷୀ
ପବିତ୍ର ସମ୍ପର୍କ ଭାଇ ଭଉଣୀଙ୍କ
ରାକ୍ଷୀ ଅଟେ ମୂକସାକ୍ଷୀ।
ବଡ଼ଦେଉଳର ତିନି ଦିଅଁଙ୍କୁ ମୁଁ
କରୁଅଛି ନିବେଦନ
ତୁମପରି ପ୍ରତି ଭାଇ ଭଉଣୀଙ୍କ
ଅତୁଟ ରହୁ ବନ୍ଧନ।

କଣ୍ଟିଗଡ଼ିଆ, ଧର୍ମଶାଳା, ଯାଜପୁର
ମୋ- ୭୦୦୮ ୬୩୪୮୦୦

## ତ୍ରିରଙ୍ଗା



ଚିତ୍ତରଞ୍ଜନ ମହାନ୍ତି

ସବୁ ପାତ୍ର ନୁହେଁ କଳସୀ
ସବୁ ପତର ନୁହେଁ ତୁଳସୀ
ସବୁ ନଦୀ ନୁହଁଇ ଗଙ୍ଗା
ସବୁ ପତାକା ନୁହେଁ ତ୍ରିରଙ୍ଗା ॥
ସଗର୍ବେ ଉଡ଼େ ଫରଫର
ଦେଖିଲେ ଆସେ ମନେ ଗର୍ବ
ମିଳିଯାଏ ମୁକ୍ତିର ଆନନ୍ଦ
ଖୋଲା ଆକାଶେ ମୁକ୍ତ ବିହଙ୍ଗ ॥
ସୁଯୋଗ୍ୟ ସନ୍ତାନ ଏ ଦେଶର
ଗାନ୍ଧୀ, ଗୋପବନ୍ଧୁ, ଜବାହର
ଲାଲ୍, ବାଲ୍, ପାଲ୍, ସୁଭାଷ
ମୁକ୍ତି ସେନାର ଶ୍ରେଷ୍ଠ ନାୟକ ॥
ଦେଇଛନ୍ତି ଅମୃତ ବାର୍ତ୍ତା
ପାଥେୟ କରି ଚାଲିଛୁ ରାସ୍ତା
ଶାନ୍ତି, ଅହିଂସା, ପ୍ରେମ ବଳେ
ସବୁରି ହୃଦୟ ଜିତି ହୁଏ ॥
ଦେଶର ସୁଯୋଗ୍ୟ ସନ୍ତାନ
ସବୁରି ହୃଦୟେ ବିଦ୍ୟମାନ
ଏମିତି ସନ୍ତାନ ଥିଲେ ଦେଶର
ଶତ୍ରୁମାନଙ୍କ ପଡ଼େନି ନଜର ॥
ଦେଶ ବଞ୍ଚିଲେ ଆମେ ବଞ୍ଚିବା
ଦେଶ ପାଇଁ ଜୀବନ ଦେବା
ଦେଶବାସୀ ଜାଗ୍ରତ ପ୍ରହରୀ
ଜୀବନ ଧନ୍ୟ ତା' ସେବା କରି ॥

ତଗିରା, ରାଣୀତାଲ
ମୋ- ୯୪୩୮ ୬୭୦୧୫୦



## ସୁମନ

## ଉପକାର ଶୁଝିଲେ ଜନ୍ଦା ଓ ପିମ୍ପୁଡ଼ି



କାଳିକିଙ୍କର



ଅଧିକ ବର୍ଷା ହେଲାରୁ ନଦୀ ଉଚ୍ଛୁଳି ପଡ଼ିଲା। ସମସ୍ତେ କହିଲେ ବନ୍ୟା ଆସିଲା। ସ୍କୁଲ ଛୁଟି। ତେବେ ସବୁଆଡ଼େ ପାଣି ଓ ସୁଅ ଚାଲୁଥିବାରୁ ରିଆ, ଟିଆ, କିଆ ଆଦି ପିଲାମାନେ ଘରେ ଅଛନ୍ତି। ସେମାନେ ଖୁସି ଯେ, ତାଙ୍କ ଆଗରେ ପାଣିର ସୁଅ ଧୀରେଧୀରେ ଯାଉଛି। କାଠି କୁଟା ପତର ଇତ୍ୟାଦି ଭାସି ଭାସି ଯାଉଛି। ଘର ଆଗରେ ଅବଶ୍ୟ ଅଧିକ ପାଣି ହୋଇନି କି ସୁଅ ପ୍ରଖର ନୁହେଁ ତେଣୁ ରିଆ, ଟିଆ ଓ କିଆ ସେ ପାଣି ଭିତରେ ଦୌଡ଼ାଦୌଡ଼ି କରୁଛନ୍ତି। ହାତର ଆଞ୍ଜୁଳାରେ ପାଣି ନେଇ ଖେଳୁଛନ୍ତି। ହଠାତ୍ ରିଆ କହିଲା- ଆରେ ଦେଖ ଦେଖ, କେମିତି ଗୋଟିଏ କଦଳୀ ପତ୍ର ଭାସି ଆସୁଛି ଓ ସେଥିରେ ଜନ୍ଦା ଓ ପିମ୍ପୁଡ଼ି ଭାସି ଯାଉଛନ୍ତି। ଜନ୍ଦା ଓ ପିମ୍ପୁଡ଼ିମାନେ ରିଆ, ଟିଆ ଓ କିଆଙ୍କୁ ଦେଖି କହିଲେ- ଆମେ ଭାସିଯାଉଛୁ ଏ ପାଣିରେ। ଆମକୁ ଟିକିଏ ଉଦ୍ଧାର କରନ୍ତନି? କିଆ ଓ ଟିଆ କହିଲେ ନା ନା ବାବା, ତୁମେ ସବୁ ଆସିଲେ ଆମକୁ କାମୁଡ଼ିବ। ରିଆ କିନ୍ତୁ କହିଲା ନାରେ, ବିପଦରେ ଯିଏ ପଡ଼ିଛି ତାକୁ ସାହାଯ୍ୟ କରିବା ଉଚିତ। ତାପରେ ବି ଯଦି ସେ ଆମର କ୍ଷତି କଲା କରୁ, ତା' ଧର୍ମ ତା'ର। ରିଆ ଆଗକୁ ବଢ଼ିଲା। ସାଥିରେ ଟିଆ ଓ କିଆ। ସେମାନେ ଧୀରେ ଧୀରେ ସେ କଦଳୀପତ୍ର ସହ ଜନ୍ଦା ଓ ପିମ୍ପୁଡ଼ିଙ୍କୁ ଉଦ୍ଧାର କଲେ। ଏମାନେ ସବୁ ନାଲି ଜନ୍ଦା ଓ ପିମ୍ପୁଡ଼ି। କାମୁଡ଼ିଲେ ଖୁବ୍ ଯନ୍ତ୍ରଣା ହୁଏ। ରିଆ କିନ୍ତୁ ସେଥିପ୍ରତି ଖାତିର୍ ନ କରି ସେମାନଙ୍କୁ ଟିଆ ଓ କିଆ ସହ ମିଶି ଉଦ୍ଧାର କଲା ଓ ଭୁଇଁରେ ଛାଡ଼ିଦେଲା। ଜନ୍ଦା ଓ ପିମ୍ପୁଡ଼ି ସେମାନଙ୍କୁ ଧନ୍ୟବାଦ ଦେଇ ବାଉଁଶ ବୁଦା ଆଡ଼େ ଚାଲିଲେ।

ଅନେକ ଦିନ ବିତି ଯାଇଛି। ଏବେ ବନ୍ୟା କି ବର୍ଷା ନାହିଁ। ରିଆ, ଟିଆ, କିଆ ସେଇ ବାଉଁଶ ବୁଦା ପାଖରେ ଖେଳୁଥିଲେ ଯେ, ହଠାତ୍ ତାଙ୍କ ପାଖକୁ ଗୋଟିଏ ସାପ ଫଁ ଫଁ କରି ମାଡ଼ି ଆସିଲା। ରିଆ, ଟିଆ, କିଆ କ'ଣ କରିବେ ଉପାୟ ନ ପାଇ କାନ୍ଦିବାକୁ ଲାଗିଲେ। ପାଖଦେଇ ଜନ୍ଦା ଓ ପିମ୍ପୁଡ଼ି ଖାଦ୍ୟ ନେଇ ଯାଉଥିଲେ। ସେମାନେ ରିଆ, ଟିଆ ଓ କିଆଙ୍କର କାନ୍ଦିବା ଶୁଣି ଅଟକି ଗଲେ ଓ ଦେଖିଲେ ବିଷାକ୍ତ ଦୁଷ୍ଟ ନାଗ ସେମାନଙ୍କୁ କାମୁଡ଼ିବାକୁ ଦୌଡ଼ୁଛି। ଆଚ୍ଛା, ଏମିତି କଥା। ଜନ୍ଦା ଓ ପିମ୍ପୁଡ଼ି ସେମାନଙ୍କର ଖାଦ୍ୟ ସେଇଠି ଥୋଇ ସେ ଦୁଷ୍ଟ ନାଗକୁ ଘେରି ଗଲେ ଓ ତାର ଲାଞ୍ଜରୁ ମୁଣ୍ଡଯାଏ କାମୁଡ଼ିବାକୁ ଲାଗିଲେ। ବିଚରା ସେ ଦୁଷ୍ଟ ନାଗ ଆଉ ଫଁ ଫଁ କରି ରିଆ, ଟିଆ ଓ କିଆଙ୍କ ଆଡ଼କୁ ଆସିବ କ'ଣ- ସେଇଠି ଛଟପଟ ହେଲା ଓ ଜନ୍ଦା ପିମ୍ପୁଡ଼ିଙ୍କୁ ଛାଡ଼ିଦେବାକୁ ଅନୁରୋଧ କଲା। ଏଣେ ସାପଟିର ଆଉ ଫଁ ଫଁ ଶବ୍ଦ ନ ଶୁଣି ରିଆ, ଟିଆ ଓ କିଆ ଅନେଇଲେ ସେ ଆସୁଥିବା ଦିଗକୁ। ଦେଖିଲେ ଜନ୍ଦା ଓ ପିମ୍ପୁଡ଼ିମାନେ ତାକୁ ଘେରି ରହିଛନ୍ତି ଓ କାମୁଡ଼ି କାମୁଡ଼ି ତା ଦେହ ଫୁଲେଇ ଦେଲେଣି। ନାଗଟି ନେହୁରା ହୋଇ ଛାଡ଼ି ଦେବାକୁ କହୁଥାଏ। ରିଆ ଟିଆ ଓ କିଆଙ୍କୁ କହିଲା- ଚିହ୍ନିଲ ଏ ଜନ୍ଦା ଓ ପିମ୍ପୁଡ଼ି କିଏ? ଏମାନେ ସେଇମାନେ ଯାହାଙ୍କୁ ଆମେ ପାଣିରୁ ଉଦ୍ଧାର କରିଥିଲେ। "ଦେଖୁଛ ତ ! କେମିତି ଜନ୍ଦା ଓ ପିମ୍ପୁଡ଼ି ଉପକାର ଶୁଝିଲେ।"

ସୌଭାଗିନୀ ନିବାସ, ରେଞ୍ଚ, ପୁରୀ
ମୋ-୮୨୪୯୨୧୬୦୬୭

## ଛୋଟ ଆଙ୍ଗୁଠି ଛୁଆଁ





ବୈଭବ କୁମାର ପାତ୍ର
ଷଷ୍ଠ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ
ଭୁବନେଶ୍ୱର





ସାଇ ସେଠୀ
ଚତୁର୍ଥ ଶ୍ରେଣୀ
ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ
ପୋଖରୀପୁଟ, ଭୁବନେଶ୍ୱର





ଇଭାଂଶୀ ମିଶ୍ର
ଦ୍ୱିତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର





ଲକ୍ଷ୍ମୀପ୍ରିୟା ଦାଶ
ତୃତୀୟ ଶ୍ରେଣୀ
କେନ୍ଦ୍ରୀୟ ବିଦ୍ୟାଳୟ ୬
ପୋଖରୀପୁଟ, ଭୁବନେଶ୍ୱର

## ଆଣ୍ଡରସନ-ତେନ୍ଦୁଲକର ଟ୍ରଫି

# ଅନାବଶ୍ୟକ ତ୍ରୁଟି ଯୋଗୁଁ ସିରିଜ୍ ହାତଛଡ଼ା


ଗିଲ୍‌ଙ୍କ ରନ୍ ଆଉଟ୍


ସିରାଜ୍ ପ୍ଲେଡ୍ ଅନ୍

ନୂଆଦିଲ୍ଲୀ,୮।୮ (ଏଜେନ୍ସି):

ଇଂଲଣ୍ଡରେ ନିକଟରେ ଶେଷ ହୋଇଥିବା ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ କଠିନ ପରିଶ୍ରମ ଓ ଭଲ ଖେଳିଥିଲେ ମଧ୍ୟ ଘରୋଇ ଦଳ ସହ ଭାରତ ୨-୨ରେ ସିରିଜ୍ ଅମୀମାଂସିତ ରଖିଛି। କିନ୍ତୁ ପ୍ରାଧାନ୍ୟ ବିସ୍ତାର କରୁଥିବା ଦଳକୁ ସର୍ବଦା ବିଜୟ ମିଳେନାହିଁ। ୨୦୧୮ରେ ଇଂଲଣ୍ଡଠାରୁ ୪-୧ରେ ଟେଷ୍ଟ ସିରିଜ୍ ହାରିବା ପରେ ଏକଥା କହିଥିଲେ ବିରାଟ କୋହଲି। ୨୦୨୧-୨୨ ଓ ୨୦୨୫ରେ ଭାରତ-ଇଂଲଣ୍ଡ ଟେଷ୍ଟ ସିରିଜ୍ ଖୁବ୍ ପ୍ରତିଦ୍ୱନ୍ଦ୍ୱିତାମୂଳକ ହୋଇଥିଲା। ଉଭୟ ସିରିଜ୍‌ରେ ଭାରତ ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ବିଜୟୀ ହୋଇ ପାରି ନ ଥିଲା। କିନ୍ତୁ ସିରିଜ୍‌ର ତଥ୍ୟକୁ ତର୍ଜମା କଲେ ଜଣାଯାଏ, ଗୁରୁତ୍ୱପୂର୍ଣ୍ଣ ସମୟରେ ଭାରତୀୟ ଖେଳାଳିଙ୍କ ଅନିଛାକୃତ ତ୍ରୁଟି ଓ ପ୍ରତିଦ୍ୱନ୍ଦ୍ୱୀଙ୍କୁ ଭାଗ୍ୟ ସହାୟ ହେବାରୁ ଭାରତ ଏହି ସିରିଜ୍‌ରେ ବିଜୟୀ ହେବାରୁ ବଞ୍ଚିତ ହୋଇଥିଲା।

ଅନ୍ୟପକ୍ଷରେ ଦେଖିବାକୁ ଗଲେ ୨୦୧୯ ପରଠାରୁ ଅଷ୍ଟ୍ରେଲିଆ ଓ ଭାରତ ପରି ଶକ୍ତିଶାଳୀ ଦେଶ ବିପକ୍ଷରେ ଇଂଲଣ୍ଡ ଉଭୟ ଘରୋଇ ଓ ବିଦେଶ ମାଟିରେ ୪ଟି ଟେଷ୍ଟ ସିରିଜ୍ ଖେଳିଥିଲେ ମଧ୍ୟ ଗୋଟିଏ ହେଲେ ଜିତିପାରିନାହିଁ। ବର୍ତ୍ତମାନ ଖେଳାଯାଇଥିବା ସିରିଜ୍‌ରେ ଭାରତୀୟ ବ୍ୟାଟର ୩୯.୭୭ ହାରରେ ରନ୍ ସଂଗ୍ରହ କରି ୧୨ଟି ଶତକ ହାସଲ କରିଥିଲେ। ଇଂଲଣ୍ଡ ବ୍ୟାଟର ୩୬.୫୩ ହାରରେ ରନ୍ ସଂଗ୍ରହ କରିବା ସହ ୯ଟି ଶତକ ହାସଲ କରିଥିଲେ। ଭାରତୀୟ ପେସ୍ ବୋଲରମାନେ ୱିକେଟପ୍ରତି ୩୪.୯୫ ଓ ଇଂଲଣ୍ଡ ପେସର ୩୬.୫୩ ହାରରେ ରନ୍ ବ୍ୟୟ କରିଥିଲେ। ଅବଶ୍ୟ ଏହା ସମ୍ଭବ ହୋଇଛି ଇଂଲଣ୍ଡର 'ବାଜ୍‌ବଲ' ନୀତି ଯୋଗୁଁ।

ଯେଉଁ ସିରିଜ୍‌ରେ ଭାରତ ଅନେକ କ୍ଷେତ୍ରରେ ପ୍ରାଧାନ୍ୟ ବିସ୍ତାର କରିଥିଲେ ମଧ୍ୟ ଅନିଛାକୃତ ବା ଅନାବଶ୍ୟକ ତ୍ରୁଟି ଯୋଗୁଁ ସଫଳତା ମିଳିନାହିଁ। ନିୟନ୍ତ୍ରଣରେ ଥିବା ବଲ୍‌ରେ ଭାରତୀୟ ବ୍ୟାଟର ୨୨ଥର ଆଉଟ ହୋଇଥିଲାବେଳେ ଇଂଲଣ୍ଡର ମାତ୍ର ୯ଜଣ ଖେଳାଳି ଆଉଟ ହୋଇଛନ୍ତି। ପ୍ରଥମ ଟେଷ୍ଟରେ ଏହିପରି ବଲ୍‌ରେ ଆଉଟ ହୋଇ ଅଧିନାୟକ ଶୁବମନ ଗିଲ୍ ଏହି ଧାରା ଆରମ୍ଭ କରିଥିଲେ। ଏହା ପରେ ଭାରତର ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ପ୍ରଥମ ଟେଷ୍ଟରେ ଏକଦା ଭାରତ ୩ ୱିକେଟରେ ୪୩୦ ରନ୍ କରିଥିଲାବେଳେ ଗିଲ୍‌ଙ୍କ ଅନାବଶ୍ୟକ ଆଉଟ ପରେ ଦଳ ୪୭୧ରେ ଅଲଆଉଟ ହୋଇଥିଲା।

ଏହି ଟେଷ୍ଟର ଦ୍ୱିତୀୟ ଇନିଂସରେ ଉପଅଧିନାୟକ ରଷଭ ପନ୍ତ ଦମ୍‌ର ସହ ବ୍ୟାଟିଂ କରୁଥିଲାବେଳେ ପ୍ରତିପକ୍ଷ ସୋଏବ ବସିରଙ୍କୁ ଅନାବଶ୍ୟକ ସଟ୍ ମାରି ଆଉଟ ହୋଇଥିଲେ। ଯାହା ଫଳରେ ଭାରତ ଏକଦା ୩ ୱିକେଟରେ ୨୮୭ ରନ୍ କରିଥିଲାବେଳେ ୩୬୪ରେ ଅଲଆଉଟ ହୋଇଥିଲା। ଲର୍ଡ୍ସରେ ଅନୁଷ୍ଠିତ ତୃତୀୟ ଟେଷ୍ଟରେ ରଷଭ ପନ୍ତ ଲଞ୍ଚ ପୂର୍ବରୁ ଅନାବଶ୍ୟକ ଭାବେ ରନ୍ ଆଉଟ ହେବା, ସୋଏବ ବସିରଙ୍କ ବଲରେ ମହମ୍ମଦ୍ ସିରାଜ ଭଲ ଖେଳିବା ପରେ ମଧ୍ୟ ପ୍ଲେଡ ଅନ୍ ହେବା ଭାରତୀୟ ଖେଳାଳିଙ୍କ ଦ୍ୱାରା ହୋଇଥିବା ଅନିଛାକୃତ ତ୍ରୁଟି ମଧ୍ୟରେ ଅନ୍ୟତମ। ଯେଉଁ ସିରିଜ୍‌ରେ ୨ଟି ଟେଷ୍ଟ ୨୫ରୁ କମ୍ ରନ୍ ମଧ୍ୟରେ ଫଳାଫଳ ମିଳିଛି, ସେଠାରେ ଏଭଳି ଅନିଛାକୃତ ଓ ଅନାବଶ୍ୟକ ତ୍ରୁଟିରୁ ପ୍ରତିପକ୍ଷ ଦଳକୁ ଫାଇଦା ମିଳିଛି। ଭାରତ ପ୍ରାଧାନ୍ୟ ବିସ୍ତାର କରି ମଧ୍ୟ ସିରିଜ୍ ଜିତିବାରେ ସମର୍ଥ ହୋଇନାହିଁ।

### ଡ୍ରପ୍ କ୍ୟାଚ୍‌ରୁ ଇଂଲଣ୍ଡକୁ ଫାଇଦା


ଯେଉଁ ପିଚ୍‌ରେ ବ୍ୟାଟରକୁ ସୁହାଇଥାଏ, ସେଠାରେ ବୋଲରମାନେ ନିଜ ଫିଲ୍ଡରଙ୍କଠାରୁ କିଛି ଅଧିକ ସହାୟତା ଆଶା କରିଥାନ୍ତି। କିନ୍ତୁ ଏହି ଟେଷ୍ଟ ସିରିଜ୍‌ରେ ଠିକ୍ ଓଲଟା ହୋଇଛି। ଭାରତୀୟ ଫିଲ୍ଡରମାନେ ଏହି ସିରିଜ୍‌ରେ ୨୩ଟି ଓ ଇଂଲଣ୍ଡ ଖେଳାଳି ୧୭ଟି କ୍ୟାଚ୍ ଡ୍ରପ୍ କରିଛନ୍ତି। ଯାହା ଫଳରେ ଏମାନେ ୭୧୮ ରନ୍ ଅଧିକ ବ୍ୟୟ କରିଛନ୍ତି। ଭାରତୀୟମାନେ ଡ୍ରପ୍ କ୍ୟାଚ୍‌ରୁ ୫୮୭ ରନ୍ ଉଠାଇଛନ୍ତି। ଜଣେ ବ୍ୟାଟରଙ୍କ ପ୍ରଥମ କ୍ୟାଚ୍ ଡ୍ରପ୍ ହେବା ପରେ ସେ ଯେତିକି ଅଧିକ ରନ୍ ସଂଗ୍ରହ କରିଛନ୍ତି ତାହାକୁ ହିସାବ କରାଯାଇଛି। ଏହି ଡ୍ରପ୍ କ୍ୟାଚ୍ ଯୋଗୁଁ ସର୍ବାଧିକ ଫାଇଦା ମିଳିଛି ଇଂଲଣ୍ଡର ହ୍ୟାରୀ ବ୍ରୁକ୍‌ଙ୍କୁ। ସେ ସିରିଜ୍‌ରେ ୪୮୧ ରନ୍ କରିଥିଲାବେଳେ କ୍ୟାଚ୍ ଡ୍ରପ୍ ଯୋଗୁଁ ୨୪୦ ରନ୍‌ର ଫାଇଦା ପାଇଥିଲେ। ଲିଡ୍ସ ଟେଷ୍ଟରେ ସେ ଖାତା ଖୋଲିବା ପୂର୍ବରୁ ବୁମ୍‌ରାଙ୍କ ଦ୍ୱାରା ଆଉଟ ହୋଇଥିଲେ। କିନ୍ତୁ ତାହା ନୋ ବଲ ହେବାରୁ ୯୯ ରନ୍ କରିଥିଲେ। ଏହି କ୍ୟାଚ୍ ଡ୍ରପ୍‌ରୁ ଜେମି ସ୍ମିଥ୍ ୧୩୦, ଓଲି ପୋପ୍ ୧୨୩ ରନ୍ ଅଧିକ କରିଥିଲେ। ଭାରତୀୟମାନେ ମଧ୍ୟ ଶେଷ ୨ଟି ଟେଷ୍ଟରୁ ଡ୍ରପ୍ କ୍ୟାଚ୍ ଯୋଗୁ ଫାଇଦା ଉଠାଇଥିଲେ। ମାଞ୍ଚେଷ୍ଟରରେ ରବୀନ୍ଦ୍ର ଜାଡେଜା, ଓଭାଲ ଟେଷ୍ଟରେ ୨ଥର ଯଶସ୍ୱୀ ଜୟସ୍ୱାଲଙ୍କ କ୍ୟାଚ୍ ଡ୍ରପ୍ ହେବା ପରେ ଶତକ ହାସଲ କରିଥିଲେ। ଶେଷ ଟେଷ୍ଟରେ ନାଇଟ୍‌ୱାଚ୍‌ମ୍ୟାନ୍ ଭାବେ ଆସି ଆକାଶଦୀପ ୬୬ ରନ୍ କରିଥିଲେ। କିନ୍ତୁ ସେ ୨୧ ରନ୍ କରିଥିଲାବେଳେ ତାଙ୍କ ପ୍ରଥମ କ୍ୟାଚ୍ ଡ୍ରପ୍ ହୋଇଥିଲା। ସିରିଜ୍‌ରେ ଗିଲ୍ ୭୫୪ ରନ୍ କରିଥିଲେ ମଧ୍ୟ କ୍ୟାଚ୍ ଡ୍ରପ୍ ପରେ ମାତ୍ର ୫୭ ରନ୍ କରିଥିଲେ।

## ଦୁଲୀପ୍ ଟ୍ରଫିରୁ ଘରୋଇ କ୍ରିକେଟ ସିଜନ ଆରମ୍ଭ

ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଭାରତରେ ଘରୋଇ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଦୁଲୀପ ଟ୍ରଫିରୁ ଆରମ୍ଭ ହେବ। ଏହା ମଧ୍ୟରେ ବେଙ୍ଗାଲୁରୁରେ ଅଗଷ୍ଟ ୨୮ରୁ ଆରମ୍ଭ ହେବାକୁ ଥିବା ଏହି ଟୁର୍ଣ୍ଣାମେଣ୍ଟ ଲାଗି ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଆନ୍ତଃଜୋନ୍ ନକ୍‌ଆଉଟ ଭିତ୍ତିରେ ଏହି ଟୁର୍ଣ୍ଣାମେଣ୍ଟ ସେପ୍ଟେମ୍ବର ୧୫ରେ ଶେଷ ହେବା ପରେ ଅକ୍ଟୋବର ୧ରୁ ୫ ତାରିଖଯାଏ ଇରାନି କପ୍ ଖେଳାଯିବ। ରଣଜୀ ଟ୍ରଫି ଚାମ୍ପିଅନ ବିଦର୍ଭ ଓ ଅବଶିଷ୍ଟ ଭାରତ ଏକାଦଶ ମଧ୍ୟରେ ଏହି ୫ ଦିନିଆ ମ୍ୟାଚ୍ ଖେଳାଯିବ। ଏହା ପରେ ଆରମ୍ଭ ହେବ ଘରୋଇ କ୍ରିକେଟର ସବୁଠାରୁ ବଡ଼ ଟୁର୍ଣ୍ଣାମେଣ୍ଟ ରଣଜୀ ଟ୍ରଫି। ଗତବର୍ଷ ଭଳି ଏଥର ମଧ୍ୟ ଦୁଇଟି ପର୍ଯ୍ୟାୟରେ ଏହି ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଟୁର୍ଣ୍ଣାମେଣ୍ଟର ଏଲିଟ କାଟାଗୋରୀର ପ୍ରଥମ ପର୍ଯ୍ୟାୟ ଅକ୍ଟୋବର ୧୫ରୁ ନଭେମ୍ବର ୧୯ଯାଏ ଆରମ୍ଭ ହେବ। ଏଲିଟ ରଣଜୀ ଲିଗ୍‌ର ଦ୍ୱିତୀୟ ପର୍ଯ୍ୟାୟ ୨୦୨୬ ଜାନୁଆରୀ ୨୨ରୁ ଫେବୃଆରୀ ୧ ଯାଏ ଖେଳାଯିବ। ଫେବୃଆରୀ ୬ରୁ ୨୯ ମଧ୍ୟରେ ରଣଜୀ ନକ୍‌ଆଉଟ ଟୁର୍ଣ୍ଣାମେଣ୍ଟ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ରଣଜୀ ପ୍ଲେଟ୍ ଲିଗ୍‌ର ପ୍ରଥମ ପର୍ଯ୍ୟାୟ ଅକ୍ଟୋବର ୧୫ରୁ ନଭେମ୍ବର ୧୯ ଖେଳାଯିବ। ଜାନୁଆରୀ ୨୨ରୁ ୨୬ ତାରିଖ ମଧ୍ୟରେ ଫାଇନାଲ ଅନୁଷ୍ଠିତ ହେବ।

ନଭେମ୍ବର ୧୯ରୁ ଜାନୁଆରୀ ୨୨ ମଧ୍ୟରେ ସୀମିତ ଓଭର ଫର୍ମାଟର ଦୁଇଟି ବଡ଼ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଏହା ମଧ୍ୟରୁ ସୟଦ ମୁସ୍ତାକ ଅଲି ଟି-୨୦ ଟୁର୍ଣ୍ଣାମେଣ୍ଟ ନଭେମ୍ବର ୨୬ରୁ ଆରମ୍ଭ ହୋଇ ଡିସେମବର ୧୮ରେ ଶେଷ ହେବ। ଏହା ପରେ ବିଜୟ ହଜାରେ ଟ୍ରଫି ଲିଷ୍ଟ-ଏ' (ଦିନିକିଆ ଫର୍ମାଟ) ଡିସେମ୍ବର ୨୪ରୁ ଆରମ୍ଭ ହୋଇ ଜାନୁଆରୀ ୧୮ରେ ଶେଷ ହେବ। ରଣଜୀ ଟ୍ରଫି ଭଳି କର୍ଣ୍ଣେଲ ସିକେ ନାଇଡୁ ଟ୍ରଫି ମଧ୍ୟ ୨ଟି ପର୍ଯ୍ୟାୟରେ ଖେଳାଯିବ। ପ୍ରଥମ ପର୍ଯ୍ୟାୟ ଖେଳ ଅକ୍ଟୋବର ୧୬ରୁ ନଭେମ୍ବର ୫, ଦ୍ୱିତୀୟ ପର୍ଯ୍ୟାୟ ଜାନୁଆରୀ ୨୩ରୁ ଫେବୃଆରୀ ୨ ଓ ନକ୍‌ଆଉଟ ପର୍ଯ୍ୟାୟ ଫେବୃଆରୀ ୨୧ରୁ ମାର୍ଚ୍ଚ ୧୨ଯାଏ ଅନୁଷ୍ଠିତ ହେବ। ଏହାରି ମଧ୍ୟରେ ଜୁନିଅର ବିଭାଗ ଖେଳାଯିବ।

## ୧୯ ବର୍ଷରୁ କମ୍ ଅଷ୍ଟ୍ରେଲୀୟ ଦଳରେ ଦୁଇ ଭାରତୀୟ ବଂଶୋଦ୍ଭବ ଆର୍ଯ୍ୟନ ଓ ଯଶ୍





ମେଲବୋର୍ଣ୍ଣ,୮।୮ (ଏଜେନ୍ସି): ୧୯ ବର୍ଷରୁ କମ୍ ଭାରତୀୟ କ୍ରିକେଟ ଦଳ ଏକ ମଲ୍ଟିପଲ ଫର୍ମାଟରେ ଖେଳିବାକୁ ଅଷ୍ଟ୍ରେଲିଆ ଗସ୍ତରେ ଯିବ। ସେପ୍ଟେମ୍ବର ୨୧ରୁ ଆରମ୍ଭ ହେବାକୁ ଥିବା ଏହି ଗସ୍ତ ଲାଗି ଟିମ୍ ନେଲସନଙ୍କ ପ୍ରଶିକ୍ଷଣରେ ଅଷ୍ଟ୍ରେଲିଆ ଜୁନିଅର ଦଳ ପ୍ରସ୍ତୁତି ଆରମ୍ଭ କରିଛି। ପ୍ରଥମ ଦଫାରେ ଏହି ଟୁର ଲାଗି ଏକ ୧୫ ଜଣିଆ ୧୯ ବର୍ଷରୁକମ୍ ଅଷ୍ଟ୍ରେଲିଆ କ୍ରିକେଟ ଦଳ ଘୋଷଣା କରାଯାଇଛି। ଏହି ଦଳରେ ଦୁଇ ଭାରତୀୟ ବଂଶୋଦ୍ଭବ ଖେଳାଳି ସ୍ଥାନ ପାଇଛନ୍ତି। ସେମାନେ ହେଲେ ଆର୍ଯ୍ୟନ ଶର୍ମା ଓ ଯଶ ଦେଶମୁଖ। ଅଷ୍ଟ୍ରେଲିଆର ଘରୋଇ କ୍ରିକେଟରେ ସଫଳତା ପାଇବା ପରେ ଏମାନଙ୍କୁ ଜାତୀୟ ଦଳରେ ସାମିଲ କରାଯାଇଛି। ଭିକ୍ଟୋରିଆ ପକ୍ଷରୁ ଖେଳୁଥିବା ଆର୍ଯ୍ୟନ ଜଣେ ଟପ୍ ଅର୍ଡର ବ୍ୟାଟର। ସେହପରି ଦେଶମୁଖ ଜଣେ ପେସ୍ ବୋଲିଂ ଅଲରାଉଣ୍ଡର। ଏବେ ଅଷ୍ଟ୍ରେଲୀୟ କ୍ରିକେଟରେ ଭାରତୀୟ ବଂଶୋଦ୍ଭବ ଖେଳାଳି ସ୍ଥାନ ପାଉଛନ୍ତି। ଲେଗ୍ ସ୍ପିନର ତନବୀର ସାଙ୍ଗା ଏବେ ଅଷ୍ଟ୍ରେଲିଆ-ଏ ଦଳର ନେତୃତ୍ୱ ନେଇଥିଲେ। ଏଣୁ ଅଷ୍ଟ୍ରେଲିଆରେ ମଧ୍ୟ ଅନ୍ୟ ଦେଶର ଖେଳାଳିଙ୍କୁ ସ୍ଥାନ ମିଳୁଛି। ଏହି ଗସ୍ତରେ ୩ଟି ଦିନିକିଆ ଓ ୨ଟି ଅନ୍‌ଅଫିସିଆଲ ଟେଷ୍ଟ ମ୍ୟାଚ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

### ଡେଭନ-୧୫୩, ହେନରୀ-୧୫୦*, ରାଚିନ-୧୬୫*

## ନ୍ୟୁଜିଲାଣ୍ଡ ୬୦୧/୩

ବୁଲାୱାୟୋ,୮।୮ (ଏଜେନ୍ସି): ଓପନର ଡେଭନ କନୱେଙ୍କ ୧୫୩, ହେନରୀ ନିକୋଲସଙ୍କ ୧୫୦ ଓ ରାଚିନ ରବୀନ୍ଦ୍ରଙ୍କ ୧୬୫ ରନ୍ ସହାୟତାରେ ଏଠାରେ ଜିମ୍ବାୱେ ସହ ଚାଲିଥିବା ଦ୍ୱିତୀୟ ଟେଷ୍ଟର ଦ୍ୱିତୀୟ ଦିନରେ ନ୍ୟୁଜିଲାଣ୍ଡ ପ୍ରଥମ ଇନିଂସରେ ୩ ୱିକେଟରେ ୬୦୧ ରନ୍‌ର ବିଶାଳ ସ୍କୋର ସଂଗ୍ରହ କରିଛି। ଷ୍ଟମ୍ପ ଅପସାରଣ ବେଳକୁ ଅବିଭକ୍ତ ୪ର୍ଥ ୱିକେଟ ଯୋଡିରେ ୨୫୬ ରନ୍ ଉଠାଇଥିବା ହେନରୀ ଓ ରାଚିନ ଅପରାଜିତ ଅଛନ୍ତି। ପୂର୍ବରୁ ଜିମ୍ବାୱେ ପ୍ରଥମ ଇନିଂସରେ ମାତ୍ର ୧୨୫ ରନ୍‌ରେ ଅଲ୍‌ଆଉଟ ହୋଇଥିଲା। ଫଳରେ ୩ ଦିନ ଖେଳ ବାକିଥିଲାବେଳେ ୪୭୬ ରନ୍‌ରେ ନ୍ୟୁଜିଲାଣ୍ଡ ଆଗୁଆ ରହିଛି।

## ଦୁଷ୍କର୍ମ ଅଭିଯୋଗରେ ପାକିସ୍ତାନୀ କ୍ରିକେଟର ହାଇଦର୍ ଅଲି ଗିରଫ



ଲଣ୍ଡନ,୮।୮ (ଏଜେନ୍ସି): ବ୍ରିଟେନର ଜଣେ ମହିଳାଙ୍କୁ ଦୁଷ୍କର୍ମ କରିବା ଅଭିଯୋଗରେ ପାକିସ୍ତାନର ଜଣେ ପ୍ରତିଷ୍ଠିତ ଟି-୨୦ କ୍ରିକେଟ ଖେଳାଳି ହାଇଦର ଅଲିଙ୍କୁ ମାଞ୍ଚେଷ୍ଟର ଗ୍ରେଟର ପୁଲିସ୍ ଗିରଫ୍ କରିଛି। ହାଇଦର ଏବେ ଜେଲ୍‌ରେ ଥିଲାବେଳେ ଅଗଷ୍ଟ ୪ ତାରିଖ ଦିନ ତାଙ୍କୁ ଗିରଫ କରାଯାଇଥିଲା। ପାକିସ୍ତାନ-ଏ' ଦଳର ଇଂଲଣ୍ଡ ଗସ୍ତବେଳେ ମାଞ୍ଚେଷ୍ଟରର ଏକ ସ୍ଥାନରେ ଏହି ଘଟଣା ଗତ ଜୁଲାଇ ୨୩ରେ ଘଟିଥିଲା। ଗିରଫ୍ ହେବା ପରେ ହାଇଦରଙ୍କୁ ପାକିସ୍ତାନ କ୍ରିକେଟ ବୋର୍ଡ ସସ୍‌ପେଣ୍ଡ କରିଛି। ବିଚାର ଶେଷ ନ ହେବା ଯାଏ ଏହା ବଳବତ୍ତର ରହିବ। ୨୦୨୦ରେ ଅନ୍ତର୍ଜାତୀୟ ଡେବ୍ୟୁ କରିଥିବା ହାଇଦର ପାକିସ୍ତାନ ସିନିଅର ଟିମ୍ ପକ୍ଷରୁ ୩୫ଟି ଟି-୨୦ ଓ ୨ଟି ଦିନିକିଆ ମ୍ୟାଚ୍ ଖେଳିଛନ୍ତି।

### କାନାଡ଼ିଆନ୍ ଓପନ ଟେନିସ

## ଓସାକାଙ୍କୁ ହରାଇ ବୋକୋ ଚାମ୍ପିଅନ



ଟରଣ୍ଟୋ,୮।୮ (ଏଜେନ୍ସି): କାନାଡାର ଟିନ୍ ଏଜ୍ ଖେଳାଳି ଭିକ୍ଟୋରିଆ ବୋକୋ ୪ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ନାଓମି ଓସାକାଙ୍କୁ ପରାସ୍ତ କରି କାନାଡିଆନ୍ ଓପନ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଗୁରୁବାର ରାତିରେ ଖେଳାଯାଇଥିବା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରଥମ ସେଟ ୨-୬ରେ ହାରିବା ପରେ ୧୮ ବର୍ଷିଆ ବୋକୋ ପରବର୍ତ୍ତୀ ୨ଟି ସେଟ୍‌କୁ ୬-୪, ୬-୧ ରେ ଜିତିବା ସହ ଟାଇଟଲ କବ୍‌ଜା କରିଥିଲେ। ଏବେ ବିଶ୍ୱରେ ୮୫ ନମ୍ବର ଖେଳାଳି ହୋଇଥିବା ବୋକୋଙ୍କ କ୍ୟାରିୟରରେ ଏହା ପ୍ରଥମ ଡବ୍ଲ୍ୟୁଟିଏ ୧୦୦୦ ଟାଇଟଲ। ବୋକୋ ମଧ୍ୟ କାନାଡାର ପ୍ରଥମ ଖେଳାଳି ଭାବେ ଓପନ ଏରାରେ ୩ଜଣ ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ସୋଫିଆ କେନିନ, କୋକୋ ଗଫ୍ ଓ ଏଲେନା ରିବାକିନାଙ୍କୁ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲେ।

## ଘାନା ଅନ୍ତର୍ଜାତୀୟ ବ୍ୟାଡ୍‌ମିଣ୍ଟନରେ ଭାଗନେବେ କିଟ୍‌ର ଅବିନାଶ



ଭୁବନେଶ୍ୱର,୮।୮(ସମିସ): ଓଡ଼ିଶା ତଥା କିଟ୍‌ର ଛାତ୍ର ଅବିନାଶ ମହାନ୍ତି ଭାରତ ପକ୍ଷରୁ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଖେଳିବାକୁ ମନୋନିତ ହୋଇଛନ୍ତି। ଘାନାରେ ଅଗଷ୍ଟ ୧୧ରୁ ୧୭ ଯାଏ ଜେଇ ୱିଲସନ ଅନ୍ତର୍ଜାତୀୟ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହେବ। ଏଥିରେ ଅବିନାଶ ଭାରତୀୟ ଦଳର ପ୍ରତିନିଧିତ୍ୱ କରିବେ। ନିକଟରେ ଜର୍ମାନୀରେ ଅନୁଷ୍ଠିତ ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ କାଂସ୍ୟ ପଦକ ବିଜୟୀ ହୋଇଥିଲେ ବୋଲି କିଟ୍ ପକ୍ଷରୁ ସୂଚନା ଦିଆଯାଇଛି।

## ଲଣ୍ଡନରେ କୋହଲିଙ୍କ ଅଭ୍ୟାସ




ନୂଆଦିଲ୍ଲୀ,୮।୮ (ଏଜେନ୍ସି): ଭାରତୀୟ କ୍ରିକେଟ ଦଳର ପୂର୍ବତନ ଅଧିନାୟକ ତଥା ସୁପରଷ୍ଟାର ବିରାଟ କୋହଲି ପ୍ରତିଯୋଗିତାମୂଳକ କ୍ରିକେଟକୁ ଫେରିବା ଲାଗି ପ୍ରସ୍ତୁତି ଆରମ୍ଭ କରିଦେଇଛନ୍ତି। ଲଣ୍ଡନରେ ବସବାସ କରୁଥିବା ଆଇପିଏଲ୍ ଟିମ୍ ଗୁଜରାଟ ଟାଇଟନ୍ସର ଆସିଷ୍ଟାଣ୍ଟ କୋଚ୍ ନଇମ ଅମିନଙ୍କ ତତ୍ତ୍ୱାବଧାନରେ ସେ ଶୁକ୍ରବାର ଅଭ୍ୟାସ କରିଥିଲେ। ଧୂସର ରଙ୍ଗର ଏକ ଟି-ସାର୍ଟ ପିନ୍ଧି ବ୍ୟାଟିଂ ଅଭ୍ୟାସ କରୁଥିବା ଦେଖାଯାଇଥିଲା। ନଇମ ଅମିନ ସହାୟତା କରିଥିବାରୁ କୋହଲି ସାମାଜିକ ଗଣମାଧ୍ୟମରେ ତାଙ୍କୁ ଧନ୍ୟବାଦ ଦେବାକୁ ପଛାଇ ନ ଥିଲେ। ଏବେ ଭାରତ ସେପ୍ଟେମ୍ବର ୯ରୁ ଟି-୨୦ ଫର୍ମାଟରେ ଏସିଆ କପ୍ ଖେଳିବ। କିନ୍ତୁ କୋହଲି ଟି-୨୦ରୁ ଅବସର ନେଇସାରିଥିବାରୁ ଏହି ଟୁର୍ଣ୍ଣାମେଣ୍ଟରେ ଖେଳିପାରିବେ ନାହିଁ। କିନ୍ତୁ ଭାରତୀୟ ଦଳ ତାହାର ପରବର୍ତ୍ତୀ ଦିନିକିଆ ସିରିଜ୍ ଅଷ୍ଟ୍ରେଲିଆ ସହ ଅକ୍ଟୋବର ୧୯ରୁ ୨୫ ଯାଏ ଖେଳିବ। ଏହି ସିରିଜ୍‌ରେ ସେ ଦଳରେ ସାମିଲ ହେବେ ବୋଲି ଆଶା କରାଯାଉଛି। ଅଗଷ୍ଟରେ ବାଂଲାଦେଶ ସହ ଭାରତର ଦିନିକିଆ କ୍ରିକେଟ ଖେଳିବାର କାର୍ଯ୍ୟକ୍ରମ ଥିଲା। କିନ୍ତୁ ଏହି ଗସ୍ତ ବାତିଲ ହେବାରୁ କୋହଲିଙ୍କ ଫେରିବା ବିଳମ୍ବିତ ହୋଇଛି। କୋହଲି ଏବେ ଦମ୍‌ର ସହ ଅଭ୍ୟାସ କରୁଥିବା ଦେଖାଯାଇଛି।

## ୱାର୍ଲ୍ଡ ଆଥ୍‌ଲେଟିକ୍ କଣ୍ଟିନେଣ୍ଟାଲ୍ ଟୁର୍ ଲାଗି କଳିଙ୍ଗ ପ୍ରସ୍ତୁତ

ଭୁବନେଶ୍ୱର, ୮।୮ (ସମିସ):

ଆଉ ଗୋଟିଏ ଦିନ ପରେ ଆଇକନିକ କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ହେବାକୁ ଯାଉଛି ଦିନିକିଆ ୱାର୍ଲ୍ଡ କଣ୍ଟିନେଣ୍ଟାଲ ଟୁର୍ (ବ୍ରୋଞ୍ଜ ଲେଭଲ୍) ପ୍ରତିଯୋଗିତା। ଆଥ୍‌ଲେଟିକ ଫେଡେରେସନ ଅଫ୍ ଇଣ୍ଡିଆ (ଏଏଫ୍‌ଆଇ) ଓ ଓଡ଼ିଶା ସରକାରଙ୍କ ମିଳିତ ସହଯୋଗରେ ଏହି ବିଶ୍ୱସ୍ତରୀୟ ଟୁର୍ଣ୍ଣାମେଣ୍ଟ ଲାଗି ସମସ୍ତ ପ୍ରକାର ପ୍ରସ୍ତୁତି ଶେଷ ହୋଇଛି। ଏସିଆନ୍ କପ୍ ଆଥଲେଟିକ୍ସ ପରେ ଏହା ଦ୍ୱିତୀୟ ଅନ୍ତର୍ଜାତୀୟ ଇଭେଣ୍ଟ। ଏଣୁ ଏହାକୁ କିପରି ସଫଳତାର ସହ ଆୟୋଜନ କରାଯାଇପାରିବ ସେଥିଲାଗି ଆୟୋଜକମାନେ ଜୋରସୋର ଉଦ୍ୟମ ଚଳାଇଛନ୍ତି। ଏହି ଇଭେଣ୍ଟର ସଫଳତା ବଳରେ କଳିଙ୍ଗରେ ଅଧିକ ଅନ୍ତର୍ଜାତୀୟ ଆଥ୍‌ଲେଟିକ ପ୍ରତିଯୋଗିତା ଆୟୋଜିତ ହେବାର ରାସ୍ତା ପରିଷ୍କାର ହେବ। କଳିଙ୍ଗରେ ଏକାଧିକ ଅନ୍ତର୍ଜାତୀୟ ପ୍ରତିଯୋଗିତା, ବିଶେଷ କରି ହକି ଖେଳରେ ଦୁଇଥର ବିଶ୍ୱକପ୍ ସଫଳତାର ସହ ଆୟୋଜିତ ହେବା ପରେ ଏହି ଷ୍ଟାଡିୟମର ଗୁରୁତ୍ୱ ଅନେକ ପରିମାଣରେ ବଢ଼ିଯାଇଛି। କ୍ରିକେଟକୁ ବାଦ୍ ଦେଇ ଅନେକ ଅଲିମ୍ପିକ୍ ଖେଳରେ ଏଠାରେ ଅନ୍ତର୍ଜାତୀୟ ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି।


ଅନିମେଶ କୁଜୁର


ଶ୍ରାବଣୀ ନନ୍ଦ

ରବିବାର ଅନୁଷ୍ଠିତ ହେବାକୁ ଥିବା ଏହି ପ୍ରତିଯୋଗିତା ଲାଗି ୧୫ଟି ଦେଶରୁ ୧୬୦ଜଣ କ୍ରୀଡ଼ାବିତ ପଞ୍ଜିକରଣ କରିଛନ୍ତି। ଶୁକ୍ରବାର ଦ୍ୱିତୀୟ ସର୍ବାଧିକ ପ୍ରତିଯୋଗୀ ୧୩ ଜଣଙ୍କୁ ନେଇ ନେପାଳ ଦଳ ଏଠାରେ ପହଞ୍ଚିଛନ୍ତି। ସେମାନଙ୍କୁ ଭବ୍ୟସ୍ୱାଗତ ଦିଆଯାଇ ହୋଟେଲରେ ରଖାଯାଇଛି। ଅନ୍ୟ ଦେଶର କିଛି ପ୍ରତିଯୋଗୀ ମଧ୍ୟ ଏଠାରେ ପହଞ୍ଚିଛନ୍ତି। ଏମାନଙ୍କ ମଧ୍ୟରୁ ଅଧିକାଂଶ ପ୍ରତିଯୋଗୀ ଆଜି କଳିଙ୍ଗ ଷ୍ଟାଡିୟମ୍ ବୁଲି ଦେଖିଛନ୍ତି। ଏମାନେ ଷ୍ଟାଡିୟମ୍‌ରେ ଥିବା ସୁବିଧା ସୁଯୋଗର ଭୂୟସୀ ପ୍ରଶଂସା କରିଛନ୍ତି। ଭାରତୀୟ ଆଥଲେଟିକ୍ସର ଦୁଇ ବରିଷ୍ଠ ସଂଗଠକ ଆଦିଲ ସୁମରିୱାଲା ଓ ଲଳିତ ଭାନୋଟ ଟୁର୍ଣ୍ଣାମେଣ୍ଟ ଆୟୋଜନର ତଦାରଖ କରୁଛନ୍ତି। ଯୁବ ପିଢ଼ିର ଆୟୋଜକ ତଥା ବାହାଦୁର ସିଂହ ସାଗୋ, ସନ୍ଦୀପ ମେହେଟା ଓ ଟେକ୍ନିକାଲ ଏକ୍ସପର୍ଟ ଷ୍ଟାନ୍‌ଲୀ ବି ଜୋନ୍ସ ଏଠାରେ ଉପସ୍ଥିତ ରହି ପ୍ରତ୍ୟକ୍ଷ ଭାବେ ଆୟୋଜନର ପ୍ରସ୍ତୁତି ଚଳାଇଛନ୍ତି। ଅଢ଼େଇ ଘଣ୍ଟାର ସମୟ ଅବଧି ମଧ୍ୟରେ ୧୯ ଗୋଟି ଇଭେଣ୍ଟ ଆୟୋଜିତ ହେବ। ଭାରତ ପରେ ନେପାଳରୁ ସର୍ବାଧିକ ୧୩ଜଣ, ଶ୍ରୀଲଙ୍କାର ୧୦ଜଣ, ମାଲେସିଆର ୯ଜଣ, ଦକ୍ଷିଣ ଆଫ୍ରିକା ଓ ଗ୍ରେଟ୍ ବ୍ରିଟେନରୁ ୪ଜଣ ଲେଖାଏ ଆଥ୍‌ଲେଟ୍ ଏଥିରେ ଅଂଶଗ୍ରହଣ କରିବେ। ଓଡ଼ିଆ ଆଥ୍‌ଲେଟଙ୍କ ମଧ୍ୟରେ ଜାଭେଲିନ୍ ଫିଙ୍ଗାଳି କିଶୋର ଜେନା, ସ୍ପ୍ରିଣ୍ଟର ଶ୍ରାବଣୀ ନନ୍ଦ, ଲାଲୁପ୍ରସାଦ ଭୋଇଙ୍କଠାରୁ ପଦକ ଆଶା କରାଯାଉଛି। ଓଡ଼ିଶାରେ ଥିବା ହାଇପର୍ଫର୍ମାନ୍ସ ଆଥଲେଟିକ୍ ସେଣ୍ଟରରେ ପ୍ରଶିକ୍ଷଣ ନେଉଥିବା ଛତିଶଗଡ଼ର ଅନିମେଶ କୁଜୁରଙ୍କ ଉପରେ ଅନେକ ଭରସା ରହିଛି। ଅନିମେଶ ଏବେ ଓଡ଼ିଶାର ଘରେ ଘରେ ପରିଚିତ ହୋଇସାରିଛନ୍ତି।

### ଆୟୋଜିତ ହେବାକୁ ଥିବା ଇଭେଣ୍ଟ

**ପୁରୁଷ:** ୧୦୦, ୨୦୦, ୪୦୦, ୮୦୦ ଓ ୫୦୦୦ ମିଟର, ଲଙ୍ଗ୍ ଜମ୍ପ୍, ଟ୍ରିପଲ ଜମ୍ପ, ଜାଭେଲିନ୍ ଥ୍ରୋ ଓ ୪ ଗୁଣା ୪୦୦ ମିଟର ରିଲେ।

**ମହିଳା:** ୧୦୦, ୨୦୦, ୪୦୦, ୮୦୦ ଓ ୫୦୦୦ ମିଟର, ୧୦୦ ମିଟର ହର୍ଡଲ୍ସ, ଲଙ୍ଗ୍ ଜମ୍ପ୍, ଜାଭେଲିନ୍ ଥ୍ରୋ ଓ ୪ ଗୁଣା ୪୦୦ ମିଟର ରିଲେ।

**ମିକ୍ସଡ:** ୪ ଗୁଣା ୪୦୦ ମିଟର ରିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS